

▶ପୃଷ୍ଠା ୧୨ ଦେଖନ୍ତୁ...


RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

VOLUME- 43 ◆ISSUE-165 ◆THURSDAY ◆11 DECEMBER 2025 ◆PAGE-12 ◆₹ 6.00 | BHUBANESWAR | ◆ବର୍ଷ-୪୩ ◆ସଂଖ୍ୟା-୧୬୫ ◆ଗୁରୁବାର ◆୧୧ ଡିସେମ୍ବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


# ମହାନଦୀ ପାଇଁ ଉଚ୍ଚସ୍ତରୀୟ କମିଟି

## ଉପମୁଖ୍ୟମନ୍ତ୍ରୀ ଅଧ୍ୟକ୍ଷ, ୩ ମନ୍ତ୍ରୀ ଓ ୪ ବିଧାୟକ ସଦସ୍ୟ

■ ଭୁବନେଶ୍ୱର, ୧୦।୧୨ (ସମିସ): ମହାନଦୀ ଜଳ ବିବାଦ ଟ୍ରିବ୍ୟୁନାଲ୍‌ରେ ଚାଲୁଥିବା ଆଲୋଚନା ଓ ପ୍ରକ୍ରିୟାଗୁଡିକୁ ଦୃଷ୍ଟିରେ ରଖି ରାଜ୍ୟ ସରକାର ଉପମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓଙ୍କ ଅଧ୍ୟକ୍ଷତାରେ ଏକ ଉଚ୍ଚସ୍ତରୀୟ କମିଟି ଗଠନ କରିଛନ୍ତି। ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ନିର୍ଦ୍ଦେଶରେ ଗଠିତ ଏହି କମିଟିରେ ମନ୍ତ୍ରୀ ସୁରେଶ ପୂଜାରୀ, ପୃଥ୍ୱୀରାଜ ହରିଚନ୍ଦନ, ସମ୍ପଦ ଚନ୍ଦ୍ର ସ୍ୱାଇଁ, ସରକାରୀ ଦଳ ମୁଖ୍ୟ ସଚେତକ ସରୋଜ କୁମାର ପ୍ରଧାନ, ବିଧାୟକ ନିରଞ୍ଜନ ପୂଜାରୀ, ଜୟନାରାୟଣ ମିଶ୍ର ଓ ସୋଫିଆ ଫିର୍ଦ୍ଦୋଶ ପ୍ରମୁଖ ସଦସ୍ୟ ରହିଛନ୍ତି। ଏହି କମିଟି ମହାନଦୀ ଜଳ ସମ୍ବନ୍ଧୀୟ ସମସ୍ତ ପ୍ରାସଙ୍ଗିକ ଦିଗକୁ ପରୀକ୍ଷା କରିବ ଏବଂ



### ଛତିଶଗଡ଼ ସହ ଜଳବିବାଦ

ରାଜ୍ୟର ବୈଷୟିକ ଏବଂ ପ୍ରଶାସନିକସ୍ତରରେ ଚାଲୁଥିବା ପ୍ରୟାସଗୁଡ଼ିକୁ ଆବଶ୍ୟକ ନୀତିଗତ ଦିଗଦର୍ଶନ ପ୍ରଦାନ କରିବ ବୋଲି ସରକାରଙ୍କ ପକ୍ଷରୁ କୁହାଯାଇଛି।

ଏଠାରେ ଉଲ୍ଲେଖଯୋଗ୍ୟ ଯେ ଆସନ୍ତା ୨୦ ତାରିଖରେ ମହାନଦୀ ଜଳବିବାଦ ମାମଲାର ୪୭ତମ ଶୁଣାଣି ହେବ। ଆପୋସ ବୁଝାମଣା ମାଧ୍ୟମରେ ବିବାଦର ସମାଧାନ ପାଇଁ ରାଜ୍ୟ ସରକାର ଜୋର୍ ଦେଇ ଆସୁଛନ୍ତି। ଏଥିପାଇଁ ଉଭୟ ରାଜ୍ୟ ମଧ୍ୟ ପ୍ରକ୍ରିୟା ଆରମ୍ଭ କରି ସାରିଛନ୍ତି। ତେବେ ଏହି ଆପୋସ ବୁଝାମଣାର ମୂଳ ସର୍ତ୍ତ କଣ ଏବଂ କେଉଁ ବିଷୟବସ୍ତୁ ଉପରେ ଆଧାରିତ, ତାହାକୁ ସାର୍ବଜନୀନ କରିବାକୁ ଦାବି କରି ଆସୁଛନ୍ତି ମହାନଦୀ ଆନ୍ଦୋଳନ ସହ ଜଡ଼ିତ ସାମାଜିକ ସଂଗଠନ। ଏପରିସ୍ଥଳେ ରାଜ୍ୟ ସରକାରଙ୍କ କମିଟି ଗଠନ ପଦକ୍ଷେପକୁ ନେଇ ସେମାନେ ମତାମତ ରଖିଛନ୍ତି। ଏପରି ଏକ ଉଚ୍ଚସ୍ତରୀୟ ସର୍ବଦଳୀୟ କମିଟି ବହୁଦିନ ▶ପୃଷ୍ଠା-୭

# ନକଲି ଘିଅ ପରେ ତିରୁମାଲାରେ ରେଶମ ଦୁପଟ୍ଟା ଦୁର୍ନୀତି



■ ତିରୁପତି, ୧୦।୧୨ (ଏଜେନ୍ସି): ଆନ୍ଧ୍ରପ୍ରଦେଶର ତିରୁପତିସ୍ଥିତ ତିରୁମାଲାର ଭେଙ୍କଟେଶ୍ୱର ମନ୍ଦିରରେ ଏବେ ଏକ ନୂଆ ଦୁର୍ନୀତିର ପର୍ଦ୍ଦାଫାସ ହୋଇଛି। ପ୍ରସାଦ ଭାବେ ଦିଆଯାଉଥିବା ନକଲି ଘିଅର ଲଡ୍ଡୁ ପରେ ଅଙ୍ଗବସ୍ତ୍ର ଅର୍ଥାତ ଦୁପଟ୍ଟା ନେଇ ହୋଇଥିବା ଦୁର୍ନୀତି ସାମ୍ନାକୁ ଆସିଛି। ରିପୋର୍ଟ ଅନୁଯାୟୀ ଜଣେ ଠିକାଦାର ନିରନ୍ତର ଭାବେ ଶୁଦ୍ଧ ସିଲ୍‌କ ଦୁପଟ୍ଟା ବଦଳରେ ଶତ ପ୍ରତିଶତ ପଲିଷ୍ଟର ଦୁପଟ୍ଟା ଯୋଗାଇଥିଲେ। ସିଲ୍‌କ ଦୁପଟ୍ଟା ନାମରେ ହିଁ ବିଲିଂ କରାଯାଇଛି।

**ପଲିଷ୍ଟରକୁ ସିଲ୍‌କ କହି ବିକ୍ରି କରାଯାଉଥିଲା**

**୧୦ ବର୍ଷରେ ୫୪ କୋଟିର ଦୁର୍ନୀତି**

ଏହି ପିଲିଷ୍ଟର ଦୁପଟ୍ଟାର ପ୍ରକୃତ ମୂଲ୍ୟ ୩୫୦ ଟଙ୍କା ଥିଲା। କିନ୍ତୁ ଏହାକୁ ମନ୍ଦିର ପରିଚାଳନା କରୁଥିବା ତିରୁମାଲା ତିରୁପତି ଦେବସ୍ଥାନମ (ଟିଟିଡି) ୧,୩୦୦ ଟଙ୍କାରେ କିଣୁଥିଲା। ଦୁର୍ନୀତିର ଏହି ପ୍ରକ୍ରିୟା ୨୦୧୫ରୁ ଆରମ୍ଭ ହୋଇ ୨୦୨୫ ପର୍ଯ୍ୟନ୍ତ ଚାଲିଥିଲା ବୋଲି କୁହାଯାଇଛି। ଏହି ସମୟ ମଧ୍ୟରେ ଟିଟିଡି ସମ୍ପୃକ୍ତ ଠିକାଦାରଙ୍କୁ ୫୪ କୋଟି ଟଙ୍କା ପ୍ରଦାନ କରିଥିଲା। ଟିଟିଡି ବୋର୍ଡ ଅଧ୍ୟକ୍ଷ ବିଆର ନାଇଡୁ ତଦନ୍ତ ଆରମ୍ଭ କରିଥିଲେ ଓ ଏହାପରେ ସମ୍ପୂର୍ଣ୍ଣ ମାମଲା ସାମ୍ନାକୁ ଆସିଥିଲା।

ନାଇଡୁଙ୍କ କହିବା ଅନୁଯାୟୀ ମନ୍ଦିରରେ ଦାନ ଦେଉଥିବା ବଡ଼ ଦାନକର୍ତ୍ତା ପ୍ରସାଦ ଭାବେ ସିଲ୍‌କ ଦୁପଟ୍ଟା ଚଢ଼ାଇଥାନ୍ତି। ଏହା ବ୍ୟତୀତ ବେଦାଶୀର୍ବଚନମ ଭଳି ପୂଜା- ଅନୁଷ୍ଠାନରେ ସିଲ୍‌କ ଦୁପଟ୍ଟାର ବ୍ୟବହାର ହୋଇଥାଏ। ▶ପୃଷ୍ଠା-୭

# ଶୀତ ଲହରୀ ଆଉ ୨ ଦିନ



■ ଭୁବନେଶ୍ୱର, ୧୦।୧୨ (ସମିସ): ସାରା ରାଜ୍ୟରେ ଜାରି ରହିଛି ଥଣ୍ଡାର ପ୍ରଭାବ। ତାପମାତ୍ରା ତଳ ମୁହାଁ ହେତୁ ବିଭିନ୍ନ ଅଞ୍ଚଳରେ ଶୀତର ପ୍ରକୋପ ବୃଦ୍ଧି ପାଇଛି। ରାଜ୍ୟର ଏକାଧିକ ସ୍ଥାନରେ ତାପମାତ୍ରା ସ୍ୱାଭାବିକ ତୁଳନାରେ କମ୍ ରହୁଥିବା ବେଳେ ଅନେକ ଜିଲ୍ଲାରେ ଶୀତଲହରୀ ସ୍ଥିତି ମଧ୍ୟ ସୃଷ୍ଟି ହୋଇଛି। ଗତ ୨୪ ଘଣ୍ଟାରେ ଜି. ଉଦୟଗିରିରେ ସବୁଠୁ କମ୍ ତାପମାତ୍ରା ରେକର୍ଡ ହୋଇଥିବା ବେଳେ ଏଠାରେ ପାରଦ ୫ ଡିଗ୍ରୀକୁ ଖସିଛି। ସେହିପରି ସେମିଳିଗୁଡ଼ାରେ ମଧ୍ୟ ସମାନ ଅର୍ଥାତ ତାପମାତ୍ରା ୫ ଡିଗ୍ରୀ ରେକର୍ଡ ହୋଇଛି। ଏହାସହ ଫୁଲବାଣୀରେ ୬.୫, ଝାରସୁଗୁଡାରେ ୭, ଭବାନୀପାଟଣାରେ ୮.୮, ଦାରିଙ୍ଗବାଡିରେ ୯, ଅନୁଗୁଳରେ ୯, ରାଉରକେଲାରେ ୯.୧, ସୁନ୍ଦରଗଡ଼ ୯.୨, ନବରଙ୍ଗପୁରରେ ୯.୮, ବଲାଙ୍ଗିରରେ ତାପମାତ୍ରା ୧୦ ଡିଗ୍ରୀ ରେକର୍ଡ ହୋଇଛି। ଭୁବନେଶ୍ୱର ପାଣିପାଗ ବିଭାଗ ସୂଚନା ଅନୁସାରେ ଝାରସୁଗୁଡ଼ାର ▶ପୃଷ୍ଠା-୭

# ୟୁନେସ୍କୋ ବିଶ୍ୱ ଐତିହ୍ୟ ସୂଚୀରେ ଦୀପାବଳି

■ ଜାକର୍ତ୍ତା, ୧୦।୧୨ (ଏଜେନ୍ସି): ସନାତନ ପରମ୍ପରାର ସବୁଠାର ବଡ଼ ପର୍ବ ଦୀପାବଳିକୁ ୟୁନେସ୍କୋର ବିଶ୍ୱ ଅମୂଲ୍ୟ ସାଂସ୍କୃତିକ ଐତିହ୍ୟ ତାଲିକାରେ ସାମିଲ କରାଯାଇଛି। ବୁଧବାର ୟୁନେସ୍କୋ ଜାତିସଙ୍ଘ ଶିକ୍ଷା, ବୈଜ୍ଞାନିକ ତଥା ସଂସ୍କୃତିକ ସଂଗଠନର ଅମୂଲ୍ୟ ସାଂସ୍କୃତିକ ଐତିହ୍ୟ ତାଲିକା ଘୋଷଣା କରିଛି। ଏହି ତାଲିକାରେ ଦୀପାବଳି ସହିତ ଘାନା, ଜର୍ଜିଆ, କଙ୍ଗୋ, ଇଥିଓପିଆ ଓ ଇଜିପ୍ଟ ସହିତ ବହୁ ଦେଶର ସଂସ୍କୃତିକ ପ୍ରତୀକକୁ ସାମିଲ କରାଯାଇଛି। ଏହି ତାଲିକାରେ ଭାରତ ୧୫ଟି ଐତିହ୍ୟ ସାମିଲ ରହିଛି। ଏଥିରେ ଦୁର୍ଗାପୂଜା, କୁମ୍ଭମେଳା, ବୈଦିକ ମନ୍ତ୍ରୋଚାର, ରାମଲୀଳା, ଛଉନୃତ୍ୟ ମଧ୍ୟ ରହିଛି। ଦିଲ୍ଲୀରେ ୟୁନେସ୍କୋର ଅମୂଲ୍ୟ ଐତିହ୍ୟ ପାଇଁ ଆନ୍ତଃସରକାରୀ କମିଟିର ବିଂଶତମ ବୈଠକ ଚାଲୁଥିବା ବେଳେ ଏହି ନିଷ୍ପତ୍ତି ନିଆଯାଇଛି।




ଏନେଇ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ସାମାଜିକ ଗଣମାଧ୍ୟମ 'ଏକ୍ସ'ରେ ପୋଷ୍ଟ କରି କହିଛନ୍ତି, ଦୀପାବଳି ଭାରତୀୟ ସଭ୍ୟତା ଓ ସଂସ୍କୃତିର ଆତ୍ମା। ଏହି ପର୍ବକୁ ୟୁନେସ୍କୋ ଐତିହ୍ୟରେ ସାମିଲ ▶ପୃଷ୍ଠା-୭

**କଂଗ୍ରେସରେ ବିଦ୍ରୋହ**

# ବିଗୁଲ ଫୁଙ୍କିଲେ ମୋକିମ୍

**ସୋନିଆଙ୍କୁ ଲେଖିଲେ ପାଞ୍ଚ ପୃଷ୍ଠାର ଚିଠି**

**ଭକ୍ତଙ୍କ ନେତୃତ୍ୱକୁ ସିଧାସଳଖ ଚ୍ୟାଲେଞ୍ଜ**


**ବୈଚାରିକ ଓ ଢାଞ୍ଚାଗତ ପୁନରୁଦ୍ଧାର ପ୍ରସ୍ତାବ**

**ବାଦ ପଡ଼ିଲେ ନାହିଁ ପୂର୍ବ ସଭାପତି ଶରତ**



■ ଭୁବନେଶ୍ୱର, ୧୦।୧୨ (ସମିସ): ନୂଆପଡ଼ା ଉପନିର୍ବାଚନ ପରାଜୟ ପରେ କଂଗ୍ରେସରେ କୁହୁଳୁଥିବା ନିଆଁ ଏବେ ହୁତହୁତ ଜଳିବା ଆରମ୍ଭ ହୋଇଛି। ଦଳର ନେତାମାନେ ଖୋଲାଖୋଲି ନିର୍ବାଚନ ପରିଚାଳନାକୁ ସମାଲୋଚନା କରୁଥିବା ବେଳେ ପୂର୍ବତନ ବିଧାୟକ ମହମ୍ମଦ ମୋକିମ୍ ଫୁଙ୍କିଛନ୍ତି ବିଦ୍ରୋହର ବିଗୁଲ। ପୂର୍ବତନ ପିସିସି ସଭାପତି ଶରତ ପଟ୍ଟନାୟକ ଓ ବର୍ତ୍ତମାନର ପିସିସି ସଭାପତି ଭକ୍ତ ଚରଣ ଦାସଙ୍କ ନେତୃତ୍ୱକୁ ସେ ଚାଲେଞ୍ଜ କରିଛନ୍ତି। ରାଜ୍ୟରୁ ଜାତୀୟସ୍ତରରେ ଦଳରେ ଚାଲିଥିବା ବ୍ୟବସ୍ଥା ସମ୍ପର୍କରେ ସେ ଦଳର ସର୍ବମାନ୍ୟ ନେତ୍ରୀ ସୋନିଆ ଗାନ୍ଧୀଙ୍କୁ ୫ ପୃଷ୍ଠା ଚିଠି ଲେଖି କଂଗ୍ରେସର ଆମୂଳଚୂଳ ପରିବର୍ତ୍ତନ ନିମନ୍ତେ ପ୍ରସ୍ତାବ ଦେଇଛନ୍ତି।

ମୋକିମ୍ ତାଙ୍କ ଚିଠିରେ ନିଜକୁ ଜଣେ ସଚ୍ଚା କଂଗ୍ରେସୀ ବୋଲି ଅଭିହିତ କରି ପିସିସି ସଭାପତି ରୂପେ ଶରତ ପଟ୍ଟନାୟକ ଓ ପରେ ଭକ୍ତ ଦାସଙ୍କ ନିଯୁକ୍ତି ଦ୍ୱାରା ଦଳ କିପରି ଓଡ଼ିଶାରେ ପ୍ରଭାବିତ ହୋଇଛି ତାହା ଉଲ୍ଲେଖ କରିଛନ୍ତି। ପୂର୍ବତନ ପିସିସି ସଭାପତି ଶରତ ପଟ୍ଟନାୟକଙ୍କ ନେତୃତ୍ୱରେ ▶ପୃଷ୍ଠା-୭




## ସାମ୍ବାଦିକାଙ୍କୁ ଆଖିମାରିଲେ ପାକ୍ ସେନା ଅଧିକାରୀ



ଇସଲାମାବାଦ, ୧୦।୧୨ (ଏଜେନ୍ସି): ପାକିସ୍ତାନର ଜଣେ ସେନା ଅଧିକାରୀ ସାମ୍ବାଦିକ ସମ୍ମିଳନୀରେ ଜଣେ ମହିଳା ସାମ୍ବାଦିକାଙ୍କୁ ଆଖି ମାରିବା ଭଳି ଲଜ୍ଜାଜନକ କାର୍ଯ୍ୟ କରିଛନ୍ତି। ଫଳରେ ପାକ୍ ସେନା ଆଉଏକ ନୂଆ ବିବାଦରେ ଫସିଛି। ଏହାର ଭିଡିଓ ସାମାଜିକ ଗଣମାଧ୍ୟମରେ ଭାଇରାଲ ହୋଇଛି। ଏହି ଅଧିକାରୀ ହେଉଛନ୍ତି ଇଣ୍ଟର-ସର୍ଭିସ ପବ୍ଲିକ ରିଲେସନ (ଆଇଏସ୍‌ପିଆର)ର ଡାଇରେକ୍ଟର ଜେନେରାଲ ତଥା ମୁଖପାତ୍ର ଅହମ୍ମଦ ସରିଫ ଚୌଧୁରୀ। ସାମ୍ବାଦିକା ଅବ୍‌ସା କୋମାନ ପୂର୍ବତନ ପ୍ରଧାମନନ୍ତ୍ରୀ ତଥା ପିଟିଆଇ ମୁଖ୍ୟ ଇମ୍ରାନ ଖାନଙ୍କୁ ନେଇ ପ୍ରଶ୍ନ ପଚାରିଥିଲେ। ଇମ୍ରାନଙ୍କ ବିରୋଧରେ ଜାତୀୟ ସୁରକ୍ଷା ବିପଦ, ରାଷ୍ଟ୍ର ବିରୋଧୀ ଧମକ ଓ ଦିଲ୍ଲୀ ନିର୍ଦ୍ଦେଶରେ କାର୍ଯ୍ୟକରିବା ଭଳି ଅଭିଯୋଗ ପୂର୍ବ ଅଭିଯୋଗଗୁଡିକଠାରୁ କିପରି ଭିନ୍ନ ଏବଂ ତାଙ୍କ ବିରୋଧରେ କୌଣସି ନୂତନ କର୍ଯ୍ୟାନୁଷ୍ଠାନ ଆଶା କରାଯାଉଛି କି ବୋଲି ପ୍ରଶ୍ନ କରିଥିଲେ। ଚୌଧୁରୀ କିନ୍ତୁ ଏହାର ଏକ ବ୍ୟଙ୍ଗାତ୍ମକ ଉତ୍ତର ଦେବାସହ ଇମ୍ରାନ ଜଣେ ମାନସିକ ରୋଗୀ ବୋଲି କହିଥିଲେ। ଏଥିସହ ସେ ଟିକେ ହସି ସାମ୍ବାଦିକାଙ୍କୁ ଆଖି ମାରିଥିଲେ। ଏହା ଦ୍ୱାରା ଦେଶ ଲଜ୍ଜିତ ହେଉଛି ଓ ପାକିସ୍ତାନ ପରିହାସର ପାତ୍ର ହୋଇଛି ବୋଲି କେତେଜଣ ୟୁଜର ଲେଖିଛନ୍ତି।



## ଲେଭିଟ୍‌ଙ୍କ ମୁଖ ସୁନ୍ଦର, ଓଠ ମେସିନଗନ୍ ଭଳି: ଟ୍ରମ୍ପ

ନ୍ୟୁୟର୍କ, ୧୦।୧୨(ଏଜେନ୍ସି): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ପାଟି ପୁଣି ଥରେ ଖସିଛି। ଡିସେମ୍ବର ୯ରେ ପେନସିଲଭାନିଆର ଏକ ରାଲିରେ ବକ୍ତବ୍ୟ ଦେଉଥିବା ବେଳେ ସେ ମୂଳ ପ୍ରସଙ୍ଗ ଛାଡି ୨୮ ବର୍ଷୀୟା ହ୍ୱାଇଟ୍ ହାଉସ ସଚିବ କାରୋଲିନ ଲେଭିଟ୍‌ଙ୍କ ସୌନ୍ଦର୍ଯ୍ୟର ପ୍ରଶଂସାରେ ଶତମୂଖ ହୋଇଥିଲେ। ୫ ପିଲାର ବାପା ୭୯ ବର୍ଷୀୟ ଟ୍ରମ୍ପଙ୍କ ପାଟିରୁ ଏହି କଥା ଶୁଣି ହାସ୍ୟରୋଳ ସୃଷ୍ଟି ହୋଇଥିଲା। ଟ୍ରମ୍ପ କହିଥିଲେ ଯେ ଲେଭିଟ୍‌ଙ୍କ ମୁଖ ବହୁତ ସୁନ୍ଦର ଓ ଓଠ ମେସିନଗନ ଭଳି ଚାଲୁଛି । ଏହାର ଭିଡିଓ ସାମାଜିକ ଗଣମାଧ୍ୟମରେ ଭାଇରାଲ ହେବା ସହ ହଇଚଇ ସୃଷ୍ଟି କରିଛି। ଏହି ରାଲିରେ ଟ୍ରମ୍ପ ତାଙ୍କ ଦ୍ୱିତୀୟ କାର୍ଯ୍ୟକାଳରେ ଆର୍ଥିକ ସଫଳତା, ଦରଦାମ ଉପରେ ନିୟନ୍ତ୍ରଣ, ନିଯୁକ୍ତି ସୃଷ୍ଟି ନେଇ ବକ୍ତବ୍ୟ ରଖିବାର କାର୍ଯ୍ୟକ୍ରମ ଥିଲା। କିନ୍ତୁ ସେ କହିଥିଲେ ଯେ, ଆଜି ଆମେ ନିଜର ସୁପରଷ୍ଟାର ଲେଭିଟ୍‌ଙ୍କୁ ସାଙ୍ଗରେ ଆଣିଛୁ। ଏହାପରେ ସେ ତାଙ୍କର ପ୍ରଶଂସା କରିଥିଲେ। ଲେଭିଟ ଟ୍ରମ୍ପଙ୍କଠାରୁ ୫୧ ବର୍ଷ ଛୋଟ। ଲେଭିଟ ଟେଲିଭିଜନରେ କହୁଥିବା ବେଳେ ଚମତ୍କାର ଲାଗନ୍ତି। ଗତ ଅଗଷ୍ଟରେ ମଧ୍ୟ ସେ ଲେଭିଟ୍‌ଙ୍କୁ ନେଇ ନ୍ୟୁଜମ୍ୟାକ୍ସରେ ଏହି ଭଳି ମନ୍ତବ୍ୟ ଦେଇଥିଲେ। ଲେଭିଟଙ୍କୁ ଶ୍ରେଷ୍ଠ ପ୍ରେସ ସଚିବ ବୋଲି ସେ କହିଥିଲେ। ଉଲ୍ଲେଖଥାଉ କି, ଲେଭିଟି ଟ୍ରମ୍ପ ପ୍ରଶାସନରେ ପ୍ରଥମେ ୨୦୧୯ ରୁ ୨୦୨୧ ମଧ୍ୟରେ ଉପ ପ୍ରେସ ସଚିବ ଭାବେ କାର୍ଯ୍ୟ କରିଥିଲେ। ଲେଭିଟ୍‌ଙ୍କ ସ୍ୱାମୀ ୬୦ ବର୍ଷୀୟ ନିକୋଲାସ ରିକ୍କୋ ଜଣେ ରିୟଲ ଇଷ୍ଟେଟ୍ ଡେଭଲପର। ତାଙ୍କର ଜଣେ ପୁଅ ନିକୋ ଅଛନ୍ତି।

### କେନ୍ଦ୍ରକୁ ଦିଲ୍ଲୀ ହାଇକୋର୍ଟଙ୍କ ପ୍ରଶ୍ନ: ଇଣ୍ଡିଗୋ ଫେଲ୍, ସରକାର କ'ଣ କରୁଥିଲେ

# ୪ ହଜାର ଟିକଟ୍‌ର ଦାମ୍ ୪୦ ହଜାର ?

ନୂଆଦିଲ୍ଲୀ, ୧୦।୧୨ (ଏଜେନ୍ସି): ଇଣ୍ଡିଗୋ ସଙ୍କଟକୁ ନେଇ ଦିଲ୍ଲୀ ହାଇକୋର୍ଟ ବୁଧବାର କେନ୍ଦ୍ର ସରକାରଙ୍କୁ ତୀବ୍ର ଭର୍ତ୍ସନା କରିଛନ୍ତି। ଶତାଧିକ ବିମାନ ବାତିଲ ହେଉଥିବାବେଳେ ଭଡ଼ା ବୃଦ୍ଧି ନିୟନ୍ତ୍ରଣ କରିବାରେ ସରକାର ବିଫଳ ହୋଇଥିଲେ ବୋଲି କହିଛନ୍ତି। ସର୍ବୋଚ୍ଚ ନ୍ୟାୟାଳୟ କେନ୍ଦ୍ର ସରକାରଙ୍କୁ ପ୍ରଶ୍ନବାଣ ମଧ୍ୟ ମାରିଛନ୍ତି। କୋର୍ଟ ପଚାରି ଥିଲେ ଯେ ଏୟାରଲାଇନ ବିଫଳ ହେବା ପରେ ସରକାର କ'ଣ କରିଥିଲେ? ଏଭଳି ସଙ୍କଟରେ ସ୍ଥିତିର ଲାଭ ଉଠାଇବାକୁ ଅନ୍ୟ ଏୟାରଲାଇନ ଗୁଡ଼ିକୁ କାହିଁକି ଦିଆଗଲା? ୪ ହଜାର ଟଙ୍କାର ଟିକଟ ମୂଲ୍ୟ ୩୫-୩୯ ହଜାର ଟଙ୍କା ପର୍ଯ୍ୟନ୍ତ କେମିତି ପହଞ୍ଚି ଗଲା? ଏୟାରଲାଇନ ଗୁଡ଼ିକ ଏତେ ଟଙ୍କା କେମିତି ନେଇପାରିବେ? ଏ ସବୁ କିପରି ହୋଇପାରିଲା? ଏ ନେଇ ସରକାର କି କାର୍ଯ୍ୟାନୁଷ୍ଠାନ ନେଲେ? ସରକାରଙ୍କ ହିଁ ଏଭଳି ସ୍ଥିତି ସୃଷ୍ଟି ହେବାକୁ ଦେଲେ ବୋଲି ମୁଖ୍ୟ ବିଚାରପତି ଦେବେନ୍ଦ୍ର କୁମାର ଉପାଧ୍ୟାୟ ଏବଂ ଜଷ୍ଟିସ ତୁଷାର ରାଓ ଗେଦେଲାଙ୍କ ଖଣ୍ଡପୀଠ କହିଛନ୍ତି। ଏକ ଜନସ୍ୱାର୍ଥ ମାମଲାର ଶୁଣାଣି କରି କୋର୍ଟ ଏହି ଟିପ୍ପଣୀ ଦେଇଛନ୍ତି।

ଇଣ୍ଡିଗୋ ସଙ୍କଟର ନିରପେକ୍ଷ ନ୍ୟାୟିକ ଯାଞ୍ଚ ଦାବି ଏବଂ ବିମାନ ବାତିଲ ହେବା ଯୋଗୁଁ ବିମାନବନ୍ଦରରେ ଫସିଥିବା ଯାତ୍ରୀଙ୍କୁ ଆର୍ଥିକ କ୍ଷତିପୂରଣ ଦେବା ନିମନ୍ତେ ଏହି ଆବେଦନରେ ଦାବି କରାଯାଇଥିଲା। ଶୁଣାଣି ସମୟରେ କୋର୍ଟ କହିଥିଲେ ଯେ ଏହା କେବଳ ବ୍ୟକ୍ତିଗତ ଯାତ୍ରୀଙ୍କ ମାମଲା ନୁହେଁ, ବରଂ ଆର୍ଥିକ



**ଇଣ୍ଡିଗୋ ସିଇଓଙ୍କୁ ସମନ କଲା ଡିଜିସିଏ**

**ଇଣ୍ଡିଗୋ ଜାଣିଶୁଣି ଭୁଲ୍ କରିଛି: ମନ୍ତ୍ରୀ**

କ୍ଷତି ମଧ୍ୟ ହୋଇଛି। ଭବିଷ୍ୟତରେ ଯେଭଳି ଏପରି ସ୍ଥିତି ସୃଷ୍ଟି ନ ହେବ ତାହା ସରକାରଙ୍କୁ ସୁନିଶ୍ଚିତ କରିବାକୁ ହେବ। ମୁଖ୍ୟ ବିଚାରପତି କହିଥିଲେ ଯେ ଏୟାରଲାଇନର କର୍ମଚାରୀ ଯାତ୍ରୀଙ୍କ ସହ ସଠିକ ବ୍ୟବହାର କରିବା ପାଇଁ କି ପଦକ୍ଷେପ ନିଆଯାଇଛି? ପାଇଲଟଙ୍କ କାର୍ଯ୍ୟ ନିର୍ଘଣ୍ଟ ନିୟମାବଳୀକୁ ଠିକ୍ ସମୟରେ କାହିଁକି କାର୍ଯ୍ୟକାରୀ କରାଗଲାନି ବୋଲି ପଚାରି ଥିଲେ। ସ୍ଥିତିର ମୁକାବିଲା ପାଇଁ ସରକାରଙ୍କ ପକ୍ଷରୁ ନିଆଯାଇଥିବା ପଦକ୍ଷେପ ବିଷୟରେ ଅତିରିକ୍ତ ସଲିସିଟର ଜେନେରାଲ (ଏଏସଜି) କୋର୍ଟଙ୍କୁ ସୂଚନା ଦେଇଥିଲେ। ତେବେ ହାଇକୋର୍ଟ କହିଥିଲେ ଯେ ସଙ୍କଟ ସୃଷ୍ଟି ହେବା ପରେ ସରକାର ଏହି ପଦକ୍ଷେପ ନେଇଥିଲେ। କିନ୍ତୁ ପ୍ରଶ୍ନ ଏହା ନୁହେଁ। ଏଭଳି ସ୍ଥିତି କାହିଁକି ସୃଷ୍ଟି ହେଲା? ଆଉ ସରକାର କ'ଣ କରୁଥିଲେ? ପାଇଲଟଙ୍କୁ କାହିଁକି ଅଧିକ କାମ କରିବାକୁ ଦିଆଗଲା? ଏହାକୁ ରୋକିବା ପାଇଁ କି କାର୍ଯ୍ୟାନୁଷ୍ଠାନ ନିଆଯିବ? ଜବାବରେ ଏଏସଜି କୋର୍ଟଙ୍କୁ ଜଣାଇ ଥିଲେ ଯେ ଇଣ୍ଡିଗୋକୁ ଡିଜିସିଏ କାରଣ ଦର୍ଶାଅ ନୋଟିସ ଜାରି କରିଛି। ଇଣ୍ଡିଗୋ କ୍ଷମା ମାଗିବା ସହ ଏହାର ଜବାବ ଦେଇଛି। ଏହାକୁ ନେଇ କୋର୍ଟ ସ୍ଥିତି ସମ୍ଭାଳିବା ପ୍ରୟାସକୁ ପ୍ରଶଂସା କରିଥିଲେ, କିନ୍ତୁ ସ୍ଥିତି ଏଭଳି ହେବାକୁ କାହିଁକି ଦିଆଗଲା ବୋଲି ପଚାରି ଥିଲେ। ଏହା ହିଁ ଚିନ୍ତାର ବିଷୟ। ବିନା ସହାୟତାରେ ଲକ୍ଷାଧିକ ଯାତ୍ରୀ ବିମାନବନ୍ଦରରେ ଫସି ରହିଥିଲେ। ଏହା କେବଳ ଯାତ୍ରୀଙ୍କ ପାଇଁ ନୁହେଁ, ସମଗ୍ର ଅର୍ଥ ବ୍ୟବସ୍ଥାକୁ ମଧ୍ୟ ପ୍ରଭାବିତ କରିଥିଲା। ସରକାରଙ୍କ ହସ୍ତକ୍ଷେପ ସତ୍ତ୍ୱେ ଇଣ୍ଡିଗୋ ସମସ୍ୟା କମ୍ ହେବାର ନା ଧରୁନି। ଇଣ୍ଡିଗୋ ସଙ୍କଟ ବୁଧବାର ନବମ ଦିନରେ ପହଞ୍ଚିଛି। ପରିଚାଳନା ଗତ ସମସ୍ୟାରୁ ଇଣ୍ଡିଗୋ ବାହାରି ପାରୁନି କି ଯାତ୍ରୀଙ୍କୁ ଆଶ୍ୱସ୍ତି ମିଳୁନାହିଁ। ଆଜି ଏହି ଏୟାରଲାଇନ ୨୨୦ରୁ ଅଧିକ ବିମାନକୁ ବାତିଲ କରିଦେଇଛି।

ଏହା ମଧ୍ୟରେ ବେସାମରିକ ବିମାନ ଚଳାଚଳ ମନ୍ତ୍ରାଳୟ (ଡିଜିସିଏ) ଇଣ୍ଡିଗୋ ସିଇଓ ପିଟର୍ସ ଏଲବର୍ସଙ୍କୁ ସମନ ଜାରି କରିଛି। ତାଙ୍କୁ ଗୁରୁବାର ହାଜର ହେବା ପାଇଁ କୁହାଯାଇଛି। ଏବେ ଇଣ୍ଡିଗୋ ସଙ୍କଟକୁ ନେଇ ଡିଜିସିଏ ବି କେନ୍ଦ୍ର ସରକାରଙ୍କ ଯାଞ୍ଚ ରାଡାରରେ ରହିଛି।

## ସଂସଦରେ ଏସ୍‌ଆଇଆର ଝଡ଼: ଶାହ-ରାହୁଲ ମୁହାଁମୁହିଁ

ନୂଆଦିଲ୍ଲୀ, ୧୦।୧୨ (ଏଜେନ୍ସି): ଲୋକସଭାରେ ନିର୍ବାଚନ ସଂସ୍କାର ତଥା ଏସ୍‌ଆଇଆର ଉପରେ ବିତର୍କ ସମୟରେ ସ୍ୱରାଷ୍ଟ୍ରମନ୍ତ୍ରୀ ଅମିତ ଶାହା ଏବଂ ବିରୋଧୀ ଦଳନେତା ରାହୁଲ ଗାନ୍ଧୀ ମୁହାଁମୁହିଁ ହୋଇଛନ୍ତି। ଭୋଟର ତାଲିକାରେ ଅନିୟମିତତାକୁ ନେଇ ରାହୁଲ ସାମ୍ବାଦିକ ସମ୍ମିଳନୀ କରି ଲଗାଇଥିବା ଅଭିଯୋଗ ଉପରେ ଶାହାଙ୍କୁ ଖୋଲା ବିତର୍କର ଆହ୍ୱାନ ଦେଇଛନ୍ତି। ଏହାର ଜବାବରେ ଶାହା କହିଥିଲେ ଯେ, ମୁଁ କ'ଣ କହିବି ଏବଂ କେଉଁ କ୍ରମରେ କହିବି ତାହା କେହି ନିର୍ଦ୍ଦେଶ ଦେଇପାରିବେ ନାହିଁ। ମାତ୍ର ରାହୁଲ ଏଇଠି ଅଟକି ଯାଇ ନ ଥିଲେ। କଥାରୁ ସ୍ୱରାଷ୍ଟ୍ରମନ୍ତ୍ରୀ ଭୟଭୀତ ହୋଇ ଯାଇଥିବା ଜଣାପଡୁଛି। ଭୟରେ ଏପରି ପ୍ରତିକ୍ରିୟା ଦେଉଛନ୍ତି ବୋଲି ରାହୁଲ କହିଥିଲେ। ଜବାବରେ ଶାହା କହିଥିଲେ ଯେ, ତାଙ୍କ ଉସୁକାଇବାରେ ମୁଁ ଆସିଯିବି ନାହିଁ। ଭାଷଣ କ'ଣ ଦେବି ତାହା ନିଜେ ସ୍ଥିର କରିବି। ବିରୋଧୀ ନେତା ମିଛ କହୁଛନ୍ତି ବୋଲି ଆମେ କହୁନୁ। ଭୋଟର ତାଲିକାରେ ଥିବା ଅନିୟମିତତା ଦୂର କରିବା ପାଇଁ ଏସଆଇଆର ଜାରି ରହିଛି। କେବଳ ଉପଯୁକ୍ତ ଭୋଟରଙ୍କୁ ମତଦାନ ଅଧିକାର ଦେବା ଏହାର ଉଦ୍ଦେଶ୍ୟ। ଯେତେବେଳେ ବିରୋଧୀ ଜିତୁଛନ୍ତି ସେତେବେଳେ ଭୋଟର ତାଲିକା ଠିକ୍ ଅଛି। ଆଉ ନୂଆ ପୋଷାକ ପିନ୍ଧି ଶପଥ ନେଇ ଯାଉଛନ୍ତି। କିନ୍ତୁ ବିହାର ଆଦିରେ ହାରିଗଲେ ଭୋଟର ତାଲିକାକୁ ନେଇ ପ୍ରଶ୍ନ ଉଠାଉଛନ୍ତି। ଏଭଳି ଦୋମୁହାଁ ନୀତି ଚଳିବ ନାହିଁ।

ଶାହା ନିର୍ବାଚନ ସଂସ୍କାର, ଇଭିଏମ, ମୁଖ୍ୟ ନିର୍ବାଚନ କମିସନର (ସିଇସି) ନିଯୁକ୍ତି, ନେହେରୁ, ଇନ୍ଦିରା, ପଶ୍ଚିମବଙ୍ଗ, ବାଂଲାଦେଶୀ ଅନୁପ୍ରବେଶକାରୀ ଏବଂ କଂଗ୍ରେସର ଭୋଟ ଚୋରି ଉପରେ ଟିପ୍ପଣୀ ଦେଇଥିଲେ। ରାହୁଲ ପଚାରି ଥିବା ତିନି ପ୍ରଶ୍ନର ମଧ୍ୟ ଉତ୍ତର ରଖିଥିଲେ। ଏହି ସମୟରେ ୭ ଥର

**■ ଭୋଟ ଚୋରି ଉପରେ ମୋ ସହ ବିତର୍କ କର: ରାହୁଲ**

**■ ଗୃହରେ କ'ଣ କହିବି ତାହା ମୋ ଉପରେ ନିର୍ଭର କରେ: ଶାହା**

ହଙ୍ଗାମା ହୋଇଥିଲା। ଶେଷରେ କଂଗ୍ରେସ ସଦସ୍ୟ ଗୃହତ୍ୟାଗ କରିଥିଲେ। ଏହାକୁ ନେଇ ଶାହା କହିଥିଲେ, ଆମେ ବାଂଲାଦେଶୀଙ୍କୁ ଦେଶରୁ ବାହାରି କରିବାକୁ ଚାହୁଁଛୁ। ୨୦୦ ଥର କକ୍ଷତ୍ୟାଗ କଲେ ମଧ୍ୟ ଅନୁପ୍ରବେଶକାରୀଙ୍କୁ ଭାରତରେ ପଶିବାକୁ ଦିଆଯିବନି। ସାମ୍ବିଧାନିକ ପ୍ରକ୍ରିୟାରେ ଅନୁପ୍ରବେଶକାରୀଙ୍କୁ ବାହାର କରାଯିବ।

ରାହୁଲଙ୍କ ହାଇଡ୍ରୋଜେନ ବୋମାକୁ ତାଚ୍ଛଲ୍ୟ କରି ଶାହା କହିଥିଲେ ଯେ ବିରୋଧୀ ନେତା ଭୋଟ ଚୋରି ପ୍ରସଙ୍ଗ ଉଠାଉଛନ୍ତି। କିନ୍ତୁ କିଛି ପରିବାର ପିଢ଼ି ପରେ ପିଢ଼ି ଭୋଟ ଚୋରି କରି ଆସିଛନ୍ତି। ସେ ନେହେରୁ-ଗାନ୍ଧୀ ପରିବାରକୁ ଆକ୍ଷେପ କରି ଏହି ଟିପ୍ପଣୀ ଦେଇଥିଲେ। ସ୍ୱାଧୀନତା ପରେ ପ୍ରଥମ ପ୍ରଧାନମନ୍ତ୍ରୀ ହେବା ପାଇଁ ପ୍ରଥମେ ଭୋଟ ଚୋରି ହୋଇଥିଲା। ସେହିପରି ଇନ୍ଦିରା ଗାନ୍ଧୀ



ରାୟବରେଲିରେ ଭୋଟ ଚୋରି କରିଥିଲେ। ଏହାକୁ ଲୁଚାଇବା ପାଇଁ ସେ ଏକ ଆଇନ ଆଣିଥିଲେ। ଏଥିରେ ପ୍ରଧାନମନ୍ତ୍ରୀଙ୍କ ବିରୋଧରେ କୌଣସି ମାମଲା ରୁଜୁ ନ ହେବାର ନିୟମ ଥିଲା। ସିଇସିଙ୍କୁ ଇମ୍ୟୁନିଟି ଦେବା ପ୍ରସଙ୍ଗ ରାହୁଲ ଉଠାଉଛନ୍ତି। ତେବେ ଏହା କ'ଣ ଥିଲା ବୋଲି ଶାହା ପ୍ରଶ୍ନ କରିଥିଲେ। ଆଜି କଂଗ୍ରେସ ଏବଂ ରାହୁଲ ଗାନ୍ଧୀ ସେହି ଇଭିଏମ ଉପରେ ପ୍ରଶ୍ନ ଉଠାଉଛନ୍ତି ଯାହାକୁ ପୂର୍ବତନ ପ୍ରଧାନମନ୍ତ୍ରୀ ରାଜୀବ ଗାନ୍ଧୀ ଆଣିଥିଲେ ବୋଲି ଶାହା କହିଥିଲେ।

## ଇସ୍ତଫା ଦେଇପାରନ୍ତି ଆମେରିକା ପ୍ରତିରକ୍ଷା ମନ୍ତ୍ରୀ

ୱାସିଂଟନ, ୧୦।୧୨(ଏଜେନ୍ସି): ଆମେରିକା ପ୍ରତିରକ୍ଷା ମନ୍ତ୍ରୀ ପିଟ୍ ହେଗ୍‌ସେଥ ଇସ୍ତଫା ଦେବାର ସମ୍ଭାବନା ସୃଷ୍ଟି ହୋଇଛି। କାରଣ ତାଙ୍କ ବିରୋଧରେ କାରିବିୟାନ ସାଗରରେ ଦୁଇଜଣ ନିରସ୍ତ୍ର ବ୍ୟକ୍ତିଙ୍କୁ ଡ୍ରୋନ ଆକ୍ରମଣରେ ହତ୍ୟା କରିଥିବା ଅଭିଯୋଗ ଲାଗିଛି। ଏହାକୁ ନେଇ ତାଙ୍କ ପଦ ଏବେ ବିପଦରେ। ଡ୍ରୋନ ଆକ୍ରମଣ ନେଇ ୪୦ ମିନିଟ୍‌ର ଭିଡିଓକୁ ଉପରେ ଚର୍ଚ୍ଚା ଆରମ୍ଭ ହୋଇଛି। ଏବେ ଡେମୋକ୍ରାଟିକ ପାର୍ଟି ହେଗସେଥଙ୍କ ଇସ୍ତଫା ଦାବି କରୁଛି। ଫଳରେ ତାଙ୍କ ବିରୋଧରେ କର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଟ୍ରମ୍ପଙ୍କ ଉପରେ ଚାପ ବୃଦ୍ଧି ପାଉଛି। ଡ୍ରଗ୍ସ ଚୋରା ଚାଲାଣକାରୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ସ୍ୱରୂପ ଏହି ଆକ୍ରମଣ କରାଯାଇଥିଲା। ସେପ୍ଟେମ୍ବର ୨ରେ ଆମେରିକୀୟ ସେନା କାରବିୟାନ ସାଗରରେ ଏକ ନୌକା ଉପରେ ଆକ୍ରମଣ କରିଥିଲା। ହେଗ୍‌ସେଥ ସମସ୍ତଙ୍କୁ ମାରିବାକୁ ଆଦେଶ ଦେଇଥିଲେ। ଏହି ନୌକାରେ ୧୧ ଜଣ ଥିଲେ। ଡ୍ରୋନ ଆକ୍ରମଣରେ ୯ ଜଣ ମୃତ୍ୟୁବରଣ କରିଥିଲେ ଓ ୨ ଜଣ ଆହତ ହୋଇଥିଲେ। କିନ୍ତୁ ଏହାପରେ ଦ୍ୱିତୀୟଥର ପାଇଁ ଡ୍ରୋନ ଆକ୍ରମଣ ହୋଇଥିଲା। ଫଳରେ ଆହତ ହୋଇଥିବା ଦୁଇଜଣ ମୃତ୍ୟୁବରଣ କରିଥିଲେ। ଏହି ଦୁଇଜଣ ଲୋକ ନିରସ୍ତ୍ର ଥିଲେ ଓ ସାହାଯ୍ୟ ଚାହୁଁଥିବା ବେଳେ ମଧ୍ୟ ତାଙ୍କ ଉପରେ ଆକ୍ରମଣ କରାଯିବାକୁ ହେଗସେଥ ନିର୍ଦ୍ଦେଶ ଦେଇଥିଲେ। କିନ୍ତୁ ମୃତ୍ୟୁବରଣ କରିଥିବା ଏହି ଲୋକମାନଙ୍କ ସହ ନିଶାଦ୍ରବ୍ୟ ଚୋରା ଚାଲାଣ ନେଇ କୌଣସି ସମ୍ପର୍କ ଥିବା ସ୍ପଷ୍ଟ ହୋଇନାହିଁ। ପୂର୍ବରୁ ମଧ୍ୟ ହେଗସେଥ କେତୋଟି ବିବାଦୀୟ ନିଷ୍ପତ୍ତି ନେଇ ଚର୍ଚ୍ଚିତ ହୋଇଥିଲେ।

## ସୁରତ ଟେକ୍ସଟାଇଲ୍ ମାର୍କେଟ୍‌ରେ ଅଗ୍ନିକାଣ୍ଡ

ସୁରତ, ୧୦।୧୨(ଏଜେନ୍ସି): ସୁରତର ପରଭାତ ପଟିୟା ଅଞ୍ଚଳରେ ଥିବା ରାଜ ଟେକ୍ସଟାଇଲ୍ ମାର୍କେଟ୍‌ରେ ବୁଧବାର ସକାଳ ୭ଟାରେ ଭୟାବହ ଅଗ୍ନିକାଣ୍ଡ ହୋଇଛି। ସୂଚନା ପାଇବା ମାତ୍ରେ ୧୫ଟି ଦମକଳ ବାହିନୀ ଘଟଣାସ୍ଥଳରେ ପହଞ୍ଚିଥିଲା। ନିଆଁ ଲାଗିବା ପରେ ମାର୍କେଟକୁ ଖାଲି କରାଯାଇଥିଲା। ତେବେ ଏଥିରେ କେହି ମୃତାହତ ହୋଇ ନାହାନ୍ତି ବୋଲି କୁହାଯାଇଛି। ନିଆଁକୁ ସମ୍ପୂର୍ଣ୍ଣ ଭାବେ ନିୟନ୍ତ୍ରଣ କରାଯାଇଛି। ଏହି କାର୍ଯ୍ୟରେ ପଖାପାଖି ୧୦୦ରୁ ୧୨୫ ଜଣ ଅଗ୍ନିଶମ ଅଧିକାରୀ ଲାଗି ପଡ଼ିଛନ୍ତି। କପଡ଼ାର ମାର୍କେଟ ହୋଇଥିବାରୁ ନିଆଁ ଉପରେ ନିୟନ୍ତ୍ରଣ ପାଇବା ପାଇଁ ସମୟ ଲାଗିଥିଲା। ତେବେ ନିଆଁ ଲାଗିବା କାରଣ ଏ ପର୍ଯ୍ୟନ୍ତ ଜଣାପଡ଼ି ନାହିଁ।

## ପିଏମ୍‌ଓରେ ମୋଦୀ-ରାହୁଲ ୮୮ ମିନିଟ ଚର୍ଚ୍ଚା



ନୂଆଦିଲ୍ଲୀ, ୧୦।୧୨ (ଏଜେନ୍ସି): ସଂସଦର ଶୀତ ଅଧିବେଶନ ଜାରି ରହିଥିବାବେଳେ ପିଏମଓରେ ବୁଧବାର ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଏବଂ ଲୋକସଭା ବିରୋଧୀ ଦଳ ନେତା ରାହୁଲ ଗାନ୍ଧୀଙ୍କ ମଧ୍ୟରେ ୮୮ ମିନିଟ ପର୍ଯ୍ୟନ୍ତ ଚର୍ଚ୍ଚା ହୋଇଛି। ଏହାକୁ ନେଇ ସଂସଦୀୟ କରିଡରରେ ନାନା କଳ୍ପନାଜଳ୍ପନା କରାଯାଉଛି। ତେବେ ମୁଖ୍ୟ ସୂଚନା କମିଶନର ପ୍ରାର୍ଥୀ ବାଛିବା ପାଇଁ ଏହି ବୈଠକ ହୋଇଥିଲା। ଏହି ବୈଠକ ପାଇଁ ରାହୁଲ ୧ଟାରେ ପିଏମଓରେ ପହଞ୍ଚି ଥିଲେ। ତେବେ ଏହା ୧ଟା୦୭ରେ ଆରମ୍ଭ ହୋଇଥିଲେ। ଏଥିରେ ମୋଦୀ, ସ୍ୱରାଷ୍ଟ୍ରମନ୍ତ୍ରୀ ଅମିତ ଶାହା ଏବଂ ରାହୁଲ ବିଭିନ୍ନ ନିଯୁକ୍ତି ନେଇ ଚର୍ଚ୍ଚା କରିଥିଲେ। ୮୮ ମିନିଟ ପରେ ରାହୁଲ ବାହାରି ସିଆଇସିଙ୍କ ସମେତ ୮ ଜଣ ସୂଚନା କମିଶନର ଏବଂ ଭିଜିଲାନ୍ସ କମିଶନରଙ୍କ ନିଯୁକ୍ତି ଉପରେ ଆଲୋଚନା ହୋଇଥିବା କହିଥିଲେ। ସେ ଏହି ନିଯୁକ୍ତିକୁ ନେଇ ଲିଖିତ ଆକାରରେ ଆପତ୍ତି ପ୍ରକାଶ କରିଥିଲେ।ତେବେ ୮୮ ମିନିଟ ପର୍ଯ୍ୟନ୍ତ ଏଭଳି କେଉଁ ଚର୍ଚ୍ଚା ହୋଇଥିଲା ବୋଲି ପ୍ରଶ୍ନ ଉଠୁଛି। ଏବେ ସିଆଇସିରେ ୮ଟି ଖାଲି ପଦବୀ ରହିଛି। ସେପ୍ଟେମ୍ବର ୧୩ରେ ହୀରାଲାଲ ସମରିଆ ଅବସର ଗ୍ରହଣ କରିବା ଦିନଠାରୁ ସିଆଇସି ପଦ ଖାଲି ରହିଛି। ଏହେ ସୂଚନା କମିଶନର ଆନନ୍ଦୀ ରାମଲିଙ୍ଗମ ଏବଂ ବିନୋଦ କୁମାର ତିୱାରୀ କାର୍ଯ୍ୟ ସମ୍ଭାଳୁଛନ୍ତି। ସିଆଇସି ୱେବସାଇଟ ଅନୁଯାୟୀ,ଏବେ ୩୦, ୮୩୮ ମାମଲା ପଡ଼ି ରହିଛି।


## ଦୁର୍ନୀତିଗ୍ରସ୍ତ ଦେଶ: ୯୬ତମ ସ୍ଥାନରେ ଭାରତ

ନୂଆଦିଲ୍ଲୀ, ୧୦।୧୨ (ଏଜେନ୍ସି): ବିଶ୍ୱ ଅନେକ ଦେଶରେ ଦୁର୍ନୀତି ଏକ ପ୍ରମୁଖ ସମସ୍ୟା ରହିଛି। ସାଧାରଣ ଲୋକେ ଗୁଜରାଣ ମେଣ୍ଟାଇବା ପାଇଁ ସଂଘର୍ଷ କରୁଥିବାବେଳେ ଅଧିକାଂଶ ନେତା, ଅଧିକାରୀ, ମନ୍ତ୍ରୀ ଦୁର୍ନୀତିରେ ଲିପ୍ତ ରହୁଛନ୍ତି। ଏହା ଜୀବନ, ଅର୍ଥନୀତି ଏବଂ ସାର୍ବଜନୀନ ବ୍ୟବସ୍ଥା ଉପରେ ପ୍ରଭାବ ପକାଉଛି। ଏପରି ସମୟରେ ଟ୍ରାନ୍ସପାରେନ୍ସି ଇଣ୍ଟରନ୍ୟାସନାଲ ପକ୍ଷରୁ କରପସନ ପ୍ରିସିପସନ ଇଣ୍ଡେକ୍ସ (ସିପିଆଇ) ଜାରି ହୋଇଛି। ୨୦୨୪ର ଏହି ତାଲିକା ସାରା ବିଶ୍ୱରେ ଦୁର୍ନୀତି ବ୍ୟାପିଥିବା ଦର୍ଶାଯାଇଛି। ନିର୍ଭର ସୂତ୍ର, ସର୍ଭେ, ଅଧ୍ୟୟନ ଏବଂ ବ୍ୟାବସାୟିକ ନେତୃତ୍ୱଙ୍କ ମତ ଆଧାରରେ ଏହି ତାଲିକା ପ୍ରସ୍ତୁତ କରାଯାଇଛି। ଏହି ଦୁର୍ନୀତି ଗ୍ରସ୍ତ ଦେଶ ତାଲିକାରେ ସାଉଥ ସୁଦାନ ଶୀର୍ଷରେ ରହିଛି। ଶହେ ମାର୍କ ମଧ୍ୟରୁ ଏହା ମାତ୍ର ୮ ମାର୍କ ପାଇଛି। ଏହା ଦୁର୍ନୀତିର ଭୟଙ୍କର ରୂପକୁ ଦର୍ଶାଉଛି। ସେହିପରି ଦ୍ୱିତୀୟ ସ୍ଥାନରେ ସୋମାଲିଆ, ତୃତୀୟରେ ଭେନଜୁଏଲା ଏବଂ ଚତୁର୍ଥରେ ସିରିଆ ରହିଛି। ଗତ ବର୍ଷ ବିଶ୍ୱରେ ଦୁର୍ନୀତି ସ୍ତର ସବୁଠାରୁ ଉଚ୍ଚରେ ଥିଲା ବୋଲି କୁହାଯାଇଛି। ତେବେ ୨୦୧୨ ତୁଳନାରେ ୩୨ ଦେଶରେ ସ୍ଥିତି ସୁଧୁରିଛି। କିନ୍ତୁ ୧୪୮ ଦେଶରେ ସ୍ଥିତି ସମାନ କିମ୍ବା ଅଧିକ ଖରାପ ରହିଛି।

ଭାରତ ଏହି ସିପିଆଇ ତାଲିକାରେ ୯୬ତମ ସ୍ଥାନରେ ରହିଛି। ଶହେରୁ ଭାରତ ୩୮ ମାର୍କ ପାଇଛି। ପୂର୍ବାପେକ୍ଷା ଭାରତର ସ୍ଥିତିରେ ସୁଧାର ଆସିଥିଲେ ବି ଦୁର୍ନୀତି ଜାରି ରହିଛି। ଅନେକ କ୍ଷେତ୍ରରେ ଏହା ଲୋକଙ୍କ ଜୀବନକୁ ପ୍ରଭାବିତ କରୁଛି। ଏଥିଯୋଗୁ ବିକାଶ ଗତି ମନ୍ଥର ରହିଛି। ସାର୍ବଜନୀନ ସେବାକୁ ଦୁର୍ବଳ ଏବଂ ପ୍ରତିଷ୍ଠାନ ପ୍ରତି ଲୋକଙ୍କ ଭରସାକୁ ହ୍ରାସ କରୁଛି। ଦୁର୍ନୀତିର ମୁକାବିଲା ପାଇଁ ଅଧିକ ପ୍ରୟାସ ଜରୁରୀ ବୋଲି କୁହାଯାଇଛି। ଏଥିପାଇଁ କଠୋର ନିୟମ ଏବଂ କଡ଼ା ପ୍ରବର୍ତ୍ତନ ବ୍ୟବସ୍ଥା ଜରୁରୀ। ସେହିପରି ଭାରତର ପଡ଼ୋଶୀ ପାକିସ୍ତାନ ୧୩୫ତମ, ଶ୍ରୀଲଙ୍କା ୧୨୧ତମ, ବାଂଲାଦେଶ ୧୪୯ତମ ଏବଂ ଚୀନ୍ ୭୬ତମ ସ୍ଥାନରେ ରହିଛି।

## ୧୨ଟି ରାଜ୍ୟରେ ବିଭକ୍ତ ହେବ ପାକିସ୍ତାନ

ଇସ୍‌ଲାମାବାଦ୍, ୧୦।୧୨(ଏଜେନ୍ସି): ପାକିସ୍ତାନକୁ ଏବେ ୧୨ଟି ରାଜ୍ୟରେ ବିଭକ୍ତ କରିବାକୁ ପ୍ରସ୍ତୁତି ଆରମ୍ଭ ହୋଇଛି। ଦେଶର ସୂଚନା ମନ୍ତ୍ରୀ ଅବଦୁଲ ଅଲିମ ଖାନ୍ କହିଛନ୍ତି ଯେ, ଦେଶକୁ ଏବେ ଛୋଟ ଛୋଟ ୧୨ଟି ରାଜ୍ୟର ବିଭକ୍ତ କରିବା ନିଶ୍ଚିତ ହୋଇଛି। ଏହା ଦ୍ୱାରା ଶାସନ ବ୍ୟବସ୍ଥାରେ ଉନ୍ନତି ଆସିବ ବୋଲି ସେ କହିଛନ୍ତି। ଏହି କ୍ରମରେ ସିନ୍ଧ ଓ ପଞ୍ଜାବକୁ ୩ଟି ଲେଖାଏ ରାଜ୍ୟରେ ବିଭକ୍ତ କରାଯାଇପାରେ। ଏହିଭଳି ବେଲୁଚିସ୍ତାନ ଓ ଖାଇବର ପଖତୁନଖ୍ୱାକୁ ମଧ୍ୟ ୩ଟି ଲେଖାଏ ରାଜ୍ୟରେ ବଣ୍ଟା ଯାଇପାରେ। ଆମ ପଡୋଶୀ ଦେଶଗୁଡିକରେ ଏକାଧିକ ଛୋଟ ଛୋଟ ରାଜ୍ୟ ରହିଛି। ତେଣୁ ପାକିସ୍ତାନରେ ମଧ୍ୟ ଏଭଳି ହେବାର ଆବଶ୍ୟକତା ରହିଛି



ବୋଲି ସେ କହିଛନ୍ତି। ତେବେ ବିଲାଓଲ ଭୁଟ୍ଟୋଙ୍କ ପିପିପି ଏହାକୁ ଦୃଢ଼ ବିରୋଧ କରିଛି। କେବଳ ଭଗବାନଙ୍କୁ ବାଦ୍ ଦେଲେ ସିନ୍ଧକୁ କେହି ଭାଗ କରିପାରିବେ ନାହିଁ ବୋଲି ସିନ୍ଧ ମୁଖ୍ୟମନ୍ତ୍ରୀ ମୁରାଦ ଅଲି ଶାହା କହିଛନ୍ତି। ତେବେ ଏ ନେଇ ପାକିସ୍ତାନ ସରକାରଙ୍କ ତରଫରୁ ଆନୁଷ୍ଠାନିକ ଭାବେ କୌଣସି ମାନଚିତ୍ର ଜାରି କରାଯାଇନାହିଁ। କିନ୍ତୁ ଏ ନେଇ ଚର୍ଚ୍ଚା ଆରମ୍ଭ ହୋଇଛି। ପଞ୍ଜାବକୁ ଉତ୍ତର, ମଧ୍ୟ ଓ ଦକ୍ଷିଣ ପଞ୍ଜାବ, ସିନ୍ଧକୁ କରାଚୀ ସିନ୍ଧ, ମଧ୍ୟ ସିନ୍ଧ ଓ ଉପର ସିନ୍ଧ, ଖାଇବର ପଖତୁନଖ୍ୱା (କେପି)କୁ ଉତ୍ତର କେପି, ଦକ୍ଷିଣ କେପି ଓ ଆଦିବାସୀ କେପ୍/ଫାଟା ଅଞ୍ଚଳ ଏବଂ ବେଲୁଚିସ୍ତାନକୁ ପୂର୍ବ, ପଶ୍ଚିମ ଓ ଦକ୍ଷିଣ ଭାଗରେ ବିଭକ୍ତ କରାଯିବ ବୋଲି ଚର୍ଚ୍ଚା ହେଉଛି।

## ଦିଲ୍ଲୀରେ ମୁତୟନ ହେବ ସ୍ୱଦେଶୀ ଡିଫେନ୍ସ ସିଷ୍ଟମ

ନୂଆଦିଲ୍ଲୀ, ୧୦।୧୨(ଏଜେନ୍ସି): ଏବେ ରାଜଧାନୀ ଦିଲ୍ଲୀ ଓ ଏନସିଆରକୁ ସୁରକ୍ଷିତ କରିବା ପାଇଁ ନୂଆ ଯୋଜନ ପ୍ରସ୍ତୁତ କରାଯାଉଛି। ମିସାଇଲ, ଡ୍ରୋନ ଓ ଲଢୁଆ ବିମାନ ଆକ୍ରମଣର ବିପଦକୁ ଏଡାଇବା ପାଇଁ ଏହି ଅଞ୍ଚଳରେ ବହୁସ୍ତରୀୟ ଏୟାର ଡିଫେନ୍ସ ସିଷ୍ଟମକୁ ନିୟୋଜନ କରାଯିବ। ପ୍ରତିରକ୍ଷା ମନ୍ତ୍ରଣାଳୟ ଏହି ପ୍ରକଳ୍ପକୁ ଦ୍ରୁତଗତିରେ ଆଗକୁ ବଢ଼ାଉଛି। ବରିଷ୍ଠ ପ୍ରତିରକ୍ଷା ବିଭାଗ ଅଧିକାରୀଙ୍କ ସୂଚନା ଅନୁଯାୟୀ, ନୂଆ ଇଣ୍ଟିଗ୍ରେଟେଡ ଏୟାର ଡିଫେନ୍ସ ୱିପନ ସିଷ୍ଟମ (ଆଇଏଡବ୍ଲ୍ୟୁଡିଏସ୍) ସମ୍ପୂର୍ଣ୍ଣ ଭାବେ ଦେଶରେ ତିଆରି ହୋଇଥିବା ଅସ୍ତ୍ର ଓ ବୈଷୟିକ ପ୍ରାଣାଳୀ। ଅର୍ଥାତ ଏହି ଡିଫେନ୍ସ ସିଷ୍ଟମ ସମ୍ପୂର୍ଣ୍ଣ ଭାବେ ସ୍ୱଦେଶୀ ରାଣକୌଶଳରେ ତିଆରି ହେବ। ଏହି ପ୍ରଣାଳୀ ସବୁଠାରୁ ବଡ଼ ଅଂଶ ହେବ ପ୍ରତିରକ୍ଷା ଗବେଷଣା ଓ ବିକାଶ ସଂସ୍ଥା

**■ ଡ୍ରୋନ୍, ମିସାଇଲ ଓ ଜେଟ୍ ଆକ୍ରମଣ ହେବ ନିଷ୍କ୍ରିୟ**

**■ ଅଗଷ୍ଟରେ ହୋଇଛି ସଫଳ ପରୀକ୍ଷଣ**

(ଡିଆରଡିଓ) ଦ୍ୱାର ତିଆରି ହୋଇଥିବା କ୍ୱିକ ରିଆକସନ ସର୍ଫେସ ଟୁ ଏୟାର ମିସାଇଲ (କ୍ୟୁଆରଏସ୍ଏମ୍) ଓ ମ୍ୟାନ ପୋର୍ଟେବଲ ଏୟାର ଡିଫେନ୍ସ ସିଷ୍ଟମ (ଏମ୍‌ଏଏନପିଏଡିଏସ୍)। ଏଥିସହ ଏକାଧିକ ସେନସର, ରାଡାର ଓ ଏକ ଅତ୍ୟାଧୁନିକ କଣ୍ଟ୍ରୋଲ ସିଷ୍ଟମକୁ ଜଡିତ କରାଯିବ। ଏହା ଦ୍ୱାର ସବୁ ବିପଦ ଉପରେ ତୁରନ୍ତ ଦୃଷ୍ଟି ରଖାଯିବ। ଏହି ପୂରା ପ୍ରଣାଳୀକୁ ଭାରତୀୟ ବାୟୁସେନା ହିଁ ନିୟନ୍ତ୍ରଣ କରିବ। ଉଲ୍ଲେଖଥାଉ କି, ଗତ ଅଗଷ୍ଟ ୨୩ରେ ଆଇଏଡବ୍ଲ୍ୟୁଏସ୍‌ର ସଫଳ ପରୀକ୍ଷଣ ହୋଇଥିଲା। ଆଇଏଡବ୍ଲ୍ୟୁଏସ୍ ଏକ ମିଲିଟାରୀ ଏୟାର ଡିଫେନ୍ସ ସିଷ୍ଟମ। ଏହା ଶତ୍ରୁର ଆକ୍ରମଣକୁ ନିଷ୍କ୍ରିୟ କରିବାର କ୍ଷମତା ରଖୁଛି। ଏହାକୁ ସୁଦର୍ଶନ ଚକ୍ର ମିଶନର ଏକ ଅଂଶ ବୋଲି କୁହାଯାଉଛି।

## ସାବରକର ପୁରସ୍କାର ନେବାକୁ ମନା କଲେ ଥରୁର

ନୂଆଦିଲ୍ଲୀ, ୧୦।୧୨(ଏଜେନ୍ସି): କଂଗ୍ରେସ ବରିଷ୍ଠ ନେତା ତଥା ସାଂସଦ ଶଶି ଥରୁର 'ବିଆର ସାବରକର ପୁରସ୍କାର' ନେବାକୁ ମନା କରିଦେଇଛନ୍ତି। ଫଳରେ ଏ ନେଇ ବିବାଦ ସୃଷ୍ଟି ହୋଇଛି। ଥରୁରୁ 'ଏକ୍ସ'ରେ ପୋଷ୍ଟ କରି ସ୍ପଷ୍ଟୀକରଣ ଦେଇଛନ୍ତି। ମୋତେ ସୂଚନା ଦିଆ ନ ଯାଇ ପୁରସ୍କାର ପାଇଁ ନାମ ଘୋଷଣା କରାଯାଇଥିଲା ବୋଲି ସେ କହିଛନ୍ତି। ତେଣୁ ଏଭଳି



ସ୍ଥିତିରେ ଦିଲ୍ଲୀରେ ଆୟୋଜନ ହେବାକୁ ଥିବା ସମାରୋହରେ ଯୋଗ ଦେବାର ପ୍ରଶ୍ନ ଉଠୁନାହିଁ ବୋଲି ସେ ସ୍ପଷ୍ଟ କରିଛନ୍ତି। କେରଳରେ ରହୁଥିଲେ ମଧ୍ୟ ଏହି ପୁରସ୍କାର ସଂକ୍ରାନ୍ତରେ ମୋତେ ଗଣମାଧ୍ୟମରୁ ହିଁ ସୂଚନା ମିଳିଥିବା ସେ କହିଛନ୍ତି। ସେପଟେ ପୁରସ୍କାର ପ୍ରଦାନ କରୁଥିବା ଏନଜିଓ ଥରୁରଙ୍କ ଏହି ଦାବିକୁ ଭୁଲ୍ ବୋଲି କହିଛି। ଏହି ପୁରସ୍କାର ନେବାକୁ ଥରୁରୁ ପୂର୍ବରୁ ସହମତି ପ୍ରକାଶ କରିଥିଲେ ବୋଲି ହିଙ୍ଗ୍ରେସ ଗ୍ରାମୀଣ ବିକାଶ ସମାଜ (ଏଚ୍‌ଆରଡିଏସ୍) ଇଣ୍ଡିଆର ପ୍ରତିଷ୍ଠାତା ଅଜି କ୍ରୃଷ୍ଣନ ଦାବି କରିଛନ୍ତି। ସେ ମାସେ ତଳେ ଥରୁରଙ୍କୁ ତାଙ୍କ ଘରେ ଭେଟିଥିଲେ ବୋଲି କହିଛନ୍ତି। ବୁଧବାର ଦିଲ୍ଲୀରେ 'ବୀର ସାବରକର ଇଣ୍ଟରନ୍ୟାସନାଲ ଇମ୍ପାକ୍ଟ ପୁରସ୍କାର-୨୦୨୫' ସମାରୋହ ଆୟୋଜନ ହେବାର କାର୍ଯ୍ୟକ୍ରମ ଥିଲା। ପ୍ରତିରକ୍ଷା ମନ୍ତ୍ରୀ ରାଜନାଥ ସିଂହ ଏହି କାର୍ଯ୍ୟକ୍ରମର ଉଦ୍‌ଘାଟନ କରିବାର କାର୍ଯ୍ୟକ୍ରମ ରହିଥିଲା। ଜମ୍ମୁ-କଶ୍ମୀର ରାଜ୍ୟପାଳ ମନୋଜ ସିହ୍ନା ଏହି ଅବସରରେ ଉପସ୍ଥିତ ହୋଇଥାଆନ୍ତେ। ଥରୁରଙ୍କୁ ପୁରସ୍କାରର ପ୍ରଥମ ସଂସ୍କରଣରେ ସମ୍ମାନୀତ କରାଯାଇଥାନ୍ତା। ଏହି ସ୍ଥିତି ପାଇଁ ଥରୁର ଆୟୋଜକଙ୍କୁ ଦାୟୀ କରିଛନ୍ତି।

■ ଶିକ୍ଷା ଓ ଶିକ୍ଷକଙ୍କ ଦାବି ନେଇ ସମନ୍ୱୟ ସମିତିର ଆନ୍ଦୋଳନ

# ସରକାରଙ୍କ ଆଭିମୁଖ୍ୟକୁ ନେଇ ଉଠିଲା ପ୍ରଶ୍ନ



ଭୁବନେଶ୍ୱର, ୧୦ ।୧୨(ସମିସ): ଶିକ୍ଷା ସମସ୍ୟା ଓ ଶିକ୍ଷକଙ୍କ ଦାବି ନେଇ ଓଡ଼ିଶା ସ୍କୁଲ କଲେଜ ଶିକ୍ଷକ ଓ କର୍ମଚାରୀ ସମନ୍ୱୟ ସମିତି ପକ୍ଷରୁ ଆଜି ବିଧାନସଭା ସମ୍ମୁଖ ଗାନ୍ଧିମାର୍ଗରେ ଆନ୍ଦୋଳନ କରାଯାଇଛି । ଏକାଧିକ ଶିକ୍ଷକ ଓ ଅଧ୍ୟାପକ ସଂଘ ଏକତ୍ରିତ ହୋଇ ନିଜର ଦାବି ପୂରଣ କରିବା ପାଇଁ ଦାବି କରିଛନ୍ତି । ସମସ୍ତ ଅନୁଦାନ ଯୋଗ୍ୟ ବିଦ୍ୟାଳୟ ଓ ମହାବିଦ୍ୟାଳୟକୁ ଅନୁଦାନ ପ୍ରଦାନ, ଅବସର ନେଉଥିବା ଓ ନେଇଥିବା ଶିକ୍ଷାକର୍ମଚାରୀଙ୍କୁ ପେନସନ୍, ଅବସରକାଳୀନ ସୁବିଧା, ଚାକିରି ସର୍ତ୍ତାବଳୀ, ଅବସର ବୟସ ସୀମା ୬୨କୁ ବୃଦ୍ଧି ଆଦି ଦାବି ପୂରଣ କରିବା ପାଇଁ ସରକାର ସେମାନଙ୍କୁ ପ୍ରତିଶ୍ରୁତି ଦେଇଥିଲେ ମଧ୍ୟ ଏଯାଏଁ ପୂରଣ କରି ନ ଥିବାରୁ ଶିକ୍ଷକ ଶିକ୍ଷୟିତ୍ରୀମାନେ କ୍ଷୋଭ ପ୍ରକାଶ କରିଛନ୍ତି । ସମିତିର ଆବାହକ ରଞ୍ଜନ କୁମାର ଦାସ କହିଛନ୍ତି ଯେ, ସରକାର ଶିକ୍ଷକଙ୍କ ଦାବି ପୂରଣ ନ କରି କମିଟି ଗଠନର ମନୋନିବେଶ କରିବା ଦୁର୍ଭାଗ୍ୟଜନକ । ପୂର୍ବରୁ ବିଧାନସଭା ଷ୍ଟାଣ୍ଡିଙ୍ଗ କମିଟି, ପଲିଟିକାଲ କମିଟି, ସଚିବସ୍ତରୀୟ କମିଟି ଗଠନ କରି ଶିକ୍ଷକଙ୍କ ସମସ୍ୟା ଆଲୋଚନା କରାଯାଇଛି । ଏହା ସତ୍ତ୍ୱେ ସରକାର ଆଉ ଏକ କମିଟି ଗଠନ କରିବା କେବଳ ବିଳମ୍ବ କରିବା ପାଇଁ ଉଦ୍ଦିଷ୍ଟ । ସରକାର ଏଥିରୁ ନିବୃତ୍ତ ରହି ସେମାନଙ୍କ ଦାବି ପୂରଣ କରିବା ପାଇଁ ଗୁରୁତ୍ୱ ଦିଅନ୍ତୁ । ଅପରପକ୍ଷରେ ମୁଖ୍ୟମନ୍ତ୍ରୀ ବିରୋଧୀ ଦଳରେ ଥିବାବେଳେ ସେମାନଙ୍କ ଦାବିକୁ ଯଥାର୍ଥ ବୋଲି କହି ପରବର୍ତ୍ତୀ ସମୟରେ ତାହାକୁ ପୂରଣ କରିବାରେ ଟାଳଟୁଳ ନୀତି ଅବଲମ୍ବନ କରୁଥିବା ମଧ୍ୟ ଶିକ୍ଷକ ନେତାମାନେ ଅଭିଯୋଗ କରିଛନ୍ତି । ଏହି ଆନ୍ଦୋଳନରେ ବହୁ ଶିକ୍ଷକ ସଂଗଠନ ସାମିଲ ହୋଇଥିବାବେଳେ ସମିତିର ସଭାପତି ସୁକାନ୍ତ କୁମାର ବେହେରାଙ୍କ ସମେତ ଅକ୍ଷୟ କୁମାର ମିଶ୍ର, ବିକ୍ରମ କୁମାର ଦାସ, ପ୍ରମୋଦ କୁମାର ହୋତା, ହରେକୃଷ୍ଣ ପାଣିଗ୍ରାହୀ, ଅଜୟ କୁମାର ପତି, ଗରୁଡ଼ ଚନ୍ଦ୍ର ସାହୁ, ରଞ୍ଜନ କୁମାର ପଣ୍ଡା, ଏମ୍.ଏ. କାସିମ୍ ବେଗ୍, ପ୍ରଶାନ୍ତ କୁମାର ପତି ପ୍ରମୁଖ ନେତୃତ୍ୱ ନେଇଥିଲେ ।

# ବିଧାନସଭା ଆଗରେ ଗର୍ଜିଲେ କନିଷ୍ଠ ଶିକ୍ଷକ

## 'ମୁଖ୍ୟମନ୍ତ୍ରୀଙ୍କ ନିୟମିତ ଘୋଷଣାକୁ କାର୍ଯ୍ୟକାରୀ କରାଯାଉ'

ଭୁବନେଶ୍ୱର,୧୦ ।୧୨(ସମିସ): ବିଧାନସଭା ଅଧିବେଶନ ଶେଷ ହୋଇଥିଲେ ମଧ୍ୟ ଶିକ୍ଷକ ଆନ୍ଦୋଳନ ଥମିବାର ନା ନେଉନି । ଦୀର୍ଘ ୫ଦିନ ଅହୋରାତ୍ର ଧାରଣା ପରେ ପ୍ରାଥମିକ ଶିକ୍ଷକ ମହାସଂଘ ଆନ୍ଦୋଳନ ପ୍ରତ୍ୟାହାର କରିଥିବା ବେଳେ ବୁଧବାର ପୁଣି ବିଧାନସଭା ସମ୍ମୁଖରେ ଏକାଧିକ ସଂଗଠନ ସରକାରଙ୍କ ବିରୋଧରେ ବର୍ଷିଛନ୍ତି । ତନ୍ମଧ୍ୟରୁ କନିଷ୍ଠ ଶିକ୍ଷକ ସଂଘ ଏକ ବିଶାଳ ଆନ୍ଦୋଳନ କରିଛି । ଚାକିରି

■ ଘୋଷଣାର ୩ ମାସ ପରେ ମଧ୍ୟ କାର୍ଯ୍ୟକାରୀ କରାଯାଉ ନ ଥିବାରୁ କ୍ଷୋଭ

■ ଆନ୍ଦୋଳନ ନକରି ଧୈର୍ଯ୍ୟ ରଖନ୍ତୁ, ଦାବି ପୂରଣ ହେବ: ଗଣଶିକ୍ଷା ମନ୍ତ୍ରୀ



ସ୍ଥାୟୀ କରିବାକୁ ମୁଖ୍ୟମନ୍ତ୍ରୀ ଘୋଷଣା କରିଥିଲେ ମଧ୍ୟ କାହିଁକି କାର୍ଯ୍ୟକାରୀ କରାଯାଉନାହିଁ ବୋଲି ଆନ୍ଦୋଳନକାରୀମାନେ ପ୍ରଶ୍ନ କରିଛନ୍ତି ।

ରାଜ୍ୟରୁ ସ୍କିମାଟିକ୍ ଶିକ୍ଷକ ଉଚ୍ଛେଦ କରି ସେମାନଙ୍କୁ ନିୟମିତ କରାଯାଉଥିବା ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଗତ ଅଗଷ୍ଟ ୨୨ ତାରିଖରେ ଘୋଷଣା କରିଥିଲେ । ଚୁକ୍ତିଭିତ୍ତିକ ପ୍ରଥାର ମୂଳୋତ୍ପାଟନ କରାଯାଉଛି ବୋଲି ବ୍ୟାପକ ପ୍ରଚାରପ୍ରସାର କରିଥିଲେ । ହେଲେ, ଘୋଷଣାକୁ ୩ ମାସରୁ ଅଧିକ ସମୟ ବିତିଥିଲେ ମଧ୍ୟ ତାକୁ କାର୍ଯ୍ୟକାରୀ କରାଯାଉନଥିବାରୁ କନିଷ୍ଠ ଶିକ୍ଷକମାନେ ବିଧାନସଭା ସମ୍ମୁଖରେ ଆନ୍ଦୋଳନ କରିଛନ୍ତି । ମୁଖ୍ୟମନ୍ତ୍ରୀଙ୍କ ଘୋଷଣା ଓ ସାମାଜିକ ଗଣମାଧ୍ୟରେ କରିଥିବା ପୋଷ୍ଟକୁ ପ୍ରଦର୍ଶନ କରି ସେମାନଙ୍କୁ ତ୍ୱରିତ ନିୟମିତ କରିବା ପାଇଁ ଦାବି କରିଛନ୍ତି । ରାଜ୍ୟ ଶାସନର ମୁଖ୍ୟଙ୍କ ଘୋଷଣା ଯଦି କାର୍ଯ୍ୟକାରୀ ହେଉନାହିଁ, ତାହେଲେ ସରକାର କିପରି ଚାଲୁଛି ବୋଲି ପ୍ରଶ୍ନ କରିଛନ୍ତି । ମୁଖ୍ୟମନ୍ତ୍ରୀଙ୍କ ଘୋଷଣାକୁ କାର୍ଯ୍ୟକାରୀ କରିବା ପାଇଁ ତ୍ୱରିତ ସରକାରୀ ନିର୍ଦ୍ଦେଶନାମା ପ୍ରକାଶ କରିବାକୁ ସଂଘ ଦାବି କରିଛି ।

ଅପରପକ୍ଷରେ କନିଷ୍ଠ ଶିକ୍ଷକଙ୍କ ଆନ୍ଦୋଳନକୁ ନେଇ ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ ପ୍ରତିକ୍ରିୟା ରଖିଛନ୍ତି । ସେ କହିଛନ୍ତି ଯେ କନିଷ୍ଠ ଶିକ୍ଷକଙ୍କ ଦରମା ବୃଦ୍ଧି କରାଯିବା ସହ ନିୟମିତ କରିବାକୁ ଘୋଷଣା କରାଯାଇଛି । ଦାବି ସମ୍ପର୍କରେ ସରକାର ସଚେତନ ଅଛନ୍ତି ଓ କାର୍ଯ୍ୟ ଆରମ୍ଭ କରିଛନ୍ତି । ସମସ୍ତ ପ୍ରକ୍ରିୟା ପୂରଣ କରିବା ପାଇଁ ସମୟ ଆବଶ୍ୟକ । ଏଣୁ ଅଯଥାରେ ଆନ୍ଦୋଳନ ନ କରି ଶିକ୍ଷାଦାନରେ ମନୋନିବେଶ କରିବାକୁ ମନ୍ତ୍ରୀ ଅନୁରୋଧ କରିଛନ୍ତି । ମନ୍ତ୍ରୀଙ୍କ ମନ୍ତବ୍ୟ ସମ୍ପର୍କରେ ସଂଘର ସଭାପତି ଶେଷଦେବ ଯଜ୍ଞକାମ ଦେଓ କହିଛନ୍ତି ଯେ ପ୍ରକ୍ରିୟା କେବେ ସୁଦ୍ଧା ପୂରଣ କରିବେ ମନ୍ତ୍ରୀ ସ୍ପଷ୍ଟୋକ୍ତି ରଖନ୍ତୁ । ଫଳରେ ଶିକ୍ଷାଦାନ ସ୍ୱାଭାବିକ ହୋଇପାରିବ । ଏହି ଆନ୍ଦୋଳନରେ ସଂଘର ସମ୍ପାଦକ ଅଜୟ କୁମାର ପ୍ରଧାନଙ୍କ ସମେତ ବିଶ୍ୱଜିତ ବସ୍ତିଆ, ମନୋଜ କୁମାର ସେଠୀଙ୍କ ସମେତ ବହୁ ସଂଖ୍ୟାରେ ଶିକ୍ଷକ ଶିକ୍ଷୟିତ୍ରୀ ଆନ୍ଦୋଳନରେ ସାମିଲ ହୋଇଥିଲେ ।

# ଦ୍ୱିତୀୟ ସହ ମିଶି ପ୍ରଥମ ପ୍ରେମିକକୁ ମାରିଦେଲା

## ପ୍ରେମିକା ସହ ଦୁଇଜଣ ୨୦ଥର ଛୁରି ଭୁସିଥିଲେ

ସମ୍ବଲପୁର, ୧୦।୧୨(ସମିସ): ତୋତେ ମୋର୍ କିରିଆ । ଯଦି ସତେ ମୋତେ ଭଲ ପାଉଥିବୁ, ତାହାଲେ ଇତାକେ ଆଜି ଯେନ୍ତା ହେଲା ମାରିବୁ । ମୋର ଆଉ ଟେନ୍‌ସନ୍ ନେବାର ନାଇନ, ଇତାକେ ମାର୍ ମୋର କଥା ଚିନ୍ତା କର । ଏ ହେଉଛି ପ୍ରଥମ ପ୍ରେମିକକୁ ହତ୍ୟା କରିବା ପାଇଁ ଜଣେ ନାବାଳିକା ପ୍ରେମିକାର ଦ୍ୱିତୀୟ ପ୍ରେମିକକୁ



ଆହ୍ୱାନ । ଲକ୍ଷ୍ମୀଡୁଙ୍ଗୁରୀ ପାହାଡ଼ରେ ଗତକାଲି ଘଟିଥିବା ଅଭୟ କୁମାର ଦାସ (୨୦) ହତ୍ୟା ଘଟଣାରେ ଏଭଳି ଚାଞ୍ଚଲ୍ୟକର ତଥ୍ୟ ସାମ୍ନାକୁ ଆସିଛି । ଏହି ଘଟଣାରେ କ୍ଷେତରାଜପୁର ପୁଲିସ ନାବାଳିକା ପ୍ରେମିକାକୁ ଅଟକ ରଖିବା ସହ ସୋନପୁରର ଆଶୁତୋଷ ମିଶ୍ରକୁ ଗିରଫ କରିଛି । ଅନ୍ୟ ଜଣେ ଅଭିଯୁକ୍ତ ହୀରାକୁଦ ଷ୍ଟେସନ୍‌ପଡ଼ାର ସନି ବିଭାର ଓରଫ୍ ରୋହିତ ଫେରାର୍ ରହିଛି । ଅତିରିକ୍ତ ଏସ୍‌ପି ଅଜୟ କୁମାର ମିଶ୍ର ଆଜି ଏକ ସାମ୍ବାଦିକ ସମ୍ମିଳନୀରେ ଏହି ସୂଚନା ଦେଇଛନ୍ତି । ତ୍ରିକୋଣୀୟ ପ୍ରେମରୁ ଏହି ହତ୍ୟାକାଣ୍ଡ ଘଟିଛି ବୋଲି ସେ କହିଛନ୍ତି ।

ସୂଚନାନୁସାରେ, ହୀରାକୁଦ ଗୁଜାତଳ ବାସିନ୍ଦା ଅଭୟଙ୍କ ସହ ବୁର୍ଲା ଅଞ୍ଚଳର ଜଣେ ନାବାଳିକାଙ୍କ ପ୍ରେମ ସମ୍ପର୍କ ଥିଲା । ପରବର୍ତ୍ତୀ ସମୟରେ ସମ୍ପୃକ୍ତ ନାବାଳିକା ଆଶୁତୋଷ ମିଶ୍ରଙ୍କୁ ଭଲ ପାଇଥିଲେ । ଏହି ସମ୍ପର୍କରେ ଅଭୟ କଣ୍ଟା ସାଜିଥିଲେ । ତେଣୁ ଅଭୟଙ୍କୁ ରାସ୍ତାରୁ ହଟାଇବା ପାଇଁ ନାବାଳିକା ଓ ଆଶୁତୋଷ ଷଡ଼୍‌ଯନ୍ତ୍ର କରିଥିଲେ । ଗତ ୮ ତାରିଖରେ ଆଶୁତୋଷ ଓ ନାବାଳିକା ଅଭୟଙ୍କୁ ବୁର୍ଲା ଡାକିଥିଲେ । ବୁର୍ଲା ପହଞ୍ଚିବା ପରେ ନାବାଳିକାଜଣଙ୍କ ଏକ ମୃଦୁ ପାନୀୟ ଅଭୟଙ୍କୁ ପିଇବାକୁ ଦେଇଥିଲେ । ସେଥିରେ ଆଶୁତୋଷ ନିଶ୍ଚେତକ ଔଷଧ ମିଶାଇ ଦେଇଥିଲେ । ଆଶୁତୋଷ ସମ୍ବଲପୁର ଏକ ବେସରକାରୀ ମେଡିକାଲରେ ନର୍ସିଂରେ ଇଣ୍ଟର୍ଣ୍ଣସିପ୍ କରୁଥିଲେ । ତେଣୁ ଔଷଧପତ୍ର ଉପରେ ତାଙ୍କର କିଛି କିଛି ଜ୍ଞାନ ଅଛି । ଅଭୟଙ୍କୁ ନିଶା ହେବା ପରେ ସେମାନେ ତାଙ୍କୁ ଲକ୍ଷ୍ମୀଡୁଙ୍ଗୁରୀ ପାହାଡ଼କୁ ଆଣିଥିଲେ । ସେଠାକୁ ଆଶୁତୋଷର ସାଙ୍ଗ ସନି ବି ଆସିଥିଲା । ୩ଜଣ ଯାକ ମିଶି ଏକ ସର୍ଜିକାଲ ଛୁରିରେ ଅଭୟଙ୍କୁ ଛୁରି ଭୁସିଥିଲେ । ପ୍ରାୟ ୨୦ରୁ ଅଧିକଥର ସେମାନେ ତାଙ୍କୁ ଛୁରି ଭୁସି ହତ୍ୟା କରିଥିବା ପୁଲିସ କହିଛି । ଏହି ସମୟରେ ଅଭୟ ନିଜକୁ ବଞ୍ଚାଇବାକୁ ଚେଷ୍ଟା କରିବା ବେଳେ ଆଶୁତୋଷ ଓ ନାବାଳିକା ମଧ୍ୟ ଆହତ ହୋଇଥିଲେ ।

# ଗୋରୁ ବ୍ୟବସାୟରୁ ଯୁବକଙ୍କ ହତ୍ୟା

ମନମୁଣ୍ଡା/ଶଗଡ଼ା,୧୦ ।୧୨(ସମିସ): ବୌଦ୍ଧ ଜିଲ୍ଲା ମନମୁଣ୍ଡା ଥାନା ଖଲିଆପାଲି(ପୁରୁମୁଣ୍ଡା) ପଞ୍ଚାୟତ ଗୁଦୁଗୁଦା ସାପ୍ତାହିକ ବଜାରରେ ବୁଧବାର ଏକ ଆପରାଧିକ ଘଟଣା ଘଟିଛି । ଗୋରୁ ବ୍ୟବସାୟକୁ ନେଇ ହୋଇଥିବା ବଚସାରୁ ଜଣେ ଯୁବକଙ୍କ ମୁଣ୍ଡ



ଗଡ଼ିଛି । ମୃତକ ହେଲେ, ବାଉଁଶୁଣୀ ଥାନା ତାଲୁପାଲି ଗ୍ରାମର ରମଣୀ ମହାକୁଡ଼(୪୦) । ଏହି ଘଟଣାରେ ଗାଁର ରତ୍ନାକର ମହାକୁଡ଼(୪୮) ଗୁରୁତର ଆହତ ହୋଇଛନ୍ତି । ଘଟଣା ପରେ ହତ୍ୟାକାରୀ ଫେରାର୍ ହୋଇଯାଇଛନ୍ତି । ସେମାନଙ୍କୁ ଧରିବାକୁ ପୁଲିସ ତନାଘନା ଚଳାଇଛି । ଲୋକଙ୍କୁ ପଚରାଉଚରା କରିବା ସହ ଉଦ୍ୟମ ଚଳାଇଛି । ଏ ନେଇ ମନମୁଣ୍ଡା ପୁଲିସ ତଦନ୍ତ ଚଳାଇଛି । ଗୁରୁବାର ଶବ ବ୍ୟବଚ୍ଛେଦ କରାଯିବ ବୋଲି ପୁଲିସ୍ କହିଛି । ଗୁଦୁଗୁଦା ସାପ୍ତାହିକ ବଜାରର ଗୋରୁ ବଜାରରେ ଆଜି ଅପରାହ୍ଣ ପ୍ରାୟ ସାଢ଼େ ୪ଟାରେ ଗୋରୁ ବ୍ୟବସାୟକୁ ନେଇ ଦୁଇ ଗୋଷ୍ଠୀ ମଧ୍ୟରେ ବଚସା ହୋଇଥିଲା । ଏଥିରେ ଗୋଟିଏ ଗୋଷ୍ଠୀର ପ୍ରାୟ ୩/୪ଜଣ ବ୍ୟକ୍ତି ଶାବଳ ଓ ଅନ୍ୟ ମାରଣାସ୍ତ୍ରରେ ଅପରଗୋଷ୍ଠୀର ୨ଜଣଙ୍କୁ ଆକ୍ରମଣ କରିଥିଲେ । ଏଥିରେ ରମଣୀଙ୍କ ମୃତ୍ୟୁ ଘଟିଥିବା ବେଳେ ରତ୍ନାକର ଗୁରୁତର ହୋଇଥିଲେ । ରମଣୀଙ୍କୁ ପୁଲିସ ମନମୁଣ୍ଡା ଡାକ୍ତରଖାନାରେ ଭର୍ତ୍ତି କରାଇଥିଲା । କିନ୍ତୁ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ । ସେହିପରି ଗୁରୁତର ରତ୍ନାକରଙ୍କୁ ପ୍ରଥମେ ବାଉଁଶୁଣୀ ଓ ପରେ ସୋନପୁର ଡାକ୍ତରଖାନାରେ ଭର୍ତ୍ତି କରାଯାଇଛି ।

■ ଜମି ଅଧିଗ୍ରହଣ କ୍ଷତିପୂରଣ ଟଙ୍କା ନ ଦେବାରୁ

# ତହସିଲଦାରଙ୍କ ଗାଡ଼ି, ଅଫିସ୍ ଆସବାବପତ୍ର ଜବତ

ଢେଙ୍କାନାଳ, ୧୦ ।୧୨(ସମିସ): ଜମି ଅଧିଗ୍ରହଣ ବାବଦ କ୍ଷତିପୂରଣ ଟଙ୍କା ନଦେବାରୁ କୋର୍ଟଙ୍କ ନିର୍ଦ୍ଦେଶକ୍ରମେ ତହସିଲଦାରଙ୍କ ଗାଡ଼ି ଓ ଅଫିସ୍ ଆସବାବପତ୍ର ଜବତ । ଆଜି ଢେଙ୍କାନାଳ ତହସିଲଦାରଙ୍କ ଅଫିସ୍‌ରେ ଏପରି ଦୃଶ୍ୟ ଦେଖିବାକୁ ମିଳିଛି ।

ସ୍ଥାନୀୟ ବାଜିଚୌକଠାରେ ରେଳ ବିଭାଗ ଓଭରବ୍ରିଜ୍ ନିର୍ମାଣ ନିମନ୍ତେ ୨୦୧୩ରେ ଜମି ଅଧିଗ୍ରହଣ କରିଥିଲା । ଏଥିରେ ଜୟଗୋପାଳ ସାହିର ସତ୍ୟବାଦୀ ବେହେରାଙ୍କର ୦.୧୨ଡିସିମିଲ ଜମି ଅଧିଗ୍ରହଣ ହୋଇଥିଲା । ଜମି ଯିବା ପରେ କ୍ଷତିପୂରଣ ବାବଦ ୬ଲକ୍ଷ ଟଙ୍କା ପ୍ରଦାନ କରିବାକୁ ନିର୍ଦ୍ଦେଶ ରହିଥିଲା । ମାତ୍ର କ୍ଷତିଗ୍ରସ୍ତ ପରିବାର ବାରମ୍ବାର ତହସିଲଦାରଙ୍କୁ ଜଣାଇବା ସତ୍ତ୍ୱେ ସେ ଏଥିପ୍ରତି ଗୁରୁତ୍ୱ ଦେଇନଥିଲେ । ଫଳରେ କ୍ଷତିଗ୍ରସ୍ତ



ପରିବାର ଢେଙ୍କାନାଳ ସିଭିଲ ଜଜ୍‌ଙ୍କ ଦ୍ୱାରସ୍ଥ ହୋଇଥିଲେ । କୋର୍ଟ ୨୦୨୩ ଅକ୍ଟୋବର ୩୧ରେ ମାମଲାର ଶୁଣାଣି କରି କ୍ଷତିଗ୍ରସ୍ତଙ୍କୁ କ୍ଷତିପୂରଣ ସହ ସୁଧ ଟଙ୍କା ପ୍ରଦାନ କରିବାକୁ ନିର୍ଦ୍ଦେଶ ଦେଇଥିଲେ । ଏହା ସତ୍ତ୍ୱେ ତହସିଲଦାର କ୍ଷତିପୂରଣ ଟଙ୍କା ପ୍ରଦାନ ନକରିବାରୁ ପୁଣିଥରେ ମାମଲାର ବିଚାର ପାଇଁ କୋର୍ଟରେ ଆବେଦନ କରାଯାଇଥିଲା । ଏହି ମାମଲାର ବିଚାର କରି କୋର୍ଟ ସତ୍ୟବାଦୀଙ୍କ ବଂଶଧରଙ୍କୁ ସୁଧ ସହ ୧୩ ଲକ୍ଷ ୧୬ ହଜାର ୫୯୩ ଟଙ୍କା ପ୍ରଦାନ କରିବାକୁ ନିର୍ଦ୍ଦେଶ ଦେଇଥିଲେ । କିନ୍ତୁ, ଅଦ୍ୟାବଧି ଟଙ୍କା ଦିଆଯାଇ ନଥିବାରୁ କୋର୍ଟ ଭୂ-ଅର୍ଜନ ଅଧିକାରୀ ତଥା ତହସିଲଦାରଙ୍କ ଦ୍ୱାରା ବ୍ୟବହୃତ

**କୋର୍ଟରେ ୧୨ଲକ୍ଷ ଟଙ୍କା ପ୍ରଦାନ ପରେ ଜବତ ସମ୍ପତ୍ତି ମୁକ୍ତ**

ବୋଲେରୋ ଗାଡ଼ି, ଅଫିସ୍ ଆଲମିରା, କମ୍ପ୍ୟୁଟର, ଟେବୁଲ, ଚେୟାର ଓ ଅନ୍ୟାନ୍ୟ ଆସବାବପତ୍ର ଜବତ ପାଇଁ କୋର୍ଟ ନିର୍ଦ୍ଦେଶ ଦେଇଥିଲେ । ଏ ସଂପର୍କରେ ତହସିଲଦାରଙ୍କ ପ୍ରତିକ୍ରିୟା ମିଳିପାରିନାହିଁ । ଅନ୍ୟପଟେ ତହସିଲଦାର କୋର୍ଟ ମାଧ୍ୟମରେ ୧୨ଲକ୍ଷ ଟଙ୍କାର ଚେକ୍ ପ୍ରଦାନ କରିବା ପରେ ଗାଡ଼ି ଓ ଅନ୍ୟାନ୍ୟ ଆସବାବପତ୍ର ମୁକ୍ତ କରାଯାଇଥିବା ସୂଚନା ମିଳିଛି ।

**ମାଓ ଆକ୍ରମଣ ଯୋଜନା ପଣ୍ଡ**

# ୧୮ ଜିଲୋଟିନ୍, ୮ ଡିଟୋନେଟର ଜବତ

ବାଲିଗୁଡ଼ା,୧୦।୧୨(ସମିସ): ମାଓବାଦୀଙ୍କ ବଡ଼ଧରଣର ଏକ ଆକ୍ରମଣ ଯୋଜନା ପଣ୍ଡ କରିଛନ୍ତି ବିଏସ୍‌ଏଫ୍ ଯବାନ । ମାଓବାଦୀମାନେ ଯବାନଙ୍କୁ ଟାର୍ଗେଟ୍ କରି ବାଲିଗୁଡ଼ା ଥାନା ଅନ୍ତର୍ଗତ ସୋଲାଗୁଡ଼ା ପଞ୍ଚାୟତ ସିଲକିସୁଗାର ଘଞ୍ଚ ଜଙ୍ଗଲରେ ବିସ୍ଫୋରକ ବିଛାଇଥିଲେ । ବିଏସଏଫ୍ ଗୁଇନ୍ଦା ରିପୋର୍ଟ ଆଧାରରେ ବିଏସଏଫ୍-୧୩୬ ବାଟାଲିଅନ୍‌ର ଯବାନମାନେ ସିଲକିସୁଗା ଜଙ୍ଗଲରେ ସର୍ଚ୍ଚ ଅପରେସନ୍‌କୁ ଜୋରଦାର କରିଥିଲେ । ଯବାନଙ୍କ ଗତିବିଧିକୁ ଦେଖି ମାଓବାଦୀମାନେ ଜଙ୍ଗଲରୁ ଛତ୍ରଭଙ୍ଗ ଦେଇଥିଲେ । ଘଟଣାସ୍ଥଳରୁ ୧୮ ଜିଲୋଟିନ, ୮ ଡିଟୋନିଟର୍, ୧୭ବ୍ୟାଟେରୀ ସହ ସୋଲାର୍ ପ୍ଲେଟ୍ ଜବତ ହୋଇଛି ।



# ପାରୋଲରେ ଯାଇ ଜେଲ୍ ଫେରୁନାହାନ୍ତି କଏଦୀ

କଟକ,୧୦।୧୨(ସମିସ): ଭୁବନେଶ୍ୱର ଜାମୁଝରିସ୍ଥିତ ବିଜୁ ପଟ୍ଟନାୟକ ମୁକ୍ତାକାଶ ଆଶ୍ରମ(କାରାଗାର)ରୁ ଫେରାର୍ ଅଭିଯୁକ୍ତଙ୍କ ସମ୍ପର୍କରେ ହାଇକୋର୍ଟ ଜେଲ୍ ଡିଜିଙ୍କୁ ରିପୋର୍ଟ ତଲବ କରିଛନ୍ତି । ଏହି ଅଭିଯୁକ୍ତଙ୍କ ସମ୍ପର୍କିତ ସମସ୍ତ ବିବରଣୀ ସହ ଦୋଷୀ ଅଧିକାରୀ ଓ କର୍ମଚାରୀଙ୍କ ବିରୋଧରେ କି' କାର୍ଯ୍ୟାନୁଷ୍ଠାନ ନିଆଯାଇଛି, ସେ ସଂକ୍ରାନ୍ତରେ ଜେଲ ବିଭାଗର ଡିଜି ସତ୍ୟପାଠ ଦାଖଲ କରିବେ ବୋଲି ହାଇକୋର୍ଟ କହିଛନ୍ତି । ମୁନସି ଭୁଇଁଙ୍କ ତରଫରୁ ଦାୟର ଏକ ଜେଲ୍ କ୍ରିମିନାଲ ଅପିଲର ଶୁଣାଣି କରି ଜଷ୍ଟିସ ସଙ୍ଗମ କୁମାର ସାହୁ ଓ ଜଷ୍ଟିସ ଶିବଶଙ୍କର ମିଶ୍ରଙ୍କୁ ନେଇ ଗଠିତ ଖଣ୍ଡପୀଠ ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି ।

ବିଜୁ ପଟ୍ଟନାୟକ ମୁକ୍ତାକାଶ କାରାଗାରରୁ ୧୭ଜଣ ଅଭିଯୁକ୍ତ

**ଜେଲ୍ ଡିଜିଙ୍କୁ ସତ୍ୟପାଠ ଦାଖଲ ପାଇଁ ହାଇକୋର୍ଟଙ୍କ ନିର୍ଦ୍ଦେଶ**

ଫେରାର୍ ଥିବା ଓ ୧୫ଜଣ ପାରୋଲ ଅବଧି ଶେଷ ପରେ ଆଉ ଫେରି ନଥିବା ନେଇ ଉପସ୍ଥାପନ ହୋଇଥିବା ଏକ ରିପୋର୍ଟକୁ ନେଇ ଅଦାଲତ ଉଦ୍‌ବେଗ ପ୍ରକାଶ କରିବା ସହ ସବିଶେଷ ସତ୍ୟପାଠ ଦାଖଲ ପାଇଁ ଜେଲ ଡିଜିଙ୍କୁ ନିର୍ଦ୍ଦେଶ ଦେଇଥିଲେ । ପ୍ରକାଶଥାଉକି, ଆବେଦନକାରୀ ଅଭିଯୁକ୍ତ ପକ୍ଷରୁ ନିମ୍ନ ଅଦାଲତଙ୍କ ଦ୍ୱାରା ଆଜୀବନ ଜେଲଦଣ୍ଡାଦେଶ ବିରୋଧରେ ହାଇକୋର୍ଟରେ ଗତ ୨୦୦୭ ମସିହାରୁ ଏକ ଅପିଲ ବିଚାରାଧୀନ ରହିଛି । ଏହି ଆବେଦନର ଶୁଣାଣି ବେଳେ ସମ୍ପୃକ୍ତ ଅଭିଯୁକ୍ତର ସ୍ଥିତି ସମ୍ପର୍କରେ ହାଇକୋର୍ଟ ଜାଣିବାକୁ ଚାହିଁଥିଲେ । ଜେଲ ବିଭାଗ ପକ୍ଷରୁ ଦିଆଯାଇଥିବା ତଥ୍ୟ ଅନୁସାରେ ଆବେଦନକାରୀ ଅଭିଯୁକ୍ତ ଗତ ୨୦୧୮ ଜୁନ୍ ୧୯ ରୁ ଫେରାର୍ ଥିବା ଜଣାପଡ଼ିଥିଲା । ପରେ ସମ୍ପୃକ୍ତ ଅଭିଯୁକ୍ତ ତଥା ଆବେଦନକାରୀଙ୍କ ବିରୋଧରେ ଚନ୍ଦକା ଥାନାରେ ଏନେଇ ଏକ ଏତଲା ଦିଆଯାଇଥିବା କୁହାଯାଇଥିଲା । ବର୍ତ୍ତମାନ ସୁଦ୍ଧା ସମ୍ପୃକ୍ତ ଅଭିଯୁକ୍ତକୁ ଠାବ କରାଯାଇପାରିନଥିବା ନେଇ ଅଦାଲତ ଅସନ୍ତୋଷ ବ୍ୟକ୍ତ କରିବା ସହ ଉକ୍ତ କାରାଗାରରୁ ପାରୋଲରେ ଯାଇ ଫେରିନଥିବା ତଥା ଫେରାର୍ ଅଭିଯୁକ୍ତଙ୍କ ସମ୍ପର୍କରେ ସମ୍ପୂର୍ଣ୍ଣ ବିବରଣୀ ଦାଖଲ କରିବାକୁ କହିଛନ୍ତି । ମାମଲାର ପରବର୍ତ୍ତୀ ଶୁଣାଣି ଆସନ୍ତା ଡିସେମ୍ବର୨୨କୁ ଧାର୍ଯ୍ୟ କରିଛନ୍ତି ଅଦାଲତ ।




# ସାଇବର ଠକେଇ ମାମଲାରେ ୪ ଗିରଫ

ଅନୁଗୋଳ,୧୦ ।୧୨(ସମିସ):





ଏକ ବଡ଼ ଧରଣର ସାଇବର ଠକେଇରେ ସମ୍ପୃକ୍ତ ୪ ଅଭିଯୁକ୍ତଙ୍କୁ ଅନୁଗୋଳ ଜିଲ୍ଲା ପୁଲିସ ଗିରଫ କରିଛି। ଗିରଫ ଅଭିଯୁକ୍ତମାନେ ହେଲେ ନୟାଗଡ଼ ଜିଲ୍ଲା ଶରଣକୁଳ ଥାନା ଜଗନ୍ନାଥପୁର ଗ୍ରାମର କେଦାରନାଥ ନାୟକଙ୍କ ପୁଅ ମାନସ ଓରଫ ଜ୍ୟୋତି ନାୟକ (୨୧), ପଠାନସାହିର ଶଙ୍କର ନାୟକଙ୍କ ପୁଅ ପ୍ରତାପ ନାୟକ (୨୪), ହରିହରପୁରର ପ୍ରଭାତ କୁମାର ମୁଦୁଲିଙ୍କ ପୁଅ ରାମଚନ୍ଦ୍ର ମୁଦୁଲି (୨୫) ଏବଂ ସିଙ୍ଗରପୁରର କୁଳମଣି ଜେନାଙ୍କ ପୁଅ ବିଦ୍ୟାରଞ୍ଜନ ଜେନା ଓରଫ ସୁଜନ (୨୫)। ଏମାନଙ୍କଠାରୁ ପୁଲିସ ୨୭୯,୦୦୦ ଟଙ୍କା ସହ ୭ଟି ମୋବାଇଲ ଫୋନ୍, ବ୍ୟାଙ୍କ ପାସବୁକ୍, ଡେବିଟ୍ କାର୍ଡ, ଆଧାର କାର୍ଡ, ପାନ କାର୍ଡ, ଗୋଟିଏ ଚେକ୍‌ବୁକ୍, ଠକେଇ ପାଇଁ ବ୍ୟବହୃତ ୪ଟି ୟୁପିଆଇ-ଲିଙ୍କ୍ ସିମ୍ କାର୍ଡ ଆକାଉଣ୍ଟ ବିବରଣୀ ଏବଂ କାରବାର ଦେଖାଉଥିବା ହ୍ୱାଟ୍ସଆପ୍ ଚାଟ୍ ପ୍ରଭୃତି ଜବତ କରିଛି। ପୁଲିସର ଦ୍ରୁତ ଏବଂ ସମନ୍ୱିତ କାର୍ଯ୍ୟାନୁଷ୍ଠାନ ଯୋଗୁଁ ୨୪ ଘଣ୍ଟା ମଧ୍ୟରେ ମାମଲା ସମାଧାନ ହେବା ସହ ସମସ୍ତ ଚାରି ଅଭିଯୁକ୍ତଙ୍କୁ ୪୮ ଘଣ୍ଟା ମଧ୍ୟରେ ଗିରଫ କରାଯାଇଥିବା ବୁଧବାର ଅନୁଷ୍ଠିତ ସାମ୍ବାଦିକ ସମ୍ମିଳନୀରେ ଏସପି ରାହୁଲ ଜୈନ ସୂଚନା ଦେଇଛନ୍ତି। ଅନୁଗୋଳ ସାଇବର ଅପରାଧ ଏବଂ ଅର୍ଥନୈତିକ ଅପରାଧ ପୁଲିସ ଥାନାରେ ଗତ ୮ ତାରିଖ ଜଣେ ବ୍ୟକ୍ତି ଅଭିଯୋଗ କରିଥିଲେ ଯେ ନଭେମ୍ବର ୧୫ରେ ଅଜଣା ବ୍ୟକ୍ତି ତାଙ୍କୁ ଟେଲିଗ୍ରାମରେ ଯୋଗାଯୋଗ କରିଥିଲେ। ତାଙ୍କୁ ଲାଭ, ସିବିଲ ସ୍କୋର ଉନ୍ନତି ଏବଂ "ସୁଇସ୍ ଏକ୍ସଚେଞ୍ଜ ଆକାଉଣ୍ଟ"କୁ ଅଣଫ୍ରିଜ୍ କରିବାକୁ ମିଥ୍ୟା ପ୍ରତିଶ୍ରୁତି ଦେଇ ବିଭିନ୍ନ କାର୍ଯ୍ୟ ସମାପ୍ତ କରିବାକୁ ଏବଂ ୟୁପିଆଇ ଓ ବ୍ୟାଙ୍କ ଟ୍ରାନ୍ସଫର ମାଧ୍ୟମରେ ପର୍ଯ୍ୟାୟ କ୍ରମେ ଟଙ୍କା ସ୍ଥାନାନ୍ତର କରିବାକୁ କୁହାଯାଇଥିଲା। ଏହି ମାମଲାରେ ଏସପି ଜୈନଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଏକ ସ୍ୱତନ୍ତ୍ର ଦଳ ଗଠନ କରାଯାଇଥିଲା। ଡିଏସପି ଯୋଗେଶ୍ୱରୀ ବେହେରା, ପୁଲିସ କର୍ମଚାରୀ ଅଶ୍ୱିନୀକାନ୍ତ ସାହୁ, ରୋହିତ କୁମାର ମାଝୀ, ସୌମ୍ୟରଞ୍ଜନ ମାଝୀ, ଅନିଲ ସାହୁଙ୍କୁ ନେଇ ଗଠିତ ପୁଲିସ ଟିମ ନୟାଗଡ଼ ଜିଲ୍ଲାରେ ଚଢ଼ଉ କରି ଅଭିଯୁକ୍ତମାନଙ୍କୁ ଗିରଫ କରିଛନ୍ତି।

## ବଇଣ୍ଡା ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିରର ବାର୍ଷିକ କ୍ରୀଡ଼ା

କିଶୋରନଗର,୧୦ ।୧୨(ସମିସ): ଡିସେମ୍ବର ୯ ଓ ୧୦ ତାରିଖ ଦୁଇଦିନ ଧରି ବଇଣ୍ଡା ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିରର ବାର୍ଷିକ କ୍ରୀଡ଼ା ଅନୁଷ୍ଠିତ ହୋଇଛି। ମୁଖ୍ୟଅତିଥି ଭାବେ ଅବସରପ୍ରାପ୍ତ ପୁଲିସ ଅଧିକାରୀ ଅର୍ଜୁନ ସାହୁ ଯୋଗଦେଇ ଏହାକୁ ଉଦଘାଟନ କରିବା ସହ



କ୍ରୀଡ଼ା ଦ୍ୱାରା ଶିଶୁର ଉଭୟ ଶାରୀରିକ ଓ ମାନସିକ ସ୍ତରରେ ସୁଦୃଢ଼ ହୋଇଥାଏ ବୋଲି ମତବ୍ୟକ୍ତ କରିଥିଲେ। ସମ୍ମାନିତ ଅତିଥି ଭାବେ ମା' ହିଙ୍ଗୁଳାଇ ଉଚ୍ଚ ବିଦ୍ୟାଳୟର ଶାରୀରିକ ଶିକ୍ଷା ଶିକ୍ଷକ ଅରୁଣ କୁମାର ସାହୁ ଯୋଗଦେଇଥିଲେ। ଉଦ୍‌ଯାପନୀ ଉତ୍ସବରେ ବିଜେପି ନାକଟି ମଣ୍ଡଳର ସଭାପତି ସଞ୍ଜୀବ ପାତ୍ର ମୁଖ୍ୟଅତିଥି ଓ ବ୍ୟବସାୟୀ ରାଜକିଶୋର ପ୍ରଧାନ ସମ୍ମାନିତ ଅତିଥି ଭାବେ ଯୋଗଦେଇ ଖେଳର ମହତ୍ତ୍ୱ ଉପରେ ବକ୍ତବ୍ୟ ରଖିବା ସହ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କାର ପ୍ରଦାନ କରିଥିଲେ। ବିଭିନ୍ନ କ୍ରୀଡ଼ାରେ ୩୪୫ ପ୍ରତିଭାଗୀ ଅଂଶଗ୍ରହଣ କରିଥିଲେ। ଶିଶୁବର୍ଗରେ ହିତେଶ କୁମାର ପ୍ରଧାନ, ବାଳବର୍ଗରେ ଆୟୁଷ୍ମାନ ସାହୁ, ଜଶଲିନ ରଣା ଓ କିଶୋର ବର୍ଗରେ ଏସ୍‌ଆଇ ଆଲିଶା ପ୍ରଧାନ ଚାମ୍ପିଅନ ହୋଇଛନ୍ତି। ଅନୁଷ୍ଠାନର ପ୍ରଧାନ ଆଚାର୍ଯ୍ୟ ରବୀନ୍ଦ୍ରନାଥ ଜେନା ଅତିଥି ପରିଚୟ ପ୍ରଦାନ ଓ ସ୍ୱାଗତ ଭାଷଣ ଦେଇଥିଲେ। ଅନୁଷ୍ଠାନର ଶାରୀରିକ ଶିକ୍ଷା ପ୍ରମୁଖ ବୁଲୁଚରଣ ସାହୁ କ୍ରୀଡ଼ା ସଞ୍ଚାଳନ କରିବା ସହ ବୃତ୍ତ କଥନ କରିଥିଲେ। ଆଚାର୍ଯ୍ୟା ବିନୀତା ପ୍ରଧାନ ଧନ୍ୟବାଦ ଅର୍ପଣ କରିଥିଲେ। ଆଚାର୍ଯ୍ୟ ଭାସ୍କର ସାହୁ, ରମାକାନ୍ତ ସାହୁ, ବାପୁଜୀ ଦେହୁରୀ, ଶ୍ରୀକାନ୍ତ ପ୍ରଧାନ, ନିରୁପମା ବାରିକ, ସୁମତି ପ୍ରଧାନ ପ୍ରୀତିରାଣୀ ବୋଷ, ଜ୍ୟୋତ୍ସ୍ନାମୟୀ ପ୍ରଧାନ ସହଯୋଗ କରିଥିଲେ।

## ରାମଚନ୍ଦ୍ର ବଜାର ପକ୍ଷରୁ ପୌରାଧ୍ୟକ୍ଷଙ୍କୁ ସମ୍ବର୍ଦ୍ଧନା

ତାଳଚେର,୧୦ ।୧୨(ସମିସ): ତାଳଚେର ପୌରାଧ୍ୟକ୍ଷ ପବିତ୍ର ଭୂତିଆଙ୍କୁ ପୌର ପରିଷଦ କାର୍ଯ୍ୟାଳୟରେ ରାମଚନ୍ଦ୍ର ବଜାର ପକ୍ଷରୁ ସମ୍ବର୍ଦ୍ଧନା ଜ୍ଞାପନ କରାଯାଇଛି।



ବଜାର କମିଟି ସଭାପତି ସୁଧୀର କୁମାର ପଟ୍ଟନାୟକଙ୍କ ନେତୃତ୍ୱରେ କର୍ମକର୍ତ୍ତା ଓ ସଦସ୍ୟମାନେ ଭୂତିଆଙ୍କୁ ସମ୍ବର୍ଦ୍ଧିତ କରିଥିଲେ। ବଜାର କମିଟି ସାଧାରଣ ସମ୍ପାଦକ ସନ୍ତୋଷ ଅଗ୍ରୱାଲା, ସରୋଜ ମହାରଣା, ଲୁଲୁ ରାଉତ, ଶ୍ରୀନିବାସ ବାରିକ ଆର୍ତ୍ତ ବନ୍ଧୁ ନାୟକ ପ୍ରମୁଖ ଉପସ୍ଥିତ ଥିଲେ। ସେହିପରି ୯ ନମ୍ବର ୱାର୍ଡ ଜାମୁ ବଣିଆ ସାହି ପକ୍ଷରୁ ଶତାଧିକ ୱାର୍ଡବାସୀ ପୌରାଧ୍ୟକ୍ଷଙ୍କୁ ସମ୍ବର୍ଦ୍ଧନା ଜ୍ଞାପନ କରିଛନ୍ତି।

## ସଙ୍କଟରେ ତାଳଚେର ଟ୍ରକ ମାଲିକଙ୍କ ଜୀବନ ଜୀବିକା

### ବିଧାନସଭାରେ ପ୍ରଶ୍ନ ଉଠାଇଲେ ବିଧାୟକ

ତାଳଚେର,୧୦ ।୧୨(ସମିସ): ତାଳଚେରର ଅର୍ଥନୀତି ଭୁଶୁଡ଼ି ପଡ଼ିବା ସହ ଅଞ୍ଚଳର ଟ୍ରକ ମାଲିକମାନଙ୍କ ଜୀବନ ଜୀବିକା ସଙ୍କଟରେ ପଡ଼ିଛି। ଏହି ପ୍ରସଙ୍ଗରେ ବିଧାନସଭାରେ ତୃତୀୟବାର ପ୍ରଶ୍ନ ଉଠାଇଛନ୍ତି ତାଳଚେର ବିଧାୟକ ବ୍ରଜକିଶୋର ପ୍ରଧାନ। ପ୍ରଧାନ କହିଛନ୍ତି ଯେ ତାଳଚେର ହିଲୁଇ ଏକତାଳ ଗ୍ରାମରେ ବର୍ଷା ବାତ୍ୟା ସମୟରେ ଜୋରଜବରଦସ୍ତ ପୁଲିସ ଲଗାଇ ୧୦୩ ଘରକୁ ଭାଙ୍ଗି ଲୋକଙ୍କୁ ବେଘର କରାଯାଇଛି, ଯାହା ଅତ୍ୟନ୍ତ ଦୁର୍ଭାଗ୍ୟଜନକ ଏବଂ ନିନ୍ଦନୀୟ। ସେହିପରି ବେରୋଜଗାର ଯୁବକ ଯୁବତୀମାନେ ଋଣରେ ଖଣ୍ଡିଏ



ଖଣ୍ଡିଏ ଟ୍ରକ ଆଣି ପରିବହନ କାର୍ଯ୍ୟରେ ଲଗାଇ ନିଜ ଗୁଜୁରାଣ ମେଣ୍ଟାଇବା ସହିତ ବେକାରୀ ସମସ୍ୟା କିଛିକାଂଶରେ ଦୂର ହୋଇପାରିଥିଲା। କିନ୍ତୁ ଏବେ ପର୍ଯ୍ୟାପ୍ତ ପରିମାଣର କୋଇଲା କମ୍ପାନୀ ପକ୍ଷରୁ ନ ମିଳିବା କାରଣରୁ କୋଇଲା ପରିବହନ କାର୍ଯ୍ୟରେ ଟ୍ରକମାଲିକଙ୍କ ସମସ୍ୟା ସୃଷ୍ଟି ହୋଇଛି। ତାଳଚେରରେ ୮ ହଜାରରୁ ଊର୍ଦ୍ଧ୍ୱ ଟ୍ରକ କୋଇଲା ପରିବହନରୁ ବଞ୍ଚିତ ହେଉଛନ୍ତି। ମାସକୁ ମାତ୍ର ୭ରୁ ୮ ଟ୍ରିପ କୋଇଲା ପରିବହନ ହେଉଛି। ଓଡ଼ିଶାର ସମସ୍ତ ଶିଳ୍ପାନୁଷ୍ଠାନରେ ଟ୍ରକ ଯୋଗେ କୋଇଲା ପରିବହନ ପାଇଁ ପ୍ରାଧାନ୍ୟ ରହିଥିବା ବେଳେ ପ୍ରାୟ ୧ ବର୍ଷ ହେବ ତାଳଚେର ଟ୍ରକ କୋଇଲା ପରିବହନରୁ ବଞ୍ଚିତ ହୋଇଛନ୍ତି। ଏହି ସମସ୍ୟା ସମାଧାନ ପାଇଁ ମୁଖ୍ୟମନ୍ତ୍ରୀ, ପରିବହନ ମନ୍ତ୍ରୀ, ରେଳମନ୍ତ୍ରୀ ଓ ରାଜ୍ୟ ମୁଖ୍ୟ ଶାସନ ସଚିବଙ୍କୁ ଅନୁରୋଧ କରାଯାଇଛି। ତେବେ ସମସ୍ୟା ସମାଧାନ ହୋଇପାରି ନ ଥିବାରୁ ମାଲିକମାନେ ଠିକ ସମୟରେ ଗାଡ଼ି କିସ୍ତି ମଧ୍ୟ ଦେଇପାରୁନାହାନ୍ତି। ଫଳରେ କିଛି ମାଲିକଙ୍କ ଟ୍ରକଗୁଡ଼ିକୁ ବ୍ୟାଙ୍କ ଓ ଫାଇନାନ୍ସ କମ୍ପାନୀ ଟାଣି ନେଲେଣି ଓ ଟ୍ରକ ମାଲିକମାନେ ବହୁ ଅସୁବିଧାର ସମ୍ମୁଖୀନ ହେଉଛନ୍ତି ବୋଲି ବିଧାୟକ ପ୍ରଧାନ ବିଧାନସଭାର ଦୃଷ୍ଟି ଆକର୍ଷଣ କରିଥିଲେ। ଯଥା ଶୀଘ୍ର ସମସ୍ୟାର ସମାଧାନ କରିବା ପାଇଁ ବାଚସ୍ପତିଙ୍କୁ ନିବେଦନ କରିଥିଲେ।

## ଆଇନସେବା ପ୍ରାଧିକରଣ ପକ୍ଷରୁ ମାନବାଧିକାର ଦିବସ ପାଳିତ

ଅନୁଗୋଳ,୧୦ ।୧୨(ସମିସ): ଅନୁଗୋଳ ଜିଲ୍ଲା ଆଇନସେବା ପ୍ରାଧିକରଣ ଅଧ୍ୟକ୍ଷ ଦାମୋଦର ରଥଙ୍କ ନିର୍ଦ୍ଦେଶ କ୍ରମେ ଜିଲ୍ଲା ଆଇନସେବା ପ୍ରାଧିକରଣ ତରଫରୁ ସ୍ଥାନୀୟ ସରକାରୀ ପିଟିସି ଉଚ୍ଚ ବିଦ୍ୟାଳୟରେ ମାନବାଧିକାର ଦିବସ ପାଳିତ ହୋଇଛି। ଜିଲ୍ଲା ଆଇନସେବା ପ୍ରାଧିକରଣ




ସଚିବ କମଳାକାନ୍ତ ନାୟକ, ସଦସ୍ୟ ପରମାନନ୍ଦ ମିଶ୍ର, ଡିଏସପି ବିରଞ୍ଚି ବାଗ ପ୍ରମୁଖ ଅତିଥି ଭାବେ ଯୋଗଦେଇ ଛାତ୍ରଛାତ୍ରୀଙ୍କୁ ମାନବାଧିକାର ଦିବସର ମହତ୍ତ୍ୱ ବିଷୟରେ ବିବରଣୀ ଦେଇଥିଲେ। ଏହି ଦିବସ ପାଳନ ଉପଲକ୍ଷେ ଛାତ୍ରଛାତ୍ରୀଙ୍କ ମଧ୍ୟରେ ପ୍ରବନ୍ଧ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। କୃତୀ ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରାଯାଇଥିଲା। ବିଦ୍ୟାଳୟର ଭାରପ୍ରାପ୍ତ ପ୍ରଧାନଶିକ୍ଷୟିତ୍ରୀ ମମତା ସାହୁ ଧନ୍ୟବାଦ ଅର୍ପଣ କରିଥିଲେ।

## ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିରର ଖେଳକୁଦ ସମାରୋହ



ଅନୁଗୋଳ,୧୦ ।୧୨(ସମିସ): ଅନୁଗୋଳ ଜିଲ୍ଲା ବଅଁରପାଳ ବ୍ଲକ ବଡ଼କେରଜାଙ୍ଗ ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିରର ବାର୍ଷିକ ଖେଳକୁଦ ସମାରୋହ ମଙ୍ଗଳବାର ଅନୁଷ୍ଠିତ ହୋଇଛି। ନିଶା ଶିଳ୍ପାଞ୍ଚଳ ଥାନା ଅଧିକାରୀ ବିବେକାନନ୍ଦ ମହାନ୍ତ ମୁଖ୍ୟଅତିଥି ଭାବେ ଏହାକୁ ଉଦଘାଟନ କରିବା ସହ ସୁସ୍ଥ ଶରୀର, ବ୍ୟକ୍ତିତ୍ୱ, ଶୃଙ୍ଖଳିତ ଆଚରଣ ଓ ମାନସିକ ବିକାଶ ପାଇଁ ଖେଳର ଆବଶ୍ୟକତା ସମ୍ପର୍କରେ ଉଲ୍ଲେଖ କରିଥିଲେ। ସମ୍ମାନିତ ଅତିଥି ଭାବେ ବିଜେପି ଯୁବମୋର୍ଚ୍ଚା ସଭାପତି ତଥା ଛେଣ୍ଡିପଦା ବିଧାୟକଙ୍କ ପ୍ରତିନିଧି ସରୋଜ ଦେବତା, ସମାଜସେବୀ ସୁଶୀଲ ପ୍ରଧାନ, ବିଦ୍ୟାଳୟ ପରିଚାଳନା ସମିତି ସଭାପତି ଅଶୋକ କୁମାର ପ୍ରଧାନ, ସମ୍ପାଦକ ବିଭୂତି ଭୂଷଣ ସାହୁ, କୋଷାଧ୍ୟକ୍ଷ ବୀରବର ବେହେରା ଯୋଗଦେଇଥିଲେ। ବିଦ୍ୟାଳୟର ପ୍ରଧାନ ଆଚାର୍ଯ୍ୟ ରୁଦ୍ରମୋହନ ହୋତା ଅତିଥି ପରିଚୟ ପ୍ରଦାନ କରିଥିଲେ। ପର୍ଯ୍ୟାୟ ତଥା ପରୀକ୍ଷା ପ୍ରମୁଖ ଆଚାର୍ଯ୍ୟ ପଦ୍ମଲୋଚନ ସାହୁ ମଞ୍ଚ ପରିଚାଳନା କରିଥିଲେ। ବିଦ୍ୟାଳୟର ଶାରୀରିକ ଶିକ୍ଷା ପ୍ରମୁଖ ସୁବଳ ପ୍ରଧାନ ଶପଥପାଠ କରାଇଥିଲେ। ଶାରୀରିକ ଶିକ୍ଷା ପ୍ରମୁଖ ପ୍ରଧାନ ଓ ଗୁରୁଜୀ ତପନ କୁମାର ସାହୁ ଖେଳକୁଦ ପ୍ରତିଯୋଗିତା ପରିଚାଳନା କରିଥିଲେ।

## ବିଦ୍ୟାଳୟରେ ପୁରସ୍କାର ବିତରଣ ଉତ୍ସବ



ବଅଁରପାଳ,୧୦ ।୧୨(ସମିସ): ବଅଁରପାଳ ବିବେକାନନ୍ଦ ଶିକ୍ଷାକେନ୍ଦ୍ରର ବାର୍ଷିକ କ୍ରୀଡ଼ା ପୁରସ୍କାର ବିତରଣ ଉତ୍ସବ ଅନୁଷ୍ଠିତ ହେଇଛି। ଶିକ୍ଷାବିତ୍ ନରେଶ ସାହୁ ମୁଖ୍ୟଅତିଥି ଭାବେ ଯୋଗଦେଇ କାର୍ଯ୍ୟକ୍ରମର ଶୁଭାରମ୍ଭ କରିଥିଲେ। ମୁଖ୍ୟବକ୍ତା ଭାବେ ଅବସରପ୍ରାପ୍ତ ସିଆରସିସି ପ୍ରଦୀପ୍ତ କୁମାର ମାଝୀ, ସମ୍ମାନିତ ଅତିଥି ଭାବେ ସ୍ଥାନୀୟ ପିବିକେ ହାଇସ୍କୁଲ ପ୍ରଧାନଶିକ୍ଷକ ପବିତ୍ର ମୋହନ ପ୍ରଧାନ ଓ ଶିକ୍ଷକ ସଂଗ୍ରାମ କେଶରୀ ମହାନ୍ତି ଯୋଗଦେଇଥିଲେ। ଶିକ୍ଷାନୁଷ୍ଠାନର ଅଧ୍ୟକ୍ଷ ସତ୍ୟବାନ ରାଉତ ଅତିଥି ପରିଚୟ ଓ ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ। ଛାତ୍ରଛାତ୍ରୀଙ୍କ ମଧ୍ୟରେ ପୂର୍ବରୁ ଅନୁଷ୍ଠିତ ଖେଳକୁଦ ପ୍ରତିଯୋଗିତାର କୃତୀ ପ୍ରତିଯୋଗୀଙ୍କୁ ଅତିଥି ପୁରସ୍କାର ଓ ମାନପତ୍ର ପ୍ରଦାନ କରିଥିଲେ। ଏଥିସହ ସମସ୍ତ ପ୍ରତିଯୋଗୀଙ୍କୁ ସାନ୍ତ୍ୱନାମୂଳକ ପୁରସ୍କାର ପ୍ରଦାନ କରିଥିଲେ। କୁନିକୁନି ଛାତ୍ରଛାତ୍ରୀମାନେ ଚିତ୍ତାକର୍ଷକ ନୃତ୍ୟଗୀତ ପରିବେଷଣ କରିଥିଲେ। ପରିଚାଳନା କମିଟି ସଭାପତି ଗୌତମଦେବ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ। ପ୍ରଧାନଆଚାର୍ଯ୍ୟା ସୁଷମା ସାହୁଙ୍କ ସମେତ ସମସ୍ତ ଗୁରୁଜୀ, ଗୁରୁମା ଓ କର୍ମଚାରୀ ସହଯୋଗ କରିଥିଲେ।

## ବଳଦ ଚୋରି ଅଭିଯୋଗରେ ଜଣେ ଗିରଫ

କଣିହାଁ,୧୦ ।୧୨(ସମିସ): କଣିହାଁ ଥାନା ହନୁମାନପୁର ପଞ୍ଚାୟତ ଗୁଆଲପୁର ଗ୍ରାମରୁ ବଳଦ ଚୋରି ଅଭିଯୋଗରେ ପୁଲିସ ଜଣେ ଯୁବକଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଛି। ଗିରଫ ଅଭିଯୁକ୍ତ ହେଲେ ଦେବଗଡ଼ ଜିଲ୍ଲା କୁଣ୍ଢେଇଗୋଲା ଥାନା ଗମ୍ଭାରିପାଳ ଗ୍ରାମର ଯୋଗେଶ୍ୱର ନାଏକ (୨୯)। ଗୁଆଲପୁର ଗ୍ରାମର ମାହାନ ମାଝୀ (୩୨)ଙ୍କ ଅଭିଯୋଗ ଅନୁସାରେ ସେ ସେହି ଗ୍ରାମରେ ଏକ ବିଲରେ ଚରିବା ପାଇଁ ସକାଳେ ତିନିଟି ବଳଦ ବାନ୍ଧିଥିଲେ। ମଧ୍ୟାହ୍ନରେ ଆଣିବା ପାଇଁ ଗଲା ବେଳକୁ ବଳଦ ମିଳି ନ ଥିଲେ। ଜଣେ ବ୍ୟକ୍ତି ବଳଦଙ୍କୁ ନେଇ ଯାଉଥିବା ପ୍ରତ୍ୟକ୍ଷଦର୍ଶୀଙ୍କଠାରୁ ଜାଣି ସାହି ଲୋକଙ୍କ ସହ ମାହାନ ତାଙ୍କୁ ପିଛା କରିଥିଲେ। ବ୍ୟକ୍ତି ଜଣକ ବଳଦ ଧରି ଦଲକ ଅଭିମୁଖେ ଯାଉଥିବା ବେଳେ ତାଙ୍କୁ ଧରି ଥାନାକୁ ଜଣାଇଥିଲେ। ପୁଲିସ ମାମଲା ରୁଜୁ କରି ଅଭିଯୁକ୍ତଙ୍କୁ ଗିରଫ କରିଛି।

## ଋତୁସ୍ରାବ ସଚେତନତା ଓ ସ୍ୱଚ୍ଛତା ସମ୍ବନ୍ଧୀୟ କାର୍ଯ୍ୟକ୍ରମ

ଅନୁଗୋଳ,୧୦ ।୧୨(ସମିସ): ଅନୁଗୋଳର ଚେତନା ଏ ମିଶନ ଏନଜିଓ ଦ୍ୱାରା ସ୍ଥାନୀୟ ପିଟିସି ଉଚ୍ଚ ବିଦ୍ୟାଳୟରେ ଛାତ୍ରୀମାନଙ୍କ ନିମନ୍ତେ ସ୍ୱାସ୍ଥ୍ୟ ସଚେତନତା କାର୍ଯ୍ୟକ୍ରମ "ସ୍ୱାସ୍ଥ୍ୟ ସଖୀ' ମାଧ୍ୟମରେ ଋତୁସ୍ରାବ ସଚେତନତା ଓ ସ୍ୱଚ୍ଛତା' ସମ୍ବନ୍ଧୀୟ ଶିକ୍ଷଣୀୟ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ପ୍ରାରମ୍ଭରେ ଅନୁଗୋଳ ବିଇଓ ଅଶୋକ ପ୍ରଧାନ, ବିଦ୍ୟାଳୟର ପ୍ରଧାନ ଶିକ୍ଷୟିତ୍ରୀ ଅନୀତା ଜେନା ଓ ଉପସ୍ଥିତ ଶିକ୍ଷକ ଶିକ୍ଷୟିତ୍ରୀ ତଥା ଛାତ୍ରୀଙ୍କ ଦ୍ୱାରା ଅତିଥିଙ୍କୁ ସ୍ୱାଗତ କରାଯାଇଥିଲା। ଚେତନା ମିଶନର ପ୍ରତିଷ୍ଠାତ୍ରୀ ତଥା ମୋଟିଭେସନାଲ ସ୍ପିକର ବାଣୀ ଦେବ କାର୍ଯ୍ୟକ୍ରମର ଉଦ୍ଦେଶ୍ୟ ସମ୍ପର୍କରେ ଅବଗତ କରାଇଥିଲେ। ମାସିକ ଋତୁସ୍ରାବ ମହିଳା ଶରୀର ଦ୍ୱାରା ଭବିଷ୍ୟତ ମାତୃତ୍ୱ ନିମନ୍ତେ ପ୍ରାକ ପ୍ରସ୍ତୁତି ଓ ଏହା ଏକ ସମ୍ପୂର୍ଣ୍ଣ ପ୍ରାକୃତିକ ଶାରୀରିକ ପ୍ରକ୍ରିୟା। ଏଥିନିମନ୍ତେ ଶରୀରରେ ହେଉଥିବା ଜଟିଳ ପରିବର୍ତ୍ତନ ବିଷୟରେ ସେ ସୂଚନା ଦେଇଥିଲେ। ଋତୁସ୍ରାବ ସମୟରେ ଶରୀରର ଯତ୍ନ, ପରିଚ୍ଛନ୍ନତା, ହାଲୁକା ବ୍ୟାୟାମ ଓ ସୁଷମ ଖାଦ୍ୟର ଆବଶ୍ୟକତା ଇତ୍ୟାଦି ବିଷୟରେ ଆଲୋଚନା କରିଥିଲେ। ଏହି ସମୟରେ ହେଉଥିବା ବିଭିନ୍ନ ସ୍ୱାସ୍ଥ୍ୟ ସମସ୍ୟାର ସରଳ ଉପଚାର ବିଷୟରେ ଅବଗତ କରିବା ସହ ଅନ୍ଧବିଶ୍ୱାସ ଦୂର କରିଥିଲେ। ଏହି ଅବସରରେ ପ୍ରଧାନଶିକ୍ଷୟିତ୍ରୀ ଜେନାଙ୍କୁ ଅନୁଷ୍ଠାନ ପକ୍ଷରୁ ସମ୍ବର୍ଦ୍ଧିତ କରାଯାଇଥିଲା।




## ଜୁହାର ପରିବାର ପକ୍ଷରୁ ନୂଆଖାଇ ଭେଟ୍‌ଘାଟ୍

ଅନୁଗୋଳ,୧୦ ।୧୨(ସମିସ): ସ୍ଥାନୀୟ ସଭାଗୃହରେ ଅନୁଗୋଳ ଜୁହାର ପରିବାର ପକ୍ଷରୁ ନୂଆଖାଇ ଭେଟଘାଟ ଆୟୋଜିତ ହୋଇଛି। ଛେଣ୍ଡିପଦା ବିଧାୟକ ଅଗସ୍ତି ବେହେରା ମୁଖ୍ୟଅତିଥି ରୂପେ ଯୋଗଦେଇ କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରିଥିଲେ। ଅନୁଗୋଳରେ ରହୁଥିବା ପଶ୍ଚିମ ଓଡ଼ିଶାର ଭାଇଭଉଣୀଙ୍କ ଏହି ଭିନ୍ନ ପ୍ରୟାସ ବେଶ୍ ପ୍ରଶଂସନୀୟ ବୋଲି ବିଧାୟକ କହିଥିଲେ। ସମ୍ମାନିତ ଅତିଥି



ରୂପେ ଉତ୍ତର କେନ୍ଦ୍ରାଞ୍ଚଳ ଆଇଜି ସତ୍ୟବ୍ରତ ଭୋଇ ଯୋଗଦେଇ ଆମେ ମା' ମାଟି ଓ ଆମ କଳା ସଂସ୍କୃତିକୁ କେବେହେଲେ ଭୁଲିବା ଉଚିତ୍ ନୁହେଁ ବୋଲି କହିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଗୀତିକାର ପଦ୍ମଶ୍ରୀ ମିତ୍ରଭାନୁ ଗୌନ୍ତିଆ, ଗାୟକ ବିଭୂତି ଭୂଷଣ ପଟ୍ଟନାୟକ, ସନ୍ତୋଷ ମିଶ୍ର, ଦୁଃଖିଶ୍ୟାମ ତ୍ରିପାଠୀ, ଗୀତିକାର ପ୍ରଫେସର ମୋହନ ସାହୁ, ଦ୍ୱାରିକାନାଥ ନାୟକ, ସମ୍ବଲପୁର ଜୁହାର ପରିବାର ସଭାପତି ପ୍ରଫୁଲ୍ଲ ସାହୁ ଯୋଗଦେଇଥିଲେ। ମୁଖ୍ୟ ସଂଯୋଜକ ଡା. ଅକ୍ଷୟ ପଣ୍ଡା ଅତିଥି ପରିଚୟ ପ୍ରଦାନ କରିଥିଲେ। ଶିକ୍ଷକ ପ୍ରଶିକ୍ଷଣ ମହାବିଦ୍ୟାଳୟ ଅଧ୍ୟକ୍ଷା ଦ୍ରୌପଦୀ ପଟେଲ, ଅନୁଗୋଳ କଲେଜ ଅଧ୍ୟକ୍ଷ ଡ. ନୀଳାଚଳ ପଟେଲ ପ୍ରମୁଖ ଉପସ୍ଥିତ ଥିଲେ। ନାଟ୍ୟକାର ବିଜୟ ଦାସ ଓ ଅଭିନେତା ଅଶୋକ ଦାସଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ପରେ ଯୁବ ଓ କିଶୋର କଳାକାର ସମ୍ବଲପୁରୀ, ଡାଲଖାଇ, ଓଡ଼ିଶୀ ଓ ପଶ୍ଚିମ ଓଡ଼ିଶାର ଲୋକନୃତ୍ୟ ପରିବେଷଣ କରିଥିଲେ।

## ଶିକାରୀ ବିଛାଇଥିବା ବିଦ୍ୟୁତ ଫାଶରେ ପଡ଼ି ଯୁବକ ମୃତ


କଣିହାଁ,୧୦ ।୧୨(ସମିସ): କଣିହାଁ ରେଞ୍ଜ ବଜ୍ରକୋଟ ଫରେଷ୍ଟ ବିଟ ଟିଟ୍ରିମା ନଦୀଘାଟ ନିକଟ ବିଲମାଳରେ ମଙ୍ଗଳବାର ରାତିରେ ଶିକାରୀ ବିଛାଇଥିବା ବିଦ୍ୟୁତ୍ ଫାଶରେ ପଡ଼ି ଜଣେ ଯୁବକଙ୍କ ମୃତ୍ୟୁ ହୋଇଛି। ମୃତକ ହେଲେ କଣିହାଁ ଥାନା ପୋଇପାଳ ଗାଁର ଭରତ ଚନ୍ଦ୍ର ବାରିକ (୩୩)। ଭରତଙ୍କ ମାମୁ ପୀତାମ୍ବର ପ୍ରଧାନ ଏ ନେଇ କଣିହାଁ ଥାନାରେ ଅଭିଯୋଗ କରିବା ପରେ ପୁଲିସ ମାମଲା ରୁଜୁକରି ତଦନ୍ତ ଚଳାଇଛି। ସୂଚନା ଅନୁଯାୟୀ, ମଙ୍ଗଳବାର ସନ୍ଧ୍ୟାରେ ଭରତ ଧାନବିଲରୁ ଗୋରୁପଲକୁ ଘଉଡ଼ାଉଥିବା ବେଳେ ଜନ୍ତୁ ଶିକାର ପାଇଁ ଶିକାରୀ ବିଛାଇଥିବା ବିଦ୍ୟୁତ ସଂସ୍ପର୍ଶରେ ଆସିଥିଲେ। ଘଟଣାସ୍ଥଳରେ ତାଙ୍କ ମୃତ୍ୟୁ ହୋଇଥିଲା। ବୁଧବାର ତାଳଚେର ଉପଖଣ୍ଡ ମେଡିକାଲରେ ବ୍ୟବଚ୍ଛେଦ ପରେ ପୁଲିସ ପରିବାର ଲୋକଙ୍କୁ ମୃତଦେହ ହସ୍ତାନ୍ତର କରିଛି। ମୃତକଙ୍କ ପରିବାରକୁ କ୍ଷତିପୂରଣ ଦାବିରେ ପୋଇପାଳ ଗ୍ରାମରେ କିଛି ସମୟ ଧରି ଚାପା ଉତ୍ତେଜନା ପ୍ରକାଶ ପାଇଥିଲା। ପୁଲିସ ପହଞ୍ଚି ବୁଝାସୁଝା କରିବା ପରେ ସ୍ଥିତି ସ୍ୱାଭାବିକ ହୋଇଛି। ଏ ନେଇ କଣିହାଁ ରେଞ୍ଜ ଅଧିକାରୀ ନୀଳାଦ୍ରିନାଥ ସାହୁଙ୍କୁ ପଚାରିବାରୁ କହିଲେ, ପୁଲିସ କେସ୍ ହୋଇଛି। ଏଥିରେ ଆମର କୌଣସି ଭୂମିକା ନାହିଁ ବୋଲି କହିଥିଲେ।

## ପେଟ୍ରୋଲ ପମ୍ପ ଡକାୟତି ମାମଲା; ଆଉ ଜଣେ ଗିରଫ

ଅନୁଗୋଳ,୧୦ ।୧୨(ସମିସ): ୨୦୨୫ ଫେବୃଆରୀ ୨୪ରେ ଅନୁଗୋଳ ଥାନା କୁମଣ୍ଡ ଚଣ୍ଡୀବଜାର ନିକଟ ଶୁଭମ କିଷାନ ସେବାକେନ୍ଦ୍ର ପେଟ୍ରୋଲ ପମ୍ପର ପରିଚାଳକ ଚନ୍ଦନ ଗଡ଼ନାୟକଙ୍କଠାରୁ ରାସ୍ତାରେ ଟଙ୍କା ଲୁଟ୍ ଘଟଣାରେ ପୁଲିସ ଅଭିଯୁକ୍ତ କାଳିଆ ଓରଫ ବିଦ୍ୟାପତି ନାୟକ (୨୬)କୁ ଗିରଫ କରିଛି। ଏହି ଡକାୟତି ଘଟଣାରେ ପୂର୍ବରୁ ୭ ଅଭିଯୁକ୍ତଙ୍କୁ ଗିରଫ କରାଯାଇ କୋର୍ଟ ଚାଲାଣ କରାଯାଇଥିଲା। ତେବେ କାଳିଆ ଫେରାର ହୋଇଯାଇଥିଲା। ଏହି ସମୟ ମଧ୍ୟରେ କାଳିଆ



ପୁରୀ, ଦେବଗଡ଼, ଢେଙ୍କାନାଳ ଏବଂ ଠାକୁରଗଡ଼ ଥାନା ଅଞ୍ଚଳର ପାହାଡ଼ିଆ ଅଞ୍ଚଳ ସମେତ ବିଭିନ୍ନ ଦୁର୍ଗମ ଅଞ୍ଚଳରେ ନିଜକୁ ଲୁଚାଇ ରଖିଥିଲା। ତା' ଉପରେ ପୁଲିସ ନିରନ୍ତର ନଜର ରଖିବା ପରେ ମଙ୍ଗଳବାର ଗିରଫ କରାଯାଇଛି। ତା' ନିକଟରୁ ଅପରାଧରେ ବ୍ୟବହୃତ ଅସ୍ତ୍ର ଏବଂ ଲୁଟ୍ ହୋଇଥିବା ୩ ଲକ୍ଷ ୪୦ ହଜାର ଟଙ୍କା ଉଦ୍ଧାର କରାଯାଇଛି।




ନିଯୁକ୍ତି ସହ ଅନ୍ୟାନ୍ୟ ଦାବି

# ଡିୱାଇଓର ଦେଶବ୍ୟାପୀ ଦାବିପତ୍ର ପ୍ରଦାନ

ଅନୁଗୋଳ,୧୦ ।୧୨(ସମିସ):




କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ଅଧୀନରେ ଥିବା ବିଭାଗଗୁଡ଼ିକରେ ଖାଲି ପଡ଼ିଥିବା ସମସ୍ତ ପଦବୀ ଅବିଳମ୍ବେ ପୂରଣ, ନୂତନ ନିଯୁକ୍ତି ସୁଯୋଗ ସୃଷ୍ଟି କରିବା, ସରକାରୀ ସଂସ୍ଥା ମାଧ୍ୟମରେ ନିଯୁକ୍ତି ପାଇଁ ସମସ୍ତ ପରୀକ୍ଷା ପରିଚାଳନା, ପ୍ରଶ୍ନପତ୍ର ପ୍ରସ୍ତୁତି ଆଦି କାର୍ଯ୍ୟ କରିବା, ନିଯୁକ୍ତି ପାଇଁ ହେଉଥିବା ପରୀକ୍ଷାଗୁଡ଼ିକରେ ସ୍ୱଚ୍ଛତା ଅବଲମ୍ବନ, ଠିକା ନିଯୁକ୍ତି ସମ୍ପୂର୍ଣ୍ଣ ବନ୍ଦ କରି ସମସ୍ତ ପଦବୀରେ ସ୍ଥାୟୀ ନିଯୁକ୍ତି ଦେବା, ବିନା ମୂଲ୍ୟରେ ନିଯୁକ୍ତି ପାଇଁ ଆବେଦନ ଓ ପରୀକ୍ଷାର୍ଥୀଙ୍କୁ ରେଳଯାତ୍ରା ପାଇଁ ସୁଯୋଗ ଦେବା, ସାରା ଦେଶରେ ଗିଗ୍ ୱାର୍କରମାନଙ୍କୁ ସରକାରୀ କର୍ମଚାରୀର ମାନ୍ୟତା ଦେବା, ସର୍ବନିମ୍ନ ମଜୁରି ଏବଂ ସାମାଜିକ ସୁରକ୍ଷା ପ୍ରଦାନ, ରୋଜଗାର ନ ମିଳିବା ପର୍ଯ୍ୟନ୍ତ ସମ୍ମାନଜନକ ଭାବେ ଜୀବନଧାରଣ ପାଇଁ ବେକାରୀ ଭତ୍ତା ପ୍ରଦାନ, ସରକାରୀ ଉଦ୍ୟୋଗଗୁଡ଼ିକୁ ଘରୋଇକରଣ ପ୍ରକ୍ରିୟା ବନ୍ଦ କରିବା ଆଦି ଦାବିରେ ଡିୱାଇଓ ସର୍ବଭାରତୀୟ କମିଟି ଆହ୍ୱାନରେ ଦାବି ଦିବସ ଉପଲକ୍ଷେ ବୁଧବାର ପୂର୍ବାହ୍ନରେ ଡିୱାଇଓ କାର୍ଯ୍ୟକର୍ତ୍ତାମାନେ ଜିଲ୍ଲାପାଳଙ୍କ ଅଫିସ୍ ସମ୍ମୁଖରେ ବିକ୍ଷୋଭ ପ୍ରଦର୍ଶନ କରିବା ସହ ପ୍ରଧାନମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଅତିରିକ୍ତ ଜିଲ୍ଲାପାଳଙ୍କୁ ଦାବିପତ୍ର ପ୍ରଦାନ କରିଛନ୍ତି। ସଂଗଠନର ରାଜ୍ୟ ସଭାପତି ମାନସ ପାଳ ବିକ୍ଷୋଭ ସଭାରେ ଯୋଗଦେଇ ଘରୋଇ ଏଜେନ୍ସି ମାଧ୍ୟମରେ ନିଯୁକ୍ତି ପ୍ରକ୍ରିୟାରେ ହେଉଥିବା ଦୁର୍ନୀତି, ପ୍ରଶ୍ନପତ୍ର ଲିକ୍, ବାରମ୍ବାର ପରୀକ୍ଷା ବାତିଲ୍ ଘଟଣାରେ କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ଭୂମିକାକୁ ସମାଲୋଚନା କରିବାସହ ସରକାରଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ପରୀକ୍ଷା ପରିଚାଳନା ପାଇଁ ଦାବି କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲା ସଭାପତି ନିରଞ୍ଜନ ନାୟକଙ୍କ ସମେତ ମଳୟ ବେହେରା, ପ୍ରଭାତ ପ୍ରଧାନ, ଆଶିଷ ସାହୁ, ଅରୁଣ ସାହୁ ପ୍ରମୁଖ କାର୍ଯ୍ୟକର୍ତ୍ତା ଉପସ୍ଥିତ ଥିଲେ।



## ପୂର୍ବତନ ୱାର୍ଡ ସଭ୍ୟଙ୍କୁ ଅପହରଣ ପରେ ହତ୍ୟା ଘଟଣା

# ଆଉ ଦୁଇ ଅଭିଯୁକ୍ତ କୋର୍ଟ ଚାଲାଣ

**ରାଜନଗର, ୧୦।୧୨(ସମିସ):** ପୂର୍ବତନ ୱାର୍ଡସଭ୍ୟ ବଳରାମ ସେଠୀଙ୍କୁ ଅପହରଣ ପରେ ହତ୍ୟା ଘଟଣାରେ ବୁଧବାର ପୁଲିସ ଆଉ ଦୁଇଜଣଙ୍କୁ କୋର୍ଟ ଚାଲାଣ କରିଛି। ମଙ୍ଗଳବାର ପୁଲିସ ଏହି ଘଟଣାରେ ସମ୍ପୃକ୍ତି ଅଭିଯୋଗରେ ଜଣେ ଜାମିନୀ ସ୍ୱାଇଁଙ୍କୁ କୋର୍ଟ ଚାଲାଣ କରିଥି। ତେବେ ବୁଧବାର ବିଘ୍ନେଶ୍ୱର ମଲ୍ଲିକ ଓ ରଙ୍ଗମିସ୍ତ୍ରି

### ଅଧିକ ଲୋକଙ୍କ ସମ୍ପୃକ୍ତି ଚର୍ଚ୍ଚା

ଭାଗ୍ୟଧର ଜେନାଙ୍କୁ କୋର୍ଟ ଚାଲାଣ କରିଛି। ସୋମବାରଠାରୁ ଭାଗ୍ୟଧରଙ୍କୁ ଅଟକ ରଖାଯାଇଥିବା ବେଳେ ବିଘ୍ନେଶ୍ୱରଙ୍କୁ ମଙ୍ଗଳବାର ପୁଲିସ ଉଠାଇ ନେଇଥିଲା। ଦୁଇଜଣଙ୍କୁ ମୁହାଁମୁହିଁ ଜେରା ବେଳେ ବିଘ୍ନେଶ୍ୱର ହିଁ ବଳରାମଙ୍କୁ ହତ୍ୟା କରିଥିବା ଜଣାପଡ଼ିଥିଲା। ତେବେ ହତ୍ୟାକାଣ୍ଡ ଓ ମୃତଦେହ ଫିଙ୍ଗିବା ଘଟଣାରେ ଅଧିକ ଲୋକଙ୍କ ସମ୍ପୃକ୍ତି ଥିବା ଚର୍ଚ୍ଚା ଜୋର ଧରିଛି। ପୁଲିସ ସାଇଣ୍ଟିଫିକ ଟିମ ସହାୟତାରେ ଘଟଣାର ତଦନ୍ତ ଓ ଜେରା ବେଳର ଭିଡିଓ ଉତ୍ତୋଳନ କରିଛି। ସେହିପରି ବଳରାମଙ୍କୁ ଲୁହା ଖଣତିରେ ବାଡ଼େଇ ହତ୍ୟା



କରାଯାଇଥିବା ଅଭିଯୁକ୍ତମାନେ ସ୍ୱୀକାର କରିଛନ୍ତି। ଅଭିଯୁକ୍ତଙ୍କ ସୂଚନା ଆଧାରରେ ପୁଲିସ ଆଜି କାଙ୍କଡ଼ିଆ ଜଙ୍ଗଲ ପାଖ ପୋଖରୀରୁ ହତ୍ୟାକାଣ୍ଡରେ ବ୍ୟବହୃତ ଲୁହା ଖଣତି ଜବତ କରିଛି। ପୋଖରୀ ଭିତରେ ପଶି ଦୀର୍ଘ ସମୟ ଖୋଜାଖୋଜି ପରେ ଖଣତି ଉଦ୍ଧାର ହୋଇଛି। ଏହି ହତ୍ୟାକାଣ୍ଡରେ ଗିରଫଦାରି ସଂଖ୍ୟା ୩ରେ ପହଞ୍ଚିଥିବା ବେଳେ ଆଗକୁ ସଂଖ୍ୟା ଆହୁରି ବଢ଼ିପାରେ ବୋଲି କୁହାଯାଉଛି।

# ନିର୍ମାଣର ୭ ଦିନ ଭିତରେ ରାସ୍ତାରୁ ଉଠିଗଲା ଗୋଡ଼ି

**ପଟ୍ଟାମୁଣ୍ଡାଇ/ଦାଣ୍ଡିସାହି, ୧୦।୧୨(ସମିସ)**

ପଟ୍ଟାମୁଣ୍ଡାଇ ବ୍ଲକ ତରଡ଼ିପାଳ ଛକରୁ ତୁଳସୀଡିଆ, ଘାଗରାଡିଆ ଓ କୂଳସାହିକୁ ଗ୍ରାମ୍ୟ ଉନ୍ନୟନ ବିଭାଗ ଦ୍ୱାରା ୩ କୋଟିରୁ ଊର୍ଦ୍ଧ୍ୱ ଟଙ୍କା ବ୍ୟୟରେ ରାସ୍ତା ନିର୍ମାଣ କରାଯାଇଥିଲା। ତେବେ ନିର୍ମାଣର ୭ ଦିନ ଭିତରେ ରାସ୍ତାରୁ ପିଚୁ, ଗୋଡ଼ି ଉଠିଯିବା ସହ ସ୍ଥାନେ ସ୍ଥାନେ ଭାଙ୍ଗିଗଲାଣି। ନିର୍ମାଣ କାର୍ଯ୍ୟ ନିମ୍ନମାନର ହେଉଥିବା ପୂର୍ବରୁ ଅଭିଯୋଗ ହୋଇଥିଲେ ମଧ୍ୟ ଅଧିକାରୀ କର୍ଣ୍ଣପାତ କରି ନ ଥିବା ଅଞ୍ଚଳବାସୀ ଅଭିଯୋଗ କରିଛନ୍ତି।

ଏହି ରାସ୍ତା ଉପରେ ତରଡ଼ିପାଳ, ପେଣ୍ଠପାଳ ଓ ଘାଗରା ପଞ୍ଚାୟତର ୧୦ ହଜାରରୁ ଊର୍ଦ୍ଧ୍ୱ ଲୋକ ନିର୍ଭର କରୁଥିବା ବେଳେ ଗ୍ରାମ୍ୟ ଉନ୍ନୟନ ବିଭାଗର ବେପରୁଆ ମନୋଭାବ ପାଇଁ ରାସ୍ତା ନିର୍ମାଣ ଆରମ୍ଭ ହେଉ ହେଉ ଭାଙ୍ଗି ଯାଇଥିବା ଅଭିଯୋଗ ହୋଇଛି। ରାସ୍ତାରୁ ଠାଏ ଠାଏ ପିଚୁ ଉଠିଥିବା ବେଳେ ଅଧିକାଂଶ ଜାଗାରୁ ଗୋଡ଼ି ଉଠିବା ହେତୁ ଛୋଟ ବଡ଼ ଦୁର୍ଘଟଣା ଘଟୁଥିବା ଦେଖିବାକୁ ମିଳୁଛି। ସେହିପରି କଂକ୍ରିଟ୍ ରାସ୍ତା ଉପରେ ପାଣି ଜମି ରହୁଥିବାରୁ ନାନା ସମସ୍ୟା ସୃଷ୍ଟି ହେଉଛି। ସରକାରୀ ନିର୍ଦ୍ଦେଶନାମା ଅନୁଯାୟୀ ରାସ୍ତା ନିର୍ମାଣ ଦିନରୁ ସୂଚନାଫଳକ ଲାଗିବା କଥା। ମାତ୍ର ତାହା ହୋଇ ନାହିଁ। ତେଣୁ ପ୍ରକଳ୍ପ ଅଟକଳ ବ୍ୟୟ ମଧ୍ୟ ଜନସାଧାରଣ ଜାଣିନାହାନ୍ତି। କାମ ସମୟରେ ବିଭାଗୀୟ ଅଧିକାରୀ ଅନୁପସ୍ଥିତ ରହୁଥିବାରୁ ଠିକାଦାର ନିମ୍ନମାନର କାମ କରିଥିବା ଅଭିଯୋଗ ହୋଇଛି।



## ଜମିବାଡ଼ି ବିବାଦକୁ ନେଇ ମହିଳାଙ୍କୁ ଆକ୍ରମଣ

**ଡେରାବିଶ, ୧୦।୧୨(ସମିସ):** ଜମିବାଡ଼ି ବିବାଦକୁ ନେଇ ଡେରାବିଶ ବ୍ଲକ ରଘୁଦେଇପୁର ପଞ୍ଚାୟତ ଭୁଜବଳ ଗ୍ରାମ ଗୀତାଞ୍ଜଳି ରାଉତ (୫୫)ଙ୍କୁ ଆକ୍ରମଣ ହୋଇଥିବା ଅଭିଯୋଗ ହୋଇଛି। ଗୀତାଞ୍ଜଳିଙ୍କୁ ଓଲଢି-ବେଲାରପୁର ରାସ୍ତା କଡ଼ରୁ ଉଦ୍ଧାର କରାଯାଇ ଡେରାବିଶ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଛି। ବୁଧବାର ଅପରାହ୍ନରେ ଗୀତାଞ୍ଜଳି ଛତା ଛକସ୍ଥିତ ପଞ୍ଜାବ ନ୍ୟାସନାଲ ବ୍ୟାଙ୍କରୁ ଟଙ୍କା ଉଠାଇ ସ୍କୁଟିରେ ଓଲଢି-ବେଲାରପୁର ରାସ୍ତାରେ ଯାଉଥିବା ବେଳେ ଦୁର୍ବୃତ୍ତମାନେ ତାଙ୍କୁ ଆକ୍ରମଣ କରିଥିବା ଜଣାପଡ଼ିଛି। ଏକ ନିଛାଟିଆ ସ୍ଥାନରେ ତାଙ୍କୁ ପିଛା କରୁଥିବା ସ୍ଥାନୀୟ ଅଞ୍ଚଳର ୪ ବ୍ୟକ୍ତି ତାଙ୍କୁ ଆକ୍ରମଣ କରିବା ସହିତ ୨୫ ହଜାର ଟଙ୍କା ନେଇଯାଇଥିବା ଗୀତାଞ୍ଜଳି କହିଛନ୍ତି। ଜମିବାଡ଼ି ବିବାଦକୁ ନେଇ ଆକ୍ରମଣ କରାଯାଇଥିବା ସେ ପ୍ରକାଶ କରିଛନ୍ତି। ତେବେ ରିପୋର୍ଟ ଲେଖାହେବା ପର୍ଯ୍ୟନ୍ତ ଏ ସମ୍ପର୍କରେ ଡେରାବିଶ ଥାନାରେ କୌଣସି ଅଭିଯୋଗ ହୋଇନାହିଁ।

● ଖଣି ଅଧିକାରୀଙ୍କୁ ଡେରାବିଶ ବିଡିଓଙ୍କ ଚିଠି

## ଆବାସ ହିତାଧିକାରୀଙ୍କୁ ବିନା ରୟାଲଟିରେ ବାଲି ଯୋଗାଇ ଦିଅ

**ଡେରାବିଶ, ୧୦।୧୨(ସମିସ):** ଡେରାବିଶ ବ୍ଲକରେ ଚଳିତ ବର୍ଷ ୩୦୨ ହିତାଧିକାରୀଙ୍କୁ ପ୍ରଧାନମନ୍ତ୍ରୀ ଆବାସ ଯୋଜନା ଓ ୪୬୩ ହିତାଧିକାରୀଙ୍କୁ ଅନ୍ତ୍ୟୋଦୟ ଗୃହ ଯୋଜନାରେ ଘର ନିର୍ମାଣ ନିମନ୍ତେ କାର୍ଯ୍ୟାଦେଶ ପ୍ରଦାନ କରାଯାଇଛି। ହେଲେ ଗ୍ରାମାଞ୍ଚଳର ଗରିବ ହିତାଧିକାରୀଙ୍କ ପକ୍କା ଗୃହ ନିର୍ମାଣ ନିମନ୍ତେ ମୁଖ୍ୟ ନିର୍ମାଣ ସାମଗ୍ରୀ ଭାବେ ବ୍ୟବହୃତ ବାଲିର ଘୋର ସଙ୍କଟ ଡେରାବିଶ ଅଞ୍ଚଳରେ ଦେଖାଦେଇଛି। ତେବେ ଡେରାବିଶ ବ୍ଲକ ଅଞ୍ଚଳ ଦେଇ ବହିଯାଇଥିବା ଲୁଣା, କରାଣ୍ଡିଆ ଓ ବିରୁପା ନଦୀରେ ପ୍ରଚୁର ବାଲି ମିଳୁଥିବା ବେଳେ ବାଲିଘାଟଗୁଡ଼ିକ ନିଲାମ ହୋଇ ନ ଥିବାରୁ ହିତାଧିକାରୀ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଜିଲ୍ଲା ବାହାରୁ ଆସୁଥିବା ବାଲି ଓ ବାଲି ମାଫିଆଙ୍କ ନିକଟରୁ ଚୋରାରେ ମିଳୁଥିବା ବାଲିର ଦର ଢ଼େର ଅଧିକ ଥିବାରୁ ହିତାଧିକାରୀ ବାଲି କିଣି ଘର ନିର୍ମାଣ କରିବା କଷ୍ଟକର ହୋଇପଡୁଛି। ଫଳରେ ସରକାରଙ୍କ ପକ୍ଷରୁ ମିଳୁଥିବା ଆର୍ଥିକ ଅନୁଦାନରେ ଗୃହ ସମ୍ପୂର୍ଣ୍ଣ କରିବା କଷ୍ଟକର ଓ ବ୍ୟୟବହୁଳ ହୋଇପଡୁଛି। ଏ ନେଇ ବ୍ଲକ ଅଞ୍ଚଳରେ ବହୁ ହିତାଧିକାରୀ ସେମାନଙ୍କୁ ଗୃହ ନିର୍ମାଣ ନିମନ୍ତେ ବାଲି ଯୋଗାଣର ସୁବନ୍ଦୋବସ୍ତ କରିବା ପାଇଁ ଡେରାବିଶ ବିଡିଓ ନିମିତା ବାରିକଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ। ହିତାଧିକାରୀଙ୍କ ଅନୁରୋଧ କ୍ରମେ ବିଡିଓ ବାରିକ ଆବାସ ହିତାଧିକାରୀଙ୍କୁ ବିନା ରୟାଲଟିରେ ବାଲି ପ୍ରଦାନ କରିବା ନିମନ୍ତେ ଖଣି ଅଧିକାରୀଙ୍କୁ ଚିଠି ଲେଖିଛନ୍ତି। ଏ ସମ୍ପର୍କରେ ବିଡିଓଙ୍କୁ ପଚାରିବାରୁ କହିଲେ, ପ୍ରତ୍ୟେକ ହିତାଧିକାରୀ ସେମାନଙ୍କ ଆବସ ଗୃହ ନିର୍ମାଣ ନିମନ୍ତେ ୧୨ରୁ ୧୩ ଟ୍ରାକ୍ଟର ବାଲି ଆବଶ୍ୟକ କରୁଛନ୍ତି। ବ୍ଲକର ଆବାସ ହିତାଧିକାରୀଙ୍କ ନିମନ୍ତେ ୯ ୯୩୨ ଟ୍ରିପ ବାଲି ବିନା ରୟାଲଟିରେ ଯୋଗାଇ ଦେବାକୁ ଖଣି ଅଧିକାରୀଙ୍କୁ ଅନୁରୋଧ କରାଯାଇଥିବା ସେ କହିଛନ୍ତି।

● ଦଶମ ଶ୍ରେଣୀ ଛାତ୍ରୀଙ୍କୁ ଦୁଷ୍କର୍ମ ମାମଲା

## ଦୋଷୀକୁ ୨୦ ବର୍ଷ ସଶ୍ରମ କାରାଦଣ୍ଡ

**କେନ୍ଦ୍ରାପଡ଼ା, ୧୦।୧୨(ସମିସ):** ଦଶମ ଛାତ୍ରୀଙ୍କୁ ଦୁଷ୍କର୍ମ ମାମଲାରେ କେନ୍ଦ୍ରାପଡ଼ା ସ୍ୱତନ୍ତ୍ର ପୋକ୍ସୋ କୋର୍ଟ ଅଭିଯୁକ୍ତ ନିକିରାଇ ଥାନା ଜମରା ଗ୍ରାମର ବିଶ୍ୱଜିତ ସାହୁଙ୍କୁ ଦୋଷୀ ସାବ୍ୟସ୍ତ କରି ୨୦ ବର୍ଷ ସଶ୍ରମ କାରାଦଣ୍ଡରେ ଦଣ୍ଡିତ କରିଛନ୍ତି। ଏଥିସହ ୫୦ ହଜାର ଟଙ୍କା ଜରିମାନା କରିଛନ୍ତି। ଜରିମାନା ଅନାଦେୟ ଅତିରିକ୍ତ ୧ ବର୍ଷ ଜେଲ ଦଣ୍ଡ ଭୋଗିବାକୁ ରାୟରେ ଉଲ୍ଲେଖ କରିଛନ୍ତି। ମାମଲାର ବିବରଣୀ ଅନୁଯାୟୀ ଗତ ମାର୍ଚ୍ଚ ୫ରେ ବିଶ୍ୱଜିତ ଏକ ଘରୋଇ ବିଦ୍ୟାଳୟର ଦଶମ ଶ୍ରେଣୀ ଛାତ୍ରୀଙ୍କୁ ତାଙ୍କ ଘରୁ ଅପହରଣ କରିନେଇଥିଲେ। ପରିବାର ଲୋକେ ଖୋଜାଖୋଜି କରି ଝିଅକୁ ନ ପାଇବାରୁ ଥାନାରେ ଅଭିଯୋଗ କରିଥିଲେ। ପୁଲିସ ମାମଲା ରୁଜୁ କରି ତଦନ୍ତ କରିଥିଲା। ମୋବାଇଲ ଟ୍ରାକିଂ କରି ପୁଲିସ ନାଭି ମୁମ୍ବାଇରୁ ବିଶ୍ୱଜିତକୁ ଗିରଫ କରିବା ସହ ଛାତ୍ରୀଙ୍କୁ ଉଦ୍ଧାର କରିଥିଲା। ଉଭୟଙ୍କ ଡାକ୍ତରୀ ପରୀକ୍ଷା, ବୟାନ ରେକର୍ଡ ପରେ ନାବାଳିକାଙ୍କୁ ତାଙ୍କ ପରିବାର ଲୋକଙ୍କୁ ହସ୍ତାନ୍ତର କରାଯାଇଥିଲା। ନାବାଳିକାଙ୍କୁ ବିଶ୍ୱଜିତ ନାଭି ମୁମ୍ବାଇରେ ଭଡ଼ାଘରେ ରଖି ବାରମ୍ବାର ଦୁଷ୍କର୍ମ କରିଥିବା ଅଦାଲତରେ ବୟାନ ଦେଇଥିଲେ। ବୁଧବାର ଏହି ମାମଲାର ଚୂଡ଼ାନ୍ତ ରାୟ ପ୍ରକାଶ ପାଇଛି। ୧୧ ଜଣ ସାକ୍ଷୀଙ୍କ ବୟାନ ସମସ୍ତ ପ୍ରମାଣ, ଡାକ୍ତରୀ ରିପୋର୍ଟ ଓ ପୀଡ଼ିତାଙ୍କ ବୟାନ ଆଧାରରେ ବିଚାରପତି ପ୍ରଜ୍ଞାପରମିତା ରାଉଳ ବିଶ୍ୱଜିତକୁ ଦୋଷୀ ସାବ୍ୟସ୍ତ କରି ଦଣ୍ଡାଦେଶ ପ୍ରଦାନ କରିଛନ୍ତି। ଏଥିସହ ପୀଡ଼ିତାଙ୍କୁ ୬ ଲକ୍ଷ ଟଙ୍କା କ୍ଷତିପୂରଣ ପ୍ରଦାନ କରିବାକୁ ଜିଲ୍ଲା ଆଇନସେବା ପ୍ରାଧିକରଣକୁ ନିର୍ଦ୍ଦେଶ ଦେଇଛନ୍ତି।

## ଅଣ୍ଡରା ସ୍ୱାସ୍ଥ୍ୟକେନ୍ଦ୍ରରେ ଜନ ଆରୋଗ୍ୟ ସମିତି ବୈଠକ

**ପଟ୍ଟାମୁଣ୍ଡାଇ/ଦାଣ୍ଡିସାହି, ୧୦।୧୨(ସମିସ):** ସ୍ୱାସ୍ଥ୍ୟକେନ୍ଦ୍ରଗୁଡ଼ିକର ସାମଗ୍ରିକ ଭିତ୍ତିଭୂମି ବିକାଶ ଓ ରୋଗୀ କଲ୍ୟାଣ ନିମିତ୍ତ ଭାରତ ସରକାରଙ୍କ ଦ୍ୱାରା ଜନ ଆରୋଗ୍ୟ ସମିତି ଗଠିତ ହୋଇଛି। ଏହି କ୍ରମରେ ଅଣ୍ଡରା ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ର ପରିସରରେ ବୁଧବାର ଜିଲ୍ଲା ପରିଷଦ ସଭ୍ୟା ପ୍ରିୟଦର୍ଶିନୀ ତରାଇଙ୍କ ପୌରୋହିତ୍ୟରେ ଜନ ଆରୋଗ୍ୟ ସମିତି ବୈଠକ ଅନୁଷ୍ଠିତ ହୋଇଛି। ପଟ୍ଟାମୁଣ୍ଡାଇ ଉପଖଣ୍ଡ ସ୍ୱାସ୍ଥ୍ୟକେନ୍ଦ୍ର ଅଧିକାରୀ ଡା. ନିରାକାର ପରିଡ଼ା ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ରଗୁଡ଼ିକ ପାଇଁ ସରକାରଙ୍କ ବିଭିନ୍ନ ପଦକ୍ଷେପ ସମ୍ପର୍କରେ ତଥ୍ୟ ପ୍ରଦାନ କରିଥିଲେ। ଏହି ଅବସରରେ ପୂର୍ବତନ ପେଣ୍ଠପାଳ ସରପଞ୍ଚ କୈଳାସ ସେଠୀ, ପୂର୍ବତନ ଅମୃତମଣୋହି ସରପଞ୍ଚ କୁଳମଣି ମଳିକ, ପୂର୍ବତନ ବଲୁରିଆ ସରପଞ୍ଚ ରତିକାନ୍ତ ସାହାଣୀ, ସମବାୟ କାର୍ଯ୍ୟନିର୍ବାହୀ ଅଜିତ ମଲ୍ଲିକ ଓ କୁନା ଆରୁଖଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଡା. ଜ୍ୟୋତି ନାରାୟଣ ଦାସ, ଡା. ବିରଜା କଲ୍ୟାଣ ଦାଶ, ଫାର୍ମାସୀ ଅଧିକାରୀ ବିକ୍ରମାଦିତ୍ୟ ଦାଶ, ପଟ୍ଟାମୁଣ୍ଡାଇ ପ୍ରୋଗ୍ରାମ ଅଫିସର ପ୍ରଶାନ୍ତ ଜେନା, ଅଳପୁଆ ସ୍ୱାସ୍ଥ୍ୟକେନ୍ଦ୍ରର ଡାକ୍ତର ବିଶ୍ୱସ୍ୱିନୀ ସାହୁ, ଡା. ଉମାକାନ୍ତ ରଣା, ତୁଳସୀଡିଆ ସ୍ୱାସ୍ଥ୍ୟକେନ୍ଦ୍ରର ଡା. ଅଭିଲିପ୍ସା ସାହୁ, ଡା. ଲକ୍ଷ୍ମୀପ୍ରିୟା ଦାସଙ୍କ ସହିତ ସମସ୍ତ ଏଏନଏମ ଓ ସ୍ୱାସ୍ଥ୍ୟକର୍ମୀ ବୈଠକରେ ଯୋଗଦେଇଥିଲେ।



## ସର୍ବନିମ୍ନ ସୁବିଧାରୁ ବଞ୍ଚିତ ବନ୍ଧପୁର ଗାଁ

**ରାଜନଗର, ୧୦।୧୨(ସମିସ):** ସ୍ୱାଧୀନତାର ୭୮ ବର୍ଷ ପରେ ବି ଉପକୂଳ ଓଡ଼ିଶାରେ ଏପରି ଗାଁ ଥାଇପାରେ ଯାହା ଆଖିରେ ନ ଦେଖିଲେ ବିଶ୍ୱାସ କରିହେବ ନାହିଁ। ନା ଅଛି ରାସ୍ତା, ନା ଅଙ୍ଗନବାଡ଼ି କେନ୍ଦ୍ର ବା ବିଦ୍ୟାଳୟ। ବିପଜ୍ଜନକ ଭାବେ ବାଉଁଶ ଚାରରେ କୁନି କୁନି ଛାତ୍ରଛାତ୍ରୀ



ପାର ହୋଇ ବିଦ୍ୟାଳୟକୁ ଆସିବାର ଚିତ୍ର ଅତ୍ୟନ୍ତ ଭୟଙ୍କର। ଗାଁରେ କୋଠାଘର ନ ଥିବା ବେଳେ ପାଇଖାନା ମଧ୍ୟ ନାହିଁ। କେନ୍ଦ୍ରାପଡ଼ା ଜିଲ୍ଲା ରାଜନଗର ବ୍ଲକ ବ୍ରାହ୍ମଣସାହି ପଞ୍ଚାୟତ ବନ୍ଧପୁର ଗାଁରେ ଏପରି ବିକଳ ଚିତ୍ର ଦେଖିବାକୁ ମିଳିଛି। ଏହି ଗାଁର ଅବସ୍ଥା ଓ ଲୋକଙ୍କ ଜୀବନଶୈଳୀ ସମ୍ପର୍କରେ ଜାଣିବା ପରେ ଶ୍ରୀଜଗନ୍ନାଥ ଚାରିଟେବୁଲ ଟ୍ରଷ୍ଟର କର୍ମକର୍ତ୍ତାମାନେ ପହଞ୍ଚି ସେବା ଯୋଗାଇଛନ୍ତି। ପ୍ରଥମେ ଗାଁ ବୁଲି ଦେଖିବା ପରେ ଲୋକଙ୍କୁ ସେମାନଙ୍କ ସମସ୍ୟା ସମ୍ପର୍କରେ ପଚାରି ବୁଝିଥିଲେ। ଶୀତବସ୍ତ୍ର ବଣ୍ଟନ କରିବା ସହ ଜରାଜୀର୍ଣ୍ଣ ଅବସ୍ଥାରେ ରହିଥିବା ବାଉଁଶ ପୋଲ ମରାମତି କରିଥିଲେ। ଟ୍ରଷ୍ଟ ସଭାପତି ଦମନ ମହାନ୍ତିଙ୍କ ସହ ଅଭୟ ବେହେରା, ଦେବେନ୍ଦ୍ର ନାୟକ, ତପନ କୁମାର ନାଥ, କାଳନ୍ଦୀ ମଲ୍ଲିକ ଓ ଅକ୍ଷୟ କୁମାର ଭଳ ଏଥିରେ ସାମିଲ ହୋଇଥିଲେ। ବନ୍ଧପୁର ଗାଁରେ ୫୦ରୁ ଅଧିକ ପରିବାର ରହୁଛନ୍ତି। ଗାଁକୁ ଯିବାକୁ ରାସ୍ତା ନ ଥିବା ବେଳେ ବୁଢ଼ାଠାରୁ ଛୁଆ ଯାଏଁ ବିଲ ହିଡ଼ରେ

● ସ୍ୱେଚ୍ଛାସେବୀ ସଂଗଠନ ପକ୍ଷରୁ ଲୋକଙ୍କୁ ଶୀତବସ୍ତ୍ର ପ୍ରଦାନ

● ଭଙ୍ଗା ବାଉଁଶ ପୋଲ ମରାମତି କଲେ

ଯା'ଆସ କରନ୍ତି। ବର୍ଷାଦିନେ ଲୋକେ ଘରୁ ବାହାରିପାରନ୍ତି ନାହିଁ। ଗାଁ ପ୍ରବେଶ ପଥରେ ରହିଛି ହରିଶପୁର କେନାଲ। କେନାଲ ଉପରେ ଗୋଟିଏ ପାର୍ଶ୍ୱରେ ଫୁଟ ବ୍ରିଜ ହୋଇଥିଲେ ମଧ୍ୟ ଅଧିକାଂଶ ଲୋକ ବାଉଁଶ ଚାର ଉପରେ ବିପଜ୍ଜନକ ଭାବେ ଯା'ଆସ କରିଥାନ୍ତି। ଗାଁରେ ବିଦ୍ୟାଳୟ କି ଅଙ୍ଗନବାଡ଼ି କେନ୍ଦ୍ର ନାହିଁ। ବ୍ରାହ୍ମଣସାହିରେ ଥିବା ଅଙ୍ଗନବାଡ଼ି କେନ୍ଦ୍ର ଓ ବିଦ୍ୟାଳୟକୁ ଏହି ଗାଁର ଛାତ୍ରଛାତ୍ରୀମାନେ ପାଠ ପଢ଼ିବାକୁ ଯାଇଥାନ୍ତି। ବିପଦସଙ୍କୁଳ ଅବସ୍ଥାରେ ବାଉଁଶ ଚାର ପାରି ହେବା ପରେ ଦୁଇ କିମି ଚାଲି ଚାଲି ଯିବାକୁ ପଡ଼ିଥାଏ। ଗାଁଠାରୁ ହାଇସ୍କୁଲର ଦୂରତା ୪ କିଲୋମିଟର। ଗାଁରେ ପାଇଖାନା ନ ଥିବା ବେଳେ କୋଠାଘର ଏଠାରେ ସ୍ୱପ୍ନ। ୫୦ ପରିବାର ପାଇଁ ଗୋଟିଏ ନଳକୂପ ରହିଛି।

## ସ୍କୁଲରେ ବାର୍ଷିକ ଖେଳ ଉତ୍ସବ ପାଳିତ

**ଗରଦପୁର, ୧୦।୧୨(ସମିସ):** ଦେବ ମହାନ୍ତି ପବ୍ଲିକ ସ୍କୁଲରେ ବାର୍ଷିକ କ୍ରୀଡ଼ା ପ୍ରତିଯୋଗିତା ଅନୁଷ୍ଠିତ ହୋଇଛି। ଛାତ୍ରଛାତ୍ରୀଙ୍କ ମଧ୍ୟରେ ଗଣିତ ଦୌଡ଼, ବେଲୁନ ଦୌଡ଼, ଲମ୍ବାଡିଆଁ, ବାଲଟିରେ ବଲ୍, ଉଚ୍ଚାଡିଆଁ, ଅଖା ଦୌଡ଼, ଏକଗୋଡ଼ିଆ ଦୌଡ଼, ବେଙ୍ଗଦୌଡ଼ ଆଦି ମନରଞ୍ଜନପୂର୍ଣ୍ଣ ପ୍ରତିଯୋଗିତା ଆକର୍ଷଣର କେନ୍ଦ୍ରବିନ୍ଦୁ ପାଲଟିଥିଲା। ମୁଖ୍ୟଅତିଥି ଭାବେ ମନମୋହନ ମିଶ୍ର ଯୋଗଦେଇ ଖେଳ ଜୀବନର ଅଂଶ ବୋଲି କହିଥିଲେ। ଖେଳ ଦୈନନ୍ଦିନ ଜୀବନରେ ଶୃଙ୍ଖଳା, ପରିଶ୍ରମ, ସହଯୋଗକୁ ବିକଶିତ କରିଥାଏ ବୋଲି ଉପଦେଶ ଦେଇଥିଲେ। ମୁଖ୍ୟବକ୍ତା ଭାବେ ସୁଧୀର ଚରଣ ସାମଲ ଯୋଗଦେଇ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କାର ପ୍ରଦାନ କରିବା ସହ ଦୃଢ଼ତା ଓ କ୍ଷମତାର ବିକାଶ ପାଇଁ ଖେଳ ନିତାନ୍ତ ଆବଶ୍ୟକ ବୋଲି କହିଥିଲେ। ବିଦ୍ୟାଳୟ ପକ୍ଷରୁ ଶାଖା ପ୍ରଭାରୀ ବୀରବର ନାୟକ, ବିପିନ କୁମାର ଦାସ, ଖେଳ ଶିକ୍ଷକ ସବେରା ବେଗମ ଓ ପୁଷ୍ପକ ରଥ ପ୍ରମୁଖ ଖେଳ ପରିଚାଳନା କରିଥିଲେ। ତଦୁପରି ଇନ୍‌ଚାର୍ଜ ସ୍ୱାଗତିକା ଆଚାର୍ଯ୍ୟ, ରୋଜାଲିନ ମହାନ୍ତି, ସ୍ନେହଲତା ରାଉତରାୟ, ଚାନ୍ଦିନୀ ଲେଙ୍କା, ସୋନାଲି ସାମଲ, ସୁପ୍ରିୟା ନାୟକ, ମନସ୍ୱିନୀ ସାମଲ, ଅରଣ୍ୟା ନାୟକ, ଇତିଶ୍ରୀ ବେହେରା, ଅନିଶା ପଣ୍ଡା, ସୁପ୍ରିୟା ଦାସ ସହଯୋଗ କରିଥିଲେ।



## ଅଜଣା ଗାଡ଼ି ଧକ୍କାରେ ବୃଦ୍ଧ ମୃତ

**ପଟ୍ଟାମୁଣ୍ଡାଇ, ୧୦।୧୨(ସମିସ):** କେନ୍ଦ୍ରାପଡ଼ା ଜିଲ୍ଲା ପଟ୍ଟାମୁଣ୍ଡାଇ ଆଦର୍ଶ ଥାନ ଅନ୍ତର୍ଗତ ଗୋଗୁଆ ଛକରେ ବୁଧବାର ସନ୍ଧ୍ୟାରେ ଅଜଣା ଗାଡ଼ି ଧକ୍କାରେ ଜଣେ ବୃଦ୍ଧଙ୍କ ମୃତ୍ୟୁ ଘଟିଛି। ମୃତକ ହେଲେ ଗୋଗୁଆ ଗ୍ରାମର ସୁଦର୍ଶନ ଜେନା (୭୦)। ସୁଦର୍ଶନ ଚାଲି ଚାଲି ଯାଉଥିବା ବେଳେ କୌଣସି ଗାଡ଼ି ତାଙ୍କୁ ଧକ୍କାଦେଇ ଫେରାର ହୋଇଯାଇଥିଲା। ସ୍ଥାନୀୟ ଲୋକେ ସୁଦର୍ଶନଙ୍କୁ ଉଦ୍ଧାର କରି ପଟ୍ଟାମୁଣ୍ଡାଇ ଉପଖଣ୍ଡ ଡାକ୍ତରଖାନା ପଠାଇଥିଲେ। ତେବେ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ଏହି ଦୁର୍ଘଟଣା ପରେ ସ୍ଥାନୀୟ ଲୋକଙ୍କ ମଧ୍ୟରେ ଉତ୍ତେଜନା ପ୍ରକାଶ ପାଇଥିଲା। ଲୋକେ ଟାୟାର ଜାଳି ରାସ୍ତାରୋକ କରିଥିଲେ। ଥାନା ଆଇଆଇସି ବନ୍ଦନା ପାତ୍ର, ଅତିରିକ୍ତ ତହସିଲଦାର ଦିଲୀପ ନାଏକ ଘଟଣାସ୍ଥଳରେ ପହଞ୍ଚି ଉତ୍ତ୍ୟକ୍ତ ଲୋକଙ୍କୁ ବୁଝାସୁଝା କରିବା ପରେ ସ୍ଥିତି ନିୟନ୍ତ୍ରଣାଧୀନ ହୋଇଥିଲା।

## ମହାବିଦ୍ୟାଳୟରେ ମାନବିକ ଅଧିକାର ଦିବସ ପାଳିତ

**ରାଜନଗର, ୧୦।୧୨(ସମିସ):** ରାଜନଗରସ୍ଥିତ ଶ୍ରୀ ଶ୍ରୀ ଜଗନ୍ନାଥ ମହାବିଦ୍ୟାଳୟରେ ରାଜନୀତି ବିଜ୍ଞାନ ବିଭାଗ ପକ୍ଷରୁ ମାନବିକ ଅଧିକାର ଦିବସ ପାଳନ କରାଯାଇଛି। ମହାବିଦ୍ୟାଳୟ ଅଧ୍ୟକ୍ଷ ମେଜର ମନୋରଞ୍ଜନ ମହାନ୍ତି ମୁଖ୍ୟବକ୍ତା ଭାବେ ଯୋଗଦେଇ ଛାତ୍ରଛାତ୍ରୀଙ୍କୁ ବ୍ୟକ୍ତି ଜୀବନରେ ଅଧିକାର ଏବଂ କର୍ତ୍ତବ୍ୟର ଗୁରୁତ୍ୱ ସମ୍ପର୍କରେ ଆଲୋକପାତ କରିଥିଲେ। ଛାତ୍ରୀ ସ୍ୱର୍ଣ୍ଣଲତା ଦାସ ମାନବ ଅଧିକାରର ପ୍ରସ୍ତାବନା ପାଠ କରିଥିଲେ। ଅଧ୍ୟାପକ ପ୍ରତାପ କୁମାର ସ୍ୱାଇଁ ମାନବିକ ଅଧିକାରର ବିକାଶ, ଲକ୍ଷଣ ଏବଂ ପ୍ରାକୃତିକ ଅଧିକାର ଯଥା ବ୍ୟକ୍ତି ବଞ୍ଚିବାର ଅଧିକାର, ସ୍ୱତନ୍ତ୍ରତା ଅଧିକାର ଓ ସମ୍ପତ୍ତିଗତ ଅଧିକାର ଉପରେ ଆଲୋଚନା କରିଥିଲେ। ଅଧ୍ୟାପକ ଡ. ଆଲୋକ ବେହେରା ମାନବିକ ଅଧିକାର ଦିବସର ଗୁରୁତ୍ୱ ବୁଝାଇଥିଲେ। ଅଧ୍ୟାପକ ସ୍ୱାଇଁ ଧନ୍ୟବାଦ ଅର୍ପଣ କରିଥିଲେ।

## କୁଇନି ଜେନା କେନ୍ଦ୍ରାପଡ଼ାର ନୂଆ ତହସିଲଦାର

**କେନ୍ଦ୍ରାପଡ଼ା, ୧୦।୧୨(ସମିସ):** କେନ୍ଦ୍ରାପଡ଼ା ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ଡେପୁଟୀ କଲେକ୍ଟର ଭାବେ କାର୍ଯ୍ୟରତ କୁଇନି ଜେନାଙ୍କୁ ରାଜ୍ୟ ସରକାର କେନ୍ଦ୍ରାପଡ଼ା ତହସିଲଦାର ଭାବେ ନିଯୁକ୍ତି ପ୍ରଦାନ କରିଛନ୍ତି। ଦୀର୍ଘଦିନ ଧରି ଖାଲି ପଡ଼ିଥିବା ଏହି ଗୁରୁତ୍ୱପୂର୍ଣ୍ଣ ପଦରେ ତାଙ୍କ ନିଯୁକ୍ତି ହୋଇଥିବାରୁ ଲୋକଙ୍କ ମଧ୍ୟରେ ଉତ୍ସାହ ପ୍ରକାଶ ପାଇଛି। ଏକାଧିକ ସମ୍ବେଦନଶୀଳ ଓ ପ୍ରାଶାସନିକ ଶାଖା ପରିଚାଳନାରେ ଦୀର୍ଘ ୨ ବର୍ଷ ଧରି ସଂସ୍ଥା, ରାଜସ୍ୱ, ଜମି ଅଧିଗ୍ରହଣ ଓ ଜରୁରୀକାଳୀନ ଉପବିଭାଗର ଡେପୁଟୀ କଲେକ୍ଟର ଭାବେ ସେ ଦକ୍ଷତାର ସହିତ କାର୍ଯ୍ୟ କରିଛନ୍ତି। ବିଶେଷକରି ମହାକାଳପଡ଼ାରେ ନିପ୍ପନ ଷ୍ଟିଲ ପାଇଁ ଜମି ଅଧିଗ୍ରହଣ କାର୍ଯ୍ୟରେ ଭୂଅର୍ଜନ ଅଧିକାରୀ ଭାବେ ତାଙ୍କ ଭୂମିକା ପ୍ରଶଂସନୀୟ ହୋଇଛି। କେନ୍ଦ୍ରାପଡ଼ାର ପୂର୍ବତନ ତହସିଲଦାର ପଦୋନ୍ନତି ପାଇ ବଦଳି ହେବା ପରେ ଏହି ପଦ ଦୀର୍ଘଦିନ ଧରି ଖାଲି ଥିଲା। କୁଇନିଙ୍କୁ ଏହି ପଦରେ ଅବସ୍ଥାପିତ କରାଯାଇଛି। ଏହିସହ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟର ଡେପୁଟୀ କଲେକ୍ଟର ଓ ଭାରପ୍ରାପ୍ତ କେନ୍ଦ୍ରାପଡ଼ା ତହସିଲଦାର ରବିନାରାୟଣ ଆଚାର୍ଯ୍ୟଙ୍କୁ ମହାକାଳପଡ଼ା ତହସିଲଦାର ଭାବେ ନିଯୁକ୍ତି ଦିଆଯାଇଛି। ଗେଲ୍ ଇଣ୍ଡିଆ ଲିମିଟେଡର ଓଏସଡି ବିଦ୍ୟାରଶ୍ମି ସାହୁଙ୍କୁ କେନ୍ଦ୍ରାପଡ଼ା ଜିଲ୍ଲା ଉପନିବନ୍ଧକ (ଡିଏସଆର) ଭାବେ ନିଯୁକ୍ତ କରାଯାଇଛି।

## ସଂସ୍କୃତ ମହାବିଦ୍ୟାଳୟର ବାର୍ଷିକ କ୍ରୀଡ଼ା ଉଦ୍‌ଘାଟିତ



**ରାଜନଗର, ୧୦।୧୨(ସମିସ):** ରାଜନଗର ବ୍ଲକ ସଦର ମହକୁମାସ୍ଥିତ ଶୈଳେନ୍ଦ୍ରନାରାୟଣ ସଂସ୍କୃତ ମହାବିଦ୍ୟାଳୟର ବାର୍ଷିକ କ୍ରୀଡ଼ା ଉତ୍ସବ ଉଦ୍‌ଘାଟିତ ହୋଇଛି। ଅନୁଷ୍ଠାନ ଅଧ୍ୟକ୍ଷ ଡ. ଘନଶ୍ୟାମ ମିଶ୍ରଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ଉତ୍ସବ ପ୍ରାରମ୍ଭରେ ଛାତ୍ରଛାତ୍ରୀମାନେ ରାଘବେଶ୍ୱର ମନ୍ଦିର ପ୍ରାଙ୍ଗଣରୁ ମଶାଲ ଶୋଭାଯାତ୍ରା କରି ଅନୁଷ୍ଠାନ ପରିସରରେ ପହଞ୍ଚିଥିଲେ। ମୁଖ୍ୟଅତିଥି ଭାବେ ଅନୁଷ୍ଠାନର ପ୍ରାକ୍ତନ ଅଧ୍ୟକ୍ଷ ଅକ୍ଷୟକୁମାର ମିଶ୍ର, ମୁଖ୍ୟବକ୍ତା ଭାବେ ଯୁକେ ମହାବୀର ମହାବିଦ୍ୟାଳୟର କ୍ରୀଡ଼ା ଅଧ୍ୟାପକ ସୁଧୀର କୁମାର ବେହେରା ଯୋଗଦେଇ କ୍ରୀଡ଼ା ପତାକା ଉତ୍ତୋଳନ କରିଥିଲେ। ଶହେ ମିଟର, ଦୁଇଶହ ମିଟର ଦୌଡ଼, ଉଚ୍ଚ ଓ ଲମ୍ବଡିଆଁ, ସଟପୁଟ ଏବଂ ଡିସକସ ଥ୍ରୋ ପ୍ରତିଯୋଗିତା ହୋଇଥିଲା। ଅଧ୍ୟାପିକା ତନୁଶ୍ରୀ ମିଶ୍ର, ଅଧ୍ୟାପକ ନୀହାର ରଞ୍ଜନ ପରିଡ଼ା, ଆଦିତ୍ୟ ତ୍ରିପାଠୀ, ଅରୁଣକୁମାର ରାଉତ, ସାମ୍ବାଦିକ ଅଭିରାମ ଦାସ, ଜଗବନ୍ଧୁ ବେହେରା, ରବିନାରାୟଣ ଦାସ, ଦୟାନିଧି ସାହୁ ପ୍ରମୁଖ କ୍ରୀଡ଼ା ପରିଚାଳନା କରିଥିଲେ।

# ଜନ୍ମବେଦିରେ ଶ୍ରୀମଦ୍ ବାୟାବାବାଙ୍କ ଜୟନ୍ତୀ ପାଳିତ

**ରାଜନଗର, ୧୦।୧୨(ସମିସ)**

ବିଶ୍ୱଗୁରୁ ନାମାଚାର୍ଯ୍ୟ ଶ୍ରୀମଦ୍ ବାୟାବାବାଙ୍କ ଜନ୍ମମାଟି କେରେଡ଼ାଗଡ଼ରେ ୧୨୮ତମ ଜୟନ୍ତୀ ଉତ୍ସବ ପାଳନ କରାଯାଇଛି। ସନାତନ ଧର୍ମର ଅନ୍ୟତମ ପରିବ୍ରାଜକ ତଥା କଳିଯୁଗର ମହାମନ୍ତ୍ର ନାମକୁ ଭାରତର ବିଭିନ୍ନ ସ୍ଥାନରେ ପ୍ରଚାର ପ୍ରସାର କରି କାଳଜୟୀ ହୋଇପାରିଥିବା ଶ୍ରୀମଦ୍ ବାୟାବାବାଙ୍କ ଜୟନ୍ତୀ ସମାରୋହ ଶ୍ରୀଶ୍ରୀକଳ୍ପତରୁ ସଚିଦାନନ୍ଦ ଟ୍ରଷ୍ଟ ସେବାସଂଘ ଓ ଜନ୍ମପୀଠ ଶାଖାରେ ପାଳନ କରାଯାଇଛି। ପ୍ରତ୍ୟୁଷରୁ ବାବାଙ୍କ ପ୍ରତିମୂର୍ତ୍ତିକୁ ପୁଷ୍ପରେ ସୁସଜ୍ଜିତ କରାଯିବା ସହିତ ଧୂପ, ଦୀପ, ନୈବେଦ୍ୟ ଅର୍ପଣ କରାଯାଇଥିଲା। ପୂର୍ବାହ୍ନ ୯ଟାରେ ବାବାଙ୍କୁ ୧୦୮ କଳସ ଜଳରେ ମହାସ୍ନାନ କରାଯାଇଥିଲା। ଜନ୍ମମାଟି ଶାଖା କାର୍ଯ୍ୟକାରୀ ସଭାପତି ପ୍ରଦୀପ କୁମାର ବିଶ୍ୱାଳ, ସମ୍ପାଦକ କପିଳଚନ୍ଦ୍ର ଦାସ ପ୍ରମୁଖ ଗୁରୁ ଭାଇମାନେ ଉତ୍ସବ ପରିଚାଳନା କରିଥିଲେ। ସେହିପରି ରାଜନଗର ବ୍ଲକ ମହିଁଷାସୁରସ୍ଥିତ ବାୟାବାବାଙ୍କ ସେବାଶ୍ରମ ଓ ଗୁଲୁଦିଆ ସେବାଶ୍ରମରେ ଜନ୍ମ



ମହୋତ୍ସବ ପାଳନ କରାଯାଇଛି। ମଙ୍ଗଳବାର ବାୟାବାବାଙ୍କ ବିଗ୍ରହକୁ ସୁସଜ୍ଜିତ ରଥରେ ସ୍ଥାପନ କରାଯାଇ ରାଜନଗର, ସାନବଡ଼ଗୋପାଳପୁର, ମହିଁଷାସୁର, ଗୁଲୁଦିଆ, ଚଣ୍ଡିଆପଲ୍ଲୀ ଗାଁ ପରିକ୍ରମା କରାଯାଇ ଗୁଲୁଦିଆ ଓ ଚଣ୍ଡିଆପଲ୍ଲୀ ମଧ୍ୟସ୍ଥଳରେ ସ୍ଥାପନ କରାଯାଇଥିଲା। ସନ୍ଧ୍ୟାରେ ଶ୍ରଦ୍ଧାଳୁମାନେ ବାବାଙ୍କ ପ୍ରିୟ ଭଜନ ଚତୁର୍ଥ ପ୍ରହର ନାମ ସଂକୀର୍ତ୍ତନ ଗାନ କରିଥିଲେ। ବୁଧବାର ପୂର୍ବାହ୍ନ ୯ଟାରେ ବାବାଙ୍କ ମହାଭିଷେକ, ୧୧ଟାରେ ଗୋପାଳ ସହସ୍ରନାମ, ପାରାୟଣ, ଶ୍ରୀ ଶାସ୍ତ୍ର ପାରାୟଣ, ପ୍ରସାଦ ସେବନ, ସନ୍ଧ୍ୟା ୬ଟାରେ ନାମଯଜ୍ଞ ସମାପନ ଓ ନଗରକୀର୍ତ୍ତନ, ୭ଟାରେ ସତ୍ୟନାରାୟଣ ପୋଥିପାଲା, ଭଜନ, ଗୁରୁବନ୍ଦନା ଓ ପୁଷ୍ପାଞ୍ଜଳି ଅର୍ପଣ କରାଯାଇଥିଲା। ସଂଘ ସମ୍ପାଦକ ସନାତନ ନାୟିକ, ସର୍ବେଶ୍ୱର ବିଶ୍ୱାଳ, ବ୍ରହ୍ମାନନ୍ଦ ବିଶ୍ୱାଳ, ଗଣେଶ୍ୱର ପ୍ରଧାନ, ନିତ୍ୟାନନ୍ଦ ସାହୁ, ଚିତ୍ତରଞ୍ଜନ ସାହୁ, ମହେଶ୍ୱର ବାରିକ, ସରୋଜ ବିଶ୍ୱାଳ, ଜ୍ୟୋତିବ୍ରତ ନାୟକ, ଅକ୍ଷୟ କୁମାର ନାୟକ, ଅମର କୁମାର ଜେନା, ମହେନ୍ଦ୍ର କୁମାର ନାୟକ, ଦିବ୍ୟରଞ୍ଜନ ସାହୁ, ରଞ୍ଜନ କୁମାର ପ୍ରଧାନ, ଅଲେଖ କୁମାର ପରିଡ଼ା ପ୍ରମୁଖ ସହଯୋଗ କରିଥିଲେ।

# ବାଲି ଚୋରି ନେଇ ବିଧାନସଭାରେ ଉଦ୍‌ବେଗ ପ୍ରକାଶ କଲେ ପାଟକୁରା ବିଧାୟକ

**ଡେରାବିଶ, ୧୦।୧୨(ସମିସ):** ଏ ଦଶନ୍ଧିର ସବୁଠାରୁ ବଡ଼ ସମସ୍ୟା ହେଲା ବାଲି ମାଫିଆଙ୍କ ବାଲି ଚୋରି ବୋଲି କହି ପାଟକୁରା ବିଧାୟକ ଅରବିନ୍ଦ ମହାପାତ୍ର ବିଧାନସଭା ପ୍ରଶ୍ନକାଳରେ ଉଦ୍‌ବେଗ ପ୍ରକାଶ କରିଛନ୍ତି। ତୁରନ୍ତ ବାଲି ଚୋରି ରୋକିବା ସହ ବାଲିଘାଟଗୁଡ଼ିକୁ ନିଲାମ କରିବାକୁ ବିଧାୟକ ମହାପାତ୍ର ଦାବି କରିଛନ୍ତି।

ପାଟକୁରା ନିର୍ବାଚନ ମଣ୍ଡଳୀ ଅଧୀନ ଡେରାବିଶ ବ୍ଲକ ଅଞ୍ଚଳ ଦେଇ ବୋହିଯାଇଛି ଲୁଣା, କରାଣ୍ଡିଆ ଓ ବିରୁପା ନଦୀ। ଏହି ନଦୀରେ ପ୍ରଚୁର ପରିମାଣରେ ମଧୁର ବାଲି ମିଳିଥାଏ। ନଦୀର ବାଲି ସୈରାତଗୁଡ଼ିକ ଏବେ ସରକାରଙ୍କ ଖଣି ବିଭାଗ ଅଧୀନରେ ଥିବା ବେଳେ ସରକାରୀ ଭାବେ ନିଲାମ ହୋଇ ନ ପାରିବାରୁ ବାଲି ମାଫିଆଙ୍କ ଲୋଲୁପ ଦୃଷ୍ଟି ଏବେ ଏହି ବାଲିଘାଟଗୁଡ଼ିକ ଉପରେ ପଡ଼ିଛି। ଖଣି ଅଧିକାରୀ ଓ ପୁଲିସର ଦୃଷ୍ଟି ଆଢୁଆଳରେ ମାଫିଆମାନେ ରାତି ଅଧରେ ଜେସିବି ଓ ହାଇୱା ଲଗାଇ ବାଲି ଲୁଟ୍ କରି ସରକାରଙ୍କ ଲକ୍ଷ ଲକ୍ଷ ଟଙ୍କା ରାଜସ୍ୱ ହାନି ଘଟାଉଛନ୍ତି। ଅନ୍ୟପଟେ ଏହି ବାଲିଘାଟ ପାଇଁ ଏବେ ଡେରାବିଶ ବ୍ଲକ ଅଞ୍ଚଳ ଅଶାନ୍ତ ହେବାରେ ଲାଗିଛି। ପ୍ରତ୍ୟେକ ବାଲିଘାଟକୁ ବିଭିନ୍ନ ଗୋଷ୍ଠୀ, ଅସାଧୁ ଲୋକ ନିଜ ଅକ୍ତିଆରକୁ ନେବା ପାଇଁ ପ୍ରତିଯୋଗିତା କରୁଥିବା ବେଳେ ବିଭିନ୍ନ ବାଲି ଘାଟରେ ମାରଣାସ୍ତ୍ରଧାରୀ ମାଫିଆମାନେ ପଇଁତରା ମାରୁଛନ୍ତି। ଏପରିକି ଗତ ସପ୍ତାହରେ ମଙ୍ଗଳପୁର ବାଲିଘାଟରେ କିଛି ବନ୍ଧୁକଧାରୀଙ୍କ ଆତଙ୍କରାଜ ଏହାର ଏକ ଉଦାହରଣ ମାତ୍ର। ବିରୁପା ନଦୀର ବିଭିନ୍ନ ଘାଟରୁ ଏବେ ବାଲି ମାଫିଆମାନେ ରାତିଅଧରେ ବାଲି ଉଠାଇ ଗ୍ରାମାଞ୍ଚଳର ରାସ୍ତାଘାଟ ନଷ୍ଟ କରୁଥିବା ବେଳେ ସ୍ଥାନୀୟ ଅଞ୍ଚଳରେ ଅଶାନ୍ତ ବାତାବରଣ ସୃଷ୍ଟି ହେଉଛି। ତେଣୁ ତୁରନ୍ତ ବାଲିଘାଟଗୁଡ଼ିକୁ ସରକାରୀ ଭାବେ ନିଲାମ କରି ଲୋକଙ୍କୁ ସୁଲଭ ମୂଲ୍ୟରେ ବାଲି ଯୋଗାଇଦେବା ସହ ଅଞ୍ଚଳରେ ଶାନ୍ତ ବାତାବରଣ ଫେରାଇ ଆଣିବାକୁ ଅଞ୍ଚଳବାସୀ ଦାବି କରିଛନ୍ତି।

ସକାଳ
THE SAKALA

# ସମ୍ପାଦକୀୟ



ଆଖିଆଗରେ ସମ୍ପୂର୍ଣ୍ଣ ଅନ୍ଧାର ଛାଇଯିବା ପରେ ହିଁ ତାରକାମାନେ ଦେଖାଯାଆନ୍ତି।
-ମାର୍ଟିନ ଲୁଥର କିଙ୍ଗ (ଜୁନିୟର)

## ମାଲକାନଗିରି ହିଂସାର ଦୁଇଧାର

ମାଲକାନଗିରି ଜିଲ୍ଲାରେ ଉପୁଜିଥିବା ଅମାନୁଷିକ ହିଂସାକାଣ୍ଡକୁ କେନ୍ଦ୍ରକରି ଯେଭଳି ପୋଡ଼ାଜଳା ଓ ଲୁଟତରାଜ ଚାଲିଲା ତାହାକୁ ଅନୁଧ୍ୟାନ କଲେ ମନେ ହୁଏ ଯେ ପ୍ରଶାସନିକ ପଦକ୍ଷେପରେ ଶିଥିଳତା ଯୋଗୁଁ ପରିସ୍ଥିତି ନିୟନ୍ତ୍ରଣ ବାହାରକୁ ଚାଲିଯାଇଛି। ଯେମିତି ମନେ ହେଉଛି ସବୁ ଅଘଟଣ ପରେ ପ୍ରଶାସନର ନିଦ ଭାଙ୍ଗିଛି। ତେଣିକି ସଶସ୍ତ୍ର ବାହିନୀ ମୁତୟନ, ସାନ୍ଧ୍ୟ ଆଇନ ଜାରି, ଇଣ୍ଟରନେଟ୍ ସେବା ବନ୍ଦ ଓ ସତର୍କତା ମୂଳକ ପଇଁତରା ଭଳି ପଦକ୍ଷେପ ଗ୍ରହଣ କରାଯାଇଛି। ଡିସେମ୍ବର ୪ ତାରିଖରେ ମୁଣ୍ଡବିହୀନ ଆଦିବାସୀ ମହିଳାଙ୍କ ଶବ ମିଳିବା ପରେ ୫ ଓ ୬ ତାରିଖରେ ପୁଲିସ ଓ ପ୍ରଶାସନ କରୁଥିଲା କ'ଣ? ଅନ୍ତତଃ ୩ ରୁ ୪ ଜଣ ସନ୍ଦିଗ୍ଧଙ୍କୁ ଥାନାକୁ ଆଣି ଜେରା କରିଥିଲେ ଆଦିବାସୀଙ୍କ ପ୍ରଶାସନ ଉପରୁ ଭରସା ତୁଟିନଥା'ନ୍ତା। ଯେତେଦୂର ମନେହୁଏ ଆଦିବାସୀଙ୍କୁ ସଂଗଠିତ ହୋଇ ହିଂସାକାଣ୍ଡ ଭିଆଇବାର ପରୋକ୍ଷ ସୁଯୋଗ ଦିଆଯାଇଛି। କାରଣ ଆଦିବାସୀ ସଂଗଠନ ବୈଠକ ଓ ମେଳି ପାଇଁ ଚାଲିଥିବା ପ୍ରସ୍ତୁତି ସଂପର୍କରେ ପୁଲିସ ଯଥେଷ୍ଟ ପୂର୍ବରୁ ଅବଗତ ଥିଲା। ଏପରିକି ୭ ଓ ୮ ତାରିଖର ପୋଡ଼ାଜଳା ଓ ଲୁଟରାଜ ସମୟରେ ଘଟଣାସ୍ଥଳରେ ପୁଲିସ ଉପସ୍ଥିତ ଥିଲା। ଅବଶ୍ୟ ଆଦିବାସୀଙ୍କ ବିଶାଳ ମେଳି ନିକଟରେ ପୁଲିସର ଉପସ୍ଥିତି ନଗଣ୍ୟ। କିନ୍ତୁ ପରିସ୍ଥିତିର ଗୁରୁତ୍ୱକୁ ବିଚାର କରି ତୁରନ୍ତ ସଶସ୍ତ୍ର ବାହିନୀ ମୁତୟନ କରିବାରେ କିଛି ଅସୁବିଧା ନଥିଲା। ଏ ସମସ୍ତ ଘଟଣାକ୍ରମରୁ ଅଭିସନ୍ଧିର ଗନ୍ଧ ବାରି ହେଉଛି।

କୋରୁକୁଣ୍ଡା ବ୍ଲକ ଅଧୀନରେ ରଖେଲ୍‌ଗୁଡ଼ା ଓ ଏମ୍‌ଭି-୨୬ ଗାଁରେ ଯଥାକ୍ରମେ ଆଦିବାସୀ ଓ ବଙ୍ଗଳା ଭାଷାଭାଷୀ ଅବସ୍ଥାନ କରୁଛନ୍ତି। ଆଦିବାସୀ ମହିଳାଙ୍କ ମୁଣ୍ଡବିହୀନ ମୃତଦେହ ଠାବ ହେବା ପରେ ହିଂସାକାଣ୍ଡ ଉପୁଜିଥିଲା। ୧୯୭୧ ରେ ଭାରତ-ପାକିସ୍ତାନ ଯୁଦ୍ଧ ଓ ନୂତନ ବାଂଲାଦେଶ ପ୍ରତିଷ୍ଠା ପ୍ରେକ୍ଷାପଟ୍ଟରେ କେନ୍ଦ୍ରସରକାର କିଛି ବାଂଲାଦେଶୀ ଶରଣାର୍ଥୀଙ୍କୁ ଦେଶରେ ସ୍ଥାୟୀ ଭାବେ ଥାଇଥାନ କରିବାକୁ ବାଧ୍ୟ ହୋଇଥିଲେ। ସେତେବେଳେ ଅବିଭାଜିତ କୋରାପୁଟ ଜିଲ୍ଲାରେ ସେମାନଙ୍କ ମଧ୍ୟରୁ କିଛି ପରିବାରଙ୍କୁ ଥଇଥାନ କରାଯିବା ସହ ଦଣ୍ଡକାରଣ୍ୟ ପ୍ରକଳ୍ପ ଆରମ୍ଭ ହୋଇଥିଲା। ସେମାନେ ତିନି ପିଢ଼ି ଧରି ସେଠାରେ ଅବସ୍ଥାନ କରୁଛନ୍ତି। ଏବର ସରକାର ଦେଶରୁ ବାଂଲାଦେଶୀଙ୍କୁ ତଡ଼ିବା ସକାଶେ ଯେଉଁ କାର୍ଯ୍ୟକ୍ରମ ଆରମ୍ଭ କରିଛନ୍ତି ତାହାର ପ୍ରତିଫଳନ ଆମ ରାଜ୍ୟରେ ମଧ୍ୟ ଅନୁଭୂତ ହେଲାଣି। ତେବେ ମାଲାକାନଗିରିରେ ଅବସ୍ଥାନ କରୁଥିବା ବଙ୍ଗଭାଷାଭାଷୀଙ୍କ ଇତିହାସକୁ ଅନୁଶୀଳନ କଲେ ସେମାନଙ୍କୁ ଏହି କାର୍ଯ୍ୟକ୍ରମର ପରିସରଭୁକ୍ତ କରାଯାଇପାରିବନି। ତେବେ ଏକଥା ସତ୍ୟ ଯେ ସେମାନଙ୍କ ପ୍ରାଧାନ୍ୟ ଓ ପତିଆରା ଯାହା ସେଥିରେ ମୂଳ ଆଦିମ ଅଧିବାସୀ କ୍ଷତିଗ୍ରସ୍ତ ହୋଇଛନ୍ତି। ସମୟ ବଦଳିବା ସହ କ୍ରମେ ସଚେତନ ହେଉଥିବା ଆଦିବାସୀ ସଂପ୍ରଦାୟ ବଙ୍ଗାଳୀଙ୍କ ଜୁଲମକୁ ବରଦାସ୍ତ କରିବା ଅବସ୍ଥାରେ ନାହାନ୍ତି। ତେଣୁ କ୍ରମେ ପ୍ରତିବାଦ ଓ ପ୍ରତିଶୋଧ ମୁଣ୍ଡ ଟେକୁଛି। ମାଲକାନାଗିରି ଜିଲ୍ଲାରେ ଉପୁଜିଥିବା ହିଂସାକାଣ୍ଡ ଓ ପୋଡ଼ାଜଳା କ'ଣ ତାହାର ପ୍ରତିଫଳନ? ବାଂଲାଦେଶୀଙ୍କୁ ଦେଶାନ୍ତର କରିବା ଆଳରେ ଉପରୋକ୍ତ ହିଂସାକାଣ୍ଡର ରଚନା କରାଯାଇନି ତ? ଏହି ପୃଷ୍ଠଭୂମିରେ ଏଭଳି କେତେକ ପ୍ରଶ୍ନ ଉଠିବା ସ୍ୱାଭାବିକ।

ମାଲାକାନଗିରି ପ୍ରସଙ୍ଗରେ ଆମେ ଉଭୟ ସରକାର ଓ ପ୍ରଶାସନକୁ ସତର୍କ କରାଇଦେବାକୁ ଚାହୁଁ ଯେ ନକ୍ସଲଙ୍କ ପ୍ରାଦୁର୍ଭାବ ଓ କାର୍ଯ୍ୟକଳାପ ଦୃଷ୍ଟିରୁ ଏହା ଏକ ସମ୍ବେଦନଶୀଳ ଜିଲ୍ଲା। ଆଦିବାସୀ ଓ ବଙ୍ଗଳା ଭାଷାଭାଷୀଙ୍କ ମଧ୍ୟରେ ବିଭେଦର ମଞ୍ଜି ବୁଣିଲେ ତାହା ଆଗାମୀ ଦିନରେ ମଣିପୁର ଭଳି ସ୍ଥିତି ଯେ ସୃଷ୍ଟି ନ କରିବ କିଏ କହିବ? ଏବେଠାରୁ ସତର୍କ ଓ ସଜାଗ ରହିବ ଆବଶ୍ୟକ।

## ସମ୍ଭାବନାର ସୂର୍ଯ୍ୟୋଦୟ

ରୁଷ ରାଷ୍ଟ୍ରପତି ଭ୍ଲାଦିମାର ପୁଟିନଙ୍କ ଭାରତ ଗସ୍ତ ବିଶ୍ୱର ଭୂ-ରାଜନୀତିରେ ନୂଆ ସମୀକରଣ ସୃଷ୍ଟି କରିଛି। ଭାରତକୁ କୂଟନୈତିକ ସ୍ତରରେ ଏକପ୍ରକାର ଏକଘରିଆ କରିବାର ଯେଉଁ ପ୍ରୟାସ ହୋଇଥିଲା ତାହା ନୂଆଦିଲ୍ଲୀ-ମସ୍କୋ ମଧ୍ୟରେ ସ୍ୱାକ୍ଷରିତ ଚୁକ୍ତିନାମା ଏବଂ ଦ୍ୱିପାକ୍ଷିକ ସହଯୋଗ ଫଳରେ ଦିଗ ହରାଇଛି। ବିଶେଷକରି ଆମେରିକାର ଭାରତ ପ୍ରତି ବାଣିଜ୍ୟ କୂଟନୀତି କ୍ରମେ ପ୍ରଶମିତ ହୋଇଆସୁଥିବା ଦେଖାଯାଉଛି। କେବଳ ଆମେରିକା ନୁହେଁ ୟୁରୋପୀୟ ମିତ୍ର ରାଷ୍ଟ୍ରଙ୍କୁ ଭାରତ ସହ ସୁସଂପର୍କ ପ୍ରତିଷ୍ଠା ସକାଶେ ଏକପ୍ରକାର ବାଧ୍ୟବାଧକତା ସୃଷ୍ଟି କରିଛି। ପରିବର୍ତ୍ତିତ ପରିସ୍ଥିତି ଓ ସୋମନଙ୍କ କଠୋର ଆଭିମୁଖ୍ୟରେ ପରିଲକ୍ଷିତ ଶିଥିଳତା ଦୃଷ୍ଟିରୁ ଆମକୁ ସେଥିରୁ ଫାଇଦା ଉଠାଇବାକୁ ହେବ। ଉଭୟ କୂଟନୀତି ଓ ବାଣିଜ୍ୟିକ ସଂପର୍କ ପ୍ରତିଷ୍ଠାରେ ସାଲିସ ନୁହେଁ, ବରଂ ନରମ-ଗରମ ଆଭିମୁଖ୍ୟ ଗ୍ରହଣ କରିବାକୁ ପଡ଼ିବ। ଦକ୍ଷିଣ ଏସିଆରେ ଭାରତ ଯେ ଆମେରିକାର ଆଦର୍ଶ ଓ ବିଚାରଗତ ଦୃଷ୍ଟିରୁ ସ୍ୱାଭାବିକ ଭାଗୀଦାର, ଏହା ପୁଣିଥରେ ଟ୍ରମ୍ପଙ୍କୁ ମନେ ପକାଇ ଦେବାକୁ ହେବ।

ଏପର୍ଯ୍ୟନ୍ତ କେନ୍ଦ୍ର ସରକାର ନଭେମ୍ବର ଶେଷ ସୁଦ୍ଧା ଭାରତ- ଆମେରିକା ବାଣିଜ୍ୟ ସଂପର୍କରେ ସ୍ୱାଭାବିକତା ଫେରିବ ବୋଲି ପ୍ରତିଶ୍ରୁତି ଦେଇ ଆସିଥିଲେ। ଆମ ବାଣିଜ୍ୟମନ୍ତ୍ରୀ ଆମେରିକାରେ ମାସ ମାସ ଧରି ଅବସ୍ଥାନ କରି ମଧ୍ୟସ୍ଥିଙ୍କ ଜରିଆରେ ଟାରିଫ ବିବାଦର ସମାଧାନ ପାଇଁ ଉଦ୍ୟମ ଜାରି ରଖିଥିଲେ। ଅସଲରେ ଏକ୍ଷେତ୍ରରେ ସେଭଳି ଆଖିଦୃଶିଆ ଅଗ୍ରଗତି ହୋଇପାରୁ ନ ଥିଲା। ପୁଟିନଙ୍କ ଭାରତଗସ୍ତ ପରେ ସ୍ଥିତି ସୁଧୁରିବା ଆରମ୍ଭ କରିଛି। ଟ୍ରମ୍ପ ପ୍ରଶାସନ ଦ୍ୱାରା ପ୍ରସ୍ତୁତ ୩୩ ପୃଷ୍ଠା ବିଶିଷ୍ଟ ଜାତୀୟ ସୁରକ୍ଷା ରଣନୀତିରେ ଭାରତ ସହ ସୁସଂପର୍କକୁ ସ୍ୱତନ୍ତ୍ର ଗୁରୁତ୍ୱ ଦିଆଯାଇଛି। ଆଭ୍ୟନ୍ତରୀଣ ଚାପ ଓ ବାଧ୍ୟବାଧକତା ଦୃଷ୍ଟିରୁ ଟାରିଫ ପ୍ରସଙ୍ଗରେ ଚୀନ ସହ ଆମେରିକା ସାଲିସ କରିଥିଲେ ମଧ୍ୟ ବିଶ୍ୱ ଅର୍ଥନୀତିରେ ବେଜିଂ ଯେ ତାହାର ପ୍ରତିଦ୍ୱନ୍ଦ୍ୱୀ ଏକଥା ଟ୍ରମ୍ପଙ୍କୁ ଅବୁଝା ନାହିଁ। ଭାରତ-ପ୍ରଶାନ୍ତ ମହାସାଗରୀୟ ଅଞ୍ଚଳରେ ଭାରତର ସହଯୋଗ ବିନା ଚୀନକୁ ରୋକିବା ଏତେ ସହଜ ନୁହେଁ। ତେଣୁ ଟ୍ରମ୍ପ ଏବେ ସାଲିସ୍ ମୁଦ୍ରାରେ ଅବତୀର୍ଣ୍ଣ ହୋଇଛନ୍ତି। ପୁଟିନଙ୍କ ଭାରତଗସ୍ତକୁ କେନ୍ଦ୍ର କରି ଯେଉଁ ପରିବର୍ତ୍ତନର ପବନ ବୋହିବା ଆରମ୍ଭ କରିଛି ସେଥିରେ ଭାରତ ଉପରୁ ଟାରିଫ କଟକଣା ହଟିଯିବା ଏକପ୍ରକାର ନିଶ୍ଚିତ ହୋଇଯାଇଛି। ତେଣୁ ଆମେରିକାର ଦାବି ନିକଟରେ ମୁଣ୍ଡ ନ ନୁଆଁଇ ମୂଲଚାଲ କରିବାର ସମୟ ଏବେ ଉପସ୍ଥିତ।

ଆମେରିକାର ବାଣିଜ୍ୟ ପ୍ରତିନିଧି ଦଳ ନୂଆଦିଲ୍ଲୀରେ ଭାରତୀୟ ପ୍ରତିପକ୍ଷଙ୍କ ସହ ଦୁଇଦିନିଆ ଆଲୋଚନା ଆରମ୍ଭ କରିଛନ୍ତି। ଅନ୍ୟପକ୍ଷରେ ୟୁରୋପୀୟ ରାଷ୍ଟ୍ରସଂଘ ସହ ମୁକ୍ତ ବାଣିଜ୍ୟ ରାଜିନାମା ନେଇ ଏକ ପ୍ରତିନିଧି ଦଳ ନୂଆଦିଲ୍ଲୀରେ ଉପସ୍ଥିତ। ତେଣୁ ଖୁବ୍‌ଶୀଘ୍ର ସମ୍ଭାବନାର ଏକ ନୂତନ ସୂର୍ଯ୍ୟୋଦୟକୁ ଆମେ ଅପେକ୍ଷା କରିବା।

## ମହିଳାକୈନ୍ଦ୍ରିକ ଆଇନ୍ ବ୍ୟବସ୍ଥା: ନ୍ୟାୟର ମହତ୍ତ୍ୱ ଓ ଦୁରୁପଯୋଗ

ସୌମ୍ୟ ରଞ୍ଜନ ଦାଶ

ବିଂଶ ଶତାବ୍ଦୀର ଶେଷ ଭାଗରୁ ଆରମ୍ଭ କରି ଏକବିଂଶ ଶତାବ୍ଦୀର ଆଧୁନିକତା ମଧ୍ୟରେ ଭାରତୀୟ ସମାଜରେ ମହିଳା ଅଧିକାର, ଲିଙ୍ଗ ସମାନତା ଓ ସାମାଜିକ ନ୍ୟାୟର ଆଲୋଚନା ଏକ ଗୁରୁତ୍ୱପୂର୍ଣ୍ଣ ବିଷୟ ହୋଇ ଉଭା ହୋଇଛି। ଦୀର୍ଘ ଦଶନ୍ଧି ଧରି ମହିଳାମାନଙ୍କ ଉପରେ ହୋଇଆସୁଥିବା ଅନ୍ୟାୟ, ଅତ୍ୟାଚାର ଓ ପିତୃସତ୍ତାମୂଳକ ବ୍ୟବସ୍ଥାର ଚାପରୁ ମୁକ୍ତି ଦେବା ପାଇଁ ଭାରତୀୟ ସଂସଦ ଓ ନ୍ୟାୟ ବ୍ୟବସ୍ଥା ଅନେକ ମହିଳାକୈନ୍ଦ୍ରିକ ବିଶେଷ ଆଇନ ପ୍ରଣୟନ କରିଛନ୍ତି। ଯୌତୁକ ନିରୋଧ ଆଇନ, ଘରୋଇ ହିଂସା ଅଧିନିୟମ ଏବଂ ଭାରତୀୟ ନ୍ୟାୟ ସଂହିତାର ଧାରା ୮୫ (ସ୍ୱାମୀ କିମ୍ବା ତାଙ୍କ ସମ୍ପର୍କୀୟଙ୍କ ଦ୍ୱାରା ହିଂସା) ଭଳି ଆଇନଗୁଡ଼ିକ ନିର୍ଯ୍ୟାତିତା ମହିଳାମାନଙ୍କୁ ଆଶ୍ରୟ, ସୁରକ୍ଷା ଓ ନ୍ୟାୟ ପ୍ରଦାନ କରିବାରେ ବହୁବିଧ ସଫଳତା ଅର୍ଜନ କରିଛନ୍ତି। ଏହି ଆଇନ୍ ବ୍ୟବସ୍ଥା ଅନେକ ମହିଳାଙ୍କ ଜୀବନ ରକ୍ଷା କରିଛି, ସେମାନଙ୍କୁ ସମାଜରେ ସମ୍ମାନର ସହ ମୁଣ୍ଡ ଉଠାଇ ବଞ୍ଚିବାର ପ୍ରେରଣା ଦେଇଛି ଏବଂ ମହିଳା ସଶକ୍ତୀକରଣର ମୂଳଦୁଆ ପକାଇଛି।

ଏହି ଆଇନଗୁଡ଼ିକ ମହିଳା ସଶକ୍ତୀକରଣର ଏକ ଆଶୀର୍ବାଦ ଭାବରେ ସମାଜରେ ପ୍ରତିଷ୍ଠିତ ହେଲେ ହେଁ ସମାଜର ପ୍ରତିଟି ଦିଗ ଭଳି ନ୍ୟାୟିକ ବ୍ୟବସ୍ଥାରେ ମଧ୍ୟ ଏକ ବିଷମତା ଦୃଶ୍ୟମାନ ହେଉଛି। ଯେଉଁ ଆଇନ ନ୍ୟାୟ ଓ ସୁରକ୍ଷା ପାଇଁ ପ୍ରଣୀତ, ତାହାର ଦୁରୁପଯୋଗ ଏବେ ଏକ ଜାତୀୟ ଚିନ୍ତାର ବିଷୟ ହୋଇ ଉଭା ହୋଇଛି। ଦୁଇପଟିଆ ତରବାରୀ ଭଳି ଏହି ଆଇନଗୁଡ଼ିକ କେତେକ ସ୍ଥାନରେ ଶୋଷଣର ଅସ୍ତ୍ର ଭାବରେ ପରିଣତ ହୋଇଛି। ଅନେକ ମହିଳା ବୈବାହିକ ବିବାଦ, ସମ୍ପତ୍ତିଗତ କଳହ କିମ୍ବା ବ୍ୟକ୍ତିଗତ ଶତ୍ରୁତାର ପ୍ରତିଶୋଧ ନେବା ପାଇଁ ଏହି କଠୋର ଆଇନଗୁଡ଼ିକୁ ମିଥ୍ୟା ଅଭିଯୋଗର ମାଧ୍ୟମ କରି ପୁରୁଷ ଏବଂ ତାଙ୍କର ସମଗ୍ର ପରିବାରକୁ ନ୍ୟାୟିକ ଚାପ ମଧ୍ୟକୁ ଟାଣି ଆଣୁଛନ୍ତି। ପରିଣାମସ୍ୱରୂପ ନିର୍ଦ୍ଦୋଷ ବୃଦ୍ଧ ଶଶୁର, ଶାଶୂ, ଏପରିକି ପରିବାରର ଅନ୍ୟ ଅଣ-ସମ୍ପୃକ୍ତ ସଦସ୍ୟମାନେ ମଧ୍ୟ ଅପରାଧୀର ମୁଖା ପିନ୍ଧିବାକୁ ବାଧ୍ୟ ହେଉଛନ୍ତି। ସର୍ବୋଚ୍ଚ ନ୍ୟାୟାଳୟ ମଧ୍ୟ ଅନେକ ସମୟରେ ପୂର୍ବରୁ ଥିବା ଧାରା ୪୯୮-କ କୁ 'ଆଇନଗତ ଆତଙ୍କବାଦ' ଭାବରେ ଅଭିହିତ କରିଛନ୍ତି, ଯାହା ଏହି ସମସ୍ୟାର ଭୟାବହତାକୁ ସୂଚାଉଛି।

ଏହି ଆଇନଗୁଡ଼ିକର ଦୁରୁପଯୋଗ ଫଳରେ ଯେଉଁ ପରିବାରଗୁଡ଼ିକ ଭାଙ୍ଗିଯାଉଛି, ସେଠାରେ ଅର୍ଥ, ସମ୍ମାନ, ପେଶା ଓ ସାମାଜିକ ପରିଚୟ ସବୁକିଛି ନଷ୍ଟ ହୋଇଯାଉଛି। ବିଶେଷକରି ପୁଲିସ୍ ପ୍ରଶାସନ ଏହି ଆଇନଗୁଡ଼ିକର 'ଜାଣିହେବା ଯୋଗ୍ୟ' (କୋଗନିଜେବଲ୍) ଓ 'ଜାମିନବିହୀନ' (ନନ୍‌ବେଲେବଲ୍) ଆଦିର ଅପବ୍ୟବହାର କରି ସାମାନ୍ୟ ସନ୍ଦେହରେ ସମଗ୍ର ପରିବାରକୁ ଗିରଫ କରି ନେଉଛି। ଯେତେବେଳେ ନ୍ୟାୟ ପାଇଁ ତିଆରି ହୋଇଥିବା ଆଇନ ମିଥ୍ୟା ଅଭିଯୋଗର ଅସ୍ତ୍ର ହୋଇଯାଏ, ସେତେବେଳେ ସମାଜରେ ନ୍ୟାୟବୋଧ ଓ ବିଶ୍ୱାସର ମୂଳଦୁଆ ଦୋହଲିଯାଏ। ସମାନତାର ମୂଳ ଅର୍ଥ ହେଉଛି ନ୍ୟାୟ ଦୁଇ ପକ୍ଷକୁ ସମାନ ଭାବରେ ପ୍ରଦାନ କରିବା। ଆଇନ କେବଳ ମହିଳାଙ୍କୁ ଦୁର୍ବଳ ଓ ପୁରୁଷଙ୍କୁ ସବଳ ଭାବି ଲେଖାଯିବା ଉଚିତ୍ ନୁହେଁ।

ଆଧୁନିକ ଭାରତୀୟ ନ୍ୟାୟ ପ୍ରକ୍ରିୟା ସଂହିତା ଏବଂ ଭାରତୀୟ ନ୍ୟାୟ ସଂହିତା ଭଳି ନୂତନ ଆଇନରେ ମଧ୍ୟ ମହିଳା ସୁରକ୍ଷାକୁ ବିଶେଷ ଗୁରୁତ୍ୱ ଦିଆଯାଇଛି। ଏହି ସଂଶୋଧିତ ଆଇନ ବଳରେ ଫାଷ୍ଟ ଟ୍ରାକ୍ କୋର୍ଟରେ ମାମଲା ଶୁଣାଣି, ଅଭିଯୋଗର ତୁରନ୍ତ ପଞ୍ଜୀକରଣ ଏବଂ ନିର୍ଦ୍ଧାରିତ ସମୟସୀମା ମଧ୍ୟରେ ତଦନ୍ତ ସମାପନ କରିବା ଭଳି ସୁବିଧା ମହିଳାମାନଙ୍କ ପାଇଁ ଏକ ବଳିଷ୍ଠ ପଦକ୍ଷେପ। କିନ୍ତୁ ଏହି ବିଶେଷ ସୁବିଧା ଓ ସୁରକ୍ଷା କେତେକଙ୍କ ଦ୍ୱାରା ଦୁରୁପଯୋଗ ହେଉଥିବାରୁ ଆଜି ସମାଜ ଏକ ଗୁରୁତର ଦ୍ୱନ୍ଦ୍ୱରେ ପଡ଼ିଛି: ମହିଳାଙ୍କୁ ସୁରକ୍ଷା ଦେବାକୁ ଯାଇ କ'ଣ ଆମେ ପୁରୁଷଙ୍କ ନ୍ୟାୟିକ ଅଧିକାରକୁ ଉଲ୍ଲଂଘନ କରୁଛୁ?

ଅତଏବ, ଆଜି ସମୟର ଆହ୍ୱାନ ହେଉଛି ମହିଳାମାନଙ୍କ ପାଇଁ ବିଶେଷ ଆଇନଗୁଡ଼ିକର ଆବଶ୍ୟକତା ସହିତ ତାହାକୁ ଲିଙ୍ଗ-ନିରପେକ୍ଷ କରିବାର ଆବଶ୍ୟକତାକୁ ସମାନ ଗୁରୁତ୍ୱରେ ବିଚାର କରିବା। ନ୍ୟାୟ କେବଳ ଲିଙ୍ଗଭିତ୍ତିରେ ନୁହେଁ, ବରଂ ପ୍ରମାଣ ଭିତ୍ତିରେ ପ୍ରଦାନ କରାଯିବା ଉଚିତ। ଆଇନର ପବିତ୍ରତା ବଞ୍ଚାଇବା ପାଇଁ କିଛି କଠୋର ପଦକ୍ଷେପ ନେବାକୁ ହେବ। ପ୍ରଥମତଃ, ଭାରତୀୟ ନ୍ୟାୟ ସଂହିତା ଧାରା ୮୫ ଭଳି ଆଇନକୁ 'ସମାଧାନ ଯୋଗ୍ୟ' (କମ୍ପାଉଣ୍ଡେବଲ୍) କରିବା ଏବଂ ମାମଲାର ପ୍ରାଥମିକ ତଦନ୍ତ ପରେ ହିଁ ଗିରଫ କରିବା ଉଚିତ୍। ଦ୍ୱିତୀୟତଃ, ଯେଉଁମାନେ ଜାଣିଶୁଣି ମିଥ୍ୟା ଅଭିଯୋଗ କରୁଛନ୍ତି, ସେମାନଙ୍କୁ କଠୋର ଦଣ୍ଡବିଧାନ ଦେବାର ବ୍ୟବସ୍ଥା ନିହାତି ଜରୁରୀ। ଏହିପରି ପଦକ୍ଷେପ ଦ୍ୱାରା ନ୍ୟାୟିକ ବ୍ୟବସ୍ଥାରେ ସମନ୍ୱୟ ରକ୍ଷା କରାଯାଇପାରିବ।

ମହିଳାମାନଙ୍କର ସୁରକ୍ଷା ଏବଂ ସଶକ୍ତୀକରଣ ଆମ ସମାଜର ଅନ୍ତିମ ଲକ୍ଷ୍ୟ। କିନ୍ତୁ ଏହି ସଶକ୍ତୀକରଣର ଅର୍ଥ କେବଳ ବିଶେଷ ସୁବିଧା ପ୍ରଦାନ କରିବା ନୁହେଁ, ବରଂ ପ୍ରକୃତ ନ୍ୟାୟ, ସମ୍ମାନ ଓ ସମତାକୁ ନିଶ୍ଚିତ କରିବା। ଯଦି ଆଇନର ତରାଜୁ ଗୋଟିଏ ପକ୍ଷରେ ଅଧିକ ଝୁଙ୍କିଯାଏ, ତେବେ ସାମାଜିକ ସନ୍ତୁଳନ ଭାଙ୍ଗିଯାଏ। ମହିଳା ଅଧିକାରର ରକ୍ଷା ଯେତିକି ଆବଶ୍ୟକ, ଆଇନର ଦୁରୁପଯୋଗକୁ ରୋକିବା ମଧ୍ୟ ସେତିକି ଅପରିହାର୍ଯ୍ୟ। ସମାଜ ଓ ନୀତି ନିର୍ଦ୍ଧାରକମାନେ ଏହି ଦୁଇଟି ପ୍ରସଙ୍ଗକୁ ସମାନ ଭାବରେ ଗୁରୁତ୍ୱ ଦେଇ ବୁଝିବା ଆବଶ୍ୟକ। ଗଣମାଧ୍ୟମ ଓ ରାଜନୈତିକ ଚର୍ଚ୍ଚାରେ କେବଳ ମହିଳା ଅତ୍ୟାଚାରର କଥା ନ ରହି ଆଇନର ଅପବ୍ୟବହାର ଉପରେ ମଧ୍ୟ ସଂଗଠିତ ଆଲୋଚନା ହେବା ଉଚିତ୍। ମହିଳାକୈନ୍ଦ୍ରିକ ବିଧି ବ୍ୟବସ୍ଥା ଏକ ଆଶୀର୍ବାଦର ମହତ୍ତ୍ୱ ବହନ କରୁଥିବା ବେଳେ ଏହାର ଦୁରୁପଯୋଗ ଏକ ଅଭିଶାପର ଆକାର ନେଉଛି - ଏହି ସତ୍ୟକୁ ଅବହେଳା କରିବା ସମାଜ ପାଇଁ କ୍ଷମାଯୋଗ୍ୟ ହେବନାହିଁ। ନ୍ୟାୟିକ ବ୍ୟବସ୍ଥାକୁ ସମତାର ପଥରେ ଆଣିବା ଆଜିର ମୌଳିକ ଆବଶ୍ୟକତା।

ନ୍ୟାୟିକ ବ୍ୟବସ୍ଥାର ସଠିକ୍ ବ୍ୟବହାର ନିଜର ସମାଜରେ ନିର୍ବିକଳ୍ପ ଭରସା ଓ ଶାନ୍ତି ସୃଷ୍ଟି କରେ। ଯଦି ଆଇନର ଦୁରୁପଯୋଗ ହୁଏ, ତେବେ ଏହା ପ୍ରତ୍ୟେକ ପକ୍ଷର ନ୍ୟାୟିକ ଅଧିକାରକୁ ଅଲଘ୍ୟ କରି ଦେଇଥାଏ, ଯାହା ସମାଜରେ ନ୍ୟାୟବୋଧକୁ ଶିଥିଳ କରିଥାଏ। ଏହି ଅପବ୍ୟବହାରକୁ ରୋକିବା ପାଇଁ ଦରକାର ସଂବେଦନଶୀଳ ନୀତି ଓ ନ୍ୟାୟିକ ପୁନଃସଂରଚନା, ଯାହା ମିଥ୍ୟା ଅଭିଯୋଗକୁ ଶୀଘ୍ର ନିରାକରଣ କରି ପ୍ରକୃତ ଅଭିଯୁକ୍ତ ଓ ନିର୍ଦ୍ଦୋଷଙ୍କୁ ସମୟୋପଯୁକ୍ତ ନ୍ୟାୟ ପ୍ରଦାନ କରେ। ଏହି ପଦକ୍ଷେପ ମାଧ୍ୟମରେ ମହିଳାଙ୍କ ସୁରକ୍ଷା ଓ ସଶକ୍ତୀକରଣ ସହ ପୁରୁଷଙ୍କର ନ୍ୟାୟିକ ଅଧିକାରକୁ ମଧ୍ୟ ସମତୁଳିତ ରଖାଯାଏ। ସମନ୍ୱିତ ଓ ନୀତିଗତ ଆଇନ ବ୍ୟବସ୍ଥା ଦ୍ୱାରା ସମାଜରେ ନ୍ୟାୟ ଓ ଆସ୍ଥାକୁ ମଜବୁତ କରି, ସମସ୍ତଙ୍କ ପାଇଁ ସୁରକ୍ଷିତ ଓ ମୂଲ୍ୟବାନ ପରିବେଶ ସୃଷ୍ଟି କରାଯାଏ।

ଶେଷତଃ, ଏହି ମହିଳାକୈନ୍ଦ୍ରିକ ନ୍ୟାୟିକ ବ୍ୟବସ୍ଥା ଅଭିଶାପ ନା ଆଶୀର୍ବାଦ? ଉତ୍ତର ଏକାଧାରରେ ଦେବା କଠିନ। ଯେଉଁଠାରେ ଏହା ଅସଂଖ୍ୟ ମହିଳାଙ୍କୁ ରକ୍ଷା କରୁଛି, ସେଠାରେ ଏହାର ଦୁରୁପଯୋଗ ଅନ୍ୟାୟ ସୃଷ୍ଟି କରୁଛି। ତେଣୁ ଆଇନ ସମତୁଳିତ, ନିଷ୍ପକ୍ଷ ଓ ପ୍ରମାଣ ଆଧାରିତ ହେବା ଉଚିତ। ତେବେ ଯାଇ ମହିଳା କୈନ୍ଦ୍ରିକ ଆଇନ ସମାଜ ପାଇଁ ଆଶୀର୍ବାଦ ହେବ। ଯେଉଁଠି ମହିଳାଙ୍କୁ ସୁରକ୍ଷା ମିଳିବ, ପୁରୁଷଙ୍କୁ ମଧ୍ୟ ନ୍ୟାୟ ପ୍ରାପ୍ତ ହେବ, ସେହିଦିନ ହିଁ ଏହି ବିଧିବ୍ୟବସ୍ଥା ପ୍ରକୃତ ଆଶୀର୍ବାଦ ଭାବରେ ସମାଜରେ ପ୍ରତିଷ୍ଠିତ ହେବ। ନ୍ୟାୟ କେବଳ ଗୋଟିଏ ଲିଙ୍ଗର ନୁହେଁ, ସମସ୍ତଙ୍କର ହେବା ଉଚିତ୍।

ଯାଜପୁର, ମୋ: ୮୮୯୫୯୫୨୩୧୫

## ସଞ୍ଚାର ସାଥୀ: ଆଶା ଓ ଆଶଙ୍କା

ଡଃ ମାୟାଧର ସ୍ୱାଇଁ

ମୋବାଇଲ ଫୋନରେ ଗୋଟିଏ ନୂତନ 'ଆପ୍' 'ସଞ୍ଚାର ସାଥୀ'ର ପ୍ରଚଳନକୁ ନେଇ କିଛିଦିନ ଧରି ଦେଶରେ ହଟଚମଟ ଲାଗି ରହିଛି। ଏହାକୁ ଭାରତ ସରକାରଙ୍କ ଯୋଗାଯୋଗ ମନ୍ତ୍ରଣାଳୟ ପ୍ରସ୍ତୁତ କରିଛି ଏବଂ ଭାରତରେ ନିର୍ମାଣ କରୁଥିବା ତଥା ବିକ୍ରି କରୁଥିବା ସମସ୍ତ ଫୋନ କମ୍ପାନୀଗୁଡ଼ିକୁ ଏହାକୁ ଫୋନରେ ପ୍ରତିଷ୍ଠା କରିବା ପାଇଁ ନିର୍ଦ୍ଦେଶ ଦେଇଥିଲା। ଫୋନ ବିକ୍ରି କରିବା ପୂର୍ବରୁ ଏହା କରିବା ପାଇଁ କୁହାଯାଇଥିଲା ଏବଂ ଏହାକୁ ବ୍ୟବହାରକାରୀମାନେ ଯେପରି ଫୋନରୁ ବାହାର କରି ପାରିବେ ନାହିଁ, ତାହାର ବ୍ୟବସ୍ଥା କରିବା ପାଇଁ ମଧ୍ୟ କୁହାଯାଇଥିଲା। ଏହାକୁ କେତେକ ମୋବାଇଲ କମ୍ପାନୀ ବିରୋଧ କଲେ। ଏହା ମଧ୍ୟ ରାଜନୀତିର ଏକ ଅଂଶ ହୋଇଗଲା। ବିରୋଧୀ ଦଳଗୁଡ଼ିକର ବିରୋଧ ଓ ହଙ୍ଗାମା ଯୋଗୁଁ ସରକାର ଏହି ନିର୍ଦ୍ଦେଶନାମାକୁ ଆଂଶିକ ଭାବେ ପ୍ରତ୍ୟାହାର କରି ନେଇଛନ୍ତି ଏବଂ ଏହି 'ଆପ୍' ବ୍ୟବହାର କରିବା ବ୍ୟବହାରକାରୀମାନଙ୍କ ଇଚ୍ଛାଧୀନ ବୋଲି ପ୍ରକାଶ କରିଛନ୍ତି।

ଏହି 'ଆପ୍'ର ଗୁରୁତ୍ୱ କ'ଣ? ଏହାକୁ କାହିଁକି ସରକାର ପ୍ରଚଳନ କରିବାକୁ ଚାହୁଁଛନ୍ତି ଏବଂ କାହିଁକି ଏହାକୁ କେତେକ ବିରୋଧ କରୁଛନ୍ତି? ମୋବାଇଲ ଫୋନ ଆଜିକାଲି ପ୍ରାୟ ପ୍ରତ୍ୟେକଙ୍କ ପାଖରେ ଅଛି। ରାସ୍ତାଘାଟ କିମ୍ବା ବଜାରରେ ଏହାକୁ ଚୋରମାନେ ଛଡ଼ାଇନେବାର ଅନେକ ଘଟଣା ସାମ୍ନାକୁ ଆସୁଛି ଏବଂ ଘର ଭିତରୁ ମଧ୍ୟ ଚୋରି ହେଉଛି। ଭାରତରେ ବର୍ତ୍ତମାନ ପ୍ରାୟ ୧୨୦ କୋଟି ମୋବାଇଲ ଫୋନ ବ୍ୟବହାରକାରୀ ଅଛନ୍ତି ଏବଂ ଫୋନ ଚୋରି ଓ ସାଇବର ଅପରାଧ ଏକ ସାଧାରଣ ଘଟଣା ହୋଇଛି। ଏହି ନୂଆ 'ଆପ୍'ରେ ଏହାର ପ୍ରତିକାର ବ୍ୟବସ୍ଥା ଅଛି। ବ୍ୟବହାରକାରୀମାନେ ସେମାନଙ୍କର ହଜି ଯାଇଥିବା କିମ୍ବା ଚୋରି ହୋଇଯାଇଥିବା ଫୋନକୁ ଏହି 'ଆପ୍' ମାଧ୍ୟମରେ ବ୍ଲକ କରିବା ପାଇଁ ଜଣାଇପାରିବେ ଏବଂ ଭାରତୀୟ ଟେଲିକମ୍ ନେଟୱାର୍କ ଏହାକୁ ଚବିଶ ଘଣ୍ଟା ମଧ୍ୟରେ ବ୍ଲକ କରିଦେବ। ଫୋନ କେଉଁଠାରେ ଅଛି ଜଣାପଡ଼ିଲେ, ତାହା ମଧ୍ୟ ଏସ୍‌ଏମ୍‌ଏସ୍ ଜରିଆରେ ବ୍ୟବହାରକାରୀଙ୍କୁ ଜଣାଇ ଦିଆଯିବ। ଯୋଗାଯୋଗ ମନ୍ତ୍ରାଳୟର ସୂଚନା ଅନୁଯାୟୀ ଏହି 'ଆପ୍' ଯୋଗୁଁ ଏହି ବର୍ଷ ଜାନୁଆରି ମାସରେ ଏହାର ପ୍ରଚଳନ ପରଠାରୁ ସାତ ଲକ୍ଷରୁ ଅଧିକ ଫୋନକୁ ଉଦ୍ଧାର କରାଯାଇପାରିଛି।





ଜଣେ ବ୍ୟକ୍ତିଙ୍କ ନାମରେ କେତୋଟି ମୋବାଇଲ ସଂଯୋଗ ପଞ୍ଜୀକରଣ ହୋଇଛି, ତାହା 'ସଞ୍ଚାର ସାଥୀ' 'ଆପ୍' ଜରିଆରେ ଜଣାପଡ଼ିବ। ଭାରତ ସରକାରଙ୍କ ନିୟମ ଅନୁଯାୟୀ ଜଣେ ଭାରତୀୟ ସମସ୍ତ ଟେଲିକମ୍ କମ୍ପାନୀରୁ ସର୍ବାଧିକ ନଅଟି ସଂଯୋଗ ନେଇପାରିବ। ଜାମ୍ମୁ ଓ କାଶ୍ମୀର ଏବଂ ଉତ୍ତର ପୂର୍ବାଞ୍ଚଳ ରାଜ୍ୟଗୁଡ଼ିକ ପାଇଁ ଏହାର ସର୍ବୋଚ୍ଚ ସୀମା ହେଉଛି ଛଅ। ପୁନଶ୍ଚ ଜଣେ ବ୍ୟକ୍ତିଙ୍କ ଅଜାଣତରେ ତାଙ୍କ ନାମରେ ଯଦି କେହି ଜଣେ ମୋବାଇଲ ଫୋନ୍ ସଂଯୋଗ ନିଏ, ତାହା ମଧ୍ୟ ଏହି 'ଆପ୍'ରୁ ଜଣାପଡ଼େ। ମୋବାଇଲ ଫୋନ୍‌ରେ ଅନେକ ସନ୍ଦେହଜନକ ବାର୍ତ୍ତା ଆସୁଛି, ଯାହା ଠକାମି, ସାଇବର ଅପରାଧ କିମ୍ବା ଆର୍ଥିକ ସ୍କାମ୍ ହୋଇପାରେ। ଅନେକ ବ୍ୟକ୍ତି ଏହାର ଶିକାର ହୋଇ ନିଜର କଷ୍ଟାର୍ଜିତ ଅର୍ଥ ହରାଉଥିବାର ଖବର ପ୍ରାୟ ପ୍ରତ୍ୟେକ ଦିନ ସମ୍ବାଦପତ୍ରରେ ଦେଖିବାକୁ ମିଳେ। ଅନେକ ସମୟରେ କେତେକ ଦୁଷ୍ଟ ଲୋକ ଅଯଥାରେ ହଇରାଣ କରିଥା'ନ୍ତି। ସଞ୍ଚାର ସାଥୀ 'ଆପ୍'ରେ ଥିବା 'ଚକ୍ଷୁ' ନାମକ ଫିଚର ଦ୍ୱାରା ଏହି କାଳ୍ପନିକ ଓ ଅନଧିକୃତ ଫୋନ ବାର୍ତ୍ତାକୁ ଚିହ୍ନଟ କରାଯାଇପାରିବ। ଦେଶ ବାହାରୁ ମଧ୍ୟ ଅନେକ ଫୋନ ଆସୁଛି, ଯାହା ଦେଶ ଭିତରୁ ଆସିବା ଭଳି ଜଣାପଡ଼େ। ଅର୍ଥାତ୍ ସେମାନେ ଭାରତୀୟ କୋଡ ବ୍ୟବହାର କରିଥା'ନ୍ତି। ଏହା ମଧ୍ୟ ଠକାମିର ଏକ ଉପାୟ ଏବଂ ଦେଶର ନିରାପତ୍ତା ସହିତ ଏହା ଜଡ଼ିତ ଅଛି। ଏହା ଏହି 'ଆପ୍' ଦ୍ୱାରା ଧରାପଡ଼ିବ। ଆମେ କିଣୁଥିବା ମୋବାଇଲ ଫୋନ ଅସଲି ନା ନକଲି ତାହା ମଧ୍ୟ ଏହି 'ଆପ୍'ରୁ ଜଣାପଡ଼ିଥାଏ।

ଏହିସବୁ ସୁବିଧାଗୁଡ଼ିକୁ ଦେଖିଲେ 'ସଞ୍ଚାର ସାଥୀ' ଏକ ଉତ୍ତମ 'ଆପ୍' ବୋଲି ବିବେଚନା କରିବା ଉଚିତ। ତାହା ହେଲେ ଏହାର ବିରୋଧ କାହିଁକି କରାଯାଉଛି? ବିଜ୍ଞାନ ଓ ପ୍ରଯୁକ୍ତିବିଦ୍ୟାର ମାନବ ଉପଯୋଗୀ ବ୍ୟବହାର ସହିତ କେତେକ ବ୍ୟକ୍ତି ଏହାର ଦୁରୁପଯୋଗ ମଧ୍ୟ କରିଥା'ନ୍ତି। ଏହି 'ଆପ୍' ବ୍ୟବହାର କରି ଟେଲିଫୋନ ନେଟୱାର୍କ ଫୋନ ବ୍ୟବହାରକାରୀର ବ୍ୟକ୍ତିଗତ ତଥ୍ୟକୁ ଜାଣିପାରିବ ଏବଂ ଚାହିଁଲେ ଏହାକୁ ଭିନ୍ନ ଉଦ୍ଦେଶ୍ୟରେ ବ୍ୟବହାର କରିପାରିବ। ବିରୋଧୀମାନେ ଏହି ଅପବ୍ୟବହାରର ଆଶଙ୍କା କରୁଛନ୍ତି। ବାସ୍ତବରେ ଅପବ୍ୟବହାର ହେଲେ ଏହା ସାଙ୍ଘାତିକ ହେବ। ମୋବାଇଲ ଫୋନରେ ଜଣଙ୍କର ବ୍ୟାଙ୍କ ଆକାଉଣ୍ଟ, ବିଭିନ୍ନ ଆୟ ବ୍ୟୟ, ବ୍ୟବସାୟ ହିସାବ ସମେତ ଅନେକ ବ୍ୟକ୍ତିଗତ ତଥ୍ୟ ଥାଏ, ଯାହାକୁ ଚାହିଁଲେ ଜଣେ ସୁବିଧାରେ ନେଇପାରିବ। ଉଲ୍ଲେଖନୀୟ ଯେ ଅନ୍ୟ କେତେକ ଦେଶରେ ମଧ୍ୟ ମୋବାଇଲ ଫୋନରେ ଏହି ପ୍ରକାର 'ଆପ୍' ବ୍ୟବସ୍ଥା ଅଛି। ମାତ୍ର ତାହାର ବ୍ୟବହାର ବାଧ୍ୟତାମୂଳକ ନାହିଁ। ଜଣେ ଚାହିଁଲେ ଏହାକୁ ଉପଯୋଗ କରିପାରିବ।

ନେତା, ଜନସାଧାରଣ ଓ ମୋବାଇଲ ଫୋନ କମ୍ପାନୀଗୁଡ଼ିକର ବିରୋଧ ଯୋଗୁଁ ଶେଷରେ ସରକାର 'ସଞ୍ଚାର ସାଥୀ' 'ଆପ୍'କୁ ନେଇ ଏକ ମାଧ୍ୟମ ପନ୍ଥା ବାହାର କରିଛନ୍ତି। ଏହାକୁ ବ୍ୟବହାରକାରୀର ଉଚ୍ଛାଧୀନ ରଖାଯାଇଛି। ଜଣେ ଚାହିଁଲେ ସେ ଫୋନରୁ ଏହି 'ଆପ୍'କୁ ବାହାର କରିପାରିବ। ବାହାର ନ କଲେ ମଧ୍ୟ ଜଣେ ଏହାକୁ ବ୍ୟବହାର କରିବାକୁ ନ ଚାହିଁଲେ ପଞ୍ଜିକରଣ କରିବା ଆବଶ୍ୟକ ନାହିଁ। ଏହାକୁ ପଞ୍ଜିକରଣ କରିବା ପରେ ହିଁ ଏହା ସକ୍ରିୟ ହେବ। ମୋଟାମୋଟି ଭାବେ କହିଲେ ଜଣେ ବ୍ୟବହାରକାରୀ ସବୁଦିଗରୁ ବିଚାର କରି ନିଜ ନିଷ୍ପତ୍ତି ନିଜେ ନେବ।

(ସମ୍ପାଦକ, ସାଇନ୍ସ ହୋରିଜନ)
ଭୁବନେଶ୍ୱର, ମୋ: ୯୪୩୮୬୯୩୭୨୪

## ଅମୃତର ସ୍ରୋତସ୍ୱତୀ: ଗୋପୀନାଥ ମହାନ୍ତି

ପ୍ରଫେସର ମଣୀନ୍ଦ୍ର କୁମାର ମେହେର

ସାହିତ୍ୟ ସରିତ୍

ଲେଖିବାର ଅର୍ଥ ଯଦି ହୁଏ ମଣିଷକୁ ରୂପାନ୍ତରିତ କରିଦେବା, ତା'ହେଲେ ଗୋପୀନାଥ ମହାନ୍ତିଙ୍କ ମରମୀ ପାଠକମାନେ ପରିବର୍ତ୍ତିତ ହୋଇଯା'ନ୍ତି ଏକ ଏକ ଆଦିବାସୀ ଚରିତ୍ରରେ। ସେମାନେ ଯେ 'ପରଜା' ବା 'ଅମୃତର ସନ୍ତାନ' ଉପନ୍ୟାସର ପାଠକ ପାଠିକା ମାତ୍ର, ଏହା କ୍ଷଣକ ମଧ୍ୟରେ ହୋଇଯାଆନ୍ତି ବିସ୍ମୃତ। ନିଜ ଜୀବନର ସବୁ କୃତ୍ରିମ ଆଟୋପ ଆଡ଼ମ୍ବର ତ୍ୟାଗ କରିଦେଇ ଅକପଟ ଅନ୍ତରରେ ଏକୀଭୂତ ହୋଇଯାଆନ୍ତି ସବୁଜ ଶ୍ୟାମଳ ସୌନ୍ଦର୍ଯ୍ୟ ସହିତ। ତଳେ ଦର୍ତନି, ଉପରେ ଦର୍ମୁ। ଗିରି ନିର୍ଝରିଣୀରେ ସ୍ନାନ କରିବାରେ, ନିବିଡ଼ ଅରଣ୍ୟ ମଧ୍ୟରେ ବାଟବଣା ହୋଇଯିବାରେ, ଅଜଣା ଫୁଲର ମହକରେ କି ଯାଦୁ! ନୀଳ ଆକାଶବକ୍ଷରେ ହଜିଯିବାରେ କି ଅମାପ ରୋମାଞ୍ଚ! ଉପନ୍ୟାସରେ ଚିତ୍ରିତ ଚରିତ୍ର ସବୁ ନିଜ ନିକଟ ଆତ୍ମୀୟସ୍ୱଜନଙ୍କଠାରୁ କାହିଁ କେତେ ଅଧିକ ଗୁଣରେ ମନେ ହୁଅନ୍ତି ଅତ୍ୟନ୍ତ ଆପଣାର। ପର୍ବତ ଢାଲୁର ଶରଶୁପଦର ଗାଁ, ଶୁକ୍ରୁଜାନି, ମାଣ୍ଡିଆ ଜାନି, 'ଅମୃତର ସନ୍ତାନ'ରେ ସରବୁ ସାଓଁତା, ପୁୟୁ 'ଶିବ ଭାଇ' ଉପନ୍ୟାସର ଅପା, 'ମାଟି ମଟାଳ'ର ସିନ୍ଧୁ ଚୌଧୁରୀ- କିଏ ବା ଛାତି ଭିତରେ ଘର କରିନାହାନ୍ତି!

ସୁବୃହତ 'ମାଟିମଟାଳ', ଯେଉଁଥିପାଇଁ ଓଡ଼ିଶା ଲାଭକଲା ପ୍ରଥମ ଜ୍ଞାନପୀଠ ପୁରସ୍କାର; ସେଠୁ ଯାଇ କ୍ଷୁଦ୍ରତମ ଉପନ୍ୟାସ 'ଜାନକାମ୍ମା 'ପର୍ଯ୍ୟନ୍ତ ଦରଦୀ ପାଠକଟିଏ ପାଇଁ ସବୁକିଛିରେ ସଂଚିତ ହୋଇ ରହିଛି ଜୀବନାନୁଭୂତିର ବିବିଧ ବୈଚିତ୍ର୍ୟ। 'ଲୟ ବିଲୟ', 'ରାହୁର ଛାୟା', 'ଶରତ ବାବୁଙ୍କ ଗଳି', 'ଆକାଶ ସୁନ୍ଦେରୀ' ଆଦି କେତେ ଉପନ୍ୟାସ! ଭାବି ହୁଏ ନାହିଁ। ଚରିତ୍ରମାନେ ତାଙ୍କ ଭିତରକୁ ଅଧିକାର କରି ନିଅନ୍ତି। ସେ ଅନୁଭବ ବାସ୍ତବିକ ଅତୀନ୍ଦ୍ରିୟ। କଥାଶିଳ୍ପୀର ସମସ୍ତ ଶୈଳ୍ପିକ ସିଦ୍ଧି ସେଇଠି ହିଁ ହୁଏ ସାର୍ଥକତା ମଣ୍ଡିତ, ଯେଉଁଠି କ୍ଲେଦାକ୍ତ ପୃଥିବୀ ପ୍ରତି ଆଉ ଦୁଃଖ ନିପୀଡ଼ିତ ଜୀବନ ପ୍ରତି ମମତାମଗ୍ନ ପାଠକ ହୃଦୟ ଅପୂର୍ବ ଆବେଗରେ ହୋଇଉଠେ କମ୍ପିତ। ଜୀବନର ପୂର୍ଣ୍ଣତା ପାଇଁ ନୁହେଁ, ଶୂନ୍ୟତା ସକାଶେ ବି ସେ ରହିପାରେ କୃତଜ୍ଞଚିତ୍ତ।

ଗୋପୀନାଥ ମହାନ୍ତିଙ୍କୁ 'ଲେଖା ମାଡୁଥିଲା', କାଳିସୀ ଲାଗୁଥିଲା। ଏକଥା ଓଡ଼ିଆ ସାହିତ୍ୟରେ ସେ ହିଁ ବ୍ୟକ୍ତ କଲେ ପ୍ରଥମେ। ଯାହାକୁ ଲେଖା ମାଡ଼େ, ତା'ର ଆଉ କ'ଣ ଆଶଙ୍କା ଥାଏ? ସବୁ ବାଦ, ବିସମ୍ବାଦ, ସବୁ ସାମାଜିକ ଭେଦଭାବ, ସମସ୍ତ ନୀତି-ନିର୍ଣ୍ଣିତ ରେଖାକୁ ସେ ଲଂଘନ କରିଯାଏ ଅନ୍ତର୍ନିହିତ ସତ୍ୟାଲୋକରେ ସମୁଦ୍ଭାସିତ ହୋଇ। ଗୋପୀନାଥ ଯେପରି ଜାଣନ୍ତି ବଳୀଦତ୍ତ ପରି ଉଚ୍ଚାଭିଳାଷୀ ମଣିଷର ଚାରିତ୍ରିକ ସ୍ଖଳନକୁ, ସେପରି ଜାଣନ୍ତି ସ୍ୱାମୀ-ପ୍ରତ୍ୟାଖ୍ୟାତା ପୁୟୁର ପ୍ରାଣପୀଡ଼ା। ସମସ୍ତ ଦୁଃଖ, ଜରା, ବ୍ୟାଧି, ମୃତ୍ୟୁ ମଧ୍ୟରେ ନିରନ୍ତର ବାଟ ଚାଲିବା ଯେ ଜୀବନ ଆଉ ଏହା ପୁଣି ହୋଇପାରେ ସ୍ୱାଦପୂର୍ଣ୍ଣ, ତାହା ଲେଖିଦେବାକୁ ଗୋପୀନାଥ ଅନ୍ତର୍ଦେବତାଙ୍କ ଆଦେଶପ୍ରାପ୍ତ। ଜୀବନର ପ୍ରତିଟି ମୁହୂର୍ତ୍ତ ଯେ ଅନନ୍ତ ସମ୍ଭାବନାର ସୁଷମାନ୍ୱିତ ସଂକେତ- ଏହା ଦୃପ୍ତ ଆସ୍ଥାଶୀଳତା ନେଇ ବର୍ଣ୍ଣନା କରିଛନ୍ତି ଗୋପୀନାଥ।

ଉପନ୍ୟାସ ବ୍ୟତୀତ ସେ ଲେଖିଛନ୍ତି ଅନେକ ଗଳ୍ପ। ଗଦବା, ସଉରା, କନ୍ଧ, ଯୁଆଙ୍ଗ ଆଦି ଆଦିବାସୀ ଭାଷା ଓ ଲୋକକଥାକୁ ନେଇ ସେ ରଚନା କରିଛନ୍ତି ଅନେକ ପୁସ୍ତକ। ଅନୁବାଦକ ଭାବରେ ମଧ୍ୟ ତାଙ୍କ ଭୂମିକା କି ମହତ୍ତ୍ୱମଣ୍ଡିତ! ଟଲଷ୍ଟୟଙ୍କ 'ଯୁଦ୍ଧ ଓ ଶାନ୍ତି', ମ୍ୟାକସିମ ଗର୍କୀଙ୍କ 'ମୋ ବିଶ୍ୱବିଦ୍ୟାଳୟ', ରବୀନ୍ଦ୍ରନାଥଙ୍କ ଉପନ୍ୟାସ, ନେହେରୁଙ୍କ ବହି ଓଡ଼ିଆରେ ରୂପାନ୍ତରିତ କରି ଅନୁଭବୀ ପାଠକ ଆମ୍ଭକୁ ସଂଯୁକ୍ତ କରିଦେଇଛନ୍ତି ବିଶ୍ୱସାହିତ୍ୟ ସହିତ। ସାହିତ୍ୟ ତତ୍ତ୍ୱକୁ ରମ୍ୟ-ରୂପ ବିଭବରେ ସଜ୍ଜିତ କରି ଦେଇଛନ୍ତି 'କଳାଶକ୍ତି' ଗ୍ରନ୍ଥରେ। ପୁନଶ୍ଚ ଆତ୍ମଜୀବନୀ 'ସ୍ରୋତସ୍ୱତୀ' ର ବିଭିନ୍ନ ଖଣ୍ଡରେ କେତେ ଚରିତ୍ର, କେତେ ଅଭୁଲା ସ୍ମୃତିର ଆକର୍ଷଣୀୟ ଅଙ୍କନ! ଉତ୍କଳମଣି ଗୋପବନ୍ଧୁ ଦାସଙ୍କ ଜୀବନୀ ରଚନା କଲେ ଭିନ୍ନ ଶୈଳୀରେ, ତାଙ୍କ ନିକଟତମ ସେବକ ରାମ ବାରିକଙ୍କ ବକ୍ଷସ୍ଥଳରୁ ସତ୍ୟ ଉନ୍ମୋଚନ କରି। ଗୋପବନ୍ଧୁ ଚୌଧୁରୀଙ୍କ ଅସାମାନ୍ୟ ସ୍ୱଦେଶ ଅନୁରାଗ ବ୍ୟଞ୍ଜିତ ହୋଇ ଉଠିଲା 'ଦୀପଜ୍ୟୋତି' ଓ 'ଧୂଳିମାଟିର ସନ୍ଥ'ବହିରେ। ଗୋପୀନାଥ ମହାନ୍ତି ଏଭଳି ଭୂମିସନ୍ତାନଙ୍କଠାରୁ ନିଜେ କ'ଣ ଥିଲେ ଭିନ୍ନ? ସ୍ୱତନ୍ତ୍ର?

ସିଏ ବି ଥିଲେ ମାଟିର ମମତା, ମହାକାଶର ପ୍ରଶସ୍ତତା ଓ ନିବିଡ଼ ଆରଣ୍ୟାନୀ ମଧ୍ୟରେ ଅମୃତର ମଧୁର ସଂଗୀତ ଗାନ କରୁଥିବା ନାମହୀନ କେଉଁ ଏକୁଟିଆ ପକ୍ଷୀ। ସେଇ ପକ୍ଷୀକଣ୍ଠର ବିଭୋର ସଂଗୀତ ଧ୍ୱନିତ ଓ ପ୍ରତିଧ୍ୱନିତ ହୋଇ ଚାଲିଥିବ ଯୁଗ ଯୁଗାନ୍ତର। ଆଉ ସକଳ ନୈରାଶ୍ୟ, ନିଃସଙ୍ଗତା, ନିରର୍ଥକତାକୁ ପରିଣତ କରିଦେଉଥିବ ଆଶାରେ, ଜୀବନକୁ କରିଦେଉଥିବ ଅର୍ଥପୂର୍ଣ୍ଣ ଆଉ ଶେଷରେ ସେ ନିଜେ ଅନ୍ତରଙ୍ଗ ସାଥୀପରି ଆମ ସହିତ ରହିଥିବେ ଚିର ସଂଲଗ୍ନ।

ଭୁବନେଶ୍ୱର, ମୋ: ୭୦୭୭୫୫୩୭୦୭

ସକାଳ
THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ନକଲି ଘିଅ...

ଏଥିରେ ମଧ୍ୟ ଶସ୍ତା ପଲିଷ୍ଟର ବ୍ୟବହାର କରାଯାଇଥିଲା। ଦୁଇଟି ଲାବୋରାଟୋରୀରେ ଦୁପଟ୍ଟାର ସାଇଣ୍ଟିଫିକ୍ ପରୀକ୍ଷା କରାଯାଇଥିଲା। ଦୁପଟ୍ଟା ଉପରେ ଅସଲି ସିଲ୍କକୁ ସୂଚାଉଥିବା 'ସିଲ୍କ ହୋଲୋଗ୍ରାମ' ମଧ୍ୟ ମିଳି ନଥିଲା। କିନ୍ତୁ ଏହାକୁ ଲଗାଇବା ବାଧ୍ୟତାମୂଳକ ଥିଲା। ଦୁର୍ନୀତି ପଦାକୁ ଆସିବା ପରେ ସମ୍ପୃକ୍ତ କମ୍ପାନୀର ପୂର୍ବରୁ ଥିବା ସବୁ ଟେଣ୍ଡରକୁ ବାତିଲ କରାଯାଇଛି ଓ ଏହି ମାମଲାର ତଦନ୍ତ ପାଇଁ ରାଜ୍ୟ ଦୁର୍ନୀତି ନିବାରଣ ବିଭାଗ (ଏସିବି)କୁ ଦାୟିତ୍ୱ ଦିଆଯାଇଛି।

ଉଲ୍ଲେଖଯୋଗ୍ୟ ଯେ, ଏହା ପୂର୍ବରୁ ୨୦୨୪ ଡିସେମ୍ବରରେ ତିରୁପତି ମନ୍ଦିରରେ ଲଡୁ ପ୍ରସାଦରେ ଅପମିଶ୍ରିତ ଘିଅର ବ୍ୟବହାର କଥା ସାମ୍ନାକୁ ଆସିଥିଲା। ୨୦୧୯ରୁ ୨୦୨୪ ମଧ୍ୟରେ ଲଡୁ ପ୍ରସ୍ତୁତ କରିବା ପାଇଁ ୬୮ ଲକ୍ଷ କିଲୋ ନକଲି ଘିଅର ବ୍ୟବହାର ହୋଇଥିଲା। ଘିଅ ଯୋଗାଉଥିବା କମ୍ପାନୀ ଏହି ଦୁର୍ନୀତକୁ ପାଥେୟ କରି ପାଖାପାଖି ୨୫୦ କୋଟି ଟଙ୍କା ଲୁଟି ନେଇଥିଲା।

### ମହାନଦୀ ପାଇଁ...

ଆଗରୁ ଗଠନ କରିବାର ଥିଲା। ବିଳମ୍ବରେ ହେଲେ ମଧ୍ୟ ସରକାରଙ୍କ ନିଷ୍ପତ୍ତି ସ୍ୱାଗତଯୋଗ୍ୟ। ତେବେ ରାଜ୍ୟ ସରକାର ଗଠନ କରିଥିବା କମିଟିରେ ଜଳ ବିଶେଷଜ୍ଞ (ଅବସରପ୍ରାପ୍ତ ଇଞ୍ଜିନିୟର) ତଥା ଅନ୍ୟ ଅଂଶୀଦାରଙ୍କୁ ସାମିଲ କରିଥିଲେ ଭଲ ହୋଇଥାନ୍ତା। ଆଗାମୀ ଦିନରେ ସରକାର ଏମାନଙ୍କୁ ନେଇ ଏକ ଟାସ୍କଫୋର୍ସ ଗଠନ କରିବାକୁ ମହାନଦୀ ବଞ୍ଚାଅ, ଜୀବିକା ବଞ୍ଚାଅ ଆନ୍ଦୋଳନ ପକ୍ଷରୁ ପରାମର୍ଶ ଦିଆଯାଇଛି।

ମହାନଦୀ ବିବାଦ ତୁଟାଇବା ପାଇଁ ଉଭୟ ରାଜ୍ୟର ମୁଖ୍ୟମନ୍ତ୍ରୀ ପ୍ରଥମେ ଆଗ୍ରହ ପ୍ରକାଶ କରିଥିଲେ। ଉଭୟେ ବିଭିନ୍ନ ଫୋରମରେ ଏନେଇ ଏକାଧିକ ବାର ଅଣଔପଚାରିକ ଆଲୋଚନା ମଧ୍ୟ କରି ସାରିଛନ୍ତି। ଉଭୟ ରାଜ୍ୟର ମୁଖ୍ୟ ଶାସନ ସଚିବ ସ୍ତରରେ ମଧ୍ୟ ପ୍ରଥମ ଆନୁଷ୍ଠାନିକ ବୈଠକ ହୋଇସାରିଛି। ଏହାବ୍ୟତୀତ ଗତ ୫ ତାରିଖ ବୈଠକକୁ ମିଶାଇ ଏପର୍ଯ୍ୟନ୍ତ ଉଭୟ ରାଜ୍ୟକୁ ନେଇ ଗଠିତ ଯୁଗ୍ମ ବୈଷୟିକ କମିଟିର ୭ଟି ବୈଠକ ଅନୁଷ୍ଠିତ ହୋଇଛି। ମାତ୍ର ଏହି ବୈଠକ ଆଲୋଚନାର ଅଗ୍ରଗତି କଣ ତାହା ସାଧାରଣରେ ସରକାର ପ୍ରକାଶ କରିନାହାନ୍ତି। ଯାହାକୁ ନେଇ ପ୍ରଶ୍ନ ଉଠାଇଛନ୍ତି ବିଭିନ୍ନ ସାମାଜିକ ସଂଗଠନ। ସରକାର ରାଜ୍ୟର ଏକ ସର୍ବକାତର ପ୍ରସଙ୍ଗକୁ ନେଇ ଆଗକୁ ବଢ଼ିବା ବେଳେ ସମସ୍ତଙ୍କୁ ବିଶ୍ୱାସକୁ ନେବା ଦରକାର ବୋଲି ବୁଦ୍ଧିଜୀବୀ ମହଲ ମତପ୍ରକାଶ କରିଛି। ମହାନଦୀ ବଞ୍ଚାଅ ଆନ୍ଦୋଳନ, ଜୀବିକା ବଞ୍ଚାଅ ଆନ୍ଦୋଳନର ଆବାହକ ସୁଦର୍ଶନ ଛୋଟରାୟ କହିଛନ୍ତି ଯେ ରାଜ୍ୟ ରାଜ୍ୟ ମଧ୍ୟରେ ଜଳ ବିବାଦ ମାମଲାର ସମାଧାନ ଟ୍ରିବ୍ୟୁନାଲ ସମାଧାନ କରିବା ଖୁବ ବିରଳ ଏବଂ ସମୟ ସାପେକ୍ଷ। ରାଜ୍ୟ ସରକାର ଯେଉଁ ଉଦ୍ୟମ ଏବଂ ପ୍ରୟାସ ଆରମ୍ଭ କରିଛନ୍ତି ତାହାକୁ ଆମେ ସ୍ୱାଗତ କରୁଛୁ। ଏପରି ଏକ ସର୍ବଦଳୀୟ କମିଟିର ଗଠନ ବହୁ ଆଗରୁ ହେବାର ଥିଲା। ମହାନଦୀ ଓଡ଼ିଶାର ଜୀବନରେଖା। ଏହାକୁ ଆଦୌ ହାଲୁକା ଭାବେ ଗ୍ରହଣ କରିବା ଉଚିତ୍ ନୁହେଁ। ତେଣୁ ସରକାର ଗଠନ କରିଥିବା କମିଟି ସମ୍ପୂର୍ଣ୍ଣ ସକ୍ରିୟତାର ସହ କାର୍ଯ୍ୟ କରୁ। ଓଡ଼ିଶାର ୧.୫ କୋଟି ଲୋକଙ୍କ ଜୀବନ ଜୀବିକାର ସୁରକ୍ଷା ଏବଂ ରାଜ୍ୟର ହକ୍ ଦିଗରେ ଏହି କମିଟି କାର୍ଯ୍ୟ କରୁ ବୋଲି ଶ୍ରୀ ଛୋଟରାୟ କହିଛନ୍ତି।

### ଶୀତ ଲହରୀ...

କିଛି ସ୍ଥାନରେ ଗଭୀର ଶୀତଲହରୀ ଅନୁଭୂତ ହୋଇଛି। ଏଠାରେ ତାପମାତ୍ରା ସାଧାରଣଠାରୁ ୬-୭ ଡିଗ୍ରୀ କମ ଥିବା ରେକର୍ଡ କରାଯାଇଛି। ଏହାଛଡ଼ା ଅନୁଗୁଳ ଜିଲ୍ଲାର ଅଳ୍ପ କିଛି ଅଞ୍ଚଳରେ ମଧ୍ୟ ଗଭୀର ଶୀତଲହରୀ ଅନୁଭୂତ ହୋଇଛି। ତାପମାତ୍ରା କମିବା ସହ ରାଜ୍ୟର ଉତ୍ତର ଓ ଦକ୍ଷିଣ ଅଞ୍ଚଳର କିଛି ସ୍ଥାନରେ କୁହୁଡ଼ି ପଡିଥିବା ଲକ୍ଷ୍ୟ କରାଯାଇଛି। ପାଣିପାଗ କେନ୍ଦ୍ର କହିଛି ରାଜ୍ୟରେ ଆହୁରି ୨ ଦିନ ଶୀତ ଲହରୀ ଜାରି ରହିବା ସହ ଗୁରୁବାର ସୁନ୍ଦରଗଡ଼, ଅନୁଗୁଳ, ଝାରସୁଗୁଡ଼ା, କେନ୍ଦ୍ରାପଡ଼ା, କଟକ, ଜଗତସିଂହପୁର, ଯାଜପୁର, ଖୋର୍ଦ୍ଧା, ନବରଙ୍ଗପୁର, ଢେଙ୍କାନାଳରେ ପ୍ରବଳ ଶୀତ ଲହରୀ ନେଇ ପାଣିପାଗ କେନ୍ଦ୍ର ଆକଳନ କରିଛି। ସେହିପରି କନ୍ଧମାଳ, କୋରାପୁଟ, କଳାହାଣ୍ଡି ଓ ଝାରସୁଗୁଡ଼ାରେ ଘନ କୁହୁଡ଼ି ନେଇ ପାଣିପାଗ କେନ୍ଦ୍ର ସତର୍କ ସୂଚନା ଜାରି କରିଛି।

### ୟୁନିସ୍କୋ ବିଶ୍ୱ ଐତିହ୍ୟ...

କରାଯାଇଥିବାରୁ ଭାରତ ଓ ବିଶ୍ୱରେ ଲୋକ ଉତ୍ସାହିତ ଅଛନ୍ତି। ଆମପାଇଁ ଏହି ପର୍ବ ସଂସ୍କୃତି ଓ ପ୍ରକୃତି ସହିତ ଜଡିତ। ଏହା ଜ୍ଞାନ ଓ ଧର୍ମର ମଧ୍ୟ ପ୍ରତୀକ। ୟୁନେସ୍କୋ ତାଲିକାରେ ସାମିଲ ହେବା ପରେ ଏହି ପର୍ବକୁ ନେଇ ବୈଶ୍ୱିକ ଲୋକପ୍ରିୟତାରେ ଆହୁରି ବୃଦ୍ଧି ଘଟିବ। ପ୍ରଭୁ ଶ୍ରୀରାମଙ୍କ ଆଦର୍ଶ ଆମକୁ ଶାଶ୍ୱତ ଭାବେ ମାର୍ଗଦର୍ଶନ କରୁଥିବ ବୋଲି ମୋଦୀ ପୋଷ୍ଟରେ ଉଲ୍ଲେଖ କରିଛନ୍ତି।

### ବିଗୁଲ ଫୁଙ୍କିଲେ...

୨୦୨୪ରେ କଂଗ୍ରେସ ସର୍ବନିମ୍ନ ୧୩ ପ୍ରତିଶତ ଭୋଟ୍ ପାଇଛି। ନିଜେ ଶରତ ପଟ୍ଟନାୟକ ନିର୍ବାଚନରେ ଅମାନତ ବି ହରାଇଛନ୍ତି। ସେହିପରି ୩ ଥର ଲଗାତାର ନିର୍ବାଚନ ପରାଜିତ ଭକ୍ତଙ୍କୁ ପିସିସି ନେତୃତ୍ୱ ମିଳିଛି। ଯାହାଙ୍କ ବ୍ୟକ୍ତିଗତ ବିଚାରଧାରା କଂଗ୍ରେସ ଠାରୁ ସମ୍ପୂର୍ଣ୍ଣ ଭିନ୍ନ। ଜୟପ୍ରକାଶଙ୍କ ଆନ୍ଦୋଳନ ବେଳେ ଭକ୍ତ ନିଜେ ଗାନ୍ଧୀ ପରିବାରକୁ ସମାଲୋଚନା କରିଥିଲେ; ତାଙ୍କ ପୁଅ କୋଶଳ ଆନ୍ଦୋଳନକୁ ସମର୍ଥନ କରିବା ଚିନ୍ତାଜନକ। ତାଙ୍କ ନେତୃତ୍ୱରେ ନୂଆପଡ଼ା ଉପନିର୍ବାଚନରେ କଂଗ୍ରେସ ୮୩ ହଜାର ଭୋଟରେ ହାରିଛି। ନୂଆପଡ଼ା ପିସିସି ସଭାପତିଙ୍କ ସଂସଦୀୟ କ୍ଷେତ୍ର ହୋଇଥିଲେ ବି କଂଗ୍ରେସର ପ୍ରଦର୍ଶନ ସେଠାରେ ଅତ୍ୟନ୍ତ ନିରାଶାଜନକ। ଯାହାଙ୍କୁ ନିଜ ସଂସଦୀୟ କ୍ଷେତ୍ର ବିଶ୍ୱାସ କରୁନି, ତାଙ୍କୁ ସ୍ୱାଭାବିକ ଭାବରେ କର୍ମୀ ବିଶ୍ୱାସ କରିପାରୁ ନାହାନ୍ତି। ଏପରି ସମୟରେ କଂଗ୍ରେସକୁ ପୁନର୍ଜୀବିତ କରିବା ନିମନ୍ତେ ପାରଦର୍ଶିତା ଓ ଯୋଗ୍ୟତା ଆଧାରରେ ଯୁବ ନେତୃତ୍ୱଙ୍କୁ ନିଯୁକ୍ତି ଦିଆଯିବା ଦରକାର ବୋଲି ମୋକିମ କହିଛନ୍ତି। ଏହା ସହ ଜିଲ୍ଲା କଂଗ୍ରେସ ସଭାପତି ଚୟନ ପାଇଁ ହୋଇଥିବା ସଂଗଠନ ସୃଜନ ବ୍ୟବସ୍ଥାକୁ ସେ ପ୍ରଶଂସା କରିଥିଲେ ମଧ୍ୟ ନିର୍ବାଚନରେ ୬ ନଂ ସ୍ଥାନରେ ରହିଥିବା ଲୋକ କିପରି ଜିଲ୍ଲା ସଭାପତି କରାଯିବାକୁ ନେଇ ମଧ୍ୟ ସେ ପ୍ରଶ୍ନ ଉଠାଇଛନ୍ତି।

କେବଳ ରାଜ୍ୟ ନୁହେଁ ଜାତୀୟସ୍ତରରେ ମଧ୍ୟ କଂଗ୍ରେସର କାର୍ଯ୍ୟକୁ ନେଇ ମୋକିମ୍ ଅସନ୍ତୋଷ ପ୍ରକଟ କରିଛନ୍ତି । ସେ କହିଛନ୍ତି ଯେ କଂଗ୍ରେସକୁ ମଜଭୁତ ପାଇଁ କେନ୍ଦ୍ରୀୟ ନେତୃତ୍ୱ କାର୍ଯ୍ୟ କରୁ ନାହାନ୍ତି। ଏଥିପାଇଁ ମୁଁ ଚିଠି ଏଆଇସିସି ସଭାପତିଙ୍କ ପରିବର୍ତ୍ତେ କଂଗ୍ରେସ ପରିବାରର ସର୍ବୋଚ୍ଚ ନେତ୍ରୀ ସୋନିଆ ଗାନ୍ଧୀଙ୍କୁ ଚିଠି ଲେଖିଛି । ସୋନିଆଙ୍କ ନେତୃତ୍ୱରେ ଦଳ କ୍ଷମତାକୁ ଫେରିଥିଲା। ଦେଶର ବିଭିନ୍ନ ରାଜ୍ୟରେ କଂଗ୍ରେସର ପ୍ରଦର୍ଶନକୁ ଉଲ୍ଲେଖ କରି ସେ ଦଳର ନେତୃତ୍ୱ ଓ କାର୍ଯ୍ୟଧାରାକୁ ସଂଶୋଧନ କରିବାର ଆବଶ୍ୟକତା ରହିଛି ବୋଲି କହିଛନ୍ତି। ବିଧାୟକ ଥିଲା ବେଳେ ସେ ୩ ବର୍ଷ ଅପେକ୍ଷା କରିଥଇଲେ ମଧ୍ୟ ରାହୁଲଙ୍କୁ ଦେଖା କରିପାରି ନାହାନ୍ତି। ରାହୁଲ କୋଟେରୀରୁ ନ ବାହାରିଲେ ଠିକ୍ ନିଷ୍ପତ୍ତି ନେଇପାରିବେନି। ବର୍ତ୍ତମାନ ଦେଶରେ ୬୫ ପ୍ରତିଶତ ଯୁବକ ରହିଥିବା ବେଳେ ସେମାନଙ୍କୁ କଂଗ୍ରେସ ପ୍ରତି ଆକୃଷ୍ଟ କରିବା ନିମନ୍ତେ ପ୍ରିୟଙ୍କା ଗାନ୍ଧୀଙ୍କୁ ସାମ୍ନାକୁ ଆଣିବାର ଆବଶ୍ୟକତା ଥିବା ମୋକିମ୍ ଚିଠିରେ ଲେଖିଛନ୍ତି। ସେ ଆହୁରି କହିଛନ୍ତି ଯେ ଏଆଇସିସି ଅଧ୍ୟକ୍ଷ ଖଡ୍‌ଗେଙ୍କୁ ୮୩ ବର୍ଷ ହେଲାଣି, ସେ କିପରି ଯୁବକଙ୍କ ନେତୃତ୍ୱ ନେଇ ପାରିବେ? ଭାରତ ଯୋଡ଼ ଯାତ୍ରା ବେଳେ ରାହୁଲ ୩ ରାତି ଓଡ଼ିଶାରେ ରହିଲେ, ମାତ୍ର କର୍ମୀମାନେ ତାଙ୍କୁ ଭେଟି ପାରିଲେ ନାହିଁ। ସେ ଯଦି ଓଡ଼ିଶାରେ ତୃଣମୂଳ କର୍ମୀଙ୍କୁ ଭେଟିଥାନ୍ତେ କେତେ ଭଲ ହୋଇଥାନ୍ତା। ଯେଉଁମାନେ କ୍ରମାଗତ ହାରୁଛନ୍ତି, ସେମାନେ କଂଗ୍ରେସରେ ଆଗରେ ବସୁଛନ୍ତି। କଟକରେ କଂଗ୍ରେସ ଜିତି ପାରୁ ନ ଥିଲା, ହେଲେ ତାଙ୍କର ଓ ତାଙ୍କ ପରିବାର ଯୋଗୁଁ ୩୫ ବର୍ଷ ପରେ କଂଗ୍ରେସ କଟକ ବାରବାଟୀ ଆସନ ଜିତିଥିଲା। ୨୦୨୪ରେ ପ୍ରଧାନମନ୍ତ୍ରୀ ଓ ଗୃହମନ୍ତ୍ରୀଙ୍କ ପ୍ରଚାର ସତ୍ତ୍ୱେ ତାଙ୍କ ଝିଅ ସୋଫିଆ ଫିର୍‌ଦୋସ୍ କଟକରୁ ବିଜୟୀ ହୋଇଛନ୍ତି। ତେଣୁ କଂଗ୍ରେସର ସାଂଗଠନିକ, ବୈଚାରିକ ଓ ଢାଞ୍ଚାଗତ ପୁନରୁଦ୍ଧାରକୁ ଶ୍ରୀମତୀ ଗାନ୍ଧୀ ଗୁରୁତ୍ୱ ଦେବେ ବୋଲି ମୋକିମ ଆଶା ରଖିଛନ୍ତି। ଏହାସହ କଂଗ୍ରେସ ଦଳରେ ସ୍ୱଚ୍ଛତାର ସହ ଦକ୍ଷତା ଆଧାରରେ ନିଯୁକ୍ତି ଦିଆଯାଉ ବୋଲି ମୋକିମ୍ କହିଛନ୍ତି। ଯୁବକଙ୍କୁ ନେତୃତ୍ୱ ଦେବା ସହ ଯେଉଁମାନେ ଭାବପ୍ରବଣ କର୍ମୀଙ୍କ ସହ ଜଡ଼ିତ ସେମାନଙ୍କୁ ସୁଯୋଗ ଦିଆଯାଉ ବୋଲି ମୋକିମ୍ ଚିଠିରେ ଉଲ୍ଲେଖ କରିଛନ୍ତି।

# ଏମ୍‌ଭି ୨୬ରେ ସୁଧୁରୁଛି ସ୍ଥିତି



■ ପୁଣି ଇଣ୍ଟରନେଟ୍ ବନ୍ଦ
■ ଛଅ ଦିନ ପରେ ମିଳିଲା ମହିଳାଙ୍କ ମୁଣ୍ଡ

ମାଲକାନଗିରି/କୋରୁକୋଣ୍ଡା, ୧୦।୧୨ (ସମିସ): ନଦୀରୁ ମୁଣ୍ଡବିହୀନ ମହିଳାଙ୍କ ଶବ ଉଦ୍ଧାର ଘଟଣାକୁ ନେଇ ମାଲକାନଗିରି ଜିଲ୍ଲା କୋରକୁଣ୍ଡା ବ୍ଲକ୍, ଏମ୍‌ଭି-୨୬ ଗ୍ରାମରେ ଲାଗି ରହିଥିବା ଉତ୍ତେଜନା ଧୀରେଧୀରେ ପ୍ରଶମିତ ହେଉଛି। ଗତକାଲି ଶାନ୍ତି କମିଟି ବୈଠକ ସଫଳ ହେବା ପରେ ପରିସ୍ଥିତିରେ ସୁଧାର ଆସିଛି। ଭୟରେ ଗାଁ ଛାଡ଼ିଥିବା ଲୋକେ ଘରକୁ ଫେରି ଭଙ୍ଗାଘରକୁ ମରାମତି କରିବାକୁ ଉଦ୍ୟମ କରୁଛନ୍ତି। କିନ୍ତୁ, ସ୍ଥିତି ପୂରାପୂରି ସ୍ୱାଭାବିକ ହୋଇ ନଥିବାରୁ ବିଏସଏଫ୍ ଯବାନ, ଓଡ଼ିଶା ପୁଲିସ ଓ ଅଗ୍ନିଶମ ବାହିନୀ ଗାଁରେ ଡେରା ପକାଇ ରହିଛନ୍ତି। ଅପରପକ୍ଷେ, ଜିଲ୍ଲାରେ ଇଣ୍ଟରନେଟ୍ ସେବାକୁ ଆଉ ୨୪ଘଣ୍ଟା ବନ୍ଦ ରଖିବାକୁ ନିଷ୍ପତ୍ତି ନିଆଯାଇଛି। ସେହିପରି, ମୃତ ମହିଳା ଲୋକେ ପଡ଼ିଆମୀ (୫୧)ଙ୍କ ନିଖୋଜ ମୁଣ୍ଡ ଆଜି ୧୫ କିଲୋମିଟର ଦୂର କାଲିମେଳା ଥାନାସ୍ଥିତ ନାମକୋଣ୍ଡା ପୋଟେରୁ ନଦୀ ଗାଧୁଆ ତୁଠରୁ ଉଦ୍ଧାର ହୋଇଛି। ଅପରାହ୍ଣରେ ଗଳିତ ମୁଣ୍ଡକୁ ବ୍ୟବଚ୍ଛେଦ ପରେ ପରିବାରକୁ ହସ୍ତାନ୍ତର କରାଯାଇଛି। ମୁଣ୍ଡବିହୀନ ଶବ ପୋତାଯାଇଥିବା ସ୍ଥାନରେ ମହିଳାଙ୍କ ମୁଣ୍ଡକୁ ପୋତା ଯାଇ ସତ୍କାର କରାଯାଇଛି। ଜିଲ୍ଲାପାଳ ସୋମେଶ କୁମାର ଉପାଧ୍ୟାୟ ଏମ୍‌ଭି-୨୬ ଗ୍ରାମକୁ ଯାଇ ପରିସ୍ଥିତିର ସମୀକ୍ଷା କରିଛନ୍ତି। ଲୋକଙ୍କ କ୍ଷୟକ୍ଷତି ସମ୍ପର୍କରେ ପ୍ରଶାସନ ପକ୍ଷରୁ ତଦନ୍ତ କରାଯାଇ ଏହାର ଆକଳନ କରାଯାଉଛି। ଆଜି ପୁଲିସ ପ୍ରଶାସନ ପକ୍ଷରୁ ମାଲକାନଗିରିରେ ଫ୍ଲାଗ୍‌ମାର୍ଚ୍ଚ କରାଯାଇଥିବା ଜଣାପଡ଼ିଛି।

ସୂଚନାନୁଯାୟୀ, ରାଖେଲଗୁଡ଼ାର ବିଧବା ଲୋକେ ପଡ଼ିଆମିଙ୍କ ହତ୍ୟାକାଣ୍ଡକୁ ନେଇ ବିବାଦ ଆରମ୍ଭ ହୋଇଥିଲା। ନଦୀରୁ ଲୋକେଙ୍କ ମୁଣ୍ଡବିହୀନ ଶବ ମିଳିବା ପରେ ରାଖେଲଗୁଡ଼ା ଗ୍ରାମବାସୀ ପ୍ରତିକ୍ରିୟାଶୀଳ ହୋଇପଡ଼ିଥିଲେ। ଏମ୍‌ଭି-୨୬ ଗ୍ରାମର କିଛି ଲୋକେ ତାଙ୍କୁ ହତ୍ୟା କରିଥିବା ଅଭିଯୋଗ କରିଥିଲେ। ଏହାକୁ ନେଇ ଦୁଇ ଗାଁ ମଧ୍ୟରେ ଉତ୍ତେଜନା ଲାଗି ରହିଥିଲା। ରାଖେଲଗୁଡ଼ା ଏବଂ ଏହାର ଆଖପାଖ ଗ୍ରାମର ଗ୍ରାମବାସୀ ଏମଭି-୨୬ ଗ୍ରାମରେ ନିଆଁ ଲଗାଇ ସବୁ କିଛି ଧୂଳିସାତ୍ କରିଦେଇଥିଲେ।

■ ଏସସି-ଏସଟି ଉନ୍ନୟନ ବିଭାଗ ସ୍କୁଲ ଟିଜିଟି ଶିକ୍ଷକଙ୍କ ପିଜିଟି ପଦୋନ୍ନତି ପ୍ରସଙ୍ଗ

# ଅନ୍ତରୀଣ ରହିତାଦେଶ ଜାରି କଲେ ହାଇକୋର୍ଟ

କଟକ, ୧୦।୧୨ (ସମିସ): ଅନୁସୂଚିତ ଜାତି(ଏସ୍‌ସି) ଓ ଅନୁସୂଚିତ ଜନଜାତି (ଏସଟି) ଉନ୍ନୟନ ବିଭାଗ ଅଧୀନ ସ୍କୁଲଗୁଡ଼ିକରେ କାର୍ଯ୍ୟରତ ତାଲିମପ୍ରାପ୍ତ ସ୍ନାତକ ଶିକ୍ଷକ (ଟିଜିଟି)ଙ୍କ ସ୍ନାତକୋତ୍ତର ଶିକ୍ଷକ(ପିଜିଟି) ପଦକୁ ପଦୋନ୍ନତି ପ୍ରସଙ୍ଗରେ ରୁଜୁ ଆବେଦନକୁ ହାଇକୋର୍ଟ ଗୁରୁତ୍ୱର ସହ ଶୁଣାଣି ପାଇଁ ଗ୍ରହଣ କରିଛନ୍ତି। ଏସ୍‌ସି ଓ ଏସଟି ଉନ୍ନୟନ ବିଭାଗ ଯୁଗ୍ମ ନିର୍ଦ୍ଦେଶକଙ୍କ ତରଫରୁ ସମସ୍ତ ଜିଲ୍ଲା ମଙ୍ଗଳ ଅଧିକାରୀଙ୍କୁ ପିଜିଟି ପଦକୁ ପଦୋନ୍ନତି ପାଇଁ ଯୋଗ୍ୟ ଟିଜିଟିଙ୍କ ସଂପର୍କିତ ତଥ୍ୟ ପ୍ରଦାନ ପାଇଁ ୨୦୨୫ ଜାନୁଆରି ୨୮ରେ ଜାରି ଚିଠି ଉପରେ ପରବର୍ତ୍ତୀ ଶୁଣାଣି ପର୍ଯ୍ୟନ୍ତ ହାଇକୋର୍ଟ ଅନ୍ତରୀଣ ରହିତାଦେଶ ଜାରି କରିଛନ୍ତି। କୃଷ୍ଣାଜନ ଆଚାର୍ଯ୍ୟଙ୍କ ଆବେଦନର ଶୁଣାଣି କରି ଜଷ୍ଟିସ ଦୀକ୍ଷିତ କୃଷ୍ଣା ଶ୍ରୀପଦ ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। କେନ୍ଦୁଝରର ଜଗମୋହନପୁର ଆଶ୍ରମ ସ୍କୁଲର ପ୍ରଧାନ ଶିକ୍ଷକଙ୍କୁ ବେଆଇନ ଭାବେ ପଦୋନ୍ନତିରୁ ବାଦ୍ ଦେବା ଅଭିଯୋଗ ନେଇ ଦାୟର ଏହି ମାମଲାରେ ଏସ୍‌ଟି ଓ ଏସ୍‌ସି ଉନ୍ନୟନ, ସଂଖ୍ୟାଲଘୁ ସଂପ୍ରଦାୟ, ପଛୁଆବର୍ଗ କଲ୍ୟାଣ ବିଭାଗ ଓ ଅନ୍ୟ ପ୍ରତିପକ୍ଷଙ୍କୁ ନୋଟିସ ଜାରି କରିଛନ୍ତି ଅଦାଲତ। ମାମଲାରୁ ପ୍ରକାଶ ଯେ ଟିଜିଟି ପଦୋନ୍ନତି ପାଇ ଆବେଦନକାରୀ ଜଗମୋହନପୁର ଆଶ୍ରମ ସ୍କୁଲର ପ୍ରଧାନଶିକ୍ଷକ ଥିଲେ। ବିଭାଗୀୟ ଯୁଗ୍ମ ନିର୍ଦ୍ଦେଶକଙ୍କ ତରଫରୁ ପିଜିଟି ପଦକୁ ପଦୋନ୍ନତି ପାଇଁ ତଥ୍ୟ ଦାଖଲ ପାଇଁ କେନ୍ଦୁଝର ସମେତ ସବୁ ଜିଲ୍ଲାର ମଙ୍ଗଳ ଅଧିକାରୀଙ୍କୁ ଜାନୁଆରି ୨୮ରେ ଚିଠି କରାଯାଇଥିଲା। ଓଡ଼ିଶା ଟ୍ରାଇବାଲ୍ ୱେଲଫେୟାର୍ ଏଜୁକେସନ ନିୟମାବଳୀ-୨୦୧୫ ଆଶ୍ରମ ସ୍କୁଲର ପ୍ରଧାନଶିକ୍ଷକଙ୍କୁ ଟିଜିଟି ମାନ୍ୟତା ଦେଉଥିଲେ ମଧ୍ୟ ପଦୋନ୍ନତି ପାଇଁ ଅଶ୍ରମ ସ୍କୁଲର ପ୍ରଧାନ ଶିକ୍ଷକଙ୍କ ତଥ୍ୟ ଦାଖଲ ଯୁଗ୍ମ ନିର୍ଦ୍ଦେଶକଙ୍କ ଚିଠିରେ କୁହାଯାଇନଥିଲା। ଏସ୍‌ଟି ଏସ୍‌ସି ଉନ୍ନୟନ ବିଭାଗର ହାଇସ୍କୁଲରେ ତିନିବର୍ଷ ନିୟମିତ ଟିଜିଟି ଭାବେ କାର୍ଯ୍ୟକାଳ ପୂରଣ କରିଥିବା ଶିକ୍ଷକ ପିଜିଟି ପଦୋନ୍ନତି ପାଇଁ ଯୋଗ୍ୟ ବୋଲି ଏହି ଚିଠିରେ ଉଲ୍ଲେଖ କରାଯାଇଥିଲା। ଏପରି ଯୋଗ୍ୟତା ସର୍ତ୍ତାବଳୀ ପାଇଁ ଆବେଦନକାରୀ ପଦୋନ୍ନତି ପ୍ରକ୍ରିୟାରୁ ପରୋକ୍ଷରେ ବାଦ୍ ପଡ଼ିବା ସ୍ପଷ୍ଟ ହୋଇଥିଲା। ଏପରି ଚିଠିକୁ ବେଆଇନ ଦର୍ଶାଇ ଆବେଦନକାରୀ ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ। ଆବେଦନକାରୀଙ୍କ ତରଫରୁ ଆଇନଜୀବୀ ବଂଶୀଧର ଶତପଥୀ ଓ ସତ୍ୟବ୍ରତ ଶତପଥୀ ମାମଲା ପରିଚାଳନା କରୁଛନ୍ତି।

# ସାମାନ୍ୟ ବଚସାରୁ ବୃଦ୍ଧଙ୍କୁ ହତ୍ୟା

ବ୍ରହ୍ମପୁର, ୧୦।୧୨(ସମିସ): ସାମାନ୍ୟ ବଚସାରୁ ବୃଦ୍ଧଙ୍କୁ ହତ୍ୟା କଲା ପଡ଼ୋଶୀ। ବ୍ରହ୍ମପୁର ବୈଦ୍ୟନାଥପୁର ଥାନା ଇଞ୍ଜିନିୟରିଂ ସ୍କୁଲ ଛକ ନିକଟ ପଣ୍ଡା କଲୋନୀ ୪ର୍ଥ ଲାଇନ୍‌ରେ ଘଟିଛି ଏହି ହତ୍ୟାକାଣ୍ଡ। ମୃତକ ହେଲେ, ବାରିକ ଜେନା (୭୦)। ପୁଲିସ ମୃତକଙ୍କ ପଡ଼ୋଶୀ ତାରାପ୍ରସାଦ ଗୌଡ଼(୪୪)ଙ୍କୁ ଗିରଫ କରି କୋର୍ଟଚାଲାଣ କରିଛି। ଜାମିନ୍ ନାମଞ୍ଜୁର ହେବାରୁ ତାଙ୍କୁ ବ୍ରହ୍ମପୁର ଜେଲ୍‌କୁ ପଠାଇ ଦିଆଯାଇଛି। ପୁଲିସ ବାରିକ ଜେନାଙ୍କ ମୃତଦେହ ବ୍ୟବଚ୍ଛେଦ ପରେ ପରିବାର ଲୋକଙ୍କୁ ହସ୍ତାନ୍ତର କରିଛି। ପୁଲିସ ସୂଚନାନୁସାରେ, ପଣ୍ଡା କଲୋନୀ ୪ର୍ଥ ଲାଇନ୍‌ରେ ଅଣ ଓସାରିଆ ରାସ୍ତା। ବାରିକ ଜେନାଙ୍କ ଘର ଅତିକ୍ରମ କରିବା ପରେ ତାରାପ୍ରସାଦଙ୍କ ଘର। ସବୁବେଳେ ରାସ୍ତା ବ୍ଲକ୍ କରି ରଖୁଥିଲେ ବାରିକ ଜେନା। ଫଳରେ ଉଭୟଙ୍କ ଭିତରେ ପାଟିତୁଣ୍ଡ ହେଉଥିଲେ। ମଙ୍ଗଳବାର ମଧ୍ୟାହ୍ନରେ ତାରା ପ୍ରସାଦ ବାଇକ୍‌ରେ ଘରକୁ ଫେରୁଥିଲେ। ରାସ୍ତା ବ୍ଲକ୍ କରି ରଖିଥିବାରୁ ତାରାପ୍ରସାଦ ଘରକୁ ଯିବା ସମସ୍ୟା ହୋଇଥିଲା। ଏହି କଥାକୁ ନେଇ ଉଭୟଙ୍କ ମଧ୍ୟରେ ପାଟିତୁଣ୍ଡ ହୋଇଥିଲା। ତାରାପ୍ରସାଦ ରାଗରେ ବାରିକ ଜେନାଙ୍କୁ ଧକ୍କା ମୁକା ମାରିବା ସହ ଶକ୍ତ ଚାପୁଡା ମାରିଥିଲା। ସେ ଅଚେତ ହୋଇ ପଡିଯାଇଥିଲେ। ବ୍ରହ୍ମପୁର ବଡ଼ ଡାକ୍ତରଖାନାରେ ଭର୍ତ୍ତି କରାଯାଇଥିଲା। ଚିକିତ୍ସାଧୀନ ଅବସ୍ଥାରେ ତାଙ୍କର ମୃତ୍ୟୁ ହୋଇଥିବା ଡାକ୍ତର ଘୋଷଣା କରିଥିଲେ। ମୃତକଙ୍କ ପୁଅ ସୁବାସ ଜେନା ଏନେଇ ଥାନାରେ ଅଭିଯୋଗ କରିଥିଲେ।

**AFFIDAVIT**

By virtue of an affidavit sworn before the Executive Magistrate Jharbandh of District Bargarh dated 2nd December 2025, CF No - 01, I Narayana Satnami aged about 27 years, Kalia Satnami, resident of village- Jatesira, Po.- Goudmal Ps.- Jagdalpur, Block- Jharbandh, Dist. Bargarh, Pin 768042 hereby declares that for myself. I have changed my name from **Narayan Satnami** to **Narayana Satnami** . Hence I will be known as **Narayana Satnami** for all future purposes.

**AFFIDAVIT**

By virtue of an affidavit sworn before the Executive Magistrate, Tigiria, dated-29.11.2025 C.F No-5, I Lijarani Das of Village-Sunthipal, Po-Bandalo, Ps-Tigiria, Dist-Cuttack declare that I have changed my name from Lija Das to Lijarani Das in Aadhar card. Henceforth, I shall be known as Lijarani Das for all purposes.

**AFFIDAVIT**

I MINIYAKA GEETANJALI, W/o - MINIYAKA BISWANATH, Resident At- TANKUA, NEAR JAGANNATH TEMPLE, Po- P.R.PETA, Jeypore, Dist - Koraput -764003, Odisha declare by this Affidavit No.5037 Dated -10/12/2025, that now onwards I shall be known as **MINIYAKA GITANJALI** For all future purpose.

**LOST**

**I, Ranjulata Barik,** aged about 57 years, W/o: Santosh Kumar Barik, R/o: Sunamuhi, Baripada, Ward No.11 hereby declared through Affidavit that, my original Regd. Sale Deed No. 953, Dt.27.03.1991 pertaining to land situated in Mouza: Baripada Town, Unit No.12, Stationbandha sahi, Khata No.: 205/212, Plot No.: 34/1066, P.S.: Baripada, P.S. No. 103, Area: Ac.0.098dec. and Khata No.: 205/209, Plot No.: 35, P.S.: Baripada, P.S. No. 103, Area: Ac.0.040dec.. has been lost at a tea stall near Palbani on 05.12.2025. The said document has not been utilised for any other purpose and in case I discover the same in future, I shall notify and produce the same before the Odisha Grameen Bank, Main Branch, Baripada. If anybody found this document please contact- **Mob- 9937538105**

**AFFIDAVIT**

By the virtue of an affidavit sworn before the Notary Public, Bhubaneswar, it is declared that the names of the parents of Miss Pallela Samhita were wrongly recorded in her school record as P. Satyanarayana and P. Sujatha.
The correct names are:
Father: Pallela Satyanarayana
Mother: Palela Sujata
Sd/- Pallela Satyanarayana & Palela Sujata, Flat No. LIG-I/110, Sudarshan Enclave, Phase-VII, Dumduma, Bhubaneswar – 751019, Date: 05-12-2025

**NOTICE (FOR MINOR)**

By the virtue of an affidavit CF No 74, before the Executive Magistrate, Bhubaneswar, dtd.15.11.2025, I, Sanghamitra Parida, residing at M-156, Phase-II, Bhimatangi, Guru Kelu Charan Marg, Lane-4, P.S. Airfield, Bhubaneswar-751002 have changed my minor daughter's name from Saparajya Parida to Saparjya Parida. Henceforth she shall be known as **Saparjya Parida** for all purposes.
**Sd/- Sanghamitra Parida**

**पंजाब नैशनल बैंक** ...भरोसे का प्रतीक ! **punjab national bank** ...the name you can BANK upon!

ବି.ଓ. ଟିଟିଲାଗଡ
ଠିକଣା: ମହାବୀର ପଞ୍ଚାୟତ, ଧର୍ମଶାଳା ସାମ୍ନା, ଟିଟିଲାଗଡ଼
ଯୋଗାଯୋଗ ନଂ: 8249151403, ଇମେଲ: bo6808@pnb.bank.in

**ସାର୍ବଜନୀନ ନୋଟିସ୍**

ବ୍ୟାଙ୍କ ଅନୁସୂଚିତ ସମ୍ପତ୍ତି ସମ୍ପର୍କରେ ବନ୍ଧକ ସୃଷ୍ଟି କରିବାକୁ ଚାହୁଁଛି। ସମ୍ପତ୍ତିରେ କୌଣସି ସ୍ୱାର୍ଥ କିମ୍ବା ଅଧିକାର ଦାବି କରୁଥିବା କିମ୍ବା ଅନ୍ୟ କୌଣସି ଆପତ୍ତି ବା ଯେକୌଣସି ବ୍ୟକ୍ତି ଏହି ନୋଟିସ୍ ପ୍ରକାଶନର ସାତ ଦିନ ମଧ୍ୟରେ ବ୍ୟାଙ୍କରେ ପ୍ରତିନିଧିତ୍ୱ କରିପାରିବେ।
ମୌଜାରେ ଅବସ୍ଥିତ ସମସ୍ତ ଜମି ଏବଂ କୋଠାର ଅଂଶ : ଦୁର୍ଲା, ଟିଟିଲାଗଡ଼, ପି.ଏସ୍. ନମ୍ବର: 85, ଖାତା ନମ୍ବର 190/299, ପ୍ଲଟ୍ ନମ୍ବର 1001, ନାମ - ବିନୋଦ କୁମାର ଅଗ୍ରୱାଲ, ପିତା - ରମେଶ କୁମାର ଅଗ୍ରୱାଲ, ବିକ୍ରୟ ଡିଡ୍ ନମ୍ବର 10331401255, 21.07.2014, ପୂର୍ବ ଲିଙ୍କ୍ ଡିଡ୍ ନମ୍ବର 732, 08.05.2006
ସ୍ୱା/- ଅଜିତେଶ ପାତ୍ର
ଶାଖା ପରିଚାଳକ

**ADMISSION NOTICE-2025-26**
**Manjari Devi College**
Affiliated to Utkal University, OUHS, PCI, OSBP & DMLT/RTEB
*Campus:* 262, Puranpadhan, Balakati, Bhubaneswar
Mob. 7019799641, 7978608747, 9853801459
Email: mdscnbbsr@gmail.com
- **B. Pharm** Rs. 58,000/- P.A. Eligibility: +2 Sc. (PCB/M & OJEE Appeared)
- **D. Pharm** Rs. 48,000/- P.A. Eligibility: +2 Sc. (PCB/M)
- **B.M.L.T.** Rs. 58,000/- P.A. Eligibility: +2 Sc. (PCB/M with 50 % Mark)
- **D.M.L.T.** Rs. 48,000/- P.A. Eligibility: +2 Sc. Pass (PCB/M)
- **M.P.H.** Rs. 42,000/- P.A. Eligibility: Any Graguate

ALL COURSE FEES ARE EXCLUDING HOSTEL

MM-355
**GOVERNMENT OF ODISHA**
OFFICE OF THE DIVISIONAL FOREST OFFICER, PHULBANI KENDU LEAF DIVISION
AT/PO/PS:- PHULBANI, e-mail id – dfoklplb@gmail.com
BID IDENTIFICATION No. F.E.&CC /PLB/02 (online)/2025-26
**E-procurement notice**
**No. 02, Dated' 09.12.2025**
The Divisional Forest Officer, Phulbani K.L. Division, on behalf of Governor of Odisha, invites Percentage Rate bids in **Single cover** System in ONLINE MODE.
1. Nature of work :- Construction of Forest Guard Quarter at Phulbani Division Office Campus
2. Tender Cost :- Rs.6000/-
3. Class of Contractor :- "C" & "D" class Contractors
4. Availability of bid document in the website. :- 18:00 Hours of 11.12.2025 to 17:30 Hours of 19.12.2025
5. Date of Opening of Tenders :- 11:30 Hours on dt._20.12.2025
6. The Bidders have to participate in ONLINE bidding only. Further details can be seen from the Web Site www.tendersodisha.gov.in only. Any Corrigendum / Addendum/ cancellation of tender will be displayed in the website said only.

OIPR-08069/11/0008/2526
Divisional Forest Officer
Phulbani K.L. Division

O-1683 Email- rd_nuapada@rediffmail.com
GOVT. OF ODISHA
OFFICE OF THE SUPERINTENDING ENGINEER
RURAL WORKS DIVISION, NUAPADA
BID IDENTIFICATION NO. RWNPD – 06 (Online) of 2025-26
**"e" PROCUREMENT NOTICE**
Bid documents consisting of Work, Estimate Cost, Cost of tender Paper, EMD / BID security, Time of Completion, Class of Contractor and the set of terms and conditions of contract and other necessary documents can be seen in Govt. website i.e. www.tendersorissa.gov.in
1. Name of the Work : Building works in the District of Nuapada as mentioned in DTCN
2. Total No of Works : 01 No.
3. Estimated Cost: : Rs. 50.18 lakhs (Building)
4. Period of Completion: : 01 (one) Calendar Month
5. Other Details:

| Procurement officer | Bid Identification No. | Availability of Tender online for bidding | | Last date & time of Seeking tender clarification | Date & Time of Opening of Bid | |
|---|---|---|---|---|---|---|
| | | From | To | | Technical Bid | Financial Bid |
| Superintending Engineer, Rural Works Division, Nuapada | RWNPD-06/2025-26 (Online) | 10.12.2025 at 10.00 AM | 20.12.2025 up to 5.00 PM | 19.12.2025 upto 05.00 PM | 21.12.2025 at 11.00 AM | Will be intimated later on |

Further details can be seen from the website www.tendersodisha.gov.in
Executive Engineer
Rural Works Division, Nuapada
OIPR-25050/11/0010/2526

OHPC ISO 9001-14001 18001 Certified
CAD-2638
OFFICE OF THE SR. GENERAL MANAGER (ELECTRICAL)
UPPER INDRAVATI HYDRO ELECTRIC PROJECT, MUKHIGUDA,
DIST: KALAHANDI-766026, ODISHA, E-mail: sgmel_uihep@ohpcltd.com / sgmeluihep@gmail.com
ODISHA HYDRO POWER CORPORATION LTD. (A GOVERNMENT OF ODISHA UNDERTAKING)
Regd. Office OSPH & W.C Building, Vanivihar Chhak, Janpath, Bhoinagar, Bhubaneswar-751022,
Tel: 91-0674-2542983, 2542802, 2545526, 2542826, Fax:2542102, E-Mail: ohpc.co@gmail.com / md@ohpcltd.com
WEB: www.ohpcltd.com, CIN: U40101OR1995SGC003963
**NOTICE INVITING TENDER No. UIHEP-38/2025-26 DATED 08.12.2025**
Sealed tenders are invited in two parts i.e. (i) Techno commercial bid (ii) Price bid in separate sealed envelopes from the registered travel agencies / vehicle owners/service providers for providing services as mentioned below.

| Description of Materials / Services | Cost of tender paper (Non-refundable) in Rs. | EMD in shape of DD/Banker's Cheque only (Refundable) in Rs. | Period of sale / download of tender document | Last date & time of receipt of tender | Date & time of opening of Techno commercia l Bid |
|---|---|---|---|---|---|
| Hiring of a light vehicle (Mahindra Bolero) for patrolling of the local Police Officer, Outpost of Mukhiguda for 04 Years. | 7,080/- (inclusive of GST) | 01% of quoted price | From 12.12.2025 to 23.12.2025 up to 13.00 Hrs | 23.12.2025 (up to 13:30Hrs) | 23.12.2025 at 16:30Hrs. |

For details of the tender documents, terms and conditions please visit our website www.ohpcltd.com
OIPR-04008/11/0050/2526
C&P Head
UIHEP, Mukhiguda

भा.क.नि. CCI
**ଭାରତୀୟ କପା ନିଗମ ଲିମିଟେଡ୍**
**ଶାଖା କାର୍ଯ୍ୟାଳୟ: ରାୟଗଡା**
ଭବନାରାୟଣ ନୀଲୟମ, ଜ୍ୟୋତି ମହଲ ହୋଟେଲ ନିକଟରେ, କନଭେଣ୍ଟ ରୋଡ୍, ରାୟଗଡା -୭୬୫୦୦୧
ମୋବାଇଲ ଆପ
ସଂଖ୍ୟା: ଭାକନି / ରାୟଗଡ଼ା / ୨୦୨୫-୨୬ ତାରିଖ: ୧୦.୧୨.୨୦୨୫

**କପା ଚାଷୀଙ୍କ ଆହ୍ୱାନ**

ଚଳିତ କପା ବିପଣନ ଋତୁ ୨୦୨୫-୨୬ ରେ, ଭାରତୀୟ କପା ନିଗମ (CCI) କପାଚାଷୀଙ୍କ ପାଇଁ "କପାସ କିଷାନ" ମୋବାଇଲ୍ ଆପ୍ ଲଞ୍ଚ କରିଛି, ଯାହା ମାଧ୍ୟମରେ ଚାଷୀମାନେ ସ୍ୱୟଂ-ପଞ୍ଜିକରଣ କରି ପାରିବେ ଏବଂ ସର୍ବନିମ୍ନ ସହାୟକ ମୂଲ୍ୟ (MSP)ରେ CCI କ୍ରୟ କେନ୍ଦ୍ରରେ ସେମାନଙ୍କର କପା ବିକ୍ରୟ କରିପାରିବେ। ସମ୍ପୃକ୍ତ ରାଜ୍ୟ ଦ୍ୱାରା ସ୍ୱୟଂ-ପଞ୍ଜିକରଣ ଅନୁମୋଦନ ହେବା ପରେ ପଞ୍ଜିକରଣ ସମ୍ପୂର୍ଣ୍ଣ ବୋଲି ବିବେଚନା କରାଯିବ, ଯାହା ପରେ ଚାଷୀମାନେ ମୋବାଇଲ୍ ଆପରେ ଉପଲବ୍ଧ ନିକଟତମ କ୍ରୟ କେନ୍ଦ୍ର / ଅଧିସୂଚିତ କାରଖାନାରେ ସେମାନଙ୍କର କପା ବିକ୍ରୟ କରିବା ପାଇଁ ଏକ ସ୍ଲଟ୍ ବୁକ୍ କରିପାରିବେ।

**ରାଜ୍ୟଗୁଡ଼ିକର ଅନୁରୋଧ ଏବଂ କୃଷକମାନଙ୍କ ସୁବିଧାକୁ ଦୃଷ୍ଟିରେ ରଖି, ପଞ୍ଜୀକରଣର ଶେଷ ତାରିଖ ୩୧ ଅକ୍ଟୋବର ୨୦୨୫ ରୁ ୩୧ ଡିସେମ୍ବର ୨୦୨୫ କୁ ବୃଦ୍ଧି କରାଯାଇଛି।**

ତେଣୁ, ସମସ୍ତ କପା ଚାଷୀଙ୍କୁ ଅନୁରୋଧ କରାଯାଉଛି ଯେ ସେମାନେ ନିର୍ଦ୍ଧାରିତ ସମୟ ମଧ୍ୟରେ କପାସ କିଶାନ ମୋବାଇଲ୍ ଆପ୍ ଡାଉନଲୋଡ୍ କରନ୍ତୁ ଏବଂ ସେମାନଙ୍କର ପଞ୍ଜୀକରଣ ସମାପ୍ତ କରନ୍ତୁ ଯାହା ଦ୍ୱାରା ସେମାନେ MSP ଯୋଜନାର ଲାଭ ପାଇପାରିବେ।
ଗୁଣବତ୍ତା ମାନଦଣ୍ଡ ଅନୁଯାୟୀ ଯଦି କପାରେ ଆର୍ଦ୍ରତା ୮% ଅତିକ୍ରମ ନକରେ, ତେବେ ଚାଷୀମାନଙ୍କୁ ସମ୍ପୂର୍ଣ୍ଣ ସର୍ବନିମ୍ନ ସହାୟକ ମୂଲ୍ୟ (MSP) ପ୍ରଦାନ କରାଯିବ। କିନ୍ତୁ, ଯଦି ଆର୍ଦ୍ରତା ୮% ଅତିକ୍ରମ କରି ୧୨% ପର୍ଯ୍ୟନ୍ତ ପହଞ୍ଚିଯାଏ, ତେବେ ୮% ରୁ ଅଧିକ ଆର୍ଦ୍ରତା ଅନୁପାତରେ ହ୍ରାସ କରି MSP ପ୍ରଦାନ କରାଯିବ।
ତେଣୁ, ନିଗମ ସମସ୍ତ କପା ଚାଷୀଙ୍କୁ ଅତ୍ୟଧିକ ଆର୍ଦ୍ରତା ଯୋଗୁଁ କୌଣସି କଟନିତୀକୁ ଏଡାଇବା ପାଇଁ କେବଳ ଶୁଖିବା ପରେ ସେମାନଙ୍କର କପା କେନ୍ଦ୍ରକୁ ଆଣିବାକୁ ଅନୁରୋଧ କରୁଛି। ତଥାପି, କୌଣସି ପରିସ୍ଥିତିରେ କପାରେ ଆର୍ଦ୍ରତା ୧୨% ଅତିକ୍ରମ କରିବା ଉଚିତ୍ ନୁହେଁ।
ଯଦି କୌଣସି ପ୍ରକାରର ସହାୟତା ଆବଶ୍ୟକ ହୁଏ, ତେବେ ଚାଷୀମାନେ ନିଗମର ରାୟଗଡ଼ା ଶାଖା କାର୍ଯ୍ୟାଳୟ ସହିତ ହ୍ୱାଟସଆପ୍ ହେଲ୍ପଲାଇନ୍ ନମ୍ବର ୬୩୭୦୦୧୧୯୨୦ରେ ଯୋଗାଯୋଗ କରିପାରିବେ।
ସ୍ୱା/-ଶାଖା ପ୍ରମୁଖ

## ଆଜିର ରାଶିଫଳ

**ମେଷ:** ଶିକ୍ଷା କ୍ଷେତ୍ରରେ ସଫଳତା ପ୍ରାପ୍ତ ହେବ। ଆଇଟି ଚାକିରିଆଙ୍କ ପାଇଁ ଦିନ ଭଲ। ଚାକିରିରେ ପରିବର୍ତ୍ତନ ହେବ। ରାଜନୀତିରେ ସଫଳ ହେବେ। ସନ୍ତାନଙ୍କ ଭବିଷ୍ୟତ ଲାଗି ବାପାମାଆ ଅର୍ଥ ନିବେଶ କରିବେ।

**ବୃଷ:** ଦୀର୍ଘ ଦିନରୁ ଆଶା କରିଥିବା ଦିଗରୁ ଅର୍ଥ ମିଳିବ। ବ୍ୟସ୍ତତା ଭିତରେ ଦିନଟି କଟିବ। ବ୍ୟବସାୟ ଆଗକୁ ବଢ଼ାଇବାକୁ ପ୍ରୟାସ କରିବେ। ଅତିଥି ସତ୍କାର କରିପାରନ୍ତି। ସୃଜନାତ୍ମକ କ୍ଷେତ୍ରରେ ସଫଳତା ହାସଲ କରିବେ।

**ମିଥୁନ:** ଚାକିରିରେ ପଦୋନ୍ନତି ସମ୍ଭାବନା ଅଛି। କଳା ଓ ସାହିତ୍ୟ କ୍ଷେତ୍ରରେ ସମ୍ମାନିତ ହୋଇପାରନ୍ତି। ସ୍ୱାସ୍ଥ୍ୟରେ ସୁଧାର ଆସିବ। ଅଧିକ ପରିଶ୍ରମ କରିବେ। ପାରିବାରିକ ଜୀବନ ସୁଖମୟ ହେବ।

**କର୍କଟ:** ଆର୍ଥିକ ସ୍ଥିତିରେ ଉନ୍ନତି ପରିଲକ୍ଷିତ ହେବ। ପଡୋଶୀଙ୍କ ସହ ସମ୍ପର୍କ ଘନିଷ୍ଠ ହୋଇପାରେ। ରାଜନେତାଙ୍କ ପାଇଁ ଦିନଟି ଭଲ। ଅଫିସ୍ କାର୍ଯ୍ୟ ପାଇଁ ଦୂରସ୍ଥାନକୁ ଯାତ୍ରା କରିପାରନ୍ତି।

**ସିଂହ:** ନିବେଶରୁ ଲାଭ ପାଇବେ। କାର୍ଯ୍ୟରେ ସଫଳତା ମିଳିବ। ବ୍ୟବହାରରେ ସଂଯମତା ରକ୍ଷା କରିବେ। ତରିବରିଆ ଭାବେ କୌଣସି ନିଷ୍ପତ୍ତି ନେବେ ନାହିଁ। ଶିକ୍ଷା କ୍ଷେତ୍ରରେ ସମ୍ମାନ ମିଳିବ।

**କନ୍ୟା:** ଦିନଟି ମିଶ୍ରଫଳ ପ୍ରଦାନ କରିବ। ଘର ସାଜସଜ୍ଜାରେ ଅଧିକ ଖର୍ଚ୍ଚାନ୍ତ ହେବେ। ମହିଳାମାନେ ଘରକାର୍ଯ୍ୟରେ ସମୟ ଅତିବାହିତ କରିବେ। ପଡ଼ୋଶୀଙ୍କ ସହ ମତାନ୍ତର ଦୂର ହେବ।

**ତୁଳା:** ସରକାରୀ କ୍ଷେତ୍ରରେ ଲାଭ ମିଳିବ। ଧାର କରଜ କରିବାରୁ ରକ୍ଷା ପାଇବେ। ଭବିଷ୍ୟତ ପାଇଁ ବଡ଼ ନିଷ୍ପତ୍ତି ନେବେ। ଅଫିସ୍‌ରେ ପଦୋନ୍ନତି ସମ୍ଭାବନା ଅଛି। ଛାତ୍ରଛାତ୍ରୀ ପଢ଼ାରେ ଧ୍ୟାନ ଦେବେ।

**ବିଛା:** ସମୟ ପୂର୍ବରୁ ସମସ୍ତ କାର୍ଯ୍ୟ ପୂରା କରିବେ। ଇଚ୍ଛା ପୂରଣ ହେବ। ଦାମ୍ପତ୍ୟ ଜୀବନ ସୁଖମୟ ହେବ। ବନ୍ଧୁଙ୍କ ସହ ବୁଲିବାକୁ ଯିବେ। ଅବିବାହିତଙ୍କ ପାଇଁ ବିବାହ ପ୍ରସ୍ତାବ ଆସିପାରେ।

**ଧନୁ:** ଧାର୍ମିକ ସ୍ଥାନକୁ ଯାତ୍ରାଯୋଗ ଅଛି। ବ୍ୟବସାୟ ଜନିତ ସମସ୍ୟା ସମାଧାନ ହେବ। ସ୍ୱାସ୍ଥ୍ୟ ପ୍ରତି ଯତ୍ନବାନ ହେବେ। ଆର୍ଥିକ ଉନ୍ନତିକୁ ନେଇ ପ୍ରସନ୍ନ ରହିବେ। ନୂଆ ଲୋକଙ୍କ ସଂସ୍ପର୍ଶରେ ଆସିବେ।

**ମକର:** ନାଚ, ଗୀତରେ ସଫଳତା ମିଳିବ। ଛାତ୍ରଛାତ୍ରୀ ପଢ଼ା ପ୍ରତି ଆଗ୍ରହ ପ୍ରକାଶ କରିବେ। ବିଦେଶ ଯାତ୍ରା ଯୋଗ ଅଛି। ଭଉଣୀଙ୍କ ସ୍ୱାସ୍ଥ୍ୟରେ ସୁଧାର ଆସିବ। ପୁରୁଣା ବନ୍ଧୁଙ୍କ ସହ ସାକ୍ଷାତ ଯୋଗ ରହିଛି।

**କୁମ୍ଭ:** ପ୍ରେମିକ ପ୍ରେମିକାଙ୍କ ଲାଗି ଦିନଟି ଭଲ। ଘର ପାଇଁ ନୂଆ ଜିନିଷ କିଣିବେ। ସନ୍ତାନଙ୍କ ସହ ସମୟ ଅତିବାହିତ କରିବେ। ବନ୍ଧୁଙ୍କ ସାହାଯ୍ୟ ଓ ସହଯୋଗ ମିଳିବ। ଛାତ୍ରଛାତ୍ରୀ ପରୀକ୍ଷାରେ କୃତକାର୍ଯ୍ୟ ହେବେ।

**ମୀନ:** ବ୍ୟସ୍ତତା ଭିତରେ ନିଜ ପାଇଁ ସମୟ ବାହାର କରିବେ। ଧାର୍ମିକ କାର୍ଯ୍ୟରେ ନିୟୋଜିତ ହେବେ। ପୈତୃକ ସମ୍ପତ୍ତି ବିବାଦର ସମାଧାନ ହେବ। ବ୍ୟବସାୟରେ ପରିବର୍ତ୍ତନ ଆଣିବେ।

## ରାଜ୍ୟସ୍ତରୀୟ ବିଦ୍ୟାଳୟସମୂହ କ୍ରିକେଟ

# ବାଳିକା ବିଭାଗରେ କଟକ ଓ ଭୁବନେଶ୍ୱର ଫାଇନାଲକୁ ଉନ୍ନୀତ



ଜଗତସିଂହପୁର,୧୦।୧୨(ସମିସ)

ରାଜ୍ୟର ୩୧ଟି କ୍ରୀଡ଼ା ଜିଲ୍ଲାକୁ ନେଇ ଜଗତସିଂହପୁର ଜିଲ୍ଲାର ୭ଟି ଖେଳପଡ଼ିଆରେ ଚାଲିଥିବା ୬୯ତମ ରାଜ୍ୟସ୍ତରୀୟ ବିଦ୍ୟାଳୟ ସମୂହ କ୍ରିକେଟ୍ ମ୍ୟାଚ୍‌ର ଆଜି ପଞ୍ଚମ ଦିବସରେ ବାଳକ ବିଭାଗରେ ୧୦ଟି ମ୍ୟାଚ ଓ ବାଳିକା ବିଭାଗରେ ୩ଟି ମ୍ୟାଚ ଅନୁଷ୍ଠିତ ହୋଇଯାଇଛି। ବାଳକ ବିଭାଗରେ ନବକୃଷ୍ଣ ଚୌଧୁରୀ ଷ୍ଟାଡିୟମଠାରେ ବଲାଙ୍ଗିର ବନାମ ଯାଜପୁର ମଧ୍ୟରେ ଅନୁଷ୍ଠିତ ଲିଗ୍ ମ୍ୟାଚ୍‌ରେ ଯାଜପୁର ୮ ୱିକେଟ୍ ରେ ବିଜୟ ଲାଭ କରି ଖୋର୍ଦ୍ଧା ସହ ଏକ କ୍ୱାଟରଫାଇନାଲ ମ୍ୟାଚ୍ ଖେଳି ଏଥିରେ ୬ ୱିକେଟ୍‌ରେ ବିଜୟ ଲାଭ କରି ସେମିଫାଇନାଲକୁ ଉନ୍ନୀତ ହୋଇଛି। ନନ୍ଦବ୍ରତ ଷ୍ଟାଡିୟମ ଠାରେ ଅନୁଷ୍ଠିତ ଗଜପତି ବନାମ ସମ୍ବଲପୁର ଲିଗ୍ ମ୍ୟାଚ୍‌ରେ ଗଜପତି ୧୬ ରନ୍‌ରେ ବିଜୟ ଲାଭ କରି ପୁରୀ ସହ ଏକ କ୍ୱାଟରଫାଇନାଲ ମ୍ୟାଚ୍ ଖେଳି ଏଥିରେ ୫ ୱିକେଟ୍‌ରେ ବିଜୟ ଲାଭ କରି ସେମିଫାଇନାଲକୁ ଉନ୍ନୀତ ହୋଇଛି। ସତୀ ଖେଳପଡିଆ ଠାରେ ନୂଆପଡ଼ା ବନାମ ପୁରୀ ମଧ୍ୟରେ ଏକ ଉତ୍କଣ୍ଠାପୂର୍ଣ୍ଣ ଲିଗ୍ ମ୍ୟାଚ୍‌ରେ ପୁରୀ ୧ରନରେ ବିଜୟ ଲାଭ କରିଛି। ନବରଙ୍ଗପୁର ଓ କେନ୍ଦୁଝର ମଧ୍ୟରେ ଅନୁଷ୍ଠିତ କ୍ୱାଟର୍ ଫାଇନାଲ ମ୍ୟାଚରେ ନବରଙ୍ଗପୁର ୬୦ରନ୍‌ରେ ବିଜୟ ଲାଭ କରି ସେମିଫାଇନାଲକୁ ଉନ୍ନୀତ ହୋଇଛି। ତର୍ତ୍ତଙ୍ଗ ମିନିଷ୍ଟାଡିୟମଠାରେ ଭଦ୍ରକ ବନାମ ଅନୁଗୁଳ ମ୍ୟାଚ୍‌ରେ ଭଦ୍ରକ ୮ ୱିକେଟ୍‌ରେ ବିଜୟ ଲାଭ କରିଥିଲା। ସ୍ୱାମୀ ବିବେକାନନ୍ଦ ସ୍ୱୟଂଶାସିତ ମହାବିଦ୍ୟାଳୟ ଖେଳପଡିଆରେ ଗଞ୍ଜାମ ବନାମ ଢେଙ୍କାନାଳ ମ୍ୟାଚ୍‌ରେ ଢେଙ୍କାନାଳ ୬ ୱିକେଟ୍‌ରେ ବିଜୟ ଲାଭ କରିଥିଲା। ମାଲକାନଗିରି ବନାମ ଭଦ୍ରକ ମ୍ୟାଚ୍‌ରେ ମାଲକାନାଗିରି ୫ ୱିକେଟ୍‌ରେ ବିଜୟ ଲାଭ କରି ସେମିଫାଇନାଲ ଖେଳିବା ପାଇଁ ଯୋଗ୍ୟତା ଅର୍ଜନ କରିଛି। ସେହିପରି ୧୭ବର୍ଷରୁ କମ ବାଳିକା ବିଭାଗରେ ପୁନଙ୍ଗ ସ୍ଥିତ ପୁଲିସ ବାରାକ ପଡ଼ିଆରେ କେନ୍ଦୁଝର ବନାମ ନୂଆପଡା ମ୍ୟାଚ୍‌ରେ କେନ୍ଦୁଝର ୧୧୧ ରନ୍‌ରେ ବିଜୟ ଲାଭକରିଥିଲା। କଟକ ବନାମ କେନ୍ଦୁଝର ସେମିଫାଇନାଲ ମ୍ୟାଚ୍ ର କଟକ ୭୦ ରନ୍‌ରେ ବିଜୟ ଲାଭ କରି ଫାଇନାଲକୁ ଉନ୍ନୀତ ହୋଇଛି। ଜୟଦୁର୍ଗା ୟୁଥ ଆଥଲେଟିକ କ୍ଲବ ଖେଳ ପଡିଆରେ ଭୁବନେଶ୍ୱର ବନାମ ବାଲେଶ୍ୱର ସେମିଫାଇନାଲ ମ୍ୟାଚ୍‌ରେ ଭୁବନେଶ୍ୱର ୧୩ ରନ୍‌ରେ ବିଜୟଲାଭ କରି ଆସନ୍ତାକାଲି କଟକ ସହ ଫାଇନାଲ ମ୍ୟାଚ ଖେଳିବ। ଆସନ୍ତାକାଲି ବାଳକ ବିଭାଗର ଦୁଇଟି ସେମିଫାଇନାଲ ମ୍ୟାଚ ଯାଜପୁର ବନାମ ମାଲକାନଗିରି ଓ ଗଜପତି ବନାମ ନବରଙ୍ଗପୁର ମଧ୍ୟରେ ଅନୁଷ୍ଠିତ ହେବ। ଏଥିରେ ବିଜୟ ଲାଭ କରିଥିବା ଦୁଇ ଦଳ ମଧ୍ୟରେ ଫାଇନାଲ ମ୍ୟାଚ୍ ଅନୁଷ୍ଠିତ ହେବାକୁ ଥିଲା ବେଳେ ବାଳିକା ବିଭାଗର କଟକ ଓ ଭୁବନେଶ୍ୱର ମଧ୍ୟରେ ଫାଇନାଲ ମ୍ୟାଚ ଅନୁଷ୍ଠିତ ହେବ। ଏହାପରେ ଏହି ରାଜ୍ୟସ୍ତରୀୟ କ୍ରିକେଟ ପ୍ରତିଯୋଗିତାର ଉଦ୍‌ଯାପନ ଉତ୍ସବ ଅନୁଷ୍ଠିତ ହେବ। ଜିଲ୍ଲା ଶିକ୍ଷାଧିକାରୀ କେଶବ ମେହେରଙ୍କ ମାର୍ଗଦର୍ଶନରେ ଏବଂ ଅତିରିକ୍ତ ଜିଲ୍ଲା ଶିକ୍ଷାଧିକାରୀ ରାଜ୍ୟଶ୍ରୀ ସାହୁ, ଡ. ସୁଶାନ୍ତ ମହାନ୍ତି, ସହକାରୀ ନିର୍ଦ୍ଦେଶକ ଜ୍ୟୋତିରଞ୍ଜନ ପରିଡା ଓ ଜିଲ୍ଲା ଶାରୀରିକ ଶିକ୍ଷାଧିକାରୀ ଜୟନ୍ତ କୁମାର ରାୟଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ସମସ୍ତ ଖେଳ ଅନୁଷ୍ଠିତ ହୋଇଥିଲା। ପ୍ରତ୍ୟେକ ମ୍ୟାଚ୍ ସ୍ଥଳରେ ଜଗତସିଂହପୁର ଜିଲ୍ଲା ଜୁନିଅର ରେଡ୍‌କ୍ରସ ସଂଗଠନ ତରଫରୁ ପ୍ରାଥମିକ ଚିକିତ୍ସା ଯୋଗାଇ ଦିଆଯାଇଥିଲା ବେଳେ ପ୍ରତିଦିନ ସନ୍ଧ୍ୟାରେ ବିଭିନ୍ନ ଜିଲ୍ଲାରୁ ଆସିଥିବା ଛାତ୍ରଛାତ୍ରୀଙ୍କ ଦ୍ୱାରା ଚିତ୍ତାକର୍ଷକ ସାଂସ୍କୃତିକ କାର୍ଯ୍ୟକ୍ରମକୁ ଉପସ୍ଥିତ ସମସ୍ତ ଖେଳାଳି ଉପଭୋଗ କରିଥିଲେ। ଏହି ରାଜ୍ୟସ୍ତରୀୟ ବିଦ୍ୟାଳୟ ସମୂହ କ୍ରିକେଟ ପ୍ରତିଯୋଗିତାରେ ସମସ୍ତ ବ୍ଲକର ବ୍ଲକ ଶିକ୍ଷାଧିକାରୀ, ଏହି କ୍ରିକେଟ ପ୍ରତିଯୋଗିତା ପାଇଁ ଗଠିତ ଜିଲ୍ଲା କମିଟିର ସମସ୍ତ ସଦସ୍ୟ/ସଦସ୍ୟା ଓ ରାଜ୍ୟ କର୍ମକର୍ତ୍ତା ମାନେ ଯୋଗଦେଇ କାର୍ଯ୍ୟକ୍ରମ ପରିଚାଳନାରେ ସହାୟତା ଓ ସହଯୋଗ ପ୍ରଦାନ କରିଥିଲେ।

## ଘର ମାଲିକକୁ ଆକ୍ରମଣକରି ଜଣେ ଗିରଫ

ଜଗତସିଂହପୁର, ୧୦।୧୨(ସମିସ): ଜଗତସିଂହପୁର ସଦର ଥାନା ଅନ୍ତର୍ଗତ ସାଁପୁର ଗ୍ରାମରେ ଗତ ଅକ୍ଟୋବର ୧୬ ତାରିଖରେ ସଂଗଠିତ ମରଣାନ୍ତକ ଆକ୍ରମଣ ମାମଲାର ମୁଖ୍ୟ ଅଭିଯୁକ୍ତ ଲିପୁ ଲେଙ୍କାକୁ ପୁଲିସ ଗିରଫ କରିଛି। ପୁଲିସ ଠାରୁ ମିଳିଥିବା ସୂଚନା ଅନୁସାରେ ଲିପୁ ଲେଙ୍କା ସାଁପୁର ଗ୍ରାମର ଶିବାଶିଷ ମହାନ୍ତିଙ୍କ ଘରେ ଭଡ଼ା ନେଇ ରହୁଥିଲେ। ଘଟଣା ଦିନ ରାତି ପ୍ରାୟ ୧୦.୩୦ମି ସମୟରେ ଲିପୁ ଏବଂ ତାଙ୍କ ପତ୍ନୀ ସ୍ୱପ୍ନାରାଣୀ ଘରେ ପଶି ଶିବାଶିଷଙ୍କୁ ଧାରୁଆ ଅସ୍ତ୍ରରେ ଆକ୍ରମଣ କରି ଲହୁଲୁହାଣ କରି ଦେଇଥିଲେ। ଏହାର ପ୍ରତିବାଦ କରିବାରୁ ଶିବାଶିଷଙ୍କ ଝିଅ ଦେବିଦାସୀକୁ ମଧ୍ୟ ଉଭୟ ସ୍ୱାମୀ ସ୍ତ୍ରୀ ଅଶାଳୀନ ବ୍ୟବହାର ସହିତ ଟଣାଓଟର କରିଥିଲେ। ଗୁରୁତର ଅବସ୍ଥାରେ ଶିବାଶିଷଙ୍କୁ ପଡ଼ିଶା ଲୋକେ ଉଦ୍ଧାର କରି ଜଗତସିଂହପୁର ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରିଥିଲେ। ପରେ ତାଙ୍କୁ କଟକ ସ୍ଥାନାନ୍ତର କରାଯାଇଥିଲା। ଘଟଣା ପରେ ଲିପୁ ଫେରାର ହୋଇଯାଇଥିବା ବେଳେ ପତ୍ନୀ ସ୍ୱପ୍ନାରାଣୀ ପୁଲିସ ପାଖରେ ଆତ୍ମସମର୍ପଣ କରିଥିଲେ। ଘଟଣା ସମ୍ପର୍କରେ ସଦର ଥାନାରେ ଅଭିଯୋଗ ପରେ ପୁଲିସ ଏକ ମରଣାନ୍ତକ ଆକ୍ରମଣ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଥିଲା। ତେବେ ନିର୍ଭରଯୋଗ୍ୟ ସୂତ୍ରରୁ ଖବର ପାଇ ଅନୁଗୁଳରୁ ସ୍ଥାନୀୟ ପୁଲିସ ସହାୟତାରେ ଲିପୁ ଲେଙ୍କାକୁ ଗିରଫ କରିବାରେ ସଫଳ ହୋଇଥିବା ଏସ୍‌ପି ଅଙ୍କିତ କୁମାର ବର୍ମା ସୂଚନା ଦେଇଛନ୍ତି।

## ବ୍ୟାଙ୍କରେ ସୁରକ୍ଷିତ ଜମା ରାଶି ନେଇ ସଚେତନତା ଶିବିର

ଜଗତସିଂହପୁର,୧୦।୧୨(ସମିସ): ଆପଣଙ୍କ ପୁଞ୍ଜି, ଆପଣଙ୍କ ଅଧିକାର ଶୀର୍ଷକ ସଚେତନତା ଶିବିର ଆସନ୍ତା ୧୨ ତାରିଖରେ ୟୁକୋ ବ୍ୟାଙ୍କ ସ୍ୱନିଯୁକ୍ତି ତାଲିମ ପ୍ରତିଷ୍ଠାନ ଜଗତସିଂହପୁରରେ ଅନୁଷ୍ଠିତ ହେବ। ଏହି ଶିବିରରେ ଦାବିହୀନ ଖାତାର ଅର୍ଥରାଶି ପ୍ରଦାନ ସହିତ ବ୍ୟାଙ୍କ ଗୁଡ଼ିକରେ ଦାବିହୀନ ଖାତା ସମ୍ବନ୍ଧୀୟ ସବିଶେଷ ସୂଚନା ଜନସାଧାରଣଙ୍କୁ ପ୍ରଦାନ କରାଯିବ। ଜନସାଧାରଣ ନିଜ ପୁଞ୍ଜି ଉପରେ ପୂର୍ଣ୍ଣ ଅଧିକାର ସାବ୍ୟସ୍ତକୁ ସଫଳ କରିବା ଉଦ୍ଦେଶ୍ୟରେ ଏହି ସଚେତନତା ଶିବିର କେନ୍ଦ୍ର ଅର୍ଥ ସେବା ବିଭାଗଙ୍କ ନିର୍ଦ୍ଦେଶକ୍ରମେ ଏହି କାର୍ଯ୍ୟକ୍ରମ ଆୟୋଜନ କରାଯାଉଛି ବୋଲି ୟୁକୋ ବ୍ୟାଙ୍କ ଜିଲ୍ଲା ଅଗ୍ରଣୀ ଶାଖାର ମୁଖ୍ୟ ପରିଚାଳକ ଅନିଲ୍ ପ୍ରଧାନ ପ୍ରକାଶ କରିଛନ୍ତି।

# ବିଦ୍ୟାର୍ଥୀ ବ୍ୟକ୍ତିତ୍ୱ ବିକାଶ କାର୍ଯ୍ୟକ୍ରମ



ଜଗତସିଂହପୁର, ୧୦।୧୨(ସମିସ): ଅଫୁରନ୍ତ ଉତ୍ସାହ, ଅଦମ୍ୟ ସାହସ, ଅସୀମ ଧୈର୍ଯ୍ୟ ଓ ଅକ୍ଲାନ୍ତ ପରିଶ୍ରମ ଦ୍ୱାରା ଆମେମାନେ ଯେକୌଣସି ବଡ କାର୍ଯ୍ୟ କରିବାକୁ ସମର୍ଥ ହେବା ଏବଂ ବୀର୍ଯ୍ୟବାନ୍, ସମ୍ପୂର୍ଣ୍ଣ ଅକପଟ, ତେଜସ୍ୱୀ, ବିଶ୍ୱାସୀ ଓ ସାହାସୀ କେତେଜଣ ହାତଗଣତି ଯୁବକ ସମଗ୍ର ଜଗତର ଭାବସ୍ରୋତକୁ ବଦଳାଇ ଦେଇପାରିବେ ଏହାହିଁ ଥିଲା ସ୍ୱାମୀ ବିବେକାନନ୍ଦଙ୍କର ଛାତ୍ରଗୋଷ୍ଠୀ ପାଇଁ ଆହ୍ୱାନ ବୋଲି କୁସୁପୁର ସରକାରୀ ଉଚ୍ଚ ବିଦ୍ୟାଳୟରେ ଆୟୋଜିତ ବିଦ୍ୟାର୍ଥୀ ବ୍ୟକ୍ତିତ୍ୱ ବିକାଶ କାର୍ଯ୍ୟକ୍ରମରେ ଅତିଥି ମାନେ ମତପ୍ରକାଶ କରିଛନ୍ତି। ସ୍ୱାମୀ ବିବେକାନନ୍ଦ ଲୋକସଂସଦ, ଜଗତସିଂହପୁର ଜିଲ୍ଲା ଶାଖା ଓ ଉତ୍କଳ ରାମକୃଷ୍ଣ ସେବାସଂଘ, ଭୁବନେଶ୍ୱରର ମିଳିତ ଆନୁକୂଲ୍ୟରେ ବାଲିକୁଦା ବ୍ଲକ ଅନ୍ତର୍ଗତ ତେନ୍ତୁଲିବେଲାରୀ କୁସୁପୁର ସରକାରୀ ଉଚ୍ଚ ବିଦ୍ୟାଳୟରେ ଆୟୋଜିତ 'ଉଦ୍‌ବୋଧନୀ' ଓ ବିଦ୍ୟାର୍ଥୀ ବ୍ୟକ୍ତିତ୍ୱ ବିକାଶ କାର୍ଯ୍ୟକ୍ରମରେ ମୁଖ୍ୟଅତିଥ ଭାବେ ଯୋଗଦେଇ ସ୍ୱାମୀ ବିବେକାନନ୍ଦ ଲୋକସଂସଦ, ପୂର୍ବ ସଂଭାଗ ଓଡିଶାର ମୋ ଗାଁ ପରିଷଦ ପରିବେଶ ବିଭାଗର ସଂଯୋଜକ ପରିବେଶବିତ୍ ଉତ୍କଳ ରଞ୍ଜନ ମହାନ୍ତି କହିଛନ୍ତି। ବିଦ୍ୟାଳୟର ପ୍ରଧାନ ଶିକ୍ଷକ କୈବଲ୍ୟ ବିଶ୍ୱାଳଙ୍କ ଅଧ୍ୟକ୍ଷତାରେ ଆୟୋଜିତ କାର୍ଯ୍ୟକ୍ରମର ସ୍ୱାଗତ ଭାଷଣ ଓ ଅତିଥି ପରିଚୟ ପ୍ରଦାନ କରିଥିଲେ ସତ୍ୟସୁନ୍ଦର ଦାସ। କାର୍ଯ୍ୟକ୍ରମର ଉଦ୍ଦେଶ୍ୟ ଜ୍ଞାପନ କରିଥିଲେ ଶିକ୍ଷୟିତ୍ରୀ କବିତା ମଞ୍ଜରୀ ଦାସ। ମୁଖ୍ୟବକ୍ତା ଭାବେ ସେବା ସଂଘର ପ୍ରମୁଖ ପ୍ରବକ୍ତା ଜୟନ୍ତ କୁମାର ମହାନ୍ତି ଯୋଗଦେଇ ସ୍ୱାମୀଜୀଙ୍କ ଜୀବନଦର୍ଶନ ସମ୍ପର୍କରେ ବିଶଦଭାବେ ଆଲୋକପାତ କରିଥିଲେ। ଏହି ଅବସରରେ ଆୟୋଜିତ ବକ୍ତୃତା ପ୍ରତିଯୋଗିତାର କୃତି ପ୍ରତିଯୋଗୀ ଆଶିଷ କୁମାର ସାମଲ, ଓମ୍ ପ୍ରକାଶ ସ୍ୱାଇଁ, ସାଇ ପ୍ରସାଦ ହାତୀ, ସ୍ମୃତା ମାଇତି ଓ କୁନି ପ୍ରଧାନଙ୍କୁ ପୁରସ୍କୃତ କରାଯାଇଥିଲା। ଶିକ୍ଷକ ରମେଶ ଚନ୍ଦ୍ର ମଲ୍ଲିକ ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ।

## ଗ୍ରାମାଞ୍ଚଳରେ ନିଶା ବେପାର ବୃଦ୍ଧି

ବାଲିକୁଦା, ୧୦।୧୨ (ସମିସ): ବାଲିକୁଦା ବ୍ଲକ ନହରଣା ପଞ୍ଚାୟତ ବନ୍ଦର ସାମୁଦ୍ରିକ ଥାନା ଅଧୀନରେ ଥିବା ଗଣ୍ଡକୁଳ ବଜାର ନିକଟରେ ଦୋକାନ କରିଥିବା କିଛି ବ୍ୟବସାୟୀ ବେଆଇନ ଭାବେ ଚୋରା ମଦ ବିକ୍ରି କରୁଛନ୍ତି। ଫଳରେ ଯୁବପିଢ଼ି ପଥଭ୍ରଷ୍ଟ ହେବା ସହ ପ୍ରତିଦିନ ଗଣ୍ଡଗୋଳ ପରିସ୍ଥିତି ସୃଷ୍ଟି ହୋଇ ଅନେକ କ୍ଷୟକ୍ଷତି ହେଉଛି। ଏହାକୁ ତୁରନ୍ତ ବନ୍ଦ କରିବା ପାଇଁ ଜିଲ୍ଲାପାଳଙ୍କ ଯୁଗ୍ମ ଜନ ଶୁଣାଣି ଶିବିରରେ ଅଭିଯୋଗ କରିଛନ୍ତି ଗ୍ରାମବାସୀ। ତୁରନ୍ତ ଚୋରା ମଦ ବିକ୍ରି ବନ୍ଦ ପାଇଁ ଜିଲ୍ଲାପାଳଙ୍କୁ ଗ୍ରାମବାସୀ ଦାବି କରିଛନ୍ତି। ଏନେଇ ଜିଲ୍ଲାପାଳ ତୁରନ୍ତ ଏସ୍‌ପି ଓ ଅବକାରୀ ବିଭାଗ ସହ ଆଲୋଚନା କରିବା ସହ ଖୁବଶୀଘ୍ର ଚଢ଼ଉ କରି କଡ଼ା କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ପାଇଁ ନିର୍ଦ୍ଦେଶ ଦେଇଥିବା ଜଣାପଡ଼ିଛି।

# ୨୭ ଗ୍ରାମ ବ୍ରାଉନସୁଗର ଜବତ; ଜଣେ ଗିରଫ



ପାରାଦୀପ, ୧୦।୧୨ (ସମିସ): ପାରାଦୀପ ମଡେଲ ଥାନା ଅଧୀନ ଅଠରବାଙ୍କୀ ଲକ୍‌ପଡାରୁ ଅବକାରୀ ବିଭାଗ ପାରାଦୀପ ରେଞ୍ଜ ଚଢ଼ଉ କରି ଲକ୍ଷାଧିକ ଟଙ୍କାର ବ୍ରାଉନସୁଗର ଜବତ କରିଛି। ଏହି ଘଟଣାରେ ଜଣେ ବେପାରୀକୁ ଗିରଫ କରାଯାଇଛି। ସୂଚନାଯୋଗ୍ୟ ଯେ ଲକପଡାର ଅମଜାତ୍ ଖାନ୍ ଦୀର୍ଘ ଦିନ ଧରି ଆଖପାଖ ଅଞ୍ଚଳରେ ବ୍ରାଉନସୁଗର ବେପାର କରୁଥିବା ସମ୍ପର୍କରେ ଅଭିଯୋଗ ମିଳିଥିଲା। ଜିଲ୍ଲାପାଳ ଜେ ସୋନାଲଙ୍କ ନିର୍ଦ୍ଦେଶରେ ସୁପରିନ୍‌ଟେଡେଣ୍ଟ ଅନିତା ପ୍ରଧାନଙ୍କ ତତ୍ତ୍ୱାବଧାନରେ ପାରାଦୀପ ଅବକାରୀ ବିଭାଗ ଇନ୍ସପେକ୍ଟର ପ୍ରଶାନ୍ତ ମହାନ୍ତି ଓ ଉପନିରୀକ୍ଷକ ଧର୍ମପଦ ଦାସଙ୍କ ସହ ଏକ ଟିମ୍ ଆଜି ଦିନ ୧୨ଟା ସମୟରେ ପାଟ୍ରୋଲିଂ କରୁଥିଲେ। ଗ୍ରାହକଙ୍କୁ ଯୋଗାଣ ଉଦ୍ଦେଶ୍ୟରେ ସେ ଆଜି ବ୍ରାଉନସୁଗର ରଖିଥିବାର ସୂଚନା ପାଇବା ପରେ ଏହି ଟିମ୍ ଗ୍ରାହକ ବେଶରେ ଅଭିଯୁକ୍ତଙ୍କ ସହ ସମ୍ପର୍କ କରିଥିଲେ। ଡିଲ୍ ବେଳେ ଅଭିଯୁକ୍ତଙ୍କୁ ମାଡ଼ି ବସିଥିଲା ଅବକାରୀ ଟିମ୍। ସଂପୃକ୍ତ ବେପାରୀ ଅଠରବାଙ୍କୀ ଲକ୍‌ପଡା ରେଲୱେ କଲୋନୀରେ ରହୁଥିବା କାଦର ମହମ୍ମଦ ଖାନଙ୍କ ପୁଅ ଅମଜାତ୍ ଖାନ(୩୪)। ତା' ନିକଟରୁ ୨୭ ଗ୍ରାମର ବ୍ରାଉନ ସୁଗାର ଜବତ କରାଯାଇଛି। ଯାହାର ଆନୁମାନିକ ମୂଲ୍ୟ ପାଖାପାଖି ୩ ଲକ୍ଷ ଟଙ୍କା ହେବ। ଅଭିଯୁକ୍ତଙ୍କୁ ଅତିରିକ୍ତ ଜିଲ୍ଲା ଦୌରାଜଜ କୁଜଙ୍ଗଙ୍କ ନିକଟରେ ହାଜର କରାଯାଇଥିବା ବେଳେ ଜାମିନ ନାମଞ୍ଜୁର ହେବାରୁ ତାକୁ ୧୪ ଦିନିଆ ବିଚାର ବିଭାଗୀୟ ହାଜତ୍‌କୁ ପଠାଇ ଦିଆଯାଇଛି। ଗିରଫ ଅଭିଯୁକ୍ତଙ୍କ ନାମରେ ପୂର୍ବରୁ ଏନ୍‌ଡିପିଏସ୍ ଆକ୍ଟ ୧୯୮୫ରେ ଅନେକଗୁଡ଼ିଏ ମାମଲା ଥିବା ପ୍ରକାଶ କରିଛନ୍ତି ଜଗତସିଂହପୁର ଅବକାରୀ ଅଧିକ୍ଷିକା ଅନିତା ପ୍ରଧାନ। ସେ କହିଛନ୍ତି ଅବକାରୀ ବିଭାଗ ମୂଳ ପର୍ଯ୍ୟନ୍ତ ଯିବ। ଅଭିଯୁକ୍ତ ଜଣଙ୍କ କେଉଁଠୁ ହେରୋଇନ୍ ଆଣୁଥିଲେ ଏବଂ ଏହା ପଛରେ କାମ କରୁଥିବା ସିଣ୍ଡିକେଟକୁ ଧରିବାକୁ ଅବକାରୀ ବିଭାଗ ପ୍ରୟାସ ଆରମ୍ଭ କରିଛି।

## ବାଲିତୁଠରେ ଆଇନ ସଚେତନତା ଶିବିର

କୁଜଙ୍ଗ,୧୦।୧୨(ସମିସ): କୁଜଙ୍ଗ ଥାନା ବାଲିତୁଠ ପଞ୍ଚାୟତସ୍ଥିତ ପଞ୍ଚାୟତ ସ୍ୱଭାଗୃହରେ ଅପରାହ୍ନରେ କୁଜଙ୍ଗ ତାଲୁକ ଆଇନସେବା କମିଟି ପକ୍ଷରୁ ସଚେତନତା ସଭା ଅନୁଷ୍ଠିତ ହୋଇଯାଇଛି। ତାଲୁକ ଆଇନସେବା କମିଟିର ରିଟେନର ଆଇନଜୀବୀ ନୃସିଂହ ଚରଣ ପ୍ରଧାନଙ୍କ ପୌରୋହିତରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ କୁଜଙ୍ଗର ଏଡିଜେ ଦୀପ୍ତିପ୍ରକାଶ ବ୍ରହ୍ମା, ସମ୍ମାନିତ ଅତିଥି ଭାବେ ମୁନସିଫ ଜଜ୍ ଡ.ବିଶ୍ୱଭୂଷଣ ନାୟକ, ଜେଏମ୍‌ଏଫ୍‌ସି (ପି) ଅଙ୍କିତ ଦେବଗନ ପ୍ରମୁଖ ଅତିଥି ଭାବେ ଯୋଗଦେଇଥିଲେ। ସମସ୍ତ ନାଗରିକମାନଙ୍କର ଜନ୍ମରୁ ମୃତ୍ୟୁ ପର୍ଯ୍ୟନ୍ତ ସୁସ୍ଥ ହିସାବରେ ବଞ୍ଚିବା ପାଇଁ ପ୍ରତ୍ୟେକ ବାବଦରେ ତାର ମାନବିକ ଅଧିକାର ରହିଛି। ଏଥିରେ ଯଦି କେହି ଉଲ୍ଲଙ୍ଘନ କରେ ତା'ହେଲେ ସେ ରାଜ୍ୟ ମାନବିକ ଅଧିକାର କମିଶନ କିମ୍ବା ତାଲୁକ ଆଇନ ସେବା କମିଟି ସହାୟତାରେ ଆଇନର ଆଶ୍ରୟ ନେଇପାରିବେ ବୋଲି ସଚେତନ କରାଇଥିଲେ। ଏଥିରେ ଅନ୍ୟମାନଙ୍କ ମଧ୍ୟରେ କୁଜଙ୍ଗ ଓକିଲ ସଂଘର ସଭାପତି ଅନ୍ତର୍ଯ୍ୟାମୀ ନାରାୟଣ ଦାସ ଯାଦବ, ବରିଷ୍ଠ ଆଇନଜୀବୀ ଅମୃତ ଦାସ, ତାଲୁକ କମିଟିର ପାରା ଲିଗାଲ ଭଲୁଣ୍ଟିଅର ଅଟଳ କୁମାର ଦାସ, ରଞ୍ଜନ କୁମାର ଦାସ, ବାଲିତୁଠ ପଞ୍ଚାୟତ ସରପଞ୍ଚ ପ୍ରଫୁଲ କୁମାର ଦାସ, ମାନବିକ ଅଧିକାର କର୍ମୀ ସଞ୍ଜୟ କୁମାର ମହାନ୍ତି ପ୍ରମୁଖ ଉପସ୍ଥିତ ରହି ବକ୍ତବ୍ୟ ପ୍ରଦାନ କରିଥିଲେ। ତାଲୁକ ଆଇନସେବା କମିଟିର କିରାଣି ପ୍ରଦୀପ କୁମାର ମୁଦୁଲି କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଏଥିରେ ଶତାଧିକ ଜନସାଧାରଣ ଉପସ୍ଥିତ ଥିଲେ।

## ବାଲିକୁଦା କଲେଜରେ ଅଧ୍ୟାପକ ମରୁଡ଼ି

ବାଲିକୁଦା, ୧୦।୧୨ (ସମିସ): ବାଲିକୁଦା କଲେଜରେ ଅଧ୍ୟାପକ ମରୁଡ଼ି। ଏ ନେଇ ଜିଲ୍ଲାପାଳଙ୍କ ଯୁଗ୍ମ ଜନଶୁଣାଣି ଶିବିରରେ ଅଭିଯୋଗ କରିଛନ୍ତି ବାଲିକୁଦା ଈଶ୍ୱରପୁରର ଯୁବ ସମାଜସେବୀ ପ୍ରଦୀପ୍ତ ମହାନ୍ତି। ଅଭିଯୋଗ ଅନୁଯାୟୀ ଏହି କଲେଜ ବାଲିକୁଦା ବ୍ଲକର ସବୁଠାରୁ ବଡ଼ ଓ ନିର୍ଭରଶୀଳ ଶିକ୍ଷାନୁଷ୍ଠାନ ହୋଇଥିବା ବେଳେ ଗତ ୪ ବର୍ଷ ଧରି ବିଭିନ୍ନ ବିଭାଗରେ ଅଧ୍ୟାପକ ମରୁଡି ଦେଖାଦେଇଛି। ଏଣୁ ଏହି କଲେଜରେ ନାମ ଲେଖାଇଥିବା ୧୫୦୦ରୁ ଉର୍ଦ୍ଧ୍ୱ ଛାତ୍ରଛାତ୍ରୀ ଶିକ୍ଷା ଗ୍ରହଣ କରିବା ପାଇଁ ଆସି ବିଭିନ୍ନ ବିଭାଗରେ ଥିବା ଶ୍ରେଣୀ ଗୃହରେ ବସି ଖଟି କରି ଘରକୁ ଫେରୁଥିବା ଅଭିଯୋଗ ହୋଇଛି। ଫଳରେ ଅଭିଭାବକମାନେ ଏହି କଲେଜରେ ସେମାନଙ୍କ ପିଲାଙ୍କ ନାମ ଲେଖାଇବା ପାଇଁ ଆଗ୍ରହ ପ୍ରକାଶ କରୁ ନାହାନ୍ତି। ପରିଚାଳନା କମିଟିର କ୍ଷମତା ଥାଇ ସୁଦ୍ଧା ନିଯୁକ୍ତି ମିଳୁ ନଥିବାରୁ ସଭାପତି ଥିବା ଉପଜିଲ୍ଲାପାଳ ଓ କଲେଜ ଅଧ୍ୟକ୍ଷଙ୍କ ଦାୟିତ୍ୱ ଉପରେ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ଏପରିକି ଏହି ବ୍ଲକରେ ଥିବା ଅନ୍ୟ ଏକ କଲେଜରେ ପରିଚାଳନା କମିଟି ସଭାପତି ଥିବା ଉପଜିଲ୍ଲାପାଳ ଅଧ୍ୟାପକ ନିଯୁକ୍ତି ପ୍ରଦାନ କରିଥିବା ବେଳେ ବାଲିକୁଦା କଲେଜ ପ୍ରତି କାହିଁକି ବୈମାତୃକ ମନୋଭାବ ରଖାଯାଉଛି ତାହାର ତଦନ୍ତ ସହ ତୁରନ୍ତ ଖାଲି ପଡ଼ିଥିବା ପଦବୀ ପୂରଣ ପାଇଁ ଦାବି ହୋଇଛି। ଏନେଇ ଜିଲ୍ଲାପାଳ ଉପଜିଲ୍ଲାପାଳଙ୍କୁ ତୁରନ୍ତ ଏହାର ସମାଧାନ ପାଇଁ ଆଲୋଚନା କରିବେ ବୋଲି ପ୍ରତିଶ୍ରୁତି ଦେଇଛନ୍ତି।

### ● ମା'ଜାଗୁଲାଇ କ୍ରିକେଟ୍ ଟୁର୍ଣ୍ଣାମେଣ୍ଟ

## ବାଲିକୁଦା ଏକାଦଶ (ରେଢୁଆ) ଚାମ୍ପିଅନ



ତିର୍ତ୍ତୋଲ,୧୦।୧୨(ସମିସ): ତିର୍ତ୍ତୋଲ ବ୍ଲକ ଅନ୍ତର୍ଗତ ଗରାମ ପଞ୍ଚାୟତ ଅଲଣା ଗ୍ରାମରେ ମା' ଜାଗୁଲାଇ କ୍ରିକେଟ ପଡ଼ିଆରେ ତୃତୀୟ ବର୍ଷର ପ୍ରଥମ ସଟ୍ ବାଉଣ୍ଡରି ଧମାକା ଟେନିସ୍ ବଲ କ୍ରିକେଟ ଟୁର୍ଣ୍ଣାମେଣ୍ଟ ଅନୁଷ୍ଠିତ ହୋଇଯାଇଛି। ଏହି ଟୁର୍ଣ୍ଣାମେଣ୍ଟକୁ ଅଲଣା ଗ୍ରାମର ମୁଖ୍ୟ ସୌମ୍ୟକାନ୍ତ ସ୍ୱାଇଁଙ୍କ ଦ୍ୱାରା ଉଦଘାଟିତ ହୋଇଥିବା ବେଳେ ପୁରସ୍କାର ବିବରଣ ଉତ୍ସବରେ ସ୍ଥାନୀୟ ଅଞ୍ଚଳର ଯୁବ ସଂଗଠକ ସୁଶାନ୍ତ ଶତପଥୀ ଯୋଗଦେଇଥିଲେ। ଏଥିରେ ମୋଟ ୮ ଟିମ୍ ଭାଗ ନେଇଥିବା ବେଳେ ଫାଇନାଲ ମ୍ୟାଚରେ ଥାନାପତି ଏକାଦଶ ବାଲିକୁଦା ପ୍ରଥମେ ବ୍ୟାଟିଂ କରି ଦୁଇ ଓଭରରେ ୧୬ ରନ୍ ସଂଗ୍ରହ କରିଥିଲା। ଜବାବରେ ମହାବୀର ଏକାଦଶ ପୋଦନା ଟିମ୍ ଦୁଇ ଓଭର ୧୦ ରନ୍ ରନ ସଂଗ୍ରହ କରି ପରାଜିତ ହୋଇଥିଲା। ଫଳରେ ୬ ରନରେ ବାଲିକୁଦା (ରେଢୁଆ) କ୍ରିକେଟ୍ ଟିମ୍ ଚାମ୍ପିଅନ ହୋଇଥିଲା। ଅମ୍ପାୟାର ଭାବେ ନାରାୟଣ ପଲାଇ, ସୂର୍ଯ୍ୟକାନ୍ତ ପାତ୍ର, ବିଶ୍ୱଜିତ କୁଅଁର, ତୁଷାରକାନ୍ତ ବିଶ୍ୱାଳ ଖେଳ ପରିଚାଳନା କରିଥିଲେ।

## ଧର୍ମପ୍ରାଣାଙ୍କ ସ୍ମୃତିରେ ସ୍ମରଣିକା ଉନ୍ମୋଚିତ



କୁଜଙ୍ଗ,୧୦।୧୨(ସମିସ): କୁଜଙ୍ଗ ବ୍ଲକ ପଙ୍କପାଳ ନିବାସୀ ଏମ୍‌ଏସ ଏକାଡେମୀର ପ୍ରାକ୍ତନ ଏନ୍‌ସିସି ଅଧିକାରୀ ଶ୍ୟାମସୁନ୍ଦର ନାୟକଙ୍କ ଧର୍ମପତ୍ନୀ ମିନର୍ଭା ନାୟକଙ୍କ ଏକାଦଶାହରେ ସ୍ମୃତି ସଭା ଓ ସ୍ମରଣିକା ଉନ୍ମୋଚନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଶିକ୍ଷକ ନେତା ତଥା ଓଷ୍ଟାର ବ୍ଲକ ସମ୍ପାଦକ ବିନୋଦ ବିହାରୀ ମୁଦୁଲିଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ସମାଜସେବୀ ଡ. ସୁନାକର ବେହେରା, ମହେଶ୍ୱର ରାଉତ, ସୁବାସ ଚନ୍ଦ୍ର ଗୋଛାୟତ, ଅକ୍ଷୟ କୁମାର ଖୁଣ୍ଟିଆ, ଆଇନଜୀବୀ କିଶୋର ଶତପଥୀ, ବିଦ୍ୟାଧର ବିଶ୍ୱାଳ, ଶଙ୍କର ବାରିକ, ସମାଜସେବୀ ସ୍ନେହମୟୀ ଆଚାର୍ଯ୍ୟ, ରବୀନ୍ଦ୍ର ନାଥ ପରିଡ଼ା, ନିରଞ୍ଜନ ପରିଡ଼ା ଓ ପ୍ରକାଶ ଚନ୍ଦ୍ର ସ୍ୱାଇଁ, ଶିଳ୍ପ ମନ୍ତ୍ରୀଙ୍କ ପ୍ରତିନିଧି ଦିଲ୍ଲୀପ କୁମାର ବେହେରା, ବିଜେପି ମଣ୍ଡଳ ସଭାପତି ଶତ୍ରୁଘ୍ନ ମଲ୍ଲ ପ୍ରମୁଖ ଯୋଗଦେଇଥିଲେ। ଏହି ଅବସରରେ ଏକ ସ୍ମରଣିକା "ସ୍ମୃତିର ସୌରଭ ସ୍ନେହର ସେତୁ: ମିନର୍ଭା' ଉନ୍ମୋଚିତ ହୋଇଥିଲା। ବଡ ପୁଅ ସୌମ୍ୟ ରଞ୍ଜନ ନାୟକ ଧନ୍ୟବାଦ ଦେଇଥିଲେ।

## ସରପଞ୍ଚଙ୍କ ସ୍ମୃତିରେ କମ୍ବଳ ବଣ୍ଟନ



କୁଜଙ୍ଗ,୧୦।୧୨(ସମିସ): ସାଇଲୋ ପଞ୍ଚାୟତର ସରପଞ୍ଚ ସରୋଜ କୁମାର ସେଠୀଙ୍କ ସ୍ମୃତିରେ ଗଠିତ 'ସରୋଜ ଭାଇ ଜନସେବା ସଂଗଠନ' ପକ୍ଷରୁ ରାହାମା ଅଞ୍ଚଳରେ ଏକ ଶୀତ ବସ୍ତ୍ର (କମ୍ବଳ) ବଣ୍ଟନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ରାହାମା ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ର ପଛପଟେ ଥିବା ବସ୍ତିରେ ୫୦ ଜଣ ପରିବାରଙ୍କୁ କମ୍ବଳ ବଣ୍ଟନ କରାଯାଇଥିଲା। ଏହି ସେବା କାର୍ଯ୍ୟକ୍ରମରେ ସଂଗଠନର ସଭାପତି ବିବେକ ଦାସ, ସାଇଲୋ ପଞ୍ଚାୟତର ନାୟବ ସରପଞ୍ଚ ଝରଣା ଦାସ, ୱାର୍ଡ ସଭ୍ୟା କଳ୍ପନା ସେଠୀ, ପ୍ରକାଶ ଚନ୍ଦ୍ର ସ୍ୱାଇଁଙ୍କ ସମେତ ଜାଗନ କୁମାର ଦାସ, ମନୋଜ କୁମାର ଯୋଗାଣିଆ, କିଶୋର ସେଠୀ, ରଶ୍ମୀକାନ୍ତ ନାୟକ, ସରୋଜ ସ୍ୱାଇଁ, ସୁଧାଂଶୁ ଶେଖର ସାମଲ, ସ୍ୱପ୍ନାରଞ୍ଜନ ଦାସ, ଅମୀୟ ପାତ୍ର, ଲିପୁ ସ୍ୱାଇଁ, ଦୀପ୍ତିରଞ୍ଜନ ସେଠୀ, ଭଗବାନ କୁଅଁର ଏବଂ ଜିତେନ୍ଦ୍ର କୁମାର ସାହୁ ପ୍ରମୁଖ ଯୋଗ ଦେଇଥିଲେ।

# ଜିଲ୍ଲାସ୍ତରୀୟ ବିଜ୍ଞାନ ପ୍ରଦର୍ଶନୀ ଉଦ୍‌ଯାପିତ



ଜଗତସିଂହପୁର,୧୦।୧୨(ସମିସ)

ଜିଲ୍ଲାସ୍ତରୀୟ ବିଜ୍ଞାନ ପ୍ରଦର୍ଶନୀ ବାଲ ବୈଜ୍ଞାନିକ ବିଜ୍ଞାନ ପ୍ରଦର୍ଶନୀ, ରାଷ୍ଟ୍ରୀୟ ଆବିଷ୍କାର ଅଭିଯାନ ବିଜ୍ଞାନ ପ୍ରକଳ୍ପ, ପ୍ରତିଯୋଗିତା ଓ ପରିବେଶ ପାଇଁ ପୋଷଣୀୟ ଜୀବନଶୈଳୀ ଏବଂ ଜଣାଅଜଣା ପ୍ରତିଯୋଗିତା-୨୦୨୫-୨୬ ସ୍ଥାନୀୟ ଜଗନ୍ନାଥ ସରକାରୀ ଉଚ୍ଚ ବିଦ୍ୟାଳୟ, ମଧୁସୂଦନପୁର ଶାସନ ପରିସରରେ ଉଦ୍‌ଯାପିତ ହୋଇଯାଇଛି। ପୂର୍ବାହ୍ନରେ ବିଜ୍ଞାନ ପ୍ରସାରମଞ୍ଚ, ବାଲିକୁଦା ଆନୁକୂଲ୍ୟରେ ଖୋଲାମାଞ୍ଚ ବିଜ୍ଞାନ ଭିତ୍ତିକ ପ୍ରଶ୍ନୋତ୍ତର କାର୍ଯ୍ୟକ୍ରମକୁ ସମ୍ପାଦକ ଅକ୍ଷୟ କୁମାର ମହାନ୍ତି ଓ ଶିକ୍ଷକ ରମେଶ ଚନ୍ଦ୍ର ପାଢ଼ୀ ପରିଚାଳନା କରିଥିଲେ। ଜଗନ୍ନାଥ ସରକାରୀ ଉଚ୍ଚ ବିଦ୍ୟାଳୟ ଛାତ୍ରଛାତ୍ରୀଙ୍କ ଦ୍ୱାରା ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯାଇଥିଲା। ଅପରାହ୍ନରେ ଜିଲ୍ଲା ଶିକ୍ଷାଧିକାରୀ କେଶବ ମେହେରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଉଦ୍‌ଯାପନୀ ତଥା ପୁରସ୍କାର ବିତରଣ ସଭାରେ ଜିଲ୍ଲା ବିଜ୍ଞାନ ପରିଦର୍ଶକ ଜୀବନ କୁମାର ସାହୁ ସମ୍ପାଦକୀୟ ବିବରଣୀ ପାଠ କରିଥିଲେ। ଓଡିଶା ବିଦ୍ୟାଳୟ ଶିକ୍ଷା କାର୍ଯ୍ୟକ୍ରମ ପ୍ରାଧିକରଣର ସେବାନିବୃତ୍ତ ଅତିରିକ୍ତ ନିର୍ଦ୍ଦେଶକ ପ୍ରଶାନ୍ତ କୁମାର ସ୍ୱାଇଁ ମୁଖ୍ୟଅତିଥି, ଅତିରିକ୍ତ ଜିଲ୍ଲା ଶିକ୍ଷା ଅଧିକାରୀ ରାଜ୍ୟଶ୍ରୀ ସାହୁ ମୁଖ୍ୟବକ୍ତା ଓ ଅନ୍ୟମାନଙ୍କ ମଧ୍ୟରେ ଅତିରିକ୍ତ ଜିଲ୍ଲା ଶିକ୍ଷାଅଧିକାରୀ ଡ. ସୁଶାନ୍ତ ମହାନ୍ତି, ଜିଲ୍ଲା ଶାରୀରିକ ଶିକ୍ଷା ଅଧିକାରୀ ଜୟନ୍ତ ରାୟ ସମ୍ମାନିତ ଅତିଥି ଭାବରେ ଯୋଗଦେଇ କୃତୀ ଶିଶୁବୈଜ୍ଞାନିକମାନଙ୍କୁ ପୁରସ୍କୃତ କରିଥିଲେ। ଅତିଥି ପରିଚୟ ତଥା ସ୍ୱାଗତ ଭାଷଣ ସହିତ ମଞ୍ଚ ପରିଚାଳନା କରିଥିଲେ ଜିଲ୍ଲା ବିଜ୍ଞାନ ସଂଯୋଜନା ମଣ୍ଡଳୀର ସଭ୍ୟ ଅମୂଲ୍ୟ କୁମାର ମିଶ୍ର ଓ ସଭ୍ୟା ମନୀଷା ମିଶ୍ର। ପ୍ରଧାନ ଶିକ୍ଷୟିତ୍ରୀ ଅନସୂୟା ମଲ୍ଲିକ ସମସ୍ତଙ୍କୁ ଧନ୍ୟବାଦ ଦେଇଥିଲେ।

ଜିଲ୍ଲାସ୍ତରୀୟ ରାଷ୍ଟ୍ରୀୟ ଆବିଷ୍କାର ଅଭିଯାନ ବିଜ୍ଞାନ ପ୍ରକଳ୍ପରେ ବରିଷ୍ଠ ବିଭାଗରେ ଶିଶୁ ବୈଜ୍ଞାନିକ ଅଂଶୁମାନ ସାହୁ, ଆଦ୍ୟାଶା ପ୍ରିୟଦର୍ଶିନୀ, ଶର୍ମିଷ୍ଠା ରଥ ଓ କନିଷ୍ଠ ବିଭାଗରେ ଅର୍ପିତା ଖଟୁଆ, ସ୍ରିଷ୍ଟିଆ ମହାନ୍ତି ଓ ପିଏସ ଶ୍ରୁଆଲିଙ୍କ ପ୍ରକଳ୍ପକୁ ପୁରସ୍କାର ମିଳିଥିଲା। ପରିବେଶ ପାଇଁ ପୋଷଣୀୟ ଜୀବନଶୈଳୀ ପ୍ରକଳ୍ପରେ ରାଜସ୍ମିତା ପଲେଇ, ସ୍ୱପ୍ନେଶ୍ୱର ରାଉତ, ଏସ୍‌କେ ଜାମାଉଦ୍ଦିନ ଓ ବାଲ ବୈଜ୍ଞାନିକ ପ୍ରଦର୍ଶନୀରେ ଶୁଭଙ୍କର ଦାସ, ରାଜନନ୍ଦିନୀ ଦାସ, ସାଇଶୋଭନ ପତି, ଅଶ୍ରିତା ଶୁଭଦୀପ୍ତା ନାୟକ, ରାଜଲକ୍ଷ୍ମୀ ରଥ, ରୁଦ୍ରନାରାୟଣ ଦାସ ଏବଂ ଅଂଶୁମାନ ଖଟୁଆଙ୍କ ପ୍ରକଳ୍ପ ଶ୍ରେଷ୍ଠ ବିବେଚିତ ହୋଇଥିବାରୁ ପୁରସ୍କୃତ ପ୍ରଦାନ କରାଯାଇ ରାଜ୍ୟସ୍ତରୀୟ ପ୍ରତିଯୋଗିତାରେ ଅଂଶଗ୍ରହଣ କରିବାପାଇଁ ଯୋଗ୍ୟ ବିବେଚିତ ହୋଇଥିବା ସୂଚନା ଦିଆଯାଇଛି। ପଦରାଜ ଉମାକାନ୍ତ ନାୟକ, ଶିବ କୁମାର ବିଶ୍ୱାଳ, ସୌଭାଗ୍ୟ ପ୍ରସାଦ ମିଶ୍ର, ସସ୍ମିତା ଶତପଥି, ପ୍ରଳୟ ରଞ୍ଜନ ଭୂୟାଁ, ଦେବାଶିଷ ନାୟକ, ସୁଦର୍ଶନ ସାହୁ, ଅଶୋକ ମାଦେଳି, କ୍ଷଣପ୍ରଭା ସାହୁ, ବିଶ୍ୱଜିତ ମହାନ୍ତି, ଅସ୍ମିତା ପରିଜା, ଶୁଭଶ୍ରୀ ମଲ୍ଲିକ, ବିଷ୍ଣୁପ୍ରିୟା ପାଢ଼ୀ, କୀର୍ତ୍ତିବାଳା ରାଉତରାୟ, ପ୍ରିୟଙ୍କା ବେହେରା ତ୍ରୈଲୋକ୍ୟନାଥ ବିଶ୍ୱାଳ, ତ୍ରିନାଥ ରାଉତ, ପ୍ରଗତି ପ୍ରିୟମ୍ବଦା ଜେନା, ଶିଶିର କୁମାର ତ୍ରିପାଠୀ, ଏସଡି ପ୍ଲାବନ କୁମାର, ସୁମିତ୍ରା ମଲ୍ଲିକ, ନରେନ୍ଦ୍ର କୁମାର ବେହେରା ପ୍ରଭୃତି ବିଜ୍ଞାନ ପ୍ରଦର୍ଶନୀ ପରିଚାଳନାରେ ସହାୟତା ପ୍ରଦାନ କରିଥିଲେ।

# ବିପୁଳ ଦେଶୀ ମଦ ଜବତ

ପରଜଙ୍ଗ,୧୦।୧୨(ସମିସ): ପରଜଙ୍ଗ ଅବକାରୀ ଥାନା ଅନ୍ତର୍ଗତ ବିଭିନ୍ନ ସ୍ଥାନରେ ବୁଧବାର କାମାକ୍ଷାନଗର ଉପଖଣ୍ଡ ଅବକାରୀ ଅଧୀକ୍ଷକ ସାୱନ ଭୋଳଙ୍କ ନେତୃତ୍ୱରେ ଚୋରା ଦେଶୀମଦ ରନ୍ଧା ସ୍ଥାନରେ ଚଢ଼ଉ କରାଯାଇଛି। ଚଢ଼ଉ ବେଳେ ବିପୁଳ ମହୁଲ ପୋଚ ଓ ଦେଶୀ ମଦ ନଷ୍ଟ କରାଯାଇଛି। ଜାମୁନାଳି, ବରକଟା ଓ ଦୁମୁହାଁଣୀ ଗ୍ରାମ ଜଙ୍ଗଲରେ ଦୀର୍ଘଦିନ ଧରି ଚୋରା ଦେଶୀ ମଦ ପ୍ରସ୍ତୁତ କରାଯାଇ ବିଭିନ୍ନ ଅଞ୍ଚଳକୁ ଚାଲାଣ ହେଉଥିବା ଅଭିଯୋଗ ହୋଇଆସୁଥିଲା। ଅବକାରୀ ବିଭାଗ ତିନି ଗ୍ରାମର ଜଙ୍ଗଲରୁ



୨୩ ହଜାର ଲିଟର ମହୁଲ ପୋଚ ଓ ୨୬ ଶହ ଲିଟର ଦେଶୀ ମଦ ନଷ୍ଟ କରିଛି। ଚଢ଼ଉ ବେଳେ ମାଜିଷ୍ଟ୍ରେଟ ଭାବେ ପରଜଙ୍ଗ ଅତିରିକ୍ତ ତହସିଲଦାର ମନୋରଞ୍ଜନ ସାହୁ ଉପସ୍ଥିତ ଥିଲେ। କାମାକ୍ଷାନଗର ଅବକାରୀ ନିରୀକ୍ଷକ ପ୍ରକାଶ ସାହୁ, ସଦର ନିରୀକ୍ଷକ ଆଲୋକ ପ୍ରଧାନ, ମୋବାଇଲ ସ୍କ୍ୱାଡ୍ କୁଳମଣି ମହାରଣା, ପରଜଙ୍ଗ ଅବକାରୀ ବିଭାଗ ଭାରପ୍ରାପ୍ତ ଅଧିକାରିଣୀ ବାସନ୍ତୀ ବାକ୍ଲୀ, ଭୁବନ ଭାରପ୍ରାପ୍ତ ଅବକାରୀ ଅଧିକାରୀ ବୁଲୁ ପାତ୍ର, ସନାତନ ବେହେରା, ପ୍ରକାଶ କୁମାର ରାଉତ ପ୍ରମୁଖ ଚଢ଼ଉରେ ସାମିଲ ଥିଲେ। ଆଗାମୀ ଦିନରେ ଏପରି ଚଢ଼ଉ ଜାରି ରହିବ ବୋଲି ବିଭାଗ ପକ୍ଷରୁ କୁହାଯାଇଛି।

# ଢେଙ୍କାନାଳ ଜିଲ୍ଲାରେ ବେଧଡ଼କ ଚାଲିଛି ଗଞ୍ଜା ଲଢ଼େଇ



ଢେଙ୍କାନାଳ,୧୦।୧୨(ସମିସ)

ଢେଙ୍କାନାଳ ଜିଲ୍ଲା କଙ୍କଡ଼ାହାଡ଼ ବ୍ଲକ ମରୁଆବିଲି ପଞ୍ଚାୟତରେ ବେଧଡ଼କ ଚାଲିଛି ଗଞ୍ଜା ଲଢ଼େଇ। ତେବେ ପୁଲିସ୍ ଓ ପ୍ରଶାସନ ଏ ଦିଗରେ ନିରବଦ୍ରଷ୍ଟା ସାଜିଛି। ଜିଲ୍ଲାର ଉପାନ୍ତ ଅଞ୍ଚଳ ଯାଜପୁର ଜିଲ୍ଲା ସୀମାନ୍ତ ଗାଁଗୁଡ଼ିକରେ ମହୁଲି ମଦ କାରବାର ଅବାଧରେ ଚାଲିଥିବା ବେଳେ ଏବେ ନିଷିଦ୍ଧ ଗଞ୍ଜା ଲଢ଼େଇ ମଧ୍ୟ ଖୁଲମଖୁଲା ଚାଲିଥିବା ଦେଖିବାକୁ ମିଳିଛି। ମରୁଆବିଲି ଗାଁ ହାଟରେ ଅବାଧରେ ଦିନ ଦ୍ୱିପ୍ରହରରେ ଗଞ୍ଜା ଲଢ଼େଇ ଚାଲିଛି। ସବୁଠାରୁ ଗୁରୁତ୍ୱପୂର୍ଣ୍ଣ କଥା ହେଲା ମରୁଆବିଲି ପଞ୍ଚାୟତ କାର୍ଯ୍ୟାଳୟ ନିକଟରେ ତଥା ସରପଞ୍ଚଙ୍କ ଘର ଆଗରେ ବସୁଥିବା ସାପ୍ତାହିକ ହାଟରେ ଏହି ଗଞ୍ଜା ଲଢ଼େଇ ଚାଲିଛି। କଙ୍କଡ଼ାହାଡ଼ ପୁଲିସ ସବୁଜାଣି ଚୁପ୍ ବସିବା ସାଧାରଣରେ ପ୍ରଶାସନର ଭୂମିକା ଉପରେ ସନ୍ଦେହ ସୃଷ୍ଟି କରିଛି। ମରୁଆବିଲି ସାପ୍ତାହିକ ହାଟର ନିଲାମ ନେଇଥିବା ବ୍ୟକ୍ତି, କେତେକ ଅସାମାଜିକ ବ୍ୟକ୍ତି ମିଳିମିଶି ସରକାରଙ୍କ ନୀତିନିୟମକୁ ଖୋଲା ଉଲ୍ଲଙ୍ଘନ କରୁଥିବା ଅଭିଯୋଗ ହେଉଛି। ମରୁଆବିଲି ଏକ ଆଦିବାସୀ ବହୁଳ ଅଞ୍ଚଳ ହୋଇଥିବାରୁ ଏହି ହାଟରେ ଦେଶୀ କୁକୁଡ଼ା, ଗଞ୍ଜା ବହୁ ସଂଖ୍ୟାରେ ବିକ୍ରି ହୋଇଥାଏ। ଏହାକୁ କେତେକ ନିଶାଖୋର ବ୍ୟକ୍ତି ଆଦିବାସୀଙ୍କଠାରୁ କିଣି ହାଟ ମଝିରେ ଘେରା ବନାଇ ଗଞ୍ଜା ଲଢ଼େଇ କରୁଛନ୍ତି। ଦେଖଣାହାରୀମାନେ ମଧ୍ୟ ପରସ୍ପର ମଧ୍ୟରେ ହଜାର ହଜାର ଟଙ୍କାର ବାଜି ଲଗାଉଛନ୍ତି। ବାଜି ଜିତିବା ନିଶାରେ ଲୋକେ ଟଙ୍କା ଲଗାଇ ସର୍ବସ୍ୱାନ୍ତ ହୋଇ ଘରକୁ ଫେରୁଛନ୍ତି। ତୁରନ୍ତ ଏଥିପ୍ରତି ଦୃଷ୍ଟ ଦେଇ ଏହି ବେଆଇନ ଖେଳ ବନ୍ଦ କରିବାକୁ ସାଧାରଣରେ ଦାବି ହେଉଛି।

# ପାଇଖାନା ଟାଙ୍କି ସଫା ବେଳେ ଶ୍ରମିକ ମୃତ

ଭୁବନ,୧୦।୧୨(ସମିସ): ଭୁବନ ଥାନା ବାସନ୍ତି ଲଜ୍ ନିକଟରେ ଏକ ପାଇଖାନା ଟାଙ୍କି ନିକଟରୁ ଜଣେ ଶ୍ରମିକଙ୍କ ମୃତଦେହ ଉଦ୍ଧାର କରାଯାଇଛି। ସେ ହେଲେ ନିହଲପ୍ରସାଦ ଥାନା କାଶିପୁର ଗ୍ରାମର ଦଳେଇ ମଳିକ (୩୫)। ଦଳେଇ ଭୁବନ ବାସନ୍ତୀ ଲଜ୍ ନିକଟରେ ପାଇଖାନା ଟାଙ୍କିରୁ ମୋଟର ଯୋଗେ ପାଣି ବାହାର କରୁଥିଲେ। ତାଙ୍କ ସହ ନୀଳକଣ୍ଠପୁର ଗ୍ରାମର ପିଣ୍ଟୁଆ ମଳିକ ମଧ୍ୟ ଏହି କାର୍ଯ୍ୟରେ ନିୟୋଜିତ ଥିଲେ। ପିଣ୍ଟୁଆ କିଛି ସମୟ ଘରକୁ ଯାଇ ଫେରିବା ବେଳକୁ ଦଳେଇ ପାଇଖାନା ଟାଙ୍କି ନିକଟରେ ଅଚେତ ଅବସ୍ଥାରେ ପଡ଼ିଥିଲେ ବୋଲି କହିଛନ୍ତି। ଦଳେଇଙ୍କୁ ଡାକ୍ତରଖାନା ନେବାକୁ ପିଣ୍ଟୁଆ ନିକଟରେ ଥିବା ଲୋକମାନଙ୍କୁ ନିବେଦନ କରିଥିଲେ ମଧ୍ୟ କେହି ସହଯୋଗ କରି ନ ଥିଲେ। ପରେ ପିଣ୍ଟୁଆ ଦଳେଇଙ୍କ ଶଳା ମନୋଜ ମାରିକଙ୍କୁ ଡାକିଥିଲେ। ସେ ନୀଳକଣ୍ଠପୁର ଗ୍ରାମରୁ ଆସି ପହଞ୍ଚିବା ପରେ ଦମକଳ ବାହିନୀ ଓ ୧୦୮ ଆମ୍ବୁଲାନ୍ସକୁ ଫୋନ କରିଥିଲେ ମଧ୍ୟ କେହି ସହଯୋଗ କରି ନ ଥିଲେ ବୋଲି କହିଛନ୍ତି। ପରେ ପିଣ୍ଟୁଆ ଓ ମନୋଜ ଏକ ବାଇକ୍ ଯୋଗେ ଦଳେଇଙ୍କୁ ଭୁବନ ଡାକ୍ତରଖାନା ଆଣିଥିଲେ। ତେବେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ପୁଲିସ ମୃତଦେହ ଜବତ କରି ତଦନ୍ତ ଆରମ୍ଭ କରିଛି।

# ଅଜଣା ଗାଡ଼ି ଧକ୍କାରେ ଜଣେ ମୃତ

ଭୁବନ,୧୦।୧୨(ସମିସ): ୫୩ନଂ ଜାତୀୟ ରାଜପଥର ଭୁବନ ଥାନା ଶାମଳ ଗଡ଼ାଣି ନିକଟରେ ଅଜଣା ଗାଡ଼ି ଧକ୍କାରେ ଜଣେ ବ୍ୟକ୍ତିଙ୍କ ମୃତ୍ୟୁ ଘଟିଛି। ମୃତକ ହେଲେ ଭୁବନ ଥାନା ମୁରୁଗା ଗ୍ରାମର ରଘୁନାଥ ସ୍ୱାଇଁ (୫୫)। ରଘୁନାଥ ବାଇକ୍ ଯୋଗେ ଭୁବନରୁ ଘରକୁ ଫେରୁଥିବା ବେଳେ ଏହି ଦୁର୍ଘଟଣା ଘଟିଥିଲା। ସେ ଜାତୀୟ ରାଜପଥରେ ପଡ଼ିଥିବା ବେଳେ ସ୍ଥାନୀୟ ଲୋକେ ତାଙ୍କୁ ଭୁବନ ଡାକ୍ତରଖାନା ଆଣିଥିଲେ। ତେବେ ଡାକ୍ତର ମୃତ ଘୋଷଣା କରିଥିଲେ। ପରିବାର ପକ୍ଷରୁ ଥାନାରେ ଅଭିଯୋଗ ପରେ ପୁଲିସ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି। ମୃତଦେହ ଜବତ କରି ବ୍ୟବଚ୍ଛେଦ ପରେ ପରିବାର ଲୋକଙ୍କୁ ହସ୍ତାନ୍ତର କରିଛି।

# ବାଇକ ଦୁର୍ଘଟଣାରେ ଯୁବକ ମୃତ

ହିନ୍ଦୋଳ,୧୦।୧୨(ସମିସ): ଢେଙ୍କାନାଳ ଜିଲ୍ଲା ହିନ୍ଦୋଳ ଉପଖଣ୍ଡରେ ବାଇକ ଦୁର୍ଘଟଣାରେ ଯୁବକଙ୍କ ମୃତ୍ୟୁ ଘଟିଛି। ମୃତକ ହେଲେ ହିନ୍ଦୋଳ ଏନଏସି ୱାର୍ଡ ନଂ-୧୫ କୁଳିଆତୁଟା ଗ୍ରାମର ମାଧବ ନାଏକଙ୍କ ପୁଅ ମାନସ ନାଏକ (୩୦)। ବୁଧବାର ସନ୍ଧ୍ୟା ୫ଟାରେ ମାନସ କୌଣସି କାର୍ଯ୍ୟରେ ବାଇକ୍ ଯୋଗେ ହିନ୍ଦୋଳ ଆଡ଼କୁ ଆସୁଥିବା ଆଲୁସିଂଗ୍ରାମ ମୁଖ୍ୟରାସ୍ତାରେ ବିପଜ୍ଜନକ ଅବସ୍ଥାରେ ଥିବା ଖୋଲାକୂଅ ଚାନ୍ଦିନୀରେ ଧକ୍କା ହୋଇ ଗୁରୁତର ଆହତ ହୋଇଥିଲେ। ତାଙ୍କ ମୁଣ୍ଡରେ ଗଭୀର ଆଘାତ ଲାଗିଥିଲା। ଆମ୍ବୁଲାନ୍ସ ସେବା ନ ମିଳିବାରୁ ଗ୍ରାମବାସୀ ନିଜସ୍ୱ ଉଦ୍ୟମରେ ତାଙ୍କୁ ହିନ୍ଦୋଳ ଉପଖଣ୍ଡ ଡାକ୍ତରଖାନା ନେଇଥିଲେ। ତେବେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ତେବେ ଖବର ଲେଖାହେବା ପର୍ଯ୍ୟନ୍ତ ହିନ୍ଦୋଳ ଥାନାରେ କୌଣସି ଅଭିଯୋଗ ହୋଇ ନ ଥିବାରୁ ପୁଲିସ କିମ୍ବା କୌଣସି ପ୍ରଶାସନିକ ଅଧିକାରୀ ପହଞ୍ଚି ନାହାନ୍ତି। ମାନସ ଜିଲ୍ଲା ବାହାରେ ହୋଟେଲରେ କାର୍ଯ୍ୟ କରୁଥିବାବେଳେ ସେ ଅତ୍ୟନ୍ତ ଗରିବ ଶ୍ରେଣୀର ବ୍ୟକ୍ତି। ତାଙ୍କ ସ୍ତ୍ରୀ ଓ ତିନି ପୁଅ ଅଛନ୍ତି। ତାଙ୍କ ପରିବାରକୁ ସରକାରୀ ସହାୟତା ଯୋଗାଇଦେବାକୁ ଅଞ୍ଚଳବାସୀ ଅନୁରୋଧ କରିଛନ୍ତି।

# ବେଆଇନ ଖଣିରେ ଚଢ଼ଉ: ୩ ହାଇୱା, ୨ ପଥରକଟା ମେସିନ ଜବତ





ହିନ୍ଦୋଳ,୧୦।୧୨(ସମିସ): ହିନ୍ଦୋଳ ତହସିଲ ଅନ୍ତର୍ଗତ କାରନ୍ଧା ଅଞ୍ଚଳରେ ଚାଲିଥିବା ବେଆଇନ ଖଣିରେ ଢେଙ୍କାନାଳ ଖଣି ବିଭାଗ ଓ ହିନ୍ଦୋଳ ତହସିଲ ପକ୍ଷରୁ ବୁଧବାର ସକାଳେ ଚଢ଼ଉ କରାଯାଇ ୩ଟି ହାଇୱା ଓ ୨ଟି ପଥରକଟା ମେସିନ ଜବତ କରାଯାଇଛି। ଖଣି ଅଧିକାରୀ ସୁରେନ୍ଦ୍ର ସାମଲଙ୍କ ନେତୃତ୍ୱରେ ତହସିଲଦାର ଦିଲୀପ କୁମାର ସେଠୀଙ୍କ ସମେତ ଖଣି ବିଭାଗ ଅଧିକାରୀମାନେ କାରନ୍ଧା ଅଞ୍ଚଳର ୨ଟି ଖଣିରେ ଚଢ଼ଉ କରିଥିଲେ। ଅଧିକାରୀଙ୍କୁ ଦେଖି ଖଣିରେ କାର୍ଯ୍ୟ କରୁଥିବା ଶ୍ରମିକ ସମେତ ଗାଡ଼ି ଚାଳକ ଫେରାର ହୋଇଯାଇଥିବା ବେଳେ ଖଣି ଭିତରେ ଥିବା ସମସ୍ତ ଗାଡ଼ିକୁ ଅଧିକାରୀମାନେ ଜବତ କରି ରାସୋଳ ଥାନାକୁ ନେଇଛନ୍ତି। ଖଣିରେ ଚଢ଼ଉ ହେଉଥିବା ଜାଣିପାରି ଅଞ୍ଚଳର ସମସ୍ତ ଖଣିରୁ ଶ୍ରମିକ ସମେତ ଖଣି ମାଲିକମାନେ ଛତ୍ରଭଙ୍ଗ ଦେଇଛନ୍ତି। ତେବେ ଚଢ଼ଉ ହୋଇଥିବା ଖଣି ଦୁଇଟିର ମାଲିକ କିଏ ତାହା ଜଣାପଡ଼ି ନ ଥିବା ଖଣି ବିଭାଗ ପକ୍ଷରୁ କୁହାଯାଇଛି।

# ଆନ୍ଦୋଳନକୁ ଜୋର୍‌ଦାର କରିବ ଓମସା



ଢେଙ୍କାନାଳ,୧୦।୧୨(ସମିସ): ଢେଙ୍କାନାଳ ଜିଲ୍ଲା ଓମସା ଶାଖା ତରଫରୁ ଦାବି ପୂରଣ ପାଇଁ ଆନ୍ଦୋଳନକୁ ଜୋରଦାର କରିବାକୁ ଏକ ପ୍ରେସ ବିବୃତି ମାଧ୍ୟମରେ ସୂଚନା ଦିଆଯାଇଛି। ସଙ୍ଘ ତରଫରୁ ୨୦୨୪ ସେପ୍ଟେମ୍ବରରେ ଅନୁଷ୍ଠିତ ଆନ୍ଦୋଳନ ସମୟରେ ମୁଖ୍ୟମନ୍ତ୍ରୀ, ସ୍ୱାସ୍ଥ୍ୟମନ୍ତ୍ରୀ ଓମସା ଡାକ୍ତରମାନଙ୍କ ଦାବି ପୂରଣ କରିବାକୁ ପ୍ରତିଶ୍ରୁତି ଦେଇଥିଲେ। ମାତ୍ର କୌଣସି ସୁଫଳ ନ ମିଳିବାରୁ ପୁଣି ଥରେ କଳାବ୍ୟାଜ୍ ପିନ୍ଧି ଆନ୍ଦୋଳନ କରାଯାଉଥିବା ବେଳେ ଏହାକୁ ତୀବ୍ର କରିବାକୁ ଚେତାବନୀ ଦିଆଯାଇଛି। ବିନା ସର୍ତ୍ତାବଳୀରେ କେନ୍ଦ୍ରୀୟ ହାରରେ ଡିଏସିପି ସହ ଦନ୍ତ ଚିକିତ୍ସକଙ୍କ ପାଇଁ ଲାଗୁ କରିବା, ପେ' ଷ୍ଟ୍ରକଚରର ପରିବର୍ତ୍ତନ, ଓଏମଏଚଏସ ଓ ଦନ୍ତ ଚିକିତ୍ସକଙ୍କ କ୍ୟାଡର ପୁନର୍ବିନ୍ୟାସ, କେବିକେରେ ୫ ବର୍ଷ ଚାକିରି ପରେ ଉପକୂଳ ଅଞ୍ଚଳକୁ ସ୍ଥାନାନ୍ତର, ବିଶେଷଜ୍ଞ ଓ ଡିପ୍ଲୋମାଧାରୀ ବୃଦ୍ଧି, ଖାଲି ଡାକ୍ତର ପଦବୀ ପୂରଣ, ବିଭାଗୀୟ ପଦୋନ୍ନତି ବ୍ୟବସ୍ଥା, ଡାକ୍ତରଙ୍କୁ କଡ଼ା ସୁରକ୍ଷା, କ୍ୟାପିଟାଲ ହସ୍ପିଟାଲର ସ୍ଥିତି ବଜାୟ ରଖିବା, ସମସ୍ତ ସ୍ଥାନରେ ଡାକ୍ତରଙ୍କ ପାଇଁ ବାସଗୃହ ନିର୍ମାଣ, ଆଡ୍‌ହକମାନଙ୍କୁ ନିୟମିତ କିରବା ଭଳି ୧୩ ଦଫା ଦାବି ନେଇ ଡାକ୍ତରମାନେ କଳାବ୍ୟାଜ୍ ପିନ୍ଧି ଆନ୍ଦୋଳନ କରୁଛନ୍ତି।

● ତୈଳିକ ବୈଶ୍ୟ ସମାଜ କର୍ମକର୍ତ୍ତା ଚୟନ

# ବିଦ୍ୟାଧର ସଭାପତି, ନୃସିଂହ ସମ୍ପାଦକ

ଭୁବନ,୧୦।୧୨(ସମିସ): ଭୁବନ ଏନଏସି ତୈଳିକ ବୈଶ୍ୟ ସମାଜର କର୍ମକର୍ତ୍ତା ଚୟନ ସୋମବାର ଅନୁଷ୍ଠିତ ହୋଇଛି। ସର୍ବସମ୍ମତି କ୍ରମେ ସଭାପତି ଭାବେ ବିଦ୍ୟାଧର ସାହୁ, ଉପସଭାପତି ହରିହର ସାହୁ, ସମ୍ପାଦକ ନୃସିଂହ ଚରଣ ସାହୁ, ସହସମ୍ପାଦକ ସୁନାକର ସାହୁ, କୋଷାଧ୍ୟକ୍ଷ ପ୍ରକାଶ ପୃଷ୍ଟି,



ଉପଦେଷ୍ଟା ଭାବେ ଦୁର୍ଯ୍ୟୋଧନ ସାହୁ, ରବିନାରାୟଣ ସାହୁ, ଦୁର୍ଯ୍ୟୋଧନ ପୃଷ୍ଟି, କ୍ଷେତ୍ରବାସୀ ପୃଷ୍ଟି, ବନବିହାରୀ ପୃଷ୍ଟି, ସମୀକ୍ଷକ ଭାବେ ସୁରେନ୍ଦ୍ର ପୃଷ୍ଟି, ହୃଷୀକେଶ ସାହୁଙ୍କୁ ଚୟନ କରାଯାଇଛି। ସାମାଜିକ କାର୍ଯ୍ୟ ଓ ସେବାକୁ ଗୁରୁତ୍ୱ ଦେଇ ଅନୁଷ୍ଠାନକୁ ଆଗେଇ ନେବାକୁ ଏହି ଅବସରରେ ଶପଥପାଠ କରାଯାଇଥିଲା। ନୂତନ କର୍ମକର୍ତ୍ତାଙ୍କୁ ସମାଜର ମୁରବୀ ପୁଷ୍ପଗୁଚ୍ଛ ଓ ଉତ୍ତରୀୟ ଦେଇ ସମ୍ବର୍ଦ୍ଧିତ କରିଥିଲେ। କୁବେର ଧର୍ମଶାଳାର ପୂର୍ଣ୍ଣାଙ୍ଗୀକରଣ, ନଦୀକୂଳ ସୁରକ୍ଷା, ଭାଇଚାରା ବଢ଼ାଇବା, ଯୁବ ସମାଜର ସହଯୋଗ, ସର୍ବସମ୍ମତି କ୍ରମେ ମାଘ ପୂର୍ଣ୍ଣିମା ଯାତ୍ରା ଆୟୋଜନ, ଗରିବ ଅସହାୟଙ୍କୁ ଆବଶ୍ୟକ ସ୍ଥଳେ ସହଯୋଗ କରାଯିବାକୁ ନିଷ୍ପତ୍ତି ନିଆଯାଇଛି।

# କୃଷି ଯନ୍ତ୍ରପାତି ମେଳାରେ ଯୋଗଦେଲେ ଭୁବନର ୧୫୦ ଚାଷୀ

ଭୁବନ,୧୦।୧୨(ସମିସ): ଉପଖଣ୍ଡସ୍ତରୀୟ କୃଷି ଯନ୍ତ୍ରପାତି ମେଳା କାମାକ୍ଷାନଗର ସାରଙ୍ଗଧର ଷ୍ଟାଡିୟମରେ ଅନୁଷ୍ଠିତ ହୋଇଛି। ଏଥିରେ ଭୁବନ ଅଞ୍ଚଳର ୧୫୦ ଚାଷୀ ଯୋଗଦେଇଥିଲେ। ଭୁବନ ଆତ୍ମା କମିଟି ସଭାପତି ଜଗବନ୍ଧୁ ପୃଷ୍ଟିଙ୍କ ନେତୃତ୍ୱରେ ଭୁବନ କୃଷକ ବିକାଶ ପରିଷଦ ସଭାପତି ସୁରେନ୍ଦ୍ର କୁମାର ପୃଷ୍ଟି, ସମ୍ପାଦକ ରଥ ସେଠୀ, ଭୁବନ କୃଷକ ସମାଜର ପୂର୍ବତନ କର୍ମକର୍ତ୍ତା ପୂର୍ଣ୍ଣଚନ୍ଦ୍ର ସାହୁ, ଅନୁକୂଳ ପୋଥାଳ, ବାଲିବୋ ସମବାୟ ସମିତି ସଭାପତି ମଳୟ କୁମାର ତ୍ରିପାଠୀ, କହ୍ନେଇପାଳର ବିମ୍ବାଧର ସାହୁ, ଓଡ଼ିଶର ସାଗରଦୀପ ଷଣ୍ଢ, ଜୟପୁରର ପଞ୍ଚାନନ ବେହେରା, ଦୟାଣାବିଲ ସରପଞ୍ଚ ଦିଲୀପ ସାହୁ, ସାଶପଶିର ଅଭୟ ନାୟକ ପ୍ରମୁଖଙ୍କ ସହଯୋଗରେ ଚାଷୀମାନେ ଯୋଗଦେଇଥିଲେ। କାମାକ୍ଷାନଗର ଉପଜିଲ୍ଲାପାଳ ଦୀନମଣି ନାୟକ ମେଳାକୁ ଉଦଘାଟନ କରିଥିଲେ। ଜିଲ୍ଲା କୃଷି ଅଧିକାରୀ ବିଶ୍ୱନାଥ ଦାସ ଅଧ୍ୟକ୍ଷତା କରିଥିଲେ। କାମାକ୍ଷାନଗର ବିଧାୟକ ଶତ୍ରୁଘ୍ନ ଜେନା, ପରଜଙ୍ଗ ବିଧାୟକ ବିଭୂତି ଭୂଷଣ ପ୍ରଧାନ ଅତିଥି ଭାବେ ଯୋଗଦେଇଥିଲେ। ଏହି କାର୍ଯ୍ୟକ୍ରମରେ ଭୂଷଳର ଅଗ୍ରଣୀ ଚାଷୀ ପ୍ରତାପ କୁମାର ନାୟକଙ୍କୁ କୃଷି ବିଭାଗ ପକ୍ଷରୁ ମାନପତ୍ର, ଉତ୍ତରୀୟ, ପୁଷ୍ପଗୁଚ୍ଛ ଦେଇ ସମ୍ବର୍ଦ୍ଧିତ କରାଯାଇଛି।



ପ୍ରତାପ ନାୟକ ସମ୍ବର୍ଦ୍ଧିତ

# ବ୍ଲକ୍‌ସ୍ତରୀୟ ମୋ ଢେଙ୍କାନାଳ ମହୋତ୍ସବ



ହିନ୍ଦୋଳ,୧୦।୧୨(ସମିସ): ହିନ୍ଦୋଳ ବ୍ଲକର ଜରଡ଼ା ନବପଲ୍ଲୀ ସରକାରୀ ଉଚ୍ଚ ବିଦ୍ୟାଳୟରେ ମୋ ଢେଙ୍କାନାଳ ଚ୍ୟାନେଲ ପକ୍ଷରୁ ଏହାର ୭ମ ପ୍ରତିଷ୍ଠା ଦିବସ ଉପଲକ୍ଷେ ହିନ୍ଦୋଳ ବ୍ଲକସ୍ତରୀୟ ମୋ ଢେଙ୍କାନାଳ ମହୋତ୍ସବ ଓ ମୋ ପ୍ରତିଭା ମୋ ପରିଚୟ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ପୂର୍ବତନ ସାଂସଦ ମହେଶ ସାହୁ ମୁଖ୍ୟଅତିଥି ଭାବେ ଯୋଗଦେଇ ଏହାକୁ ଉଦଘାଟନ କରିଥିଲେ। ସମ୍ମାନିତ ଅତିଥି ଭାବେ ପୂର୍ବତନ ବ୍ଲକ ଅଧ୍ୟକ୍ଷ ପ୍ରିୟରଞ୍ଜନ ମାହୁନ୍ତ, ମୋ ଢେଙ୍କାନାଳ ବ୍ଲକ ଆବାହକ ସାମ୍ବାଦିକ ଶ୍ରୀକାନ୍ତ ମହାପାତ୍ର, ସମାଜସେବୀ ରତିକାନ୍ତ ଗଡନାୟକ, ସାମ୍ବାଦିକ ପ୍ରଭାତ ରଞ୍ଜନ ପୃଷ୍ଟି, ବିଦ୍ୟାଳୟର ପ୍ରଧାନଶିକ୍ଷକ ଏବଂ ପ୍ରତିଷ୍ଠାତା ମାଷ୍ଟର ଇଂ ସୌମ୍ୟବ୍ରତ ସାହୁ ପ୍ରମୁଖ ଯୋଗଦେଇଥିଲେ। ଏହି ଅବସରରେ ଛାତ୍ରଛାତ୍ରୀଙ୍କ ମଧ୍ୟରେ ଚିତ୍ରାଙ୍କନ, ପ୍ରବନ୍ଧ, ବକ୍ତୃତା, ସଙ୍ଗୀତ, ନୃତ୍ୟ ଓ ଅଭିନୟ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ଏଥିରେ ବ୍ଲକର ବିଭିନ୍ନ ସ୍କୁଲର ୨୦୫ ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିଲେ। ଏଥିରେ ବିଚାରକ ରୂପେ ବିଜୟ କୁମାର ମିଶ୍ର, ମମତା ମହନ୍ତ ଓ ପ୍ରୀତିଙ୍କ ସମେତ ବରିଷ୍ଠ ସଦସ୍ୟସଦସ୍ୟା ଯୋଗଦେଇ ମୂଲ୍ୟାଙ୍କନ କରିଥିଲେ। ବିଜୟୀ ପ୍ରତିଯୋଗୀମାନେ ଆଗାମୀ ଦିନରେ ହେବାକୁ ଥିବା ଜିଲ୍ଲାସ୍ତରୀୟ ପ୍ରତିଯୋଗିତାରେ ଅଂଶଗ୍ରହଣ କରିବେ। ଉଦଯାପନୀ ଉତ୍ସବରେ ମୁଖ୍ୟଅତିଥି ଭାବେ ହିନ୍ଦୋଳ ଏସଡିପିଓ ସତ୍ୟକୁମାର ନନ୍ଦ ଯୋଗଦେଇ ଏହି ନିଆରା କାର୍ଯ୍ୟକ୍ରମକୁ ପ୍ରଶଂସା କରିଥିଲେ।

# ଇଫୁନା ଓ ଉଫୁନା ପକ୍ଷରୁ ବିଶ୍ୱ ମାନବିକ ଅଧିକାର ଦିବସ




ଢେଙ୍କାନାଳ,୧୦।୧୨(ସମିସ): ସ୍ଥାନୀୟ ଏକ ହୋଟେଲ କନଫରେନ୍ସ ହଲରେ ଇଣ୍ଡିଆନ ଫେଡେରେସନ ଅଫ ୟୁନାଇଟେଡ ନେସନ୍ସ ଆସୋସିଏସନ (ଇଫୁନା) ଓ ଉତ୍କଳ ଫେଡେରେସନ ଅଫ ୟୁନାଇଟେଡ ନେସନ୍ସ ଆସୋସିଏସନ (ଉଫୁନା) ପକ୍ଷରୁ ବିଶ୍ୱ ମାନବିକ ଅଧିକାର ଦିବସ ପାଳିତ ହୋଇଛି। ଇଫୁନାର ମହାସଚିବ ତଥା ୱାର୍ଲ୍ଡ ଫେଡରେସନ ଅଫ ୟୁନାଇଟେଡ ନେସନ୍ସ ଆସୋସିଏସନର ଭାଇସ ଚେୟାରମ୍ୟାନ ସୁରେଶ ଶ୍ରୀବାସ୍ତବ ଆଭାସୀ ମାଧ୍ୟମରେ ଏହାକୁ ଉଦଘାଟନ କରିଥିଲେ। ଇଫୁନାର ଜାତୀୟ ଉପସଭାପତି ତଥା ଉଫୁନାର ରାଜ୍ୟ ସଭାପତି ଆଇନଜୀବୀ ମନୋରଞ୍ଜନ ପଟ୍ଟନାୟକ ଅଧ୍ୟକ୍ଷତା କରିଥିଲେ। ମୁଖ୍ୟଅତିଥି ରୂପେ ପୂର୍ବତନ କେନ୍ଦ୍ରମନ୍ତ୍ରୀ ଭଜମନ ବେହେରା, ବିଶିଷ୍ଟ ଅତିଥି ଭାବେ ପ୍ରାକ୍ତନ ମୁଖ୍ୟ ଶାସନ ସଚିବ ବିଜୟ କୁମାର ପଟ୍ଟନାୟକ, ସମ୍ମାନିତ ଅତିଥି ଭାବେ ହାଇକୋର୍ଟ ଆଇନଜୀବୀ ବିଶ୍ୱଜିତ ସୂର୍ଯ୍ୟବଂଶୀ, ପୂର୍ବତନ ବିଚାରପତି ଭିକାରୀ ଚରଣ ରାଉତ, ସମାଜସେବୀ ସରୋଜ ଶତପଥୀ, ଉଫୁନାର ମହାସଚିବ ଦୀପାୟନ ପଟ୍ଟନାୟକ, ମୁଖ୍ୟବକ୍ତା ଭାବେ ପୂର୍ବତନ ଅର୍ଥମନ୍ତ୍ରୀ ଶଶିଭୂଷଣ ବେହେରା ଯୋଗଦେଇ ମାନବିକ ଅଧିକାର ବିଷୟରେ ବକ୍ତବ୍ୟ ରଖିଥିଲେ।

# ନାଟକ 'ହା କୃଷ୍ଣ ବୋଲି ଯାଉ ଜୀବ' ମଞ୍ଚସ୍ଥ

ଭୁବନ,୧୦।୧୨(ସମିସ): ଭୁବନ ବ୍ଲକ ଏକତାଳି ପଞ୍ଚାୟତ ଚନ୍ଦାର ଗ୍ରାମରେ ମା' ତାରିଣୀ ନାଟ୍ୟ ପରିଷଦ ପକ୍ଷରୁ ଗ୍ରାମ୍ୟ ଯୁବକଙ୍କ ଦ୍ୱାରା ନାଟକ 'ହା କୃଷ୍ଣ ବୋଲି ଯାଉ ଜୀବ' ମଞ୍ଚସ୍ଥ ହୋଇଛି। ନିର୍ଦ୍ଦେଶକ ଅରୁଣ କୁମାର ରାଉତ, ସଙ୍ଗୀତ ନିର୍ଦ୍ଦେଶକ ପୀତବାସ କର, ତୃପ୍ତି ପାଠାଗାର ଅଧ୍ୟକ୍ଷ ପୂର୍ଣ୍ଣଚନ୍ଦ୍ର ସାହୁ, ମା' ତାରିଣୀ ନାଟ୍ୟ ପରିଷଦ ମୁଖ୍ୟ ଅମୂଲ୍ୟ ଦ୍ୱିବେଦୀ ଅତିଥି ଭାବେ ଯୋଗଦେଇ ଏହାକୁ ଉଦଘାଟନ କରିଥିଲେ। ଅନନ୍ତ ନନ୍ଦ ମଞ୍ଚ ପରିଚାଳନା କରିଥିଲେ। ଶିବସୁନ୍ଦର ତ୍ରିପାଠୀ, ସୁନାକର ବେହେରା, ପଙ୍କଜ ଲୋଚନ ସାହୁ, ଖିରୋଦ ରାଉତ, ଅଜିତ ରାଉତ, ହିମାଂଶୁ ରାଉତ, ଅଭିମନ୍ୟୁ ସାହୁ, ପ୍ରଶାନ୍ତ ଦାସ, ଜିତେନ୍ଦ୍ର ରାଉତ, ପଙ୍କଜ ରାଉତ ଅଭିନୟ କରିଥିଲେ।



# ଉପଖଣ୍ଡସ୍ତରୀୟ କୃଷି ଯନ୍ତ୍ରପାତି ମେଳା ଉଦ୍‌ଘାଟିତ



ଖଜୁରିଆକଟା,୧୦।୧୨(ସମିସ)

ହିନ୍ଦୋଳ ଉପଖଣ୍ଡସ୍ତରୀୟ କୃଷି ଯନ୍ତ୍ରପାତି ମେଳା ହିନ୍ଦୋଳ ମିନି ଷ୍ଟାଡିୟମରେ ଉଦଘାଟିତ ହୋଇଛି। ଏହି ମେଳା ଶୁକ୍ରବାର ପର୍ଯ୍ୟନ୍ତ ଚାଲିବ ବୋଲି ଜିଲ୍ଲା କୃଷି ଅଧିକାରୀ ସୂଚନା ଦେଇଛନ୍ତି। ଜିଲ୍ଲା ମୁଖ୍ୟ କୃଷି ଅଧିକାରୀ ବିଶ୍ୱନାଥ ଦାସଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ଉଦଘାଟନୀ ଉତ୍ସବରେ ଅତିଥିଭାବେ ହିନ୍ଦୋଳ ତହସିଲଦାର ଦିଲୀପ କୁମାର ସେଠୀ, ଜିଲ୍ଲା କୃଷି ଅଧିକାରୀ ଜ୍ଞାନେନ୍ଦ୍ର କୁମାର ଦଳେଇ, ନିର୍ବାହୀ ଯନ୍ତ୍ରୀ ପ୍ରଦ୍ୟୁତ କୁମାର ପଟ୍ଟନାୟକ ଯୋଗଦେଇ ସାମ୍ପ୍ରତିକ ସ୍ଥିତିରେ ଉନ୍ନତ ମାନର ଯନ୍ତ୍ରପାତି ବ୍ୟବହାର କଲେ କୃଷିର ଉନ୍ନତି ହୋଇପାରିବ ବୋଲି ପ୍ରକାଶ କରିଥିଲେ। କୃଷି ବିଜ୍ଞାନ କେନ୍ଦ୍ରର ବୈଜ୍ଞାନିକ ରୋଜାଲିନ ମହନ୍ତ କୃଷକ କିଭଳି ସଶକ୍ତ ହୋଇପାରିବେ ସେ ନେଇ ସୁଚିନ୍ତିତ ବକ୍ତବ୍ୟ ରଖିଥିଲେ। ମେଳାରେ ହିନ୍ଦୋଳ ବ୍ଲକ କୃଷି ଅଧିକାରୀ ତୁଷାରକାନ୍ତ ସାହୁ, ଆତ୍ମା ଅଧ୍ୟକ୍ଷ ପ୍ରଦୀପ କୁମାର ସାହୁ, ଅତିରିକ୍ତ କୃଷି ଅଧିକାରୀ ରାମେଶ୍ୱର ଜେନା, ଟିକେଶ୍ୱର ଭୋଇ, ସଦର ବ୍ଲକ କୃଷି ଅଧିକାରୀ ଗାୟତ୍ରୀ ସାହୁ, ସୂର୍ଯ୍ୟମଣି ପ୍ରଧାନ, ସମୀର ପଟ୍ଟନାୟକ, ଦେବରାଜ ଖୁଣ୍ଟିଆ, କୃଷି ଓଭରସିଅର ଜୟନ୍ତି ଦାସ, ପ୍ରଶାନ୍ତ ବେହେରା, ପ୍ରମିଳା ବେହେରା ପ୍ରମୁଖ ସହଯୋଗ କରିଥିଲେ।

# ବଢୁଛି ଶୀତବସ୍ତ୍ରର ଚାହିଦା

ଗଁଦିଆ,୧୦।୧୨(ସମିସ): ଗଁଦିଆରେ ଆରମ୍ଭ ହୋଇଛି ଶୀତ ଲହରୀ। ଦିନବେଳେ ଶୀତ ବିଶେଷ ଜଣାପଡୁ ନ ଥିବା ବେଳେ ସଞ୍ଜ ନଇଁଲେ ମାଡ଼ି ଆସୁଛି ଜାଡ଼। ଗତ ୩ ଦିନ ହେବ ପ୍ରବଳ ଶୀତ ଅନୁଭୂତ ହେଉଛି। ଲୋକେ ଶୀତର ମଜା ଉଠାଇବା ସହ ନିଜକୁ ଫିଟ୍ ରଖିବା ପାଇଁ ପ୍ରାତଃ ଭ୍ରମଣ, ଯୋଗ, ବ୍ୟାୟାମ ଆଦି କରୁଛନ୍ତି। ଗଁଦିଆର ବିଭିନ୍ନ ଖେଳପଡ଼ିଆ ଓ ଖୋଲା ଜାଗାରେ ଲୋକଙ୍କ ଭିଡ଼ ଜମୁଛି। ଅନ୍ୟପଟେ ଶୀତକୁ ଦୃଷ୍ଟିରେ ରଖି ଶୀତବସ୍ତ୍ରର ଚାହିଦା ମଧ୍ୟ ବେଶ୍ ବଢ଼ିଚି। ଲୋକେ ଶୀତ ଦାଉରୁ ରକ୍ଷା ପାଇଁ ଶୀତବସ୍ତ୍ର କିଣିବାକୁ ଦୋକାନଗୁଡ଼ିକରେ ଭିଡ଼ ଜମାଉଛନ୍ତି।

**ମୁଦ୍ରା ବିନିମୟ ମୂଲ୍ୟ**



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)
- ଡଲାର ୮୯.୦୦ • ପାଉଣ୍ଡ ୧୨୦.୦୭
- ୟୁରୋ ୧୦୫.୨୧ • ୟେନ୍ ୦.୫୮

**ସୁନା, ରୁପା ଦର (ଟଙ୍କାରେ)**




୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)
- ସୁନା: ୧,୧୯,୪୫୦ (ଭୁବନେଶ୍ୱର)
- ରୁପା : ୨,୦୫,୦୦୦ (କେଜି)



**ଷ୍ଟକ୍ ମାର୍କେଟ୍**

ବଜାର କାରବାର (ପଏଣ୍ଟରେ)
- ସେନ୍‌ସେକ୍ସ ୮୪,୩୯୧.୦୦
- ନିଫ୍ଟି ୨୫,୭୫୮.୦୦



**ପେଟ୍ରୋଲ-ଡିଜେଲ୍**


ଲିଟର ପିଛା (ଟଙ୍କାରେ)
- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦



# ନୂଆବର୍ଷରୁ ରିଚାର୍ଜ ପ୍ଲାନ୍ ମହଙ୍ଗା !

## ଟେଲିକମ୍ କମ୍ପାନୀ ବଢ଼ାଇବେ ପ୍ରି-ପେଡ୍ ରିଚାର୍ଜ ପ୍ଲାନ୍

**ନୂଆଦିଲ୍ଲୀ,୧୦।୧୨(ଏଜେନ୍ସି):** ନୂଆ ବର୍ଷରୁ ଆପଣଙ୍କୁ ପୁଣି ଥରେ ମୋବାଇଲରେ କଥା ହେବା ଏବଂ ଇଣ୍ଟରନେଟ୍ ବ୍ୟବହାର କରିବା ପାଇଁ ଅଧିକ ଟଙ୍କା ଖର୍ଚ୍ଚ କରିବାକୁ ପଡିବ। କାରଣ ବର୍ଷର ଶେଷ ମାସରେ ଦେଶର ଟେଲିକମ୍ କମ୍ପାନୀଗୁଡିକ ସେମାନଙ୍କର ରିଚାର୍ଜ ପ୍ଲାନ୍ ବୃଦ୍ଧି କରିବାକୁ ଯାଉଛନ୍ତି। ଏକ ରିପୋର୍ଟ ଅନୁଯାୟୀ, ଟେଲିକମ୍ ଅପରେଟରମାନେ ସେମାନଙ୍କର ପ୍ରି-ପେଡ୍ ରିଚାର୍ଜ ପ୍ଲାନ୍ ଦରରେ ୧୨% ଯାଏ ବୃଦ୍ଧି କରିବାକୁ ଯୋଜନା କରିଛନ୍ତି। ବର୍ତ୍ତମାନ ଏ ସମ୍ପର୍କରେ ବର୍ତ୍ତମାନ ଖବର ସୋସିଆଲ ମିଡିଆରେ ଛାଇବାରେ ଲାଗିଛି। ଏହି ଖବର ଏବେ ଗ୍ରାହକମାନଙ୍କୁ ପୁଣି ଥରେ ଚିନ୍ତାରେ ପକାଇଛି। ଜିଓ, ଏୟାରଟେଲ୍ ଏବଂ ଭିଆଇ ଭଳି ପ୍ରମୁଖ ଟେଲିକମ୍ କମ୍ପାନୀଗୁଡ଼ିକ ନୂତନ ବର୍ଷରେ ସେମାନଙ୍କର ରିଚାର୍ଜ ପ୍ଲାନର ମୂଲ୍ୟ ବୃଦ୍ଧି କରିବେ। ସୋସିଆଲ ମିଡିଆରେ ପ୍ରସାରିତ ରିପୋର୍ଟ ଅନୁଯାୟୀ, କିଛି କମ୍ପାନୀ ସେମାନଙ୍କ ଗ୍ରାହକଙ୍କୁ ନୋଟିଫିକେସନ୍ ପଠାଇବା ମଧ୍ୟ ଆରମ୍ଭ କରିଛନ୍ତି।




ଟେଲିକମ୍ କମ୍ପାନୀଗୁଡ଼ିକ ବର୍ଦ୍ଧିତ ରିଚାର୍ଜ ପ୍ଲାନଗୁଡ଼ିକ ସମ୍ପର୍କରେ କୌଣସି ସରକାରୀ ବିଜ୍ଞପ୍ତି ଜାରି କରିନାହାଁନ୍ତି। ତେଣୁ, ପ୍ଲାନ ମୂଲ୍ୟ ସମାନ ରହିବ। ଏକ ରିପୋର୍ଟ ଅନୁଯାୟୀ, ଦେଶର ତିନୋଟି ପ୍ରମୁଖ ଟେଲିକମ୍ କମ୍ପାନୀ - ଜିଓ, ଏୟାରଟେଲ୍ ଏବଂ ଭୋଡାଫୋନ୍-ଆଇଡିଆ - ପ୍ରତି ଉପଭୋକ୍ତାଙ୍କ ହାରାହାରି ରାଜସ୍ୱ (ଏଆର୍‌ପିୟୁ) ବୃଦ୍ଧି କରିବାକୁ ଲକ୍ଷ୍ୟ ରଖିଛନ୍ତି। ଫଳସ୍ୱରୂପ, ଆଗାମୀ ମାସଗୁଡ଼ିକରେ ରିଚାର୍ଜ ପ୍ଲାନଗୁଡ଼ିକ ୧୦-୧୨ ପ୍ରତିଶତ ମହଙ୍ଗା ହୋଇପାରେ। ଯଦି କମ୍ପାନୀଗୁଡ଼ିକ ମୂଲ୍ୟ ବୃଦ୍ଧି କରନ୍ତି, ତେବେ ଏହା ୨୦୨୪ ପରଠାରୁ ସବୁଠାରୁ ବଡ଼ ବୃଦ୍ଧି ହେବ। ସାମ୍ପ୍ରତିକ ମାସଗୁଡ଼ିକରେ, ଜିଓ ଏବଂ ଏୟାରଟେଲ୍ ଚୁପଚାପ୍ ସେମାନଙ୍କର ଏଣ୍ଟ୍ରି-ଲେଭଲ ୧ ଜିବି ଦୈନିକ ପ୍ରିପେଡ୍ ପ୍ଲାନଗୁଡ଼ିକୁ ବନ୍ଦ କରିଦେଇଛନ୍ତି, ଯାହା ବ୍ୟବହାରକାରୀମାନଙ୍କୁ ବାଧ୍ୟତାମୂଳକ ଭାବେ ଅଧିକ ମହଙ୍ଗା ପ୍ଲାନ୍ ଆଡ଼କୁ ଠେଲିଦେଇଛି। ଅଧିକାଂଶ ପ୍ରିପେଡ୍ ଡାଟା ଉପଭୋକ୍ତାଙ୍କ ପାଇଁ ନୂତନ ମୌଳିକ ଯୋଜନାଗୁଡ଼ିକ ଏବେ ପ୍ରତିଦିନ ଦେଢ଼ ଜିବିରୁ ଆରମ୍ଭ ହେଉଛି, ଯାହାର ମୂଲ୍ୟ ପ୍ରାୟ ୨୯୯ ଟଙ୍କା, ଯାହା ପୂର୍ବ ୨୪୯ ଟଙ୍କା ଯୋଜନାଠାରୁ ପ୍ରାୟ ୧୭% ବୃଦ୍ଧି।

ଟେଲିକମ୍ କ୍ଷେତ୍ରରେ ଗୁରୁତ୍ୱପୂର୍ଣ୍ଣ ପୁଞ୍ଜିନିବେଶ ଏବଂ ୫ଜି ଭିତ୍ତିଭୂମି ବିସ୍ତାର ପାଇଁ ଗୁରୁତ୍ୱପୂର୍ଣ୍ଣ ଖର୍ଚ୍ଚକୁ ଦୃଷ୍ଟିରେ ରଖି ଏୟାରଟେଲ୍ ଏବଂ ଭିଆଇ ଉଭୟ ଦୀର୍ଘ ସମୟ ଧରି ଟାରିଫ୍ ବୃଦ୍ଧିର ଆବଶ୍ୟକତା ଉପରେ ଗୁରୁତ୍ୱାରୋପ କରିଆସୁଛନ୍ତି। ବର୍ତ୍ତମାନ,

### ୧୨% ଯାଏ ବଢ଼ିବ ରିଚାର୍ଜ ଦର

### ଏଣ୍ଟ୍ରି-ଲେଭଲ ୧ ଜିବି ଦୈନିକ ପ୍ରିପେଡ୍ ପ୍ଲାନଗୁଡ଼ିକୁ ବନ୍ଦ

ସିଧାସଳଖ ମୂଲ୍ୟ ବୃଦ୍ଧି କରିବା ପରିବର୍ତ୍ତେ ଟେଲିକମ୍ କମ୍ପାନୀଗୁଡ଼ିକ ସେମାନଙ୍କର ଶସ୍ତା ପ୍ଲାନ୍‌ଗୁଡିକୁ ବନ୍ଦ କରୁଛନ୍ତି। ଯାହାଫଳରେ ଗ୍ରାହକମାନେ ଅଧିକ ମହଙ୍ଗା ଯୋଜନା କିଣିବାକୁ ବାଧ୍ୟ ହେବେ। ଏହି କୌଶଳଗୁଡ଼ିକ କମ୍ପାନୀଗୁଡ଼ିକୁ ପ୍ରତି ଉପଭୋକ୍ତାଙ୍କ ହାରାହାରି ରାଜସ୍ୱ (ଏଆର୍‌ପିୟୁ) ବୃଦ୍ଧି କରିବାରେ ସାହାଯ୍ୟ କରୁଛି। ଏମିତିକି କିଛି କମ୍ପାନୀ ମଧ୍ୟ ନଭେମ୍ବରରେ କିଛି ନିର୍ଦ୍ଦିଷ୍ଟ ପ୍ରି-ପେଡ୍ ରିଚାର୍ଜ ପ୍ଲାନ୍ ଦର ବୃଦ୍ଧି କରିଛନ୍ତି। ଭିଆଇ ଏବଂ ଏୟାରଟେଲ୍ ଭଳି ଅପରେଟର ପ୍ଲାନ ଦର ୭%ରୁ ଅଧିକ ବଢ଼ାଇଛନ୍ତି। ଯେତେବେଳେ କି ବିଏସ୍‌ଏନ୍‌ଏଲ୍ ଭାଲିଡିଟି କମ୍ କରିଛି।

**ଭାରତ-ଆମେରିକା ବାଣିଜ୍ୟିକ ଆଲୋଚନା**

# ଟ୍ରମ୍ପ ଅଧିକାରୀଙ୍କ ଦାବି; ଆମେରିକାକୁ ଭାରତର ବଡ଼ ଅଫର୍

**ନୂଆଦିଲ୍ଲୀ,୧୦।୧୨(ଏଜେନ୍ସି):** ଭାରତ-ଆମେରିକା ମଧ୍ୟରେ ଚାଲିଥିବା ବାଣିଜ୍ୟିକ ବିବାଦ ମଧ୍ୟରେ ଏକ ବଡ଼ ଖବର ସାମନାକୁ ଆସିଛି। ଆମେରିକାର ବାଣିଜ୍ୟିକ ପ୍ରତିନିଧି ଜ୍ୟାମିସନ ଗ୍ରୀର ବୁଧବାର ଏକ ବଡ଼ ବୟାନ ଦେଇଛି। ଗ୍ରୀରଙ୍କ ଅନୁସାରେ, ଭାରତ ସହ ଚାଲିଥିବା ବାଣିଜ୍ୟିକ ଆଲୋଚନାରେ ୱାଶିଂଟନକୁ ନୂଆଦିଲ୍ଲୀରୁ ଏବେ ସୁଦ୍ଧା ଶ୍ରେଷ୍ଠ ଅଫର୍ ମିଳିଛି।



ତେବେ କୃଷି ଓ ଅନ୍ୟ ଉତ୍ପାଦ ଉପରେ ଭାରତ ତା'ର ସହମତି ଦେଇନାହିଁ। ତଥାପି, ଗ୍ରୀର ଏହାକୁ ଭଲ ପ୍ରଗତିଶୀଳ ପଦକ୍ଷେପ ବୋଲି କହିଛନ୍ତି।

ଆମେରିକୀୟ ବାଣିଜ୍ୟିକ ପ୍ରତିନିଧି ରିକ୍ ସ୍ୱିଟଜରଙ୍କ ନେତୃତ୍ୱରେ ଆମେରିକୀୟ ପ୍ରତିନିଧିମଣ୍ଡଳ ଦିଲ୍ଲୀରେ ଦ୍ୱିପାକ୍ଷିକ ବାଣିଜ୍ୟ ବୁଝାମଣାର ପ୍ରଥମ ପର୍ଯ୍ୟାୟର ନିର୍ଣ୍ଣାୟକ ଆଲୋଚନା ଚଳାଇଛନ୍ତି। ଗ୍ରୀର କହିଛନ୍ତି ବର୍ତ୍ତମାନ ସମୟରେ ଆମେରିକାର ପ୍ରତିନିଧିମଣ୍ଡଳ ଭାରତରେ ଗୁରୁତ୍ୱପୂର୍ଣ୍ଣ ବାଣିଜ୍ୟିକ ପ୍ରସଙ୍ଗ ଉପରେ ଆଲୋଚନା କରୁଛନ୍ତି। ଯେତେବେଳେ ଆମେ ନୂଆଦିଲ୍ଲୀରେ ଆଲୋଚନା କରିଥାଉ, ସେତେବେଳେ ଆମର ଗୋଟିଏ ଟିମ୍ ଏହା ଉପରେ କାମ କରୁଥାଏ। ଭାରତରେ କିଛି ବିଶେଷ ଫସଲ ଓ ଅନ୍ୟ ଉତ୍ପାଦକୁ ନେଇ ଗତିରୋଧ ଚାଲିଛି। ସେ ଏହା ବି ସ୍ୱୀକାର କରିଛନ୍ତି ଯେ ଭାରତରେ ପ୍ରବେଶ କରିବା ଅତ୍ୟନ୍ତ କଷ୍ଟକର, କିନ୍ତୁ ଏହା ବି ସେ ସ୍ପଷ୍ଟ କରିଛନ୍ତି ଯେ ଭାରତ ଏହି ମାମଲାରେ ପ୍ରଗତିଶୀଳ ରହିଛି। ଗ୍ରୀରଙ୍କ ଅନୁସାରେ, ଯେଉଁ ପ୍ରସ୍ତାବ ଉପରେ ଆମ ସହ ଭାରତ ଆଲୋଚନା କରୁଛି, ତାହା ଗୋଟିଏ ଦେଶ ଭାବେ ଆମକୁ ମିଳୁଥିବା ସବୁଠୁ ଭଲ ପ୍ରସ୍ତାବ। ସେ ଭାରତକୁ ଏକ ଆଶାଜନକ ବୈକଳ୍ପିକ ବଜାର ଭାବେ ଅଭିହିତ କରିଛନ୍ତି। କାରଣ ଆମେରିକା ନିଜ ରପ୍ତାନୀ ବଜାର ବଢାଇବା ଉପରେ ବିଚାର କରୁଛି। ଅନ୍ୟପଟେ ଆମେରିକା ବିଦେଶ ଉପ-ସଚିବ ଏଲିସନ ହୁକର ବିଦେଶ ସଚିବ ବିକ୍ରମ ମିସ୍ରିଙ୍କ ସହ ବୈଠକ କରିଛନ୍ତି। ଦୁଇ ପକ୍ଷ ଫେବ୍ରୁଆରୀରେ ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଓ ପ୍ରଧାନମନ୍ତ୍ରୀ ମୋଦୀଙ୍କ ମଧ୍ୟରେ ବୈଠକର ଦୃଷ୍ଟିକୋଣକୁ ପରିଣାମରେ ବଦଳାଇବା ଉପରେ ଧ୍ୟାନ କେନ୍ଦ୍ରିତ କରିଥିଲେ। ଉଲ୍ଲେଖଯୋଗ୍ୟ ଯେ ଭାରତ ସହ ରଣନୀତିକ ଓ ଆର୍ଥିକ ସହଯୋଗ ମଜଭୁତ କରିବା ପାଇଁ ସେ ୫ ଦିନିଆ ନୂଆଦିଲ୍ଲୀ ଗସ୍ତରେ ଆସିଛନ୍ତି।

# ନୂଆ ରେକର୍ଡସ୍ତରରେ ରୁପା

## ଭୁବନେଶ୍ୱରରେ କିଲୋ ୨.୦୫ ଲକ୍ଷ

**ନୂଆଦିଲ୍ଲୀ,୧୦।୧୨(ଏଜେନ୍ସି):** ବିଶ୍ୱ ବଜାରରେ ହୁ ହୁ ହୋଇ ବଢ଼ିବାରେ ଲାଗିଛି ସୁନା ଓ ରୁପା ଦର। ବିଶ୍ୱ ଅର୍ଥନୈତିକ ଅନିଶ୍ଚିତତା ମଧ୍ୟରେ ଦୌଡୁଛି ସୁନା ଓ ରୁପା ବଜାର। ମୂଲ୍ୟ ବୃଦ୍ଧିରେ ଲାଗୁନି ଲଗାମ୍। ଇତିମଧ୍ୟରେ ବଜାରରେ ପୁଣି ଥରେ ସୁନା ଏବଂ ରୁପା ମୂଲ୍ୟରେ ବୃଦ୍ଧି ଘଟିବାରେ ଲାଗିଛି। ଏଥିରେ ବୁଧବାର ରୁପା ଦର ପ୍ରଥମ ଥର ପାଇଁ

### ୧.୩୫ ଲକ୍ଷ ଛୁଇଁବ ସୁନା



ଏହାର ସବୁ ପୁରୁଣା ରେକର୍ଡ ଭାଙ୍ଗି ଐତିହାସିକ ରେକର୍ଡ ସ୍ତର କିଲୋ ଗ୍ରାମ ପିଛା ପୁନର୍ବାର ୨ ଲକ୍ଷ ଟଙ୍କା ଅତିକ୍ରମ କରି ୨.୦୫ ଲକ୍ଷ ଟଙ୍କାରେ ପହଞ୍ଚିଛି। ଏମିତିକି ଆଜି ଦିନକରେ ଘରୋଇ ବଜାରରେ ରୁପା ଦର କିଲୋଗ୍ରାମ ପିଛା ୬,୬୦୦ ଟଙ୍କା ବୃଦ୍ଧି ଘଟିଛି। ରାଜଧାନୀ ଭୁବନେଶ୍ୱରରେ ଆଜି ରୁପା ମୂଲ୍ୟ କିଲୋଗ୍ରାମ ପିଛା ୨,୦୫,୦୦୦ ଟଙ୍କାରେ ପହଞ୍ଚିଛି। ସୋଲାର, ଇଭି ଏବଂ ଇଲେକ୍ଟ୍ରୋନିକ୍ସ ଶିଳ୍ପ କ୍ଷେତ୍ରରେ ଚାହିଦାରେ ବୃଦ୍ଧି ଯୋଗୁ ବଜାରରେ ରୁପା ଦର ଏଭଳି ଭାବେ ବୃଦ୍ଧି ଘଟୁଛି। ସେହିପରି ବିବାହ ଋତୁରେ ସୁନା ଚାହିଦାରେ ବୃଦ୍ଧି ଯୋଗୁ ଏହି ହଳଦିଆ ଧାତୁ ମୂଲ୍ୟରେ ବୃଦ୍ଧି ହୋଇଛି।

ବୁଧବାର ରାଜଧାନୀ ଭୁବନେଶ୍ୱରରେ ସୋମବାର ୧୦ ଗ୍ରାମ ପିଛା ୨୪ କ୍ୟାରେଟ୍ ସୁନା ଦର ରେକର୍ଡ ୧,୩୦,୧୮୦ ଟଙ୍କାରେ ପହଞ୍ଚିଛି। ସେହିପରି ୨୨ କ୍ୟାରେଟ୍ ସୁନା ୧୦ ଗ୍ରାମ ପିଛା ପ୍ରଥମ କରି ୧୧୯,୪୫୦ ଟଙ୍କା ହୋଇଛି। ଇଣ୍ଡିଆ ବୁଲିୟନ୍ ଆଣ୍ଡ ଜୁଏଲର୍ସ ଆସୋସିଏସନ୍ (ଆଇବିଜେଏ) ଅନୁଯାୟୀ, ବୁଧବାର ନୂଆ ଦିଲ୍ଲୀ ବଜାରରେ ସକାଳେ ରୁପା କିଲୋଗ୍ରାମ ପିଛା ୧,୮୬,୩୫୦ ଟଙ୍କାରେ କାରବାର ଆରମ୍ଭ କରିଥିଲା। ଚଳିତବର୍ଷ ଏ ପର୍ଯ୍ୟନ୍ତ ସୁନାର ମୂଲ୍ୟ ୫୧,୬୨୬ ଟଙ୍କା ବୃଦ୍ଧି ପାଇଛି। ୨୦୨୪ ଡିସେମ୍ବର ୩୧ ରେ ୨୪କ୍ୟାରେଟ୍ ସୁନାର ମୂଲ୍ୟ ୧୦ ଗ୍ରାମ ପିଛା ୭୬,୧୬୨ ଟଙ୍କା ଥିଲା।

କେଡିଆ ଆଡଭାଇଜରିର ନିର୍ଦ୍ଦେଶକ ଅଜୟ କେଡିଆ କହିଛନ୍ତି ଯେ ଭୂ-ରାଜନୈତିକ ଉତ୍ତେଜନା ଜାରି ରହିଛି, ଯାହା ସୁନାକୁ ସମର୍ଥନ କରୁଛି। ଏହା ସୁନାର ଚାହିଦା ବୃଦ୍ଧି କରୁଛି। ଫଳସ୍ୱରୂପ, ଏହି ବର୍ଷ ପ୍ରତି ୧୦ ଗ୍ରାମ ସୁନା ୧.୩୫ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ପହଞ୍ଚିପାରେ, ଯେତେବେଳେ କି ରୁପା କିଲୋଗ୍ରାମ ପିଛା ୨.୧୦ ଲକ୍ଷ ଟଙ୍କା ଛୁଇଁପାରେ।

# ୨୦ ବର୍ଷରେ କ୍ୟାଣ୍ଟନ୍‌ମେଣ୍ଟ ରୋଡସ୍ଥିତ ତନିସ୍କ ଷ୍ଟୋର

**କଟକ,୧୦।୧୨(ସମିସ):** ଦେଶର ଅନ୍ୟତମ ବୃହତ୍ ଗହଣା ରିଟେଲ୍ ବ୍ରାଣ୍ଡ ତନିସ୍କ ଏହାର କଟକ କ୍ୟାଣ୍ଟନ୍‌ମେଣ୍ଟ ରୋଡ୍ ଷ୍ଟୋର୍‌ର ୨୦ତମ ବର୍ଷ ପୂର୍ତ୍ତୀ ପାଳନ କରୁଛି। ଭରସା, କାରିଗରୀ ଏବଂ କାଳଜୟୀ ସୁନ୍ଦରତାର ପରିଚୟ ହେଉଛି ତନିସ୍କ। କଟକରେ ଦୁଇ ଦଶନ୍ଧି ଧରି ଏହା ଗ୍ରାହକଙ୍କ ଭରଷା ପାଲଟିଛି। ତନିସ୍କ ଗ୍ରାମ ପିଛା ସୁନା ଗହଣା ଉପରେ ୬୦୦ ଟଙ୍କା ପର୍ଯ୍ୟନ୍ତ ରିହାତି ପ୍ରଦାନ କରୁଛି। ସେହିଭଳି ହୀରା ମୂଲ୍ୟ ଉପରେ ୨୦% ପର୍ଯ୍ୟନ୍ତ ରିଆତି ଏବଂ ଯେକୌଣସି ଗହଣା ଷ୍ଟୋରରୁ କିଣାଯାଇଥିବା କୌଣସି କ୍ୟାରେଟ୍‌ର ପୁରୁଣା ସୁନା ବଦଳରେ ଶତପ୍ରତିଶତ ମୂଲ୍ୟ ପ୍ରଦାନ କରୁଛି ତନିସ୍କ। ବିଭିନ୍ନ ପ୍ରକାରର ଗହଣା ସମ୍ଭାର ନେଇ ୫,୪୦୦ ବର୍ଗଫୁଟ୍ ପରିମିତ ସ୍ଥାନରେ ନିର୍ମିତ କଟକ ଷ୍ଟୋରରେ ତନିସ୍କର ଏହି ମେଳାରେ ଆବାହନ, ମୃଗଙ୍କ, ଇଲାନ୍, ସୋଲ୍‌ମେଟ୍, ରେଡିଆନ୍ସ ଇନ୍ ରିଦିମ୍, ସ୍ରୋତିକା, ରିଭା, ଡୋର, ଆଭୀର, ଗ୍ଲାମ୍‌ଡେଜ୍ ଏବଂ ଷ୍ଟ୍ରିଙ୍ଗ୍ ଇଟ୍ ଇତ୍ୟାଦି ଶୋଭା ପାଇଛି। ଏହି ଅବସରରେ ତନିସ୍କର ଏରିଆ ବିଜନେସ୍ ମ୍ୟାନେଜର କୌଶିକ ବାନାର୍ଜୀ କୁହନ୍ତି, କଟକ କ୍ୟାଣ୍ଟନ୍‌ମେଣ୍ଟ ରୋଡ୍ ଷ୍ଟୋର୍‌ର ୨୦ ବର୍ଷ ପାଳନ କରି ଆମେ ଅତ୍ୟନ୍ତ ଗର୍ବିତ। ଏହା ତନିସ୍କର ଭରସା ଏବଂ ଉତ୍କର୍ଷତାର ଯାତ୍ରା କ୍ଷେତ୍ରରେ ଏକ ପ୍ରମୁଖ ମାଇଲଖୁଣ୍ଟ। ଏହି ମାଇଲଖୁଣ୍ଟ ଆମ ଗ୍ରାହକଙ୍କ ଭଲପାଇବା ଏବଂ ସମର୍ଥନକୁ ପ୍ରତିଫଳିତ କରୁଛି। ଏହି ଅବସରରେ ବର୍ଷ ପୂର୍ତ୍ତିରେ ଭାଗ ନେବାକୁ ତନିସ୍କର ସବୁ ଗ୍ରାହକଙ୍କୁ ନିମନ୍ତ୍ରଣ କରିଛନ୍ତି ତନିସ୍କର ବ୍ୟବସାୟିକ ସହଯୋଗୀ ଯୋଗେନ୍ଦ୍ର ହଂସ। ବିବେକ ହଂସଙ୍କ ପ୍ରତ୍ୟକ୍ଷ ତତ୍ତ୍ୱବଧାନରେ ଅନୁଷ୍ଠିତ ଏହି ସାମ୍ବାଦିକ ସମ୍ମିଳନୀରେ ତନିସ୍କର ସର୍କଲ ବ୍ୟବସାୟ ମୁଖ୍ୟ ଅରିନ୍ଦମ ପାରମାଣିକ ଉପସ୍ଥିତ ଥିଲେ।




ଭଳି କି ଭଳି ଗହଣାର ସମ୍ଭାର ସାଙ୍ଗକୁ ସ୍ୱତନ୍ତ୍ର ରିଆତି ଅଫର୍

**ଆଇସିଆଇସିଆଇ ପ୍ରୁଡେନ୍ସିଆଲ ଲାଇଫ୍**

# ୯୯.୩୩% ଦାବି ସମାଧାନ

**ମୁମ୍ବାଇ,୧୦।୧୨(ଏଜେନ୍ସି):** ଆଇସିଆଇସିଆଇ ପ୍ରୁଡେନ୍ସିଆଲ ଲାଇଫ ଇନ୍ସ୍ୟୋରାନ୍ସ ଆର୍ଥିକବର୍ଷ ୨୦୨୬-ପ୍ରଥମାର୍ଦ୍ଧରେ ୯୯.୩୩% ଦାବି ସମାଧାନ ଅନୁପାତ ସହିତ ଉଦ୍ୟୋଗରେ ଅଗ୍ରଣୀ ରହିଛି, ଯାହାକି ଦେଶରେ ଶୀର୍ଷ ଇନ୍ସ୍ୟୋରାନ୍ସ କମ୍ପାନୀଗୁଡ଼ିକ ମଧ୍ୟରେ ସର୍ବାଧିକ। ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ତଦନ୍ତ ହୋଇନଥିବା ଦାବିଗୁଡ଼ିକ ପାଇଁ ଦାବି ସମାଧାନ ସମୟ ୧.୧ ଦିନ ଥିଲା। ଏହି ସମୟରେ ମଧ୍ୟ କମ୍ପାନୀ ପକ୍ଷରୁ ମୋଟ ଟ.୮୯୩.୩୮ କୋଟିର ମୃତ୍ୟୁ ଦାବିର ସମାଧାନ କରାଯାଇଛି। ଏସମ୍ପର୍କରେ ଆଇସିଆଇସିଆଇ ଲାଇଫ ଇନ୍ସ୍ୟୋରାନ୍ସର ଚିଫ ଅପରେସନ୍ସ ଅଫିସର ଅମିଶ ବଙ୍କର କହିଛନ୍ତି ଯେ, ଆମର ଦାବି ସମାଧାନ ପ୍ରକ୍ରିୟା ଉନ୍ନତ ଗ୍ରାହକ ଅଭିଜ୍ଞତା ପ୍ରଦାନ କରିବା ପାଇଁ ପ୍ରସ୍ତୁତ କରାଯାଇଛି ଏବଂ ଆମେ ପ୍ରତ୍ୟେକ ଦାବିକୁ ଅତ୍ୟନ୍ତ ସମ୍ବେଦନଶୀଳତାର ସହିତ ପରିଚାଳନା କରୁ।

**କୋଟକ ସିକ୍ୟୁରିଟିଜ୍‌ର ୨୦୨୬ ମାର୍କେଟ୍ ଆଉଟଲୁକ୍ ରିପୋର୍ଟ**

# ବୈଶ୍ୱିକ ଅସ୍ଥିରତା ମଧ୍ୟରେ ଭାରତ ଅଭିବୃଦ୍ଧିର ଏକ ଆଲୋକବର୍ତ୍ତିକା

**ମୁମ୍ବାଇ,୧୦।୧୨(ଏଜେନ୍ସି):** କୋଟକ ସିକ୍ୟୁରିଟିଜ (କୋଟକ ନିଓ) ତାହାର ୨୦୨୬ ବର୍ଷ ନିମନ୍ତେ ମାର୍କେଟ ଆଉଟଲୁକ୍ (ବଜାର ଦୃଷ୍ଟିକୋଣ) ଉନ୍ମୋଚନ କରିଛି, ଯେଉଁଥିରେ ବିଶ୍ୱସ୍ତରରେ ଅନିଶ୍ଚିତ ପରିସ୍ଥିତି ସତ୍ତ୍ୱେ ଭାରତୀୟ ଇକ୍ୱିଟି ଓ କମୋଡିଟିଗୁଡିକୁ ନେଇ ଆଶାବାଦର ସୂଚନା ଦିଆଯାଇଛି। ଏହି ରିପୋର୍ଟରେ ଆଗାମୀ ବର୍ଷ ନଜର ରଖିବା ଆବଶ୍ୟକ ଥିବା ମାକ୍ରୋ ଧାରା, କ୍ଷେତ୍ରଭିତ୍ତିକ ସୁଯୋଗ ଏବଂ କମୋଡିଟି ସମ୍ପର୍କିତପୂର୍ବାନୁମାନ ଉପରେ ବିଶେଷ ଭାବରେ ଆଲୋକପାତ କରାଯାଇଛି। କୋଟକ ସିକ୍ୟୁରିଟିଜର ଏମ୍‌ଡି ଓ ସିଇଓ ଶ୍ରୀପାଲ ଶାହ କହିଛନ୍ତି ଯେ, ବୈଶ୍ୱିକ ଅସ୍ଥିରତା ମଧ୍ୟରେ ଭାରତ ଅଭିବୃଦ୍ଧିର ଏକ ଆଲୋକବର୍ତ୍ତିକା ହୋଇ ରହିଛି। ଦମ୍‌ଦାର ଉପାର୍ଜନ ଅନୁମାନ ଏବଂ ନୀତିଗତ ସମର୍ଥନ ଦ୍ୱାରା ପରିଚାଳିତ ହୋଇ ଇକ୍ୱିଟିକୁ ନେଇ ଆମର ଦୃଷ୍ଟିକୋଣ ବେଶ୍ ଉତ୍ସାହଜନକ ରହିଛି ଏବଂ ସେହି ସମୟରେ ସୁନା ୨୦୨୬ରେ ଏକ ସୁରକ୍ଷିତ ସମ୍ପତ୍ତି ଭାବରେ ନିଜର ଚମକ ବଜାୟ ରଖିବା ଆଶା କରାଯାଉଛି। ଯୁବ ନିବେଶକଙ୍କ ଦ୍ୱାରା ବର୍ଦ୍ଧିତ ଅଂଶଗ୍ରହଣ ସହିତ ମାର୍କେଟରେ ଗଭୀର ନିୟୋଜନତା ଏବଂ ସମ୍ପତ୍ତି ସୃଷ୍ଟି ହେବାକୁ ଯାଉଛି। ଶିଳ୍ପ କ୍ଷେତ୍ର ସମ୍ପର୍କରେ ସେ କହିଥିଲେ, "ସେବିର ତାଜା ସର୍ବେକ୍ଷଣ ଅଧ୍ୟୟନ ଅନୁଯାୟୀ ୬୩% ପରିବାର ଅତିକମ୍‌ରେ ଗୋଟିଏ ପ୍ରତିଭୂତି ବଜାର ଉତ୍ପାଦ ସମ୍ପର୍କରେ ଅବଗତ ରହିଥିଲେ ମଧ୍ୟ ମାତ୍ର ୯.୫% ପରିବାର ସକ୍ରିୟ ଭାବରେ ନିବେଶ କରୁଛନ୍ତି।

# ମଣିପାଲ ହସ୍ପିଟାଲରେ ବିରଳ ସଫଳ ଅସ୍ତ୍ରୋପଚାର

**ଭୁବନେଶ୍ୱର, ୧୦।୧୨(ସମିସ) :** ମଣିପାଲ ହସ୍ପିଟାଲ୍ ଭୁବନେଶ୍ୱରଠାରେ ଏକ ବିରଳ ଅସ୍ତ୍ରୋପଚାର ସଫଳତାର ସହିତ କରାଯାଇଛି। ଦୀର୍ଘଦିନ ୧୦ ବର୍ଷ ଧରି ଆଙ୍କାଲୋଜିଙ୍ଗ୍ ସ୍ପଣ୍ଡିଲାଇଟିସ୍ ରୋଗରେ ଆକ୍ରାନ୍ତ ଥିବା ଜଣେ ୩୫ ବର୍ଷୀୟା ଯୁବତୀ ସର୍ଜରୀ ପରେ ନୂତନ ଜୀବନ ପାଇଛି। ଆଙ୍କାଲୋଜିଙ୍ଗ୍ ସ୍ପଣ୍ଡିଲାଇଟିସ୍‌ରେ ପୀଡ଼ିତ ଥିବା ଯୁବତୀଙ୍କ ହିପ୍ ଏବଂ ଆଣ୍ଠୁ ସମେତ ଶରୀରର ସମସ୍ତ ମୁଖ୍ୟ ଗଣ୍ଠି ଗୁଡିକ ପ୍ରଭାବିତ ହୋଇଥିବାରୁ ସେ ଗତ ବର୍ଷେ ଧରି ଚାଲିବା ବସିବା ସମ୍ଭବ ହେଉନଥିଲା। ଫଳରେ ସେ ସବୁବେଳେ ଶୋଇ ରହୁଥିଲେ କିମ୍ବା ହ୍ୱିଲ୍ ଚେୟାର ଉପରେ ନିର୍ଭର କରିବାକୁ ବାଧ୍ୟ ହୋଇଥିଲେ। ଦୀର୍ଘ ଦିନ ଧରି ଏକ ଯନ୍ତ୍ରଣାଦାୟକ ଜୀବନ ଅତିବାହିତ କରିବା ପରେ ୨୦୨୪ ମସିହାରେ ଚିକିତ୍ସା ପାଇଁ ସେ ମଣିପାଲ ହସ୍ପିଟାଲ୍‌କୁ ଆସି ବରିଷ୍ଠ ଅସ୍ଥିଶଲ୍ୟ ବିଶେଷଜ୍ଞ ଡାକ୍ତର କିଶୋର କୁମାର ପଣ୍ଡାଙ୍କ ପରାମର୍ଶ ନେଇଥିଲେ। ପ୍ରାୟ ୧୦ ବର୍ଷ ପୂର୍ବେ ଆଙ୍କାଲୋଜିଙ୍ଗ୍ ସ୍ପଣ୍ଡିଲାଇଟିସ୍ ଚିହ୍ନଟ ହେବା ପରେ ଅନେକ ଡାକ୍ତରଙ୍କ ପରାମର୍ଶରେ ଚିକିତ୍ସା ହେଉଥିଲେ, କିନ୍ତୁ ରୋଗ ଧୀରେ ଧୀରେ ବଢ଼ିବା କାରଣରୁ ସେ ଚାଲିବା-ଠିଆ ହେବାର କ୍ଷମତା ହରାଇଥିଲେ।

# କେୟାର ହସ୍ପିଟାଲ୍, ବିଶାଖାପାଟନମ୍‌ରେ ୧,୦୦୦ ରୋବୋଟିକ୍ ଜିଆଇ ସର୍ଜରୀ

**ବିଶାଖାପାଟନମ୍,୧୦।୧୨:** ମାତ୍ର ୧୮ ମାସ ମଧ୍ୟରେ ୧୦୦୦ ରୋବୋଟିକ୍ ଜିଆଇ ସର୍ଜରୀର ମାଇଲ୍‌ଖୁଣ୍ଟ ହାସଲ କରିଛି କେୟାର ହସ୍ପିଟାଲ୍, ବିଶାଖାପାଟନମ୍। ଏହି ସଫଳତା ସମ୍ପର୍କରେ କେୟାର ହସ୍ପିଟାଲ୍, ବିଶାଖାପାଟନମ୍‌ର , କ୍ଲିନିକାଲ୍ ନିର୍ଦ୍ଦେଶକ - ସର୍ଜିକାଲ୍ ଗ୍ୟାଷ୍ଟ୍ରୋଏଣ୍ଟେରୋଲୋଜି ଆଣ୍ଡ ରୋବୋଟିକ୍ ସର୍ଜରୀ ବିଭାଗ ଡକ୍ଟର ବି ଦାସ କହିଛନ୍ତି ଯେ, ୧୮ ମାସ ମଧ୍ୟରେ ୧୦୦୦ ରୋବୋଟିକ୍ ଜିଆଇ ସର୍ଜରୀରେ ପହଞ୍ଚିବା ଦର୍ଶାଉଛି ଯେ, ପୂର୍ବ ଭାରତରେ ଗ୍ୟାଷ୍ଟ୍ରୋଏଣ୍ଟେଷ୍ଟୋଣ୍ଟାଲ୍ କେୟାରକୁ ପୁନଃସ୍ଥାପିତ କରୁଛି। ଅସ୍ୱାଭାବିକତା, ଏବଂ ହସ୍ପିଟାଲରେ ରହିବାର ସମୟକୁ ଯଥେଷ୍ଟ କମାଇବା – ବିଶ୍ୱ ସ୍ତରୀୟ ସର୍ଜିକାଲ୍ ସଠିକତାକୁ ଆମ ଅଞ୍ଚଳକୁ ନିକଟତର କରିବା। ରୋବୋଟିକ୍ ସଠିକତା ମାଧ୍ୟମରେ ସମ୍ଭବ ହୋଇଥିବା ପରିବର୍ତ୍ତନଶୀଳ ରୋଗୀ ଫଳାଫଳକୁ ମଧ୍ୟ ଆଲୋକିତ କରିଛି। ଜଣେ ୫୦ ବର୍ଷ ବୟସ୍କା ମହିଳାଙ୍କଠାରେ ମିଳିତ ରୋବୋଟିକ୍ ଗାଲ୍ ବ୍ଲାଡର ଅପସାରଣ ଏବଂ ହିଷ୍ଟେରେକ୍ଟୋମି କରିଥିଲେ ଏବଂ ୪୮ ଘଣ୍ଟା ମଧ୍ୟରେ ଘରକୁ ଯନ୍ତ୍ରଣାମୁକ୍ତ ଘରକୁ ଫେରିଥିଲେ। ବାରମ୍ବାର ଅସ୍ତ୍ରୋପଚାର ପରେ ହର୍ନିଆରେ ପୀଡିତ ଜଣେ ୬୩ ବର୍ଷୀୟ ରୋଗୀ ଗଭୀର ଜାଲ୍ ସ୍ଥାନିତ ଏବଂ ସଠିକ୍ ସଟରିଙ୍ଗ୍ ସହିତ ଏକ ଦୁର୍ଦ୍ଦାନ୍ତ ରୋବୋଟିକ୍ ମରାମତି କରିଥିଲେ।




**ଭାରତରେ ବଢୁଛି ଇନ୍‌ଫ୍ଲୁଏନ୍ସର ହେବାର କ୍ରେଜ୍**

# ଇନ୍‌ଫ୍ଲୁଏନ୍ସ ମାର୍କେଟିଂ ଶିଳ୍ପ ୧୦ ହଜାର କୋଟି ପାର୍

**ନୂଆଦିଲ୍ଲୀ,୧୦।୧୨(ଏଜେନ୍ସି):** ଭାରତରେ ସମ୍ପ୍ରତି ସୋସିଆଲ ମିଡିଆ ଇନ୍‌ଫ୍ଲୁଏନ୍ସର ମାର୍କେଟିଂ ଶିଳ୍ପ ଦ୍ରୁତ ଗତିରେ ବୃଦ୍ଧି ପାଉଛି। ଏହା ବିଶେଷକରି ଯୁବପିଢ଼ିଙ୍କ ମଧ୍ୟରେ ବର୍ତ୍ତମାନ ବେଶ ଲୋକପ୍ରିୟ। ସମସ୍ତଙ୍କ ପାଖରେ ସ୍ମାର୍ଟଫୋନ୍ ଅଛି, ଏବଂ ଆଜିକାଲି ଅଧିକାଂଶ ଯୁବପିଢ଼ି ଜଣେ ପ୍ରମୁଖ ସୋସିଆଲ ମିଡିଆ ଇନ୍‌ଫ୍ଲୁଏନ୍ସର ହେବା ପାଇଁ ସ୍ୱପ୍ନ ଦେଖୁଛନ୍ତି। ପ୍ରଭାବଶାଳୀ ମାର୍କେଟିଂ ସାସ୍ ପ୍ଲାଟଫର୍ମ କ୍ଲଗ୍ କ୍ଲଗ୍‌ର ଏକ ରିପୋର୍ଟ ଅନୁଯାୟୀ, ଭାରତରେ ଇନ୍‌ଫ୍ଲୁଏନ୍ସର ମାର୍କେଟିଂ ଶିଳ୍ପ ପୂର୍ବରୁ ୧୦ ହଜାର କୋଟି ଅତିକ୍ରମ କରିସାରିଛି। ଏହି ସଂଖ୍ୟା ୩୦୦୦ ରୁ ୪୦୦୦ କୋଟି ବଜାର ଆକଳନ ଅପେକ୍ଷା ଯଥେଷ୍ଟ ଅଧିକ।




କ୍ଲଗ୍ କ୍ଲଗ୍‌ର ସହ-ପ୍ରତିଷ୍ଠାତା ଏବଂ ସିଇଓ କଲ୍ୟାଣ କୁମାର କହିଛନ୍ତି ଯେ ପ୍ରକୃତ ବଜାର ବହୁତ ବଡ଼। ରିପୋର୍ଟ ଅନୁଯାୟୀ, ଭାରତରେ ମୋଟ ମିଡିଆ ଇନ୍‌ଫ୍ଲୁଏନ୍ସର ମାର୍କେଟିଂ ଖର୍ଚ୍ଚର କେବଳ ୨୫ ପ୍ରତିଶତ ସଂଗଠିତ ଏବଂ ସହଜରେ ଦୃଶ୍ୟମାନ ଚ୍ୟାନେଲ ମାଧ୍ୟମରେ ପ୍ରବାହିତ ହୁଏ। ବାକି ୭୫ ପ୍ରତିଶତ ସିଧାସଳଖ ବ୍ରାଣ୍ଡ ଏବଂ ସୃଷ୍ଟିକର୍ତ୍ତାଙ୍କ ମଧ୍ୟରେ ଖର୍ଚ୍ଚ ହୁଏ, ଯାହାକୁ ଟ୍ରାକ୍ କରିବା କଷ୍ଟକର। ରିପୋର୍ଟ ଅନୁଯାୟୀ, ପାରମ୍ପରିକ ପଦ୍ଧତି ମାଧ୍ୟମରେ କ୍ରିଏଟର ଇକୋନୋମି ସମ୍ପୂର୍ଣ୍ଣ ଦୃଶ୍ୟମାନ ନୁହେଁ। ହଜାର ହଜାର ମାଇକ୍ରୋ ଏବଂ ନାନୋ ପ୍ରଭାବକାରୀ ବ୍ରାଣ୍ଡଗୁଡ଼ିକରୁ ଗୁରୁତ୍ୱପୂର୍ଣ୍ଣ ନିବେଶ ଆକର୍ଷିତ କରୁଛନ୍ତି, କିନ୍ତୁ ସେମାନଙ୍କର ପ୍ରଭାବ ପ୍ରାୟତଃ ରିପୋର୍ଟ କରାଯାଇନାହିଁ। ଏହା ବ୍ୟତୀତ, ରିପୋର୍ଟରେ ଏହା ମଧ୍ୟ କୁହାଯାଇଛି ଯେ ୨୦ ରୁ ଅଧିକ ମିଡିଆ ଇନ୍‌ଫ୍ଲୁଏନ୍ସର ମାର୍କେଟିଂ ଏଜେନ୍ସି ଅଛନ୍ତି ଯାହା ବାର୍ଷିକ ୨୦ କୋଟି (ପ୍ରାୟ ୨୦୦ ନିୟୁତ ଡଲାର) ରାଜସ୍ୱ ସୃଷ୍ଟି କରୁଛନ୍ତି। ଏହା କେବଳ ସଂଗଠିତ କ୍ଷେତ୍ରକୁ ପ୍ରତିନିଧିତ୍ୱ କରେ, ଯେତେବେଳେ ସାମଗ୍ରିକ ପ୍ରଭାବକାରୀ ମାର୍କେଟିଂ ଶିଳ୍ପ ବହୁତ ବଡ଼। ଭାରତର ଦ୍ରୁତ ଗତିରେ ବଢୁଥିବା ପ୍ରତ୍ୟକ୍ଷ-ଉପଭୋକ୍ତା (ଡିଟୁସି) କ୍ଷେତ୍ର ପ୍ରଭାବକାରୀ ମାର୍କେଟିଂ କରିବାର ଉପାୟକୁ ପରିବର୍ତ୍ତନ କରୁଛି। ୧୦୦ ରୁ ଅଧିକ ଡିଟୁସି ବ୍ରାଣ୍ଡ ପ୍ରତିବର୍ଷ ମିଡିଆ ଇନ୍‌ଫ୍ଲୁଏନ୍ସର ମାର୍କେଟିଂରେ ୨୦ କୋଟିରୁ ଅଧିକ ଅର୍ଥ ଖର୍ଚ୍ଚ କରୁଛନ୍ତି।

# ମହିଳାଙ୍କ ନାଁରେ ନିର୍ମିତ ବିମାନବନ୍ଦର

**ସାଧାରଣତଃ ବିମାନବନ୍ଦରଗୁଡ଼ିକ ପ୍ରସିଦ୍ଧି ଲାଭ କରିଥିବା ରାଜନେତା, ବିଶିଷ୍ଟ ବ୍ୟକ୍ତିବିଶେଷ ଏବଂ କଳାକାରଙ୍କ ନାମାନୁସାରେ ନାମକରଣ କରାଯାଇଥାଏ । ବିଶ୍ୱରେ ଅଧିକାଂଶ ବିମାନବନ୍ଦର ପୁରୁଷଙ୍କ ନାଁରେ ଥିବାବେଳେ, ଖୁବ୍ କମ୍ ସଂଖ୍ୟକ ବିମାନବନ୍ଦର ମହିଳାଙ୍କ ନାଁରେ ରହିଛି । ସେହିପରି ଭାରତରେ କାର୍ଯ୍ୟକ୍ଷମ ବିମାନବନ୍ଦର ମଧ୍ୟରୁ ମାତ୍ର ଦୁଇଟି ମହିଳାଙ୍କ ନାଁରେ ରହିଛି । ତେବେ ମହିଳାଙ୍କ ସମ୍ମାନାର୍ଥେ ଦେଶ - ବିଦେଶରେ ପ୍ରସିଦ୍ଧି ଲାଭ କରିଥିବା କେତୋଟି ବିମାନବନ୍ଦରକୁ ନେଇ ଏହି ଉପସ୍ଥାପନା ।**

### ଅମେଲିୟା ଇୟରହାର୍ଟ ବିମାନବନ୍ଦର



ଆମେରିକାର ଏହି ବିମାନବନ୍ଦର ଲୋକପ୍ରିୟ ପାଇଲଟ୍ ଅମେଲିୟା ମେରି ଇୟରହାର୍ଟଙ୍କ ସ୍ମୃତିରେ ନିର୍ମାଣ କରାଯାଇଥିଲା । ଏହା ଏକ ଗୁରୁତ୍ୱପୂର୍ଣ୍ଣ ବିମାନବନ୍ଦର ଭାବେ ଜଣାଯାଏ । ଅମେଲିୟା ଜଣେ ପାଇଲଟ୍ ଏବଂ ଲେଖିକା ଥିଲେ । ସେ ଅନେକ ରେକର୍ଡ କରିଛନ୍ତି । ଆଣ୍ଟଲାଟିକ୍ ମହାସାଗରକୁ ଅତିକ୍ରମ କରିଥିବା ପ୍ରଥମ ମହିଳା ଭାବେ ସେ ରେକର୍ଡ କରିଥିଲେ । ନିଜ କାର୍ଯ୍ୟ ଦ୍ୱାରା ସେ ଅନେକ ମହିଳାଙ୍କ ପାଇଁ ପ୍ରେରଣା ପାଲଟିଥିଲେ । ତାଙ୍କ ଜୀବନ ଏବଂ ରହସ୍ୟମୟ ମୃତ୍ୟୁ ଏବେ ବି ଅନେକଙ୍କୁ ଆକର୍ଷିତ କରେ ।

### କୁଇନ୍ ଆଲିୟା ଅନ୍ତର୍ଜାତୀୟ ବିମାନବନ୍ଦର

ଜୋର୍ଡାନ ରାଣୀ ଆଲିୟା ବାହାଉଦ୍ଦିନ୍ ତୌକନ୍‌ଙ୍କ ନାମାନୁସାରେ ଏହି ବିମାନବନ୍ଦରର ନାମକରଣ କରାଯାଇଛି । ଆଲିୟା ଜୋର୍ଡାନର ଦିବଂଗତ ରାଜା ହୁସେନଙ୍କ ପତ୍ନୀଥିଲେ । ସେ ସାମାଜିକ କାର୍ଯ୍ୟ ପାଇଁ ପ୍ରସିଦ୍ଧି ଲାଭ କରିଥିଲେ । ୧୯୭୭ ମସିହାରେ ବିମାନ ଦୁର୍ଘଟଣାରେ ରାଣୀଙ୍କ ମୃତ୍ୟୁ ହୋଇଥିଲା ।



### କୁଇନ୍ ବିଟ୍ରିକ୍ସ ଅନ୍ତର୍ଜାତୀୟ ବିମାନବନ୍ଦର

ଏହିବିମାନବନ୍ଦର ନେଦରଲ୍ୟାଣ୍ଡର ପୂର୍ବ ରାଣୀ ବିଟ୍ରିକ୍ସଙ୍କ ନାମାନୁସାରେ ନାମକରଣ କରାଯାଇଛି । ସେ ୧୯୮୦ ମସିହାରୁ ୨୦୧୩ ପର୍ଯ୍ୟନ୍ତ ନେଦରଲ୍ୟାଣ୍ଡର ରାଣୀ ଭାବେ ଶାସନ କରିଥିଲେ । ଏହି ବିମାନବନ୍ଦର ଅରୁବାର ଗୁରୁତ୍ୱପୂର୍ଣ୍ଣ ପରିବହନ ବିମାନବନ୍ଦର ମଧ୍ୟରୁ ଗୋଟିଏ । ଦ୍ୱିତୀୟ ବିଶ୍ୱଯୁଦ୍ଧ ସମୟରେ ବିଟ୍ରିକ୍ସ କାନାଡ଼ାର ଏକ ସର୍ବସାଧାରଣ ସ୍କୁଲ୍‌ରେ ପାଠ ପଢ଼ିଥିଲେ । ଏବଂ ଯୁଦ୍ଧ ପରବର୍ତ୍ତୀ ସମୟରେ ସେ ନେଦରଲ୍ୟାଣ୍ଡ ଫେରି ପ୍ରାଥମିକ ଏବଂ ମାଧ୍ୟମିକ ଶିକ୍ଷା ପୁରା କରିଥିଲେ । ଶାସନ ଦିଗରେ ତାଙ୍କ ଅବଦାନ ଅତୁଳନୀୟ ।



### ଇନ୍ଦିରା ଗାନ୍ଧୀ ଅନ୍ତର୍ଜାତୀୟ ବିମାନବନ୍ଦର



ଦିଲ୍ଲୀର ଦକ୍ଷିଣ -ପଶ୍ଚିମରେ ଏହି ବିମାନବନ୍ଦର ଅବସ୍ଥିତ । ଭାରତର ପୂର୍ବ ପ୍ରଧାନମନ୍ତ୍ରୀ ଇନ୍ଦିରା ଗାନ୍ଧୀଙ୍କ ନାମାନୁସାରେ ଏହି ବିମାନବନ୍ଦର ନାମକରଣ କରାଯାଇଛି । ଏହା ଭାରତର ସବୁଠୁ ବ୍ୟସ୍ତ ଏବଂ ଆଧୁନିକ ବିମାନବନ୍ଦର ଭାବେ ଜଣାଯାଏ । ଇନ୍ଦିରା ପ୍ରିୟଦର୍ଶିନୀ ଗାନ୍ଧୀ ୧୯ ନଭେମ୍ବର, ୧୯୧୭ ମସିହାରେ ଜନ୍ମ ହୋଇଥିଲେ । ସେ ଦେଶର ପ୍ରଥମ ତଥା ଏକମାତ୍ର ମହିଳା ପ୍ରଧାନମନ୍ତ୍ରୀ ଥିଲେ । ୧୯୬୬ ମସିହାରୁ ୧୯୭୭ ଏବଂ ୧୯୮୦ରୁ ମୃତ୍ୟୁ ପର୍ଯ୍ୟନ୍ତ ସେ ଭାରତର ପ୍ରଧାନମନ୍ତ୍ରୀ ଥିଲେ ।

### ଦେବୀ ଅହଲ୍ୟାବାଇ ହୋଲ୍‌କର୍ ଅନ୍ତର୍ଜାତୀୟ ବିମାନବନ୍ଦର

ଇନ୍ଦୋରର ପଶ୍ଚିମରେ ଏହି ବିମାନବନ୍ଦର ଅବସ୍ଥିତ । ଏହା ମଧ୍ୟ ଭାରତର ସବୁଠୁ ବ୍ୟସ୍ତ ବିମାନବନ୍ଦର ମଧ୍ୟରୁ ଗୋଟିଏ । ହୋଲକର ରାଜବଂଶର ରାଣୀ ଅହଲ୍ୟାବାଇଙ୍କ ନାମ ଅନୁସାରେ ଏହାର ନାମକରଣ କରାଯାଇଛି । ସେ ନାରୀ ସଶକ୍ତିକରଣର ପ୍ରତୀକ ଏବଂ ବୀରାଙ୍ଗନା ଥିଲେ । ସାମାଜିକ ଶୃଙ୍ଖଳକୁ ଛିନ୍ନକରି ନିଜର ଧୃଶକ୍ତି ଓ ସାମର୍ଥ୍ୟ ବଳରେ ଭାରତ ରାଜନୈତିକ ଇତିହାସରେ ସେ ସ୍ୱତନ୍ତ୍ର ସ୍ଥାନ ସୃଷ୍ଟି କରିଥିଲେ । ଜନକଲ୍ୟାଣରେ ତାଙ୍କର ଅତୁଳନୀୟ ଅବଦାନ ଥିଲା ।



# ଉଲ୍ କାନଫୁଲ

**ମହିଳା ଓ ଯୁବତୀମାନେ ଭଳିକିଭଳି ଅଳଙ୍କାର ପିନ୍ଧିବାକୁ ପସନ୍ଦ କରନ୍ତି । ସେହିପରି ଏବେ ହାତନିର୍ମିତ ଉଲେନ୍ କାନଫୁଲ ବେଶୀ ଲୋକପ୍ରିୟ ରହିଛି । ଏହା ପିନ୍ଧିବାକୁ ସୁନ୍ଦର ଦିଶିବା ସହ ଲଗାଇବା ମଧ୍ୟ ଆରାମଦାୟକ ହୋଇଥାଏ ।**



### ଝୁମ୍‌କା

ପାର୍ଟି, ଫଙ୍କସନ୍‌କୁ ଯାଉଥିଲେ ଉଲ୍‌ନିର୍ମିତ ଝୁମ୍‌କା କାନଫୁଲ ପିନ୍ଧିପାରିବେ । ଏହା ଦେଖିବାକୁ ଖୁବ୍ ସୁନ୍ଦର ଓ ଭିନ୍ନ ହୋଇଥାଏ । ଏହାକୁ ପିନ୍ଧି ଶୀତଦିନେ ନିଜକୁ ଏକ କ୍ଲାସି ଲୁକ୍ ଦେଇପାରିବେ ।

### ଚାରିକୋଣିଆ

ହାତତିଆରି ଚାରିକୋଣିଆ ଉଲ୍ କାନଫୁଲ ପାରମ୍ପରିକ ପରିଧାନକୁ ବେଶ୍ ଭଲ ମାନିଥାଏ । ଏଥିରୁ ଏକ ଆକର୍ଷଣୀୟ ଲୁକ୍ ମିଳିଥାଏ । ଏହା ବିଭିନ୍ନ ରଙ୍ଗର ରହିଥାଏ ।

### ଲାଭେଣ୍ଡର

ବର୍ତ୍ତମାନ ସମୟରେ ଲାଭେଣ୍ଡର ରଙ୍ଗର ଖୁବ୍ ଲୋକପ୍ରିୟତା ରହିଛି । ଏ ରଙ୍ଗର ଆଉଟ୍‌ଫିଟ୍‌ରୁ ନେଇ ଅଳଙ୍କାରର ଚାହିଦା ଅଛି ।

### ବୋ କାନଫୁଲ

ବୋ ହେଡ୍‌କ୍ଲିପ୍ ଭଳି ବୋ କାନଫୁଲର ମଧ୍ୟ ଲୋକପ୍ରିୟତା ରହିଛି । ବିଶେଷ କରି କଲେଜ ପଢ଼ୁଆ ଯୁବତୀଙ୍କ ମଧ୍ୟରେ ଏ ପ୍ରକାର କାନଫୁଲ ବେଶ୍ ପ୍ରିୟ । ଚାହିଁଲେ ଏହାକୁ କ୍ରିଷ୍ଟମାସ୍ ପାର୍ଟିରେ ମଧ୍ୟ ପିନ୍ଧିପାରିବେ ।



### ଇଭିଲ୍ ଆଇ

ଇଭିଲ୍ ଆଇ ଅଳଙ୍କାରର ଚାହିଦା ସବୁବେଳେ ରହିଛି । କୁହାଯାଏ ଏହା ଖରାପ୍ ନଜରରୁ ସୁରକ୍ଷା ଦେଇଥାଏ । ଏବେ ଇଭିଲ୍ କାନଫୁଲ ମଧ୍ୟ ବଜାରରେ ଉପଲବ୍ଧ ।

# ଲିପ୍‌ଷ୍ଟିକ୍ ପୂର୍ବରୁ ଓଠର ଯତ୍ନ

**ମ୍ୟାଟ୍ ଲିପ୍‌ଷ୍ଟିକ୍ ଓଠକୁ ଶୁଷ୍କ ଓ ରୁକ୍ଷ କରିଥାଏ । ତେଣୁ ଓଠକୁ ସୁସ୍ଥ, ନରମ କରି ଲିପ୍‌ଷ୍ଟିକ୍‌କୁ ଦୀର୍ଘସମୟ ରଖିବାକୁ ଚାହୁଁଥିଲେ, ଲିପ୍‌ଷ୍ଟିକ୍ ଲଗାଇବା ପୂର୍ବରୁ, ଓଠର ଯତ୍ନ ନେବା ଜରୁରୀ । ଏପରି କଲେ ଓଠରେ ଲିପ୍‌ଷ୍ଟିକ୍ ନ ଫାଟି ଦୀର୍ଘ ସମୟ ରହିଥାଏ ।**



### ଓଠକୁ ଏକ୍ସଫ୍ଲୋଏଟ୍ କରନ୍ତୁ

ଲିପ୍‌ଷ୍ଟିକ୍ ଲଗାଇବା ପୂର୍ବରୁ ପ୍ରଥମେ ଓଠରେ ଥିବା ମୃତକୋଷକୁ କାଢ଼ିବାକୁ ପଡ଼ିଥାଏ । ଏଥିପାଇଁ ଏକ୍ସଫ୍ଲୋଏସନ୍ କରିବାକୁ ପଡ଼ିଥାଏ । କାରଣ ମୃତକୋଷ ଥାଇ ଲିପ୍‌ଷ୍ଟିକ୍ ଲଗାଇଲେ ଏହା ଓଠଫାଟି ଅପରିଷ୍କାର ଦିଶିଥାଏ ।

### ଚିନି ସ୍କ୍ରବ୍

ଅଳ୍ପଚିନିରେ ନଡ଼ିଆ ତେଲ କିମ୍ବା ମହୁ ମିଶାଇ ଓଠରେ ହାଲୁକା ହାତରେ ମସାଜ୍ କରନ୍ତୁ । ଏହାକୁ ଓଠରେ ତିରିଶ୍ ସେକେଣ୍ଡ ରଖି ଧୋଇ ଦିଅନ୍ତୁ ।

### ଟୁଥ୍ ବ୍ରଶ୍

ଲିପ୍‌ବାମ୍ ଲଗାଇବା ପରେ ଏକ ନରମ ଟୁଥ୍‌ବ୍ରଶ୍‌କୁ ନେଇ ହାଲୁକା ହାତରେ ଓଠରେ ଘଷନ୍ତୁ । ଏହା ଓଠରେ ଥିବା ଅତିରିକ୍ତ ଶୁଷ୍କତା ତଥା ରୁକ୍ଷପଣକୁ ଦୂର କରିଥାଏ । ଏକ୍ସଫ୍ଲୋଏଟ୍‌ସ ପରେ ଓଠ ଚିକ୍କଣ ଦିଶିଥାଏ । ଏଥିରେ ଲିପ୍‌ଷ୍ଟିକ୍ ଦୀର୍ଘ ସମୟ ରହିଥାଏ ।

### ଲିପବାମ୍ ବା ମଏଶ୍ଚରାଇଜର୍

ଓଠକୁ ହାଇଡ୍ରେଟ୍ ରଖିବା ଅବା ଲିପ୍‌ଷ୍ଟିକ୍‌ରୁ ଓଠକୁ ଏକ ସୁରକ୍ଷା ପରସ୍ତ ଦେବାପାଇଁ ଲିପବାମ୍ କିମ୍ବା ମଏଶ୍ଚରାଇଜର୍ ଲଗାଇପାରିବେ । ଏହାଦ୍ୱାରା ଲିପ୍‌ଷ୍ଟିକ୍‌ରେ ଥିବା ରାସାୟନିକ ପଦାର୍ଥ ସିଧାସଳଖ ଓଠକୁ କ୍ଷତି ପହଞ୍ଚାଏନି । ଓଠକୁ ସୁସ୍ଥ ରଖିଥାଏ ।

### ବ୍ୟବହାର ପ୍ରକ୍ରିୟା

ଲିପ୍‌ଷ୍ଟିକ୍ ଲଗାଇବାର ପାଞ୍ଚମିନିଟ୍ ପୂର୍ବରୁ ଗାଢ଼ା ନନ୍ ଗ୍ରିସ୍ ଲିପ୍‌ଷ୍ଟିକ୍ ଲଗାଇପାରିବେ । ଓଠରେ ଲିପ୍‌ବାମ ଲଗାଇବା ପରେ ଅତିରିକ୍ତ ତେଲକୁ ଟିସ୍ୟୁ ପେପରରେ ଚିପକାଇ ଦିଅନ୍ତୁ । ନଚେତ୍ ଲିପ୍‌ଷ୍ଟିକ୍ ତଳକୁ ବହିବାର ସମ୍ଭବନା ଥାଏ । ଏହାପରେ ଲିପଷ୍ଟିକ୍ ଓ ଲିପ୍‌ଲାଇନର୍ ଲଗାଇ ଓଠକୁ ଏକ ଆକାର ଦେଇପାରିବେ ।

# ପନିର୍ ସାଣ୍ଡୱିଚ୍

ମୋ ହାଣ୍ଡିଶାଳରୁ...



### ଆବଶ୍ୟକ ସାମଗ୍ରୀ


ପନିର୍ – ୨୦୦ ଗ୍ରାମ୍, ସ୍ଲାଇଜ୍ ବ୍ରେଡ – ଚାରୋଟି, କଟାପିଆଜ – ଅଧା କପ୍, କଟା କ୍ୟାପ୍‌ସିକମ୍ – ଅଧା କପ୍, କଟା ରସୁଣ - ଏକ ଚାମଚ, ମାୟୋନିଜ୍ – ଏକ ଚାମଚ, ଧନିଆ ପତ୍ର – ଅଳ୍ପ, ଲୁଣ – ସ୍ୱାଦ ଅନୁସାରେ, ତେଲ – ଆବଶ୍ୟକତା ଅନୁସାରେ ।

### ପ୍ରସ୍ତୁତି ପ୍ରଣାଳୀ

ଗ୍ୟାସ୍ ଲଗାଇ କଡ଼େଇ ବସାଇ ପନିର୍‌କୁ ଭାଜି ଏକ ପ୍ଲେଟ୍‌ରେ କାଢ଼ି ରଖନ୍ତୁ । ଏହାପରେ କଡ଼େଇରେ ଅଳ୍ପ ତେଲ ଦେଇ ରସୁଣ, ପିଆଜ, କ୍ୟାପସିକମ୍, ଲୁଣ, ଚିଲ୍ଲି ଫ୍ଲେକ୍ସ, ଲଙ୍କାଗୁଣ୍ଡ, ପେରି ପେରି ମସଲା ସମେତ ଜିରା ଅଧା ଚାମଚ ପକାଇ ଭଲରେ ଗୋଲାଇ ଦିଅନ୍ତୁ । ଏହାପରେ ଭାଜି ରଖିଥିବା ପନିର୍‌କୁ ଦେଇ ସେଥିରେ ଏକ ଚାମଚ ମାୟୋନିଜ୍ ଓ ଧନିଆପତ୍ର ପକାଇ ମସଲା ପ୍ରସ୍ତୁତ କରନ୍ତୁ । ଏହାପରେ ଗୋଟିଏ ପ୍ଲେଟ୍‌ରେ ସ୍ଲାଇଜ୍ ବ୍ରେଡ଼ ନେଇ ତା' ଉପରେ ମାୟୋନିଜ୍ ଲଗାନ୍ତୁ । ଏହାପରେ ପ୍ରସ୍ତୁତ କରି ରଖିଥିବା ମସଲା ଷ୍ଟଫିଂକୁ ଦେଇ ଉପରେ ଆଉ ଏକ ବ୍ରେଡ୍ ରଖି ଚାପି ଦିଅନ୍ତୁ । ପ୍ରସ୍ତୁତ ହୋଇଗଲା 'ପନିର୍ ସାଣ୍ଡୱିଚ୍' ।

# ଶୀତ ପାଇଁ ଅମୁଲ ଫେସିଆଲ୍

**ଶୀତଦିନେ ତ୍ୱଚା ଶୁଖିଲା ଦେଖାଯାଏ । ମୁହଁର ଚମକ ହଜିଯାଏ । ତେଣୁ ତ୍ୱଚାରେ ଚମକ ଆଣିବା ପାଇଁ ଅନେକ ଫେସ୍ ପ୍ୟାକ୍ ଲଗାଇଥାନ୍ତି । ଏପରି ସ୍ଥଳେ ଚାହିଁଲେ ଘରେ ମିଲ୍କ ପାଉଡର ବା ଅମୁଲ ଉପଯୋଗ କରି ଫେସ ପ୍ୟାକ୍ ଲଗାଇପାରିବେ । ଏଥିରେ ଆଣ୍ଟିଏଜିଙ୍ଗ୍ ଏବଂ କ୍ଲିନ୍‌ଜର୍ ଗୁଣ ଥାଏ, ଯାହା ତ୍ୱଚା ସମସ୍ୟା ଦୂର କରିଥାଏ ।**



### ଫେସ୍ କ୍ଲିନ୍

ଫେସିଆଲ୍ ପୂର୍ବରୁ ମୁହଁକୁ ପ୍ରଥମ ଭଲ ଭାବେ ଧୋଇଦିଅନ୍ତୁ । ଗୋଟିଏ ପାତ୍ରରେ ଏକ ଚାମଚ କଞ୍ଚାକ୍ଷୀର ନେଇ ଅଧାଚାମଚ ମିଲ୍କ ପାଉଡର ମିଶାନ୍ତୁ । ଏହାକୁ ମୁହଁରେ ଲଗାଇ ୧୦ ମିନିଟ୍ ରଖନ୍ତୁ । ମୁହଁଧୋଇବା ସମୟରେ ହାତ ସାହାଯ୍ୟରେ ହାଲୁକା ମସାଜ୍ କରନ୍ତୁ । ଏହା ଦ୍ୱାରା ତ୍ୱଚାରୁ ଡେଡ୍ ସ୍କିନ୍ ଦୂର ହୋଇଥାଏ ।

### ଷ୍ଟିମ୍

କ୍ଲିଜିଂ ପରେ ଷ୍ଟିମ୍ ନେବା ନିହାତି ଜରୁରୀ । ଷ୍ଟିମ୍ ନେବା ପାଇଁ ଆପଣ ଯେ କୌଣସି ଷ୍ଟିମର୍ ବ୍ୟବହାର କରିପାରିବେ । ଏହାଛଡ଼ା ଘରେ ମଧ୍ୟ ଗରମପାଣି କରି ସେହି ବାମ୍ପକୁ ଷ୍ଟିମ୍ ଭାବେ ନେଇପାରିବେ । ଏହାଦ୍ୱାରା ତ୍ୱଚାର ସମସ୍ତ ଲୋମଛିଦ୍ର ଖୋଲିଯାଏ ଓ ତ୍ୱଚା ହାଇଡ୍ରେଟ୍ ରହେ ।

### ସ୍କ୍ରବ୍

ସ୍କ୍ରବିଙ୍ଗ୍ କରିବା ପାଇଁ ଗୋଟିଏ ପାତ୍ରରେ ଅଧା ଚାମଚ ମିଲ୍କ ପାଉଡର, ଏକ ଚାମଚ ଚାଉଳ ଅଟା ଏବଂ ଦୁଇଚାମଚ କଞ୍ଚାକ୍ଷୀର ମିଶାଇ ଏକ ପେଷ୍ଟ ପ୍ରସ୍ତୁତ କରନ୍ତୁ । ଏହାକୁ ମୁହଁ ଓ ବେକରେ ଲଗାଇ ଭଲଭାବେ ସ୍କ୍ରବ୍ କରନ୍ତୁ । ଏହାଦ୍ୱାରା ତ୍ୱଚାରେ ଥିବା ଡେଡ୍ ସ୍କିନ୍ ବାହାରିଯାଏ, ତ୍ୱଚା ସଫା ରହେ ।

### ମସାଜ୍

ଫେସିଆଲ୍‌ର ସବୁଠୁ ଗୁରୁତ୍ୱପୂର୍ଣ୍ଣ ଦିଗ ହେଉଛି ମସାଜ୍ । ଏଥିପାଇଁ ଗୋଟିଏ ପାତ୍ରରେ କିଛି ମିଲ୍କ ପାଉଡର ନିଅନ୍ତୁ । ସେଥିରେ ଅଳ୍ପ ମହୁ ଏବଂ ନଡ଼ିଆ ତେଲ ମିଶାଇ ଏକ ପେଷ୍ଟ ପ୍ରସ୍ତୁତ କରନ୍ତୁ । ଏହି ପେଷ୍ଟକୁ ମୁହଁରେ ୧୦ ମିନିଟ୍ ଲଗାଇ ରଖନ୍ତୁ । ମୁହଁ ଧୋଇବା ସମୟରେ ହାଲୁକା ହାତରେ ଏହାକୁ ମସାଜ୍ କରନ୍ତୁ । ଏହାଦ୍ୱାରା ତ୍ୱଚାରେ ରକ୍ତ ସଞ୍ଚାଳନ ଭଲ ହୋଇଥାଏ ।

### ଫେସ୍‌ପ୍ୟାକ୍

ଶେଷରେ ତ୍ୱଚାରେ ଫେସପ୍ୟାକ୍ ଲଗାନ୍ତୁ । ଏହି ଫେସ୍‌ପ୍ୟାକ୍ ପ୍ରସ୍ତୁତ ପାଇଁ ଗୋଟିଏ ପାତ୍ରରେ ଏକ ଚାମଚ ମିଲ୍କ ପାଉଡର, ଏକ ଚାମଚ ଚନ୍ଦନ ପାଉଡର, ଏକ ଚାମଚ ବେସନ, ଦହି ଓ ମହୁ ମିଶାଇ ଏକ ପେଷ୍ଟ ତିଆରି କରନ୍ତୁ । ଏହାକୁ ମୁହଁରେ ଲଗାଇ ୧୫ମିନିଟ୍ ପର୍ଯ୍ୟନ୍ତ ରଖନ୍ତୁ । ପରେ ପାଣିରେ ତ୍ୱଚାକୁ ଭଲ ଭାବେ ଧୋଇ ଦିଅନ୍ତୁ । ଏହା ଦ୍ୱାରା ମୁହଁର ଶୁଷ୍କତା ଦୂର ହୁଏ ଏବଂ ତ୍ୱଚାରେ ଚମକ ଆସିଥାଏ ।

# ଘରେ ବନାନ୍ତୁ କଫି କର୍ଣ୍ଣର

**ସାଧାରଣତଃ ଶୀତ ଦିନେ କଫି , ଚା' ପିଇବାକୁ ସମସ୍ତେ ପସନ୍ଦ କରନ୍ତି । ଏଥିପାଇଁ ଅନେକ କାଫେ, ରେସ୍ତୋରା ଯାଇ କଫି ପିଅନ୍ତି; କିନ୍ତୁ ଚାହିଁଲେ ଘରେ ମଧ୍ୟ ଏକ ଶାନ୍ତ ପରିବେଶ କିମ୍ବା କଫି କର୍ଣ୍ଣର ପ୍ରସ୍ତୁତ କରିପାରିବେ । ଏଠାରେ ଶୀତଦିନେ ବସି କଫି ପିଇବାର ଆନନ୍ଦ ନେଇପାରିବେ ।**



### ସ୍ଥାନ ଚୟନ

କଫି କର୍ଣ୍ଣର ତିଆରି ପାଇଁ ପ୍ରଥମେ ଘରର ଗୋଟିଏ କୋଣ ବାଛିବାକୁ ପଡ଼ିଥାଏ । ଘରେ ବେଡ୍ ରୁମ୍ ବଡ଼ ଥିଲେ ଶୋଇବା ଘରେ ମଧ୍ୟ ଏହା ତିଆରି କରିପାରିବେ । ନଚେତ୍ ରୋଷେଇ ଘର ବଡ଼ ଥିଲେ ଏହା କରିପାରିବେ । ଏଥିପାଇଁ ଛୋଟ ବହି ଥାକ ବ୍ୟବହାର କରି ଏହାକୁ କଫି ଷ୍ଟେସନ ଲୁକ୍ ଦେଇପାରିବେ ।

### ସାଜସଜ୍ଜା

ନିଜ ସୁବିଧା ଅନୁସାରେ ଥାକ, ଛୋଟ ଚେୟାର୍ ଏବଂ ଟି - ପଏ ରଖିପାରିବେ । ଏହି କର୍ଣ୍ଣରକୁ ଅଧିକ ସୁନ୍ଦର ବା ଆକର୍ଷଣୀୟ କରିବାକୁ ଚାହୁଁଥିଲେ ଏଥିରେ ବିଭିନ୍ନ ସୋ, ପିସ ରଖିପାରିବେ । ସେହିପରି ଚେୟାରକୁ ସୁନ୍ଦର କରିବା ପାଇଁ ସ୍ମାଇଲ ପିଲୋ, ଜାର୍, ମାଟିପାତ୍ର ଆଦି ରଖିପାରିବେ ।

### ବହି ଏବଂ ମହମବତୀ

ବହି ବିନା କଫି ଟେବୁଲ ଅଧୁରା । ନିଜ ପସନ୍ଦ ତଥା ରୁଚି ଅନୁଯାୟୀ କିଛି ପୁସ୍ତକ ରଖିପାରିବେ । ସେହିପରି ଚାହିଁଲେ ଏହାକୁ ଆଲୋକିତ କରିବା ପାଇଁ ସୁଗନ୍ଧ ମହମବତୀ ଲଗାଇପାରିବେ ।

କ୍ରୀଡ଼ା
ସକାଳ THE SAKALA
www.sakalaepaper.com

### ମୁଲାନପୁରରେ ଦ୍ୱିତୀୟ ଟି-୨୦ ଆଜି

# ବିଜୟଧାରା ବଜାୟ ଲକ୍ଷ୍ୟରେ ଭାରତ


**ମୁଲାନପୁର, ନ୍ୟୁ ଚଣ୍ଡିଗଡ଼, ୧୦।୧୨ (ଏଜେନ୍ସି):** କଟକର ବାରବାଟୀ ଷ୍ଟାଡିୟମରେ ମଙ୍ଗଳବାର ଖେଳାଯାଇଥିବା ପ୍ରଥମ ଟି-୨୦ ମୁକାବିଲାରେ ଦକ୍ଷିଣ ଆଫ୍ରିକାକୁ ଭାରତ ୧୦୧ ରନ୍‌ର ବୃହତ୍ ବ୍ୟବଧାନରେ ପରାସ୍ତ କରିଛି। ଏହି ବିଜୟ ଖେଳାଳିଙ୍କ ମନୋବଳକୁ ବଢ଼ାଇଦେଇଛି। ଏଭଳି ସମୟରେ ଆସନ୍ତାକାଲି ଭାରତ ଓ ଦକ୍ଷିଣ ଆଫ୍ରିକା ମଧ୍ୟରେ ସିରିଜ୍‌ର ଦ୍ୱିତୀୟ ମ୍ୟାଚ୍ ନୂଆକରି ଗଠିତ ନ୍ୟୁ ଚଣ୍ଡିଗଡର ମୁଲାନପୁରରେ ଖେଳାଯିବ। ଏହି ମ୍ୟାଚ୍‌କୁ ଜିତି ଭାରତ ୨-୦ରେ ଅଗ୍ରଣୀ ନେବା ସହ ବିଜୟଧାରା ବଜାୟ ରଖିବା ଲକ୍ଷ୍ୟ ନେଇ ପଡ଼ିଆକୁ ଓହ୍ଲାଇବ। ୨୦୧୪ ଟି-୨୦ ବିଶ୍ୱକପ୍ ଜିତିବା ପରେ ଭାରତ ସୂର୍ଯ୍ୟକୁମାର ଯାଦବଙ୍କ ନେତୃତ୍ୱରେ ୨୭ଟି ମ୍ୟାଚ୍ ଜିତିଥିବା ବେଳେ ମାତ୍ର ୪ଟି ହାରିଛି। ଉକ୍ତ ଫାଇନାଲ ମ୍ୟାଚ୍ ହାରିବା ପରଠାରୁ ଦକ୍ଷିଣ ଆଫ୍ରିକା ମାତ୍ର ୯ଟି ଟ୍ୱେଣ୍ଟି୨୦ ଜିତିଥିବା ବେଳେ ୧୭ଟି ମ୍ୟାଚ୍ ହାରିଛି। ଏଥିରୁ ସ୍ପଷ୍ଟ ଯେ ବିଶ୍ୱ ଚାମ୍ପିଅନ୍ ଭାରତୀୟ ଟି୨୦ ଦଳ କେତେ ଶକ୍ତିଶାଳୀ ରହିଛି।

ବିଶ୍ୱର ୧ନଂ ଦଳ ବିଦେଶରେ ବହୁତ ଭଲ ପ୍ରଦର୍ଶନ କରିଛି। ତେଣୁ ଘରୋଇ ବାତାବରଣରେ ଏହା ପ୍ରାୟ ଅପରାଜେୟ ମନେହେଉଛି। ପ୍ରଥମଥର ଆନ୍ତର୍ଜାତିକ ଭେନ୍ୟୁର ମାନ୍ୟତା ପାଇଥିବା ନ୍ୟୁ ଚଣ୍ଡିଗଡ଼ ଷ୍ଟାଡିୟମ୍‌ରେ ଦକ୍ଷିଣ ଆଫ୍ରିକାଠାରୁ ଭାରତ ତୀବ୍ର ପ୍ରତିରୋଧର ସମ୍ମୁଖୀନ ହେବାର ଆଶଙ୍କା ରହିଛି। ଚଳିତ ସିରିଜରେ ଭ୍ରମଣକାରୀ ଦଳ ଉଭୟ ଟେଷ୍ଟ ଜିତିବା ପରେ ଭାରତ ବିପକ୍ଷ ଦିନିକିଆ ଶୃଙ୍ଖଳାରେ ୧-୨ରେ ହାରିଥିଲା। ଏହା ପରେ ଟି-୨୦ ସିରିଜ୍‌ର ପ୍ରଥମ ମ୍ୟାଚ୍ ହାରିଯିବାରେ ଦକ୍ଷିଣ ଆଫ୍ରିକା ଏହି ମ୍ୟାଚ୍ ଜିତି ଶୃଙ୍ଖଳାକୁ ୧-୧ କରିବାର ଲକ୍ଷ୍ୟ ରଖିଛି। ଏହି ମ୍ୟାଚ୍ ହାରିଗଲେ ବା ଦଳ ୦-୨ରେ ପଛରେ ରହିଲେ ସିରିଜରେ ପ୍ରତ୍ୟାବର୍ତ୍ତନ କରିବା କଷ୍ଟକର। ଅନ୍ୟ ପକ୍ଷରେ ଭାରତ ସବୁ ସ୍ଥିତିରେ ନଂ-୧ ଦଳ ଭଳି ଖେଳୁଛି। ମଙ୍ଗଳବାର କଟକରେ ଭାରତ ଏହା ଦେଖାଇଥିଲା। ଦଳ ନିୟମିତ ୱିକେଟ୍ ହରାଇଥିଲେ ହେଁ ବ୍ୟାଟ୍‌ସମ୍ୟାନ ସଟ୍ ଖେଳିବାରୁ ବିରତ ହୋଇନଥିଲେ। ଫଳରେ ଭାରତ ୧୭୫ ରନ୍ ଛିଡ଼ା କରାଇ ପାରିଥିଲା। ଉଭୟ ଦଳଙ୍କ ମଧ୍ୟରେ ଗତ ୭ଟି ମ୍ୟାଚ୍‌ରୁ ଭାରତ ୬ଟି ଜିତିଛି। ତେଣୁ ନ୍ୟୁ ଚଣ୍ଡିଗଡ଼ ମ୍ୟାଚ୍ ଜିତିବା ଲାଗି ଭାରତକୁ ବିଶେଷ କଷ୍ଟ ସ୍ୱୀକାର କରିବାକୁ ପଡ଼ିବ ନାହିଁ ବୋଲି ଆଶା କରାଯାଉଛି। ଆସନ୍ତାବର୍ଷର ଟି-୨୦ ବିଶ୍ୱକପ୍ ଲାଗି ଭାରତ ଚମତ୍କାର ଢଙ୍ଗରେ ଆଗକୁ ବଢ଼ିଛି। ଉପମହାଦେଶରେ ଭାରତ ଅପରାଜେୟ ମନେହେଉଛି। ଟି-୨୦ ବିଶ୍ୱକପ୍ ପୂର୍ବରୁ ଘରୋଇ ଦଳକୁ ଆଉ ୯ଟି ମ୍ୟାଚ୍ ଖେଳିବାର ଥିବାରୁ ବିଜୟ ଧାରା ବଜାୟ ରଖିବାକୁ ଚାହିଁବ। କଟକରେ ଦକ୍ଷିଣ ଆଫ୍ରିକା ଇନିଂସର ପ୍ରଥମ ଓଭର ହିଁ ଦର୍ଶାଇଥିଲା ଯେ ପୂରା ଇନିଂସରେ କ'ଣ ହେବାକୁ ଯାଉଛି। କ୍ୱିଣ୍ଟନ ଡି କକ୍ ପ୍ରଥମ ଓଭରରେ ଆଉଟ୍ ହେବା ଦକ୍ଷିଣ ଆଫ୍ରିକା ପାଇଁ ଶକ୍ତ ଧକ୍କା ଥିଲା। ଅଭିଜ୍ଞ ଡି କକ୍ ଭାରତ ବିପକ୍ଷ ଦିନିକିଆ ଶୃଙ୍ଖଳାରେ ଶତକ ଅର୍ଜନ କରିଥିଲେ। ଦକ୍ଷିଣ ଆଫ୍ରିକାର ବ୍ୟାଟିଂ ଡି କକ୍ ଓ ମାରକ୍ରମଙ୍କ ଉପରେ ଅଧିକ ନିର୍ଭର କରିବ। ଦୁଇ ମଧ୍ୟକ୍ରମ ବ୍ୟାଟ୍‌ର ଟ୍ରିଷ୍ଟନ୍ ଷ୍ଟବ୍‌ସ ଓ ଡିୱାଲ୍ଡ ବ୍ରେଭିସ୍ ଭଲ ଫର୍ମରେ ଅଛନ୍ତି। ଅଭିଜ୍ଞ ଡେଭିଡ୍ ମିଲର ଫିନିସର ଭୂମିକା ନିର୍ବାହ କରିବେ। ଯଶପ୍ରୀତ ବୁମ୍‌ରା ଭାରତର ମ୍ୟାଚ୍ ବିଜେତା ବୋଲର। ହେଲେ କଟକରେ ଅର୍ଶଦୀପ ନୂଆ ବଲ୍‌ରେ ଯେପରି ବୋଲିଂ କଲେ; ତାହା ଭାରତକୁ ଉତ୍ସାହିତ କରିଛି। ଭାରତ ପାଇଁ ସର୍ବାଧିକ ଟି୨୦ ୱିକେଟ୍ ନେଇଥିବା ଅର୍ଶଦୀପ ବଲ୍‌କୁ ସ୍ୱିଙ୍ଗ୍ କରିଥିଲେ। ଭାରତ ଅପରିବର୍ତ୍ତିତ ଏକାଦଶ ନେଇ ଓହ୍ଲାଇପାରେ। ଫଳରେ କୁଳଦୀପ ଯାଦବଙ୍କୁ ପୁଣି ବସିବାକୁ ପଡ଼ିବ। ଦକ୍ଷିଣ ଆଫ୍ରିକା ନିଶ୍ଚୟ କିଛି ପରିବର୍ତ୍ତନ କରିପାରେ। ବ୍ୟାଟିଂକୁ ମଜ୍‌ଭୁତ କରିବା ପାଇଁ ପେସ୍ ବୋଲର ଲୁଥୋ ସିପାମ୍‌ଲାଙ୍କ ସ୍ଥାନରେ ଅଲ୍‌ରାଉଣ୍ଡର କର୍ବିନ୍ ବୋଶ୍ ଖେଳିପାରନ୍ତି। ଅଲ୍‌ରାଉଣ୍ଡର ଡୋନୋଭାନ ଫରେରାଙ୍କ ସ୍ଥାନରେ ବ୍ୟାଟ୍‌ସମ୍ୟାନ ରିଜା ହେଣ୍ଡ୍ରିକ୍‌ସଙ୍କୁ ଖେଳାଇବା କଥା ଦକ୍ଷିଣ ଆଫ୍ରିକା ଚିନ୍ତା କରିପାରେ। ଉଚ୍ଚ ଗ୍ୟାଲେରୀ ନ ଥିବାରୁ ନ୍ୟୁ ଚଣ୍ଡିଗଡ଼ ଗ୍ରାଉଣ୍ଡରେ ସେତେ କାକରର ପ୍ରଭାବ ରହିବ ନାହିଁ। ଆଉ ମାତ୍ର ଗୋଟିଏ ୱିକେଟ୍ ନେଲେ ହାର୍ଦିକ ପାଣ୍ଡ୍ୟା ତୃତୀୟ ଭାରତୀୟ ଭାବେ ଆନ୍ତର୍ଜାତିକ ଟି-୨୦ରେ ୧୦୦ ୱିକେଟ୍ ପୂରଣ କରିବେ। ନ୍ୟୁ ଚଣ୍ଡିଗଡ଼ର ପିଚ୍ ବ୍ୟାଟିଂ ସହାୟକ ହେବ। ପିଚ୍ ଶୁଖିଲା ଥିବାରୁ ଏବଂ କାକରର କମ୍ ପ୍ରଭାବ ହେବାର ଥିବାରୁ ଏଠାରେ ଅଧିକ ରନ୍ ହୋଇପାରେ। ଉଭୟ ଦଳ ଟସ୍ ଜିତି ପ୍ରଥମ ବ୍ୟାଟିଂକରି ବଡ଼ ସ୍କୋର୍ କରିବାକୁ ଚାହିଁବେ।

ଚାରି ବର୍ଷ ତଳେ ନ୍ୟୁ ଚଣ୍ଡିଗଡ଼ ବା ମୁଲାନ୍‌ପୁରରେ ଏହି ଷ୍ଟାଡିୟମ୍ ନିର୍ମିତ ହୋଇଥିଲା। ଅଦ୍ୟାବଧି ଏଠାରେ କୌଣସି ପୁରୁଷ ଆନ୍ତର୍ଜାତିକ ମ୍ୟାଚ୍ ଖେଳା ଯାଇନାହିଁ। ତଥାପି ଏହା ପଞ୍ଜାବ କିଙ୍ଗ୍‌ସର ଘରୋଇ ଗ୍ରାଉଣ୍ଡ ହୋଇଥିବାରୁ ଏଠାରେ ଅଧିକାଂଶ ଭାରତୀୟ କ୍ରିକେଟର ଆଇପିଏଲ୍ ମ୍ୟାଚ୍ ଖେଳିଛନ୍ତି।



## ବାରବାଟୀରେ ବରୁଣଙ୍କ ଅଭ୍ୟାସ



**କଟକ,୧୦।୧୨(ସମିସ):** ମଙ୍ଗଳବାର ବାରବାଟୀରେ ଦକ୍ଷିଣଆଫ୍ରିକାକୁ ଧୂଳି ଚଟାଇ ପ୍ରଥମ ବିଜୟ ହାସଲ କରିଥିବା ଭାରତୀୟ ଦଳ ଆଜି ଚଣ୍ଡୀଗଡ ଅଭିମୁଖେ ଯାତ୍ରା କରିଛି। ତେବେ ଦଳ ଓଡ଼ିଶା ଛାଡ଼ିବା ପୂର୍ବରୁ ସ୍ପିନର ବରୁଣ ଚକ୍ରବର୍ତ୍ତୀ ଆଜି ପୂର୍ବାହ୍ନରେ ଅକସ୍ମାତ ବାରବାଟୀରେ ପହଞ୍ଚି ଅଭ୍ୟାସ କରିଥିଲେ। ୮.୩୦ରେ ବାରବାଟୀରେ ପହଞ୍ଚିଥିଲେ ବରୁଣ। ପ୍ରାୟ ୪୫ ମିନିଟ ଧରି ସ୍ପିନ୍ ବୋଲିଂ ଅଭ୍ୟାସ କରିବା ପରେ ୯.୨୫ରେ ଭୁବନେଶ୍ୱର ଅଭିମୁଖେ ବାହାରିଥିଲେ। ବରୁଣ ବାରବାଟୀ ଆସୁଥିବା ଜଣାପଡ଼ିବା ପରେ ଓଡ଼ିଶା କ୍ରିକେଟ ଆସୋସିଏସନ ଏବଂ ପୁଲିସ ପକ୍ଷରୁ ସୁରକ୍ଷା ବ୍ୟବସ୍ଥା କଡାକଡି କରାଯାଇଥିଲା। ନିଜସ୍ୱ ଇଚ୍ଛାରେ ବରୁଣ ବାରବାଟୀକୁ ଆସି ଅଭ୍ୟାସ କରିଛନ୍ତି ବୋଲି ଓସିଏ ସିଇଓ ସୁବ୍ରତ କୁମାର ବେହେରା କହିଛନ୍ତି।

### ■ ଆଇସିସି ର୍ୟାଙ୍କିଙ୍ଗ୍

## ରୋହିତ ନଂ-୧, କୋହଲି ନଂ-୨

**ଦୁବାଇ,୧୦।୧୨(ଏଜେନ୍ସି):** ସର୍ବଶେଷ ଦିନିକିଆ ର୍‌ୟାଙ୍କିଙ୍ଗ୍‌ରେ ନଂ-୧ରେ ଥିବା ଭାରତର ରୋହିତ ଶର୍ମାଙ୍କ ନିକଟତର ହୋଇଛନ୍ତି ବିରାଟ କୋହଲି। ଆଇସିସି ପକ୍ଷରୁ ପ୍ରକାଶିତ ସର୍ବଶେଷ ର୍‌ୟାଙ୍କିଙ୍ଗ୍‌ରେ ୭୮୧ ପଏଣ୍ଟ ରଖି ରୋହିତ ପ୍ରଥମ ଓ ୭୭୮ ପଏଣ୍ଟରେ କୋହଲି ଦ୍ୱିତୀୟ ସ୍ଥାନରେ ରହିଛନ୍ତି। ରଶିଦ୍ ଖାନ୍ ବୋଲିଂରେ ପ୍ରଥମରେ ରହିଛନ୍ତି। ଟି-୨୦ ବ୍ୟାଟିଂରେ ଅଭିଷେକ ଶର୍ମା ଓ ବୋଲିଂରେ ବରୁଣ ଚକ୍ରବର୍ତ୍ତୀ ପ୍ରଥମ ସ୍ଥାନରେ ଅଛନ୍ତି। ଟେଷ୍ଟ ବ୍ୟାଟିଂରେ ଜୋ ରୁଟ୍ ଓ ବୋଲିଂରେ ଯଶପ୍ରୀତ୍ ବୁମ୍‌ରା ନଂ-୧ ସ୍ଥାନରେ ରହିଛନ୍ତି। ଟେଷ୍ଟ ଟିମ୍ ର୍‌ୟାଙ୍କିଙ୍ଗ୍‌ରେ ଅଷ୍ଟ୍ରେଲିଆ ନଂ-୧, ଦିନିକିଆ ଓ ଟି-୨୦ରେ ଭାରତ ନଂ-୧ ସ୍ଥାନରେ ରହିଛି।

## କିଟ୍‌କୁ ସିଆଇଆଇ ପୁରସ୍କାର

**ଭୁବନେଶ୍ୱର,୧୦।୧୨(ସମିସ):** ସମ୍ମାନଜନକ ସିଆଇଆଇ ସ୍ପୋର୍ଟ୍ସ ବିଜନେସ ପୁରସ୍କାର-୨୦୨୫ ଆଜି ପ୍ରଦାନ କରାଯାଇଛି। ସ୍ପୋର୍ଟ୍ସ ଷ୍ଟାଡିୟମ୍/ଆରେନା କାଟାଗୋରୀରେ କିଟ୍ ଡିମ୍‌ଡ ୟୁନିଭର୍ସିଟିକୁ ଶ୍ରେଷ୍ଠ ପୁରସ୍କାର ମିଳିଛି। ଭାରତରେ କିଟ୍ କ୍ରୀଡ଼ାକ୍ଷେତ୍ରରେ ବିଶ୍ୱସ୍ତରୀୟ ଭିତ୍ତିଭୂମି ଓ ପ୍ରୋତ୍ସାହନ ଦେବାରେ ଯେଉଁ କାର୍ଯ୍ୟ କରିଆସୁଛି ତାହା ଏହି ପୁରସ୍କାର ଦ୍ୱାରା ସ୍ୱୀକୃତି ପ୍ରଦାନ କରାଯାଇଛି। ଏହା ପୂର୍ବରୁ କେନ୍ଦ୍ରୀୟ ସଂଗଠନ ଦ୍ୱାରା କିଟ୍ ଏକାଧିକଥର ପୁରସ୍କୃତ ହୋଇଛି।

## ଖେଲୋ ଇଣ୍ଡିଆ ବାସ୍କେଟ୍ ବଲରେ ଭାଗନେବେ ୧୪ ଟିମ୍

**ଭୁବନେଶ୍ୱର, ୧୦।୧୨ (ସମିସ):** କେନ୍ଦ୍ର କ୍ରୀଡ଼ା ଓ ଯୁବବ୍ୟାପାର ବିଭାଗ, ଭାରତ ଓ ଓଡ଼ିଶା ବାସ୍କେଟବଲ ସଂଘ ଆନୁକୂଲ୍ୟରେ ରାଜ୍ୟର ୧୪ଟି ବିଦ୍ୟାଳୟ ଓ ମହାବିଦ୍ୟାଳୟ ଟିମ୍‌କୁ ନେଇ ଅସ୍ମିତା ଖେଲୋ ଇଣ୍ଡିଆ ବାସ୍କେଟବଲ ଲିଗ୍ ଆୟୋଜିତ ହେବ। ମଦର୍ସ ପବ୍ଲିକ୍ ସ୍କୁଲ୍ ବାସ୍କେଟବଲ କୋର୍ଟରେ ଆସନ୍ତାକାଲିଠାରୁ ଖେଳାଯିବାକୁ ଥିବା ଏହି ପ୍ରତିଯୋଗିତା ଲିଗ୍ କମ୍ ନକ୍‌ଆଉଟ ଭିତ୍ତିରେ ଖେଳାଯିବାର କାର୍ଯ୍ୟକ୍ରମ ରହିଛି। ଏଥିରେ ଚାମ୍ପିଅନ ହୋଇଥିବା ଦଳକୁ ଟ୍ରଫି ସହ ୧୦,୦୦୦ ଓ ରନର୍ସଅପ୍ ଦଳକୁ ଟ୍ରଫି ସହ ୫,୦୦୦ ଟଙ୍କାର ପୁରସ୍କାର ପ୍ରଦାନ କରାଯିବ।

### ଅନମୋଲ୍‌ଙ୍କ ଦମଦାର୍ ଗୋଲ୍

## ଭାରତକୁ କାଂସ୍ୟ, ଜର୍ମାନୀକୁ ସ୍ୱର୍ଣ୍ଣ

**ଚେନ୍ନଇ,୧୦।୧୨(ଏଜେନ୍ସି):** ଆର୍ଜେଣ୍ଟିନାକୁ ୪-୨ ଗୋଲରେ ପରାସ୍ତ କରି ଆୟୋଜକ ଭାରତ ଏଠାରେ ଆଜି ଶେଷ ହୋଇଥିବା ଜୁନିଅର ପୁରୁଷ ହକି ବିଶ୍ୱକପ୍‌ରେ ଐତିହାସିକ କାଂସ୍ୟ ପଦକ ହାସଲ କରିଛି। ସେହିପରି ଜର୍ମାନୀ ୩-୨ ପେନାଲ୍ଟି ସୁଟ୍‌ଆଉଟ ଗୋଲରେ ସ୍ପେନ୍‌କୁ ହରାଇ ଟାଇଟଲ ବଜାୟ ରଖିଛି। ସେମିରେ ଭାରତ ଚାମ୍ପିଅନ ଜର୍ମାନୀଠାରୁ ହାରିଥିଲା। ଭାରତର ଏହି କାଂସ୍ୟ ପଦକ ବିଜୟ ଫଳରେ ହକି ଇଣ୍ଡିଆ ପକ୍ଷରୁ ପ୍ରତ୍ୟେକ ଖେଳାଳିଙ୍କୁ ୫ ଲକ୍ଷ ଲେଖାଏଁ ଓ ପ୍ରତ୍ୟେକ ସପୋର୍ଟ ଷ୍ଟାଫଙ୍କୁ ୨.୫ ଲକ୍ଷ ଲେଖାଏଁ ଟଙ୍କା ପୁରସ୍କାର ଦେବାକୁ ଘୋଷଣା କରାଯାଇଛି। ଭାରତୀୟ ଦଳରେ ଓଡ଼ିଶାରୁ ରୋଶନ କୁଜୁର, ଅନ୍‌ମୋଲ ଏକ୍କା, ଆଡ୍ରୋହିତ ଏକ୍କା ସାମିଲ ଥିଲେ। କିମ୍ବଦନ୍ତୀ ଖେଳାଳି ବୀରେନ୍ଦ୍ର ଲାକ୍ରା ଦଳର କୋଚ୍ ମଧ୍ୟ ଅଛନ୍ତି।



ଖେଳାଳିଙ୍କୁ ୫, ସପୋର୍ଟ ଷ୍ଟାଫଙ୍କୁ ୨.୫ ଲକ୍ଷ ପୁରସ୍କାର

କାଂସ୍ୟ ପଦକ ମୁକାବିଲାରେ ନିକୋଲସ ରୋଡ୍ରିଗ୍ୱେଜ୍ ଓ ସାଣ୍ଟିଆଗୋ ଫର୍ଣ୍ଣାଣ୍ଡିଜ୍ ଗୋଲ ଦେଇ ଆର୍ଜେଣ୍ଟିନାକୁ ୨-୦ରେ ଅଗ୍ରଣୀ କରାଇଥିଲେ। ଭାରତ ଶେଷ କ୍ୱାର୍ଟରରେ ୪ଟି ଯାକ ଗୋଲ ଦେଇଥିଲା। ଅଙ୍କିତ ପାଲ, ମନ୍‌ମିତ ସିଂହ ପେନାଲ୍ଟି କର୍ଣ୍ଣରରୁ ୨ଟି ଗୋଲ ଦେଇ ଖେଳକୁ ସମାନସ୍ତରକୁ ଆଣିଥିଲେ। ଶାରଦାନନ୍ଦ ତିୱାରୀ ପେନାଲ୍ଟି ଷ୍ଟ୍ରୋକ୍‌ରୁ ଗୋଲ ଦେଇ ଭାରତକୁ ୩-୨ରେ ଅଗ୍ରଣୀ କରାଇଥିଲେ। ୫୮ତମ ମିନିଟ୍‌ରେ ଓଡ଼ିଆ ଖେଳାଳି ଅନ୍‌ମୋଲ ଏକ୍କା ଦମ୍‌ଦାର ଗୋଲ ଦେଇ ଦଳକୁ ଜିତାଇଥିଲେ।

## ରାଜ୍ୟସ୍ତରୀୟ ପାରାବ୍ୟାଡ୍‌ମିଣ୍ଟନ ୨୬ରୁ

**ଭୁବନେଶ୍ୱର, ୧୦।୧୨ (ସମିସ):** ନୟାପଲ୍ଲୀସ୍ଥିତ ପୁରୁଣା କ୍ରୀଡ଼ା ନିର୍ଦ୍ଦେଶାଳୟ ପରିସରରେ ଥିବା ଇଣ୍ଡୋର ହଲ ପରିସରରେ ଦୁଇ ଦିନିଆ ରାଜ୍ୟ ପାରାବ୍ୟାଡ୍‌ମିଣ୍ଟନ ପ୍ରତିଯୋଗିତା ଚଳିତମାସ ୨୬ ଓ ୨୭ ତାରିଖ ଦୁଇଦିନ ଧରି ଖେଳାଯିବ। ରାଜ୍ୟ କ୍ରୀଡ଼ା ବିଭାଗ ଓ ଓଡ଼ିଶା ପାରା ସ୍ପୋର୍ଟ୍ସ ଆସୋସିଏସନର ମିଳିତ ଆନୁକୂଲ୍ୟରେ ରାଜ୍ୟର ଉପଲବ୍ଧ ସମସ୍ତ ଅନ୍ତର୍ଜାତୀୟ, ଜାତୀୟ ଓ ନବାଗତ ଖେଳାଳିଙ୍କୁ ନେଇ ଆୟାଜିତ ହେବ। ଦିବ୍ୟାଙ୍ଗ ଖେଳାଳିଙ୍କ ମଧ୍ୟରେ ହୁଇଲଚେୟାର, ଗୋଡ଼ର ଭିନ୍ନକ୍ଷମତା, ହାତର ଭିନ୍ନକ୍ଷମତା ଓ କମ୍ ଉଚ୍ଚତାବିଶିଷ୍ଟ କାଟାଗୋରୀରେ ଖେଳାଯିବ। ଡିସେମ୍ବର ୨୨ ତାରିଖ ସୁଦ୍ଧା ପାରାବ୍ୟାଡ୍‌ମିଣ୍ଟନ କୋଚ୍ ଶିବପ୍ରସାଦ ଦାସ୍‌ଙ୍କ ସହ ଫୋନ ନଂ-୯୮୬୧୦-୮୯୯୭୦ ସହ ଯୋଗାଯୋଗ କରି ଅଂଶଗ୍ରହଣକରିବାକୁ ଇଚ୍ଛୁକ ଥିବା ଖେଳାଳିମାନେ ପଞ୍ଜୀକରଣ କରିପାରିବେ।

## ଭୁବନେଶ୍ୱରରେ ଆର୍ଟିଷ୍ଟିକ୍ ଜିମ୍ନାଷ୍ଟିକ୍

**ଭୁବନେଶ୍ୱର, ୧୦।୧୨ (ସମିସ):** ଭୁବନେଶ୍ୱର ଜିମ୍ନାଷ୍ଟିକ୍ ଆସୋସିଏସନ ଆନୁକୂଲ୍ୟରେ ସ୍ଥାନୀୟ ଜେଏମ୍ ସ୍ପୋର୍ଟ୍ସ ଏକାଡେମୀଠାରେ ଆସନ୍ତା ୨୧ ତାରିଖରେ ଜିଲ୍ଲାସ୍ତରୀୟ ଆର୍ଟିଷ୍ଟିକ୍ ଜିମ୍ନାଷ୍ଟିକ ପ୍ରତିଯୋଗିତା ଆୟୋଜନ ହେବ। ସକାଳ ୧୦ରେ ଏହି ପ୍ରତିଯୋଗିତା ଆରମ୍ଭ ହେବ। ଏଥିରେ ସିନିଅର, ଜୁନିଅର, ସବ୍-ଜୁନିଅର, ୧୦ ଓ ୮ ବର୍ଷରୁ କମ୍ ଉଭୟ ବାଳକ ଓ ବାଳିକା ବର୍ଗରେ ପ୍ରତିଯୋଗିତା ଆୟୋଜନ ହେବ। ୮ ବର୍ଷରୁ କମ୍ ବାଳକ ଓ ବାଳିକା ବର୍ଗରେ କେବଳ ଫ୍ଲୋର ଏକ୍ସରସାଇଜ ଓ ବାଲାନ୍ସିଂ ବିମ୍, ସବ-ଜୁନିଅରରେ ଜିଏଫ୍‌ଆଇ ରୁଲ ଏବଂ ଜୁନିଅର ଓ ସିନିଅରରେ ଏଫ୍‌ଜିଆଇ ରୁଲ୍ ହିସାବରେ ପ୍ରତିଯୋଗିତା ଆୟୋଜନ ହେବ। ଆସୋସିଏସନର ସମ୍ପାଦକ ନରେନ୍ଦ୍ର କୁମାର ସେଠୀ ଭୁବନେଶ୍ୱରର ସମସ୍ତ ଜିମ୍ନାଷ୍ଟଙ୍କୁ ଏହି ପ୍ରତିଯୋଗିତାରେ ଅଂଶଗ୍ରହଣ କରିବାକୁ ସୂଚନା ଦେଇଛନ୍ତି। ଅଧିକ ବିବରଣୀ ପାଇଁ ୯୪୩୮୫୦୪୯୧୫, ୯୪୩୭୯୩୪୦୨୪, ୯୪୩୭୨୮୨୧୨୩ ନଂ ଯୋଗାଯୋଗ କରିବାକୁ ଅନୁରୋଧ କରାଯାଇଛି।

### ■ କୁଚ୍‌ବିହାର ଟ୍ରଫି

## ଓଡ଼ିଶା ବିପକ୍ଷରେ ଶିବାନନ୍ଦଙ୍କ ଦ୍ୱିଶତକ, କ୍ରିଷ୍ଣନଙ୍କ ଶତକ

**ବଲାଙ୍ଗିର, କଟକ, ୧୦।୧୨(ସମିସ):** ବଲାଙ୍ଗିର ଗାନ୍ଧି ଷ୍ଟାଡିୟମ୍‌ରେ ଚାଲିଥିବା ୧୯ ବର୍ଷରୁ କମ୍ କୁଚ୍ ବିହାର ଟ୍ରଫିର କର୍ଣ୍ଣାଟକ ବିପକ୍ଷ ଚତୁର୍ଥ ଲିଗ୍ ମ୍ୟାଚ୍‌ରେ ଓଡ଼ିଶା ଦୟନୀୟ ପ୍ରଦର୍ଶନ କରିଛି। ଗତକାଲି ଏହି ମ୍ୟାଚ୍‌ର ପ୍ରଥମ ଦିନରେ ଓଡ଼ିଶା ପ୍ରଥମ ଇନିଂସରେ ୧୭୦ ରନ୍ କରିଥିଲା। ଦଳ ପକ୍ଷରୁ ଅଭୀରୂପ ଦାସ ୩୯ ଓ ଆଦିତ୍ୟରଞ୍ଜନ ରାୟ ୩୧ ରନ୍ କରିଥିଲେ। ପ୍ରତିପକ୍ଷ ଦଳର ଅକ୍ଷତ ପ୍ରଭାକର ୫ଟି ଓ ଇଶା ପୁଥିଗେ ୩ଟି ୱିକେଟ ନେଇ ଓଡ଼ିଶାର ବ୍ୟାଟିଂକୁ ଧ୍ୱଂସ କରିଦେଇଥିଲେ। ଜବାବରେ ଦ୍ୱିତୀୟ ଦିନ ଖେଳ ଶେଷସୁଦ୍ଧା କର୍ଣ୍ଣାଟକ ପ୍ରଥମ ଇନିଂସରେ ମାତ୍ର ୩ୱିକେଟ ହରାଇ ୪୧୨ ରନ୍ ସଂଗ୍ରହ କରିନେଇଛି। ଦଳ ପକ୍ଷରୁ ମଣିକଣ୍ଠ ଶିବାନନ୍ଦ ୨୨୭ ଓ ଧ୍ରୁବ କ୍ରିଷ୍ଣନ ୧୦୫ ରନ୍ କରି ଓଡ଼ିଶାକୁ ଦୟନୀୟ ସ୍ଥିତିକୁ ନେଇଯାଇଥିଲେ।

## ଓଡ଼ିଶା ଜିଲ୍ଲା ଚେସ୍ ପ୍ରିମିୟର ଲିଗ୍‌ରେ ଖେଳିବେ ୧୨ ଦଳ




**ଭୁବନେଶ୍ୱର, ୧୦।୧୨ (ସମିସ):** ଓଡ଼ିଶା ଚେସ୍‌ରେ ଗୋଟିକ ପରେ ଗୋଟିଏ ନୂଆ ଟୁର୍ଣ୍ଣାମେଣ୍ଟ ଆୟୋଜିତ ହେବାକୁ ଯାଉଛି। ଆଇକନିକ୍ ଓଡ଼ିଶା ଚେସ୍ ପ୍ରିମିୟର ଲିଗ୍‌ର ସଫଳତା ପରେ ଏବେ ଅଲ୍‌ଓଡ଼ିଶା ଚେସ୍ ଆସୋସିଏସନ (ଏଓସିଏ)ର ପକ୍ଷରୁ ଓଡ଼ିଶା ଜିଲ୍ଲା ଚେସ୍ ପ୍ରିମିୟର ଲିଗ୍‌ର ଆୟୋଜନ କରାଯାଇଛି। ଡିସେମ୍ବର ୧୯ ଓ ୨୦ ତାରିଖ ଦୁଇଦିନ ଧରି ଖେଳାଯିବାକୁ ଥିବା ଏହି ଟୁର୍ଣ୍ଣାମେଣ୍ଟରେ ମୋଟ ୧୨ଟି ଜିଲ୍ଲା ଅଂଶଗ୍ରହଣ କରିବେ। ଏହି ଜିଲ୍ଲାଗୁଡିକ ହେଲେ ନୟାଗଡ଼, ମୟୁରଭଞ୍ଜ, ବାଲେଶ୍ୱର, ସୁନ୍ଦରଗଡ଼, ପୁରୀ, ଗଞ୍ଜାମ, ସୋନପୁର, ବରଗଡ଼, ବୌଦ୍ଧ, ସମ୍ବଲପୁର, ଝାରସୁଗୁଡା ଓ ଢେଙ୍କାନାଳ ଜିଲ୍ଲା ଅଂଶଗ୍ରହଣ କରିବେ। କିନ୍ତୁ ଚେସ୍ ଖେଳର ପେଣ୍ଠସ୍ଥଳୀ ଖୋର୍ଦ୍ଧା ଓ କଟକ ଜିଲ୍ଲା ଏଥିରେ ଭାଗ ନେଉନାହାନ୍ତି। ନିଲାମି ମାଧ୍ୟମରେ ଜିଲ୍ଲା ଦଳ ଗୁଡିକ ଆଜି ଟିମ୍ କିଣିଛନ୍ତି। ଏଥିରେ ଭାଗନେବାକୁ ରାଜ୍ୟର ୧୧୮ ଜଣ ଖେଳାଳି ପଞ୍ଜୀକରଣ କରିଥିଲେ। ତାହା ମଧ୍ୟରୁ ପ୍ରତ୍ୟେକ ଜିଲ୍ଲା ୫ ଜଣ ଲେଖାଏଁ ଖେଳାଳିଙ୍କୁ କିଣିଥିଲେ ବୋଲି ଏଓସିଏ ସମ୍ପାଦକ ଇଂ ଦେବବ୍ରତ ଭଞ୍ଜ ଜଣାଇଛନ୍ତି।

### ■ ସତ୍ୟବ୍ରତ ସ୍ମାରକୀ ଫୁଟବଲ ଆଜିଠାରୁ

## ଚାମ୍ପିଅନଙ୍କୁ ୨ଲକ୍ଷ, ମୋଟ ପୁରସ୍କାର ୪.୫୫ ଲକ୍ଷ

**ଭୁବନେଶ୍ୱର, ୧୦।୧୨ (ସମିସ):** ବଛା ବଛା ୮ଟି ଦଳକୁ ନେଇ ରାଜ୍ୟସ୍ତରୀୟ ସତ୍ୟବ୍ରତ ସ୍ମାରକୀ ଫୁଟବଲ ଆସନ୍ତାକାଲିଠାରୁ ଆରମ୍ଭ ହେବ। ରାଜ୍ୟର ଅଗ୍ରଣୀ କ୍ରୀଡ଼ାନୁଷ୍ଠାନ ଭୁବନେଶ୍ୱରର କ୍ଲବ୍-୭୩ ଆନୁକୂଲ୍ୟରେ ୟୁନିଟ୍-୧ସ୍ଥିତ ଭୁବନେଶ୍ୱର ଫୁଟବଲ ଏକାଡେମୀ ପଡ଼ିଆରେ ୧୪ ତାରିଖଯାଏ ଖେଳାଯିବ। ଏହି ଟୁର୍ଣ୍ଣାମେଣ୍ଟରେ ଚାମ୍ପିଅନ ଦଳକୁ ଟ୍ରଫି ସହ ୨ ଲକ୍ଷ ଓ ରନର୍ସ ଅପ୍ ଦଳକୁ ଟ୍ରଫି ସହ ୧ ଲକ୍ଷ ଟଙ୍କାର ପୁରସ୍କାର ସହ ମୋଟ ୪,୫୫,୦୦୦ ଟଙ୍କାର ପୁରସ୍କାର ପ୍ରଦାନ କରାଯିବାର ବ୍ୟବସ୍ଥା ରହିଛି ବୋଲି କ୍ଲବ୍‌ର ସମ୍ପାଦକ ସୁବ୍ରତ ପଟ୍ଟନାୟକଙ୍କଠାରୁ ପ୍ରକାଶ। ଆସନ୍ତାକାଲି ଉଦ୍‌ଘାଟନୀ ଦିବସରେ ୨ଟି ମ୍ୟାଚ୍ ଖେଳାଯିବ। ପ୍ରଥମ ମ୍ୟାଚ୍ କଟକର ଦୁଇ କ୍ଲବ୍ ଯଥା ଗତବର୍ଷର ରନର୍ସଅପ୍ ଇଣ୍ଡିପେଣ୍ଡେଣ୍ଟ କ୍ଲବ୍ ସହ ଫାଓ ଏକାଦଶ, ଦ୍ୱିତୀୟ ମ୍ୟାଚ୍ ଭୁବନେଶ୍ୱରର କିଶୋର କ୍ଲବ୍ ସହ ସମ୍ବଲପୁର ଫୁଟ୍‌ବଲ ଏକାଡେମୀ, ୧୨ ତାରିଖରେ ପ୍ରଥମ କଟକର ସନ୍‌ରାଇଜ୍ କ୍ଲବ୍ ସହ ଝାରସୁଗୁଡ଼ା ଏକାଦଶ, ଦ୍ୱିତୀୟ ମ୍ୟାଚ୍ କଟକର ମଙ୍ଗଳା କ୍ଲବ୍ ସହ ଚାମ୍ପିଅନ ଭୁବନେଶ୍ୱରର ୟୁନିଟ୍-୬ ଆଥ୍‌ଲେଟିକ ଆସୋସିଏସନର ମୁକାବିଲା ହେବ।

### ଓଡ଼ିଶା ମାଷ୍ଟର୍ସ ୨୦୨୫


## ମାନଭ, ଉନ୍ନତିଙ୍କ ସହଜ ବିଜୟ



**କଟକ,୧୦।୧୨(ସମିସ):** ଜବାହରଲାଲ ନେହରୁ ଇଣ୍ଡୋର ଷ୍ଟାଡିୟମରେ ଅନ୍ତର୍ଜାତୀୟ ବ୍ୟାଡମିଣ୍ଟନ ଟୁର୍ଣ୍ଣାମେଣ୍ଟ ଓଡ଼ିଶା ମାଷ୍ଟର୍ସ-୨୦୨୫ ଜାରି ରହିଛି। ଆଜି ଖେଳାଯାଇଥିବା ପୁରୁଷ ସିଙ୍ଗିଲ୍ସ ରାଉଣ୍ଡ-୬୪ର ପ୍ରଥମ ମୁକାବିଲାରେ ଭାରତର ଦୁଇ ପ୍ରତିଦ୍ୱନ୍ଦୀ ସାମ୍ନାସାମ୍ନି ହୋଇଥିଲେ। ଆଦିତ୍ୟ ଦିୱାକର ପ୍ରଥମ ସେଟ୍‌କୁ ୨୧-୧୯ରେ ଜିତିଥିବା ବେଳେ ଅବଶିଷ୍ଟ ଦୁଇ ସେଟ୍‌କୁ ଯଥାକ୍ରମେ ୨୧-୧୩ ଏବଂ ୨୧-୧୬ ପଏଣ୍ଟରେ ବିଜୟ ହୋଇ ରାଜେଶ ଶ୍ରୀକର ପରବର୍ତ୍ତୀ ରାଉଣ୍ଡରେ ପ୍ରବେଶ କରିଛନ୍ତି। କୋର୍ଟ-୧ରେ ଭାରତର ମାନଭ ଚୌଧୁରୀ ଏବଂ ଅଷ୍ଟ୍ରେଲିଆର ଏରେମ୍ ଷ୍ଟିଫେନ୍‌ଙ୍କ ମଧ୍ୟରେ ଆଜିର ଦ୍ୱିତୀୟ ମୁକାବିଲା ହୋଇଥିଲେ। ମାନବ ୨୧-୧୮ ଏବଂ ୨୧-୧୬ ପଏଣ୍ଟରେ ଦୁଇଟି ଯାକ ସେଟ୍‌ରେ ବିଜୟୀ ହୋଇ ରାଉଣ୍ଡ-୩୨ରେ ସ୍ଥାନ ସୁରକ୍ଷିତ କରିଛନ୍ତି।

ଥାଇଲାଣ୍ଡର ଟାନାଡନ୍ ଏବଂ ଫୁଙ୍ଗଫାଙ୍କ ଯୋଡି ସହ ଭାରତର ରୋହିତ ମାରିସ୍ୱାମୀ ଏବଂ ରିଦ୍ଧି କୌରଙ୍କ ଭିତରେ ମିକ୍ସଡ ଡବଲ୍ସ ରାଉଣ୍ଡ-୩୨ର ଏକ ମ୍ୟାଚ୍ ଖେଳାଯାଇଥିଲା। ଏଥିରେ ଭାରତୀୟ ଯୋଡ଼ିଙ୍କୁ ପରାଜୟର ସମ୍ମୁଖୀନ ହେବାକୁ ପଡିଛି। ଥାଇଲାଣ୍ଡ ପ୍ରତିଦ୍ୱନ୍ଦୀ ଟାନାଡନ୍ ଏବଂ ଫୁଙ୍ଗଫା ୨୧-୧୫, ୨୧-୧୧ରେ ବିଜୟୀ ହୋଇ ପ୍ରି-କ୍ୱାର୍ଟର ଫାଇନାଲରେ ପ୍ରବେଶ କରିଛନ୍ତି। ମହିଳା ସିଙ୍ଗିଲ୍ସ ରାଉଣ୍ଡ-୩୨ର ମ୍ୟାଚ୍‌ରେ ଭାରତୀୟ ପ୍ରତିଯୋଗୀ ଅନୁପମା ଉପାଧ୍ୟାୟ ୨୧-୧୪, ୨୧-୧୩ରେ ଇଣ୍ଡୋନେସିଆର ଆଘାନିଆ ପୁଟେରୀଙ୍କୁ ପରାସ୍ତ କରିଛନ୍ତି। ଏହି ରାଉଣ୍ଡର ଅନ୍ୟ ଏକ ମ୍ୟାଚ୍‌ରେ ଉନ୍ନତି ହୁଡାଙ୍କୁ ମଧ୍ୟ ସହଜ ବିଜୟ ମିଳିଥିଲା। ଭାରତୀୟ ପ୍ରତିଯୋଗୀ ଉନ୍ନତି ୨୧-୧୨, ୨୧-୧୮ରେ ୟୁଏଇର ପ୍ରକ୍ରୀତି ଭାରତଙ୍କୁ ହରାଇଥିଲେ। ଅନ୍ୟ ଭାରତୀୟ ପ୍ରତିଯୋଗୀଙ୍କ ଭିତରେ ମହିଳା ସିଙ୍ଗିଲ୍ସରେ ଆଦିତି ଭଟ୍ଟ, ଆକର୍ଷି କାଶ୍ୟପ, ପୁରୁଷ ସିଙ୍ଗିଲ୍ସରେ ଆର୍ଯ୍ୟ ଭିବପାଠକ, କିରଣ ଜର୍ଜ, ବରୁଣ କାପୁର, ପୁରୁଷ ଡବଲ୍ସରେ ଭାର୍ଗବ ରାମ, ବିଶ୍ୱ ତେଜଙ୍କୁ ବିଜୟ ମିଳିଛି।

ଏକାଦଶାହ ଉପଲକ୍ଷେ ଅଶ୍ରୁଳ ଶ୍ରଦ୍ଧାଞ୍ଜଳି



√ ଧରଣୀଧର ଜେଠୀ
ଆବିର୍ଭାବ: ୦୯.୦୧.୧୯୪୪, ତିରୋଧାନ: ୦୧.୧୨.୨୦୨୫
ତୁମର ଆକସ୍ମିକ ବିୟୋଗରେ ପରିବାରବର୍ଗ, ବନ୍ଧୁବାନ୍ଧବ ସମସ୍ତେ ଅତ୍ୟନ୍ତ ମର୍ମାହତ । ତୁମର ଅମର ଆତ୍ମାର ସଦ୍‌ଗତି ନିମନ୍ତେ ମହାପ୍ରଭୁ ଶ୍ରୀ ଜଗନ୍ନାଥଙ୍କ ନିକଟରେ ବିନମ୍ର ପ୍ରାର୍ଥନା।
ଶୋକସନ୍ତପ୍ତ
ହତଭାଗ୍ୟ ପୁତ୍ର - ବିଜୟ, ସଞ୍ଜୟ, ପ୍ରଣୟ, ତନ୍ମୟ, ବିସ୍ମୟ
ନାତି-ନାତୁଣୀ: ଗୁଡୁ, ଭୂମି, ଲିଲାଙ୍କି, ଲୋନି, ତେଜ୍, ଭୀର୍, ପିଙ୍କୁ, ସିପୁ, ଲକି
ବନ୍ଧୁ ଓ ଶୋକାକୁଳ ପରିବାରବର୍ଗ

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS